RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

BHUBANESWAR | ◆VOLUME- 43 ◆ISSUE-14 ◆TUESDAY ◆8 JULY 2025 ◆PAGE-12 ◆₹ 6.00

◆ବର୍ଷ-୪୩ ◆ସଂଖ୍ୟା-୧୪ ◆ମଙ୍ଗଳବାର ◆୮ ଜୁଲାଇ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


### ରଥରେ ଲାଗିହେଲା ଅଧରପଣା

## ଆଜି ଚତୁର୍ଦ୍ଧାମୂର୍ତ୍ତିଙ୍କ ନୀଳାଦ୍ରି ବିଜେ



## ତିନିରଥରେ ଭଙ୍ଗାହେଲା ୯ ଅଧର ପଣା ହାଣ୍ଡି

■ **ପୁରୀ, ୭।୭ (ସମିସ):** ଅନ୍ତିମ ପର୍ଯ୍ୟାୟରେ ଶ୍ରୀଗୁଣ୍ଡିଚା ଯାତ୍ରା। ରତ୍ନସିଂହାସନକୁ ଯିବା ପାଇଁ ପ୍ରସ୍ତୁତ ହେଲେଣି ଦାରୁବିଗ୍ରହ। ମଙ୍ଗଳବାର ନୀଳକନ୍ଦରକୁ ବିଜେ କରିବେ ମହାପ୍ରଭୁ। ଏହାର ଅବ୍ୟବହିତ ପୂର୍ବରୁ ସୋମବାର ସିଂହଦ୍ୱାର ସମ୍ମୁଖ ତିନିରଥ ଉପରେ ସମ୍ପନ୍ନ ହୋଇଛି ଅଧରପଣା ନୀତି। ରଥାରୂଢ଼ ଠାକୁରଙ୍କ ସମ୍ମୁଖରେ ଭଙ୍ଗାଯାଇଛି ୯ଟି ଅଧରପଣା ହାଣ୍ଡି। ମହାପ୍ରଭୁଙ୍କ ଏହି ଅନନ୍ୟ ନୀତି ଦେଖିବା ପାଇଁ ସିଂହଦ୍ୱାର ସମ୍ମୁଖରେ ଜମିଥିଲା ଭକ୍ତଙ୍କ ଭିଡ଼। ତେବେ ଧାର୍ଯ୍ୟ ସମୟ ରାତି ୮ଟା ମଧ୍ୟରେ ଏହି ନୀତି ସରିବାକୁ ସମୟ ନିର୍ଘଣ୍ଟ ହୋଇଥିଲା। ମାତ୍ର ୧ଘଣ୍ଟା ବିଳମ୍ବରେ ଶେଷ ହୋଇଥିଲା ଅଧରପଣା ନୀତି। ରାତି ୯ଟା ୧୦ରେ ନନ୍ଦିଘୋଷ ରଥରେ ଶେଷ ଅଧରହାଣ୍ଡି ଭଙ୍ଗା ଯାଇଥିଲା।

ସୋମବାର ଆଷାଢ଼ଶୁକ୍ଳ ଦ୍ୱାଦଶୀ। ତିନିରଥରେ ମଧ୍ୟାହ୍ନ ଧୂପ ବଢ଼ିବା ପରେ ଆରମ୍ଭ ହୋଇଥିଲା ଅଧରପଣା ପାଇଁ ପ୍ରସ୍ତୁତି। ସିଂହଦ୍ୱାର ସମ୍ମୁଖ ଛାଉଣୀ ମଠ କୂଅରୁ ପାଣିଆ ଆପଟ ସେବକମାନେ ଗରାରେ ଜଳ ଆଣି ରଥ ଉପରେ ରହିଥିବା ପିତ୍ତଳ ହଣ୍ଡାରେ ଭର୍ତ୍ତି କରିଥିଲେ। ମଠ ଏବଂ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ଅଧରପଣା ପାଇଁ ଅଣାଯାଇଥିବା ଛେନା, ଛାଚି, ସର, କଦଳୀ, ଗୋଲମରିଚ, କର୍ପୂର, ଜାଇଫଳ ରଥ ଉପରେ ରଖାଯାଇଥିଲା। ମହାପ୍ରଭୁଙ୍କ ଶ୍ରୀଅଧର ଉଚ୍ଚତାର ମାଟିରେ ନିର୍ମିତ ତିନୋଟି ଲେଖାଏଁ ହାଣ୍ଡି ପ୍ରତି ରଥ ଉପରେ ଶ୍ରୀବିଗ୍ରହଙ୍କ ସମ୍ମୁଖରେ ରଖାଯାଇଥିଲା। ଭୋଗ ପୂର୍ବରୁ ଶ୍ରୀଅଧର ଆଗରେ ଖଣ୍ଡେଖଣ୍ଡେ ନୂଆ ଗାମୁଛା ଟେରା ବନ୍ଧା ଯାଇଥିଲା। ପରେ ମହାସୁଆରମାନେ ଛେନା, ଛାଚି, ସର, କଦଳୀ, ଗୋଲମରିଚ, ଜାଇଫଳ ଆଦି ପକାଇ ଅଧରପଣା ପ୍ରସ୍ତୁତ କରିଥିଲେ। ପୂଜାପଣ୍ଡା ସାମନ୍ତ ପଞ୍ଚୋପଚାରରେ ପୂଜା ଶେଷ କରିବା ପରେ ଅଧର ହାଣ୍ଡିକୁ ଭଙ୍ଗାଯାଇଥିଲା। ହାଣ୍ଡି ଭାଙ୍ଗିବା ପରେ ପଣା ସବୁ ରଥ ତଳକୁ ବୋହିଯାଇଥିଲା। ଏହି ପଣାକୁ ଦେବଦେବୀ, ଭୂତପ୍ରେତ, କିନ୍ନର, ରାକ୍ଷସମାନେ ପାଇଥା'ନ୍ତି ବୋଲି ବିଶ୍ୱାସ ରହିଛି।

### ବର୍ଷକରେ କଞ୍ଚା ତେଲ କମିଛି ୨୦ ଡଲାର: କମୁନି ପେଟ୍ରୋଲ-ଡିଜେଲ

# ୪୦ ଟଙ୍କାର ତେଲ ୧୦୧ରେ ବିକ୍ରି




**ତେଲ କମ୍ପାନୀ ଲାଭ ଲିଟର ପିଛା ୧୫ ଟଙ୍କା**

**୪୨ ଟଙ୍କା ଟିକସ ନେଉଛି କେନ୍ଦ୍ର ଓ ରାଜ୍ୟ**

**ପେଟ୍ରୋଲ ପମ୍ପ ମାଲିକଙ୍କ ଭାଗ ୩ରୁ ୪ ଟଙ୍କା**

■ **ନୂଆଦିଲ୍ଲୀ, ୭।୭ (ଏଜେନ୍ସି):** ଆନ୍ତର୍ଜାତୀୟ ବଜାରରେ ଅଶୋଧିତ ତେଲ ଅର୍ଥାତ୍ କ୍ରୁଡ୍ ଅଏଲ ମୂଲ୍ୟ ତଳମୁହାଁ। କ୍ରୁଡ୍ ଅଏଲର ମୂଲ୍ୟ ବ୍ୟାରେଲ ପିଛା ୬୬ ଡଲାରରେ ପହଞ୍ଚିଛି। ଆଗକୁ ଏହାର ମୂଲ୍ୟ ୬୦ ଡଲାର ତଳକୁ ଖସିପାରେ ବୋଲି ବଜାର ବିଶେଷଜ୍ଞମାନେ ମତ ଦେଉଛନ୍ତି। ଆନ୍ତର୍ଜାତୀୟସ୍ତରରେ ତୈଳ ମୂଲ୍ୟ କମିଥିଲେ ମଧ୍ୟ ଭାରତୀୟ ଉପଭୋକ୍ତା ଏଥିରୁ କୌଣସି ଲାଭ ପାଉ ନାହାନ୍ତି।

ବର୍ତ୍ତମାନର ମହଙ୍ଗା ବଜାର ଦରରେ ଖାଉଟିଙ୍କ ମେରୁଦଣ୍ଡ ଭାଙ୍ଗିଯାଇଛି। ଅତ୍ୟାବଶ୍ୟକ ସାମଗ୍ରୀ ଦରଠାରୁ ବଳିଯାଉଛି ଖାଉଟିଙ୍କ ତେଲ କଷ୍ଟ। ବିଡ଼ମ୍ବନା ହେଉଛି ପେଟ୍ରୋଲିୟମ ଉତ୍ପାଦ ଡିଜେଲ ଓ ପେଟ୍ରୋଲ ମୂଲ୍ୟର ଅଧାରୁ ଅଧିକ କେବଳ କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ଟିକସ ଏବଂ ପେଟ୍ରୋଲିୟମ କମ୍ପାନୀର ଲାଭ ନେଇଯାଉଛି। ପ୍ରକ୍ରିୟାକରଣ ପରେ ଅଶୋଧିତ ତୈଳର ମୂଲ୍ୟ ପାଖାପାଖି ୫୦ ଟଙ୍କା ଥିବାବେଳେ ଖାଉଟି ଏହାକୁ ୧୦୧ ଟଙ୍କା ଦରରେ କ୍ରୟ କରୁଛି। ତୈଳ କମ୍ପାନୀଗୁଡ଼ିକ ପେଟ୍ରୋଲ ଓ ଡିଜେଲରେ ହାରାହାରି ଲିଟର ପିଛା ୧୫ ଟଙ୍କା ଲାଭ କରୁଛନ୍ତି। ଓଡ଼ିଶାରେ ଟିକସ ବାବଦରେ ୨୮% ଆଦାୟ କରାଯାଉଛି ଓ ଅନ୍ୟ ରାଜ୍ୟଗୁଡ଼ିକରେ ଭିନ୍ନଭିନ୍ନ ଟିକସ ହାର ଲାଗୁ ହୋଇଛି। ସେହିପରି କେନ୍ଦ୍ର ସରକାର ମଧ୍ୟ କେନ୍ଦ୍ରୀୟ ଉତ୍ପାଦ ଶୁଳ୍କ ବାବଦରେ ଟିକସ ଆଦାୟ କରୁଛନ୍ତି। ବିଡ଼ମ୍ବନା ହେଉଛି ଉଭୟ ପ୍ରତ୍ୟକ୍ଷ ଓ ପରୋକ୍ଷ ଭାବରେ ଖାଉଟି ପେଟ୍ରୋଲିୟମ ଟିକସ ▶ପୃଷ୍ଠା-୭

## ହସ୍ପିଟାଲ୍‌ରୁ ଡିସ୍‌ଚାର୍ଜ ହେଲେ ନବୀନ



**ଡାକ୍ତରୀ ଦଳ ଓ ଶୁଭେଚ୍ଛୁଙ୍କୁ ଧନ୍ୟବାଦ ଜଣାଇଲେ ନବୀନ**

**କୃତଜ୍ଞତା ସହ ଦ୍ରୁତ ଆରୋଗ୍ୟ କାମନା କଲେ ହସ୍ପିଟାଲ କର୍ତ୍ତୃପକ୍ଷ**

■ **ଭୁବନେଶ୍ୱର, ୭।୭ (ସମିସ):** ସର୍ଭିକାଲ ଆଥ୍ରାଇଟିସ୍ ଅପରେସନ୍ ପରେ ଆଜି କୋକିଲାବେନ୍ ଧୀରୁଭାଇ ଅମ୍ବାନୀ ହସ୍ପିଟାଲରୁ ଡିସଚାର୍ଜ ହୋଇଛନ୍ତି ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ। ହସ୍ପିଟାଲରୁ ଡିସ୍‌ଚାର୍ଜ ହେବା ସମୟରେ ସେଠାରେ ଉପସ୍ଥିତ ଥିବା ଡାକ୍ତର, ପାରା ମେଡିକାଲ ଷ୍ଟାଫ୍ ଓ ଅନ୍ୟ ସହଯୋଗୀ କର୍ମଚାରୀଙ୍କୁ ନବୀନ ଧନ୍ୟବାଦ ଜଣାଇଛନ୍ତି। ସମସ୍ତଙ୍କ ସହ ହାତ ମିଳାଇ ସେମାନଙ୍କ ଚିକିତ୍ସା ଓ ସେବା ପାଇଁ କୃତଜ୍ଞତା ଜଣାଇଛନ୍ତି। କୋକିଲାବେନ୍ ଧୀରୁଭାଇ ଅମ୍ବାନୀ ହସ୍ପିଟାଲର ଡାକ୍ତରଙ୍କ ସମେତ ଅନ୍ୟ ଷ୍ଟାଫ୍‌ମାନେ ମଧ୍ୟ ନବୀନଙ୍କ ସହ ଚାଲି ଚାଲି ଆସି ତାଙ୍କୁ ବାଟୋଇ ଦେଇଛନ୍ତି। ଯାହାର ଭିଡିଓ ଏବେ ସୋସିଆଲ୍ ମିଡିଆରେ ଭାଇରାଲ୍ ହୋଇଛି। ତେବେ ▶ପୃଷ୍ଠା-୭

### ବିଜେପି ରାଜ୍ୟ ସଭାପତି ପାଇଁ ଏକମାତ୍ର ନାମାଙ୍କନ ଦାଖଲ

## ମୁଖିଆ ହେବେ ମନମୋହନ



■ **ଭୁବନେଶ୍ୱର, ୭।୭ (ସମିସ):** ବିଗତ କିଛି ମାସ ଧରି ରାଜ୍ୟ ବିଜେପି ସଭାପତି ପଦକୁ ନେଇ ଲାଗି ରହିଥିବା କଳ୍ପନାଜଳ୍ପନାରେ ଯବନିକା ପଡ଼ିଛି। ମନମୋହନ ସାମଲ ପୁନର୍ବାର ରାଜ୍ୟ ବିଜେପିର ସଭାପତି ହେବା ପଥ ପରିଷ୍କାର ହୋଇଛି। ରାଜ୍ୟ ସଭାପତି ପଦ ପାଇଁ ଏକମାତ୍ର ପ୍ରାର୍ଥୀ ଭାବେ ମନମୋହନ ସାମଲ ନାମାଙ୍କନ ଦାଖଲ କରିଛନ୍ତି। ତେଣୁ ଚତୁର୍ଥ ଥର ପାଇଁ ଶ୍ରୀ ସାମଲ ରାଜ୍ୟ ବିଜେପି ସଭାପତି ନିର୍ବାଚିତ ହେବା ଆପାତତଃ ଚୂଡ଼ାନ୍ତ ବୋଲି କୁହାଯାଉଛି। ତେବେ ଆସନ୍ତାକାଲି ବିଧିବଦ୍ଧ ଭାବରେ ଦଳର ସଭାପତି ଭାବରେ ତାଙ୍କ ନାମ ଘୋଷଣା ହେବ। କେନ୍ଦ୍ରୀୟ ପର୍ଯ୍ୟବେକ୍ଷକ ତଥା ବିହାର ସାଂସଦ ସଞ୍ଜୟ ଜୟସ୍ୱାଲଙ୍କ ସୂଚନା ଅନୁସାରେ ସୋମବାର ମଧ୍ୟାହ୍ନ ସାଢ଼େ ୧୨ଟାରୁ ଅପରାହ୍ନ ସାଢ଼େ ୩ଟା ପର୍ଯ୍ୟନ୍ତ ନାମାଙ୍କନ ପ୍ରକ୍ରିୟା ଜାରି ରହିଥିଲା। ନିର୍ଦ୍ଧାରିତ ଅବଧି ▶ପୃଷ୍ଠା-୭

**■ ଅସୁରକ୍ଷିତ ଗଞ୍ଜାମ**

## ଘରୁ ଘୋଷାଡ଼ି ନେଇ ହତ୍ୟା



■ **ବ୍ରହ୍ମପୁର/ରଙ୍ଗେଇଲୁଣ୍ଡା, ୭।୭ (ସମିସ):** ଘରୁ ଘୋଷାଡ଼ି ନେଇ ହାଣିଦେଲେ। ଗୋଳନ୍ଥରା ଥାନା ଅନ୍ତର୍ଗତ ସିଙ୍ଗାବାଡ଼ିରେ ରବିବାର ବିଳମ୍ବିତ ରାତିରେ ଜଣେ ଯୁବକଙ୍କୁ ଅତି ନିର୍ମମ ଭାବେ ହତ୍ୟା କରାଯାଇଛି। ମୃତକ ହେଲେ, ସେହି ଗ୍ରାମର ଦିଲ୍ଲୀପ କୁମାର ପାତ୍ର(୪୭)। ରବିବାର ରାତି ପ୍ରାୟ ସାଢ଼େ ୧୦ଟାରେ ଦିଲ୍ଲୀପ ଘରେ ଶୋଇଥିବା ବେଳେ କିଛି ଦୁର୍ବୃତ୍ତ ତାଙ୍କୁ ଘରୁ ଟାଣି ନେଇ ହତ୍ୟା କରିଥିଲେ। ପୁଲିସ୍ ଶବକୁ ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏକ ହତ୍ୟା ମାମଲା ରୁଜୁ କରିଛି। ଏହି ଘଟଣାରେ ୪ରୁ ୫ ଅଭିଯୁକ୍ତଙ୍କ ସଂପୃକ୍ତି ଥିବା ପୁଲିସ୍ ସନ୍ଦେହ ▶ପୃଷ୍ଠା-୭

## ୩ ହାର୍ଡକୋର୍ ମାଓବାଦୀଙ୍କ ଆତ୍ମସମର୍ପଣ

■ **ଫୁଲବାଣୀ, ୭।୭(ସମିସ):** ମାଓ ବିରୋଧୀ ଅଭିଯାନରେ କନ୍ଧମାଳ ପୁଲିସକୁ ବଡ଼ ସଫଳତା। ପୁଲିସ ନିକଟରେ ଆତ୍ମସମର୍ପଣ କରିଛନ୍ତି ଦୁଇ ମହିଳା କ୍ୟାଡର ସମେତ ତିନିଜଣ ହାର୍ଡକୋର ମାଓବାଦୀ। ଏନେଇ ଆଜି କନ୍ଧମାଳ ଜିଲ୍ଲା ପୁଲିସ ମୁଖ୍ୟାଳୟରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି ଦକ୍ଷିଣାଞ୍ଚଳ ଆଇଜି ନିତି ଶେଖର। ଆତ୍ମସମର୍ପଣ ▶ପୃଷ୍ଠା-୭

### କ୍ୟାଡର୍ କର୍ମୀଙ୍କୁ ଦେହସୁଖ ନ ଦେଲେ ଶାରୀରିକ ଦଣ୍ଡ



■ **ଭୁବନେଶ୍ୱର,୭।୭(ସମିସ):** ନବାଗତ ମହିଳା ମାଓବାଦୀଙ୍କଠାରୁ କ୍ୟାଡ଼ର ମାଓବାଦୀ ଲୋଡୁଥିଲେ ଦେହସୁଖ। ଯେଉଁମାନେ ସେମାନଙ୍କ କଥାରେ ରାଜି ହେଉ ନ ଥିଲେ ସେମାନଙ୍କୁ ଭୀଷଣ ଶାରୀରିକ ଦଣ୍ଡ ମିଳୁଥିଲା। କନ୍ଧମାଳ ପୁଲିସ ନିକଟରେ ଆତ୍ମସମର୍ପଣ କରିଥିବା ଦୁଇ ମହିଳା ମାଓବାଦୀ ବଖାଣିଛନ୍ତି ଜଙ୍ଗଲ ଯନ୍ତ୍ରଣାର କରୁଣ କାହାଣୀ। ▶ପୃଷ୍ଠା-୭

**ଗଞ୍ଜାମରେ ଝାଡ଼ାବାନ୍ତି**

## ୨ ମୃତ, ୩୦ରୁ ଊର୍ଦ୍ଧ୍ୱ ଆକ୍ରାନ୍ତ


■ **ବ୍ରହ୍ମପୁର/ଦିଗପହଣ୍ଡି, ୭।୭(ସମିସ):** ଗଞ୍ଜାମ ଜିଲ୍ଲାର ଗ୍ରାମାଞ୍ଚଳରେ ଏବେ ଝାଡ଼ାବାନ୍ତି ଧୀରେଧୀରେ ବ୍ୟାପିବାରେ ଲାଗିଛି। ପ୍ରଥମେ ଦିଗହପଣ୍ଡି ବ୍ଲକରୁ ଏହା ଆରମ୍ଭ ହୋଇଥିବା ବେଳେ ସମ୍ପ୍ରତି ପାତ୍ରପୁର ବ୍ଲକରେ ମଧ୍ୟ ଦେଖିବାକୁ ମିଳିଛି। କେବଳ ଏତିକି ନୁହେଁ, ଜିଲ୍ଲାର ବିଭିନ୍ନ ମେଡ଼ିକାଲରେ ଝାଡ଼ାବାନ୍ତିରେ ଆକ୍ରାନ୍ତ ହୋଇ ବିଭିନ୍ନ ସମୟରେ ଲୋକେ ଚିକିତ୍ସିତ ହେଉଥିବା ମଧ୍ୟ ଜଣାଯାଇଛି। ଏଭଳି ସ୍ଥଳେ ଦିଗପହଣ୍ଡି ବ୍ଲକ ଏସ୍.ଟିକରପଡା ପଞ୍ଚାୟତ ଅନ୍ତର୍ଗତ ଉସ୍ତପଲ୍ଲୀ ଗ୍ରାମରେ ଝାଡ଼ାବାନ୍ତିର ପ୍ରକୋପ ଦିନକୁ ଦିନ ବଢ଼ିବାରେ ଲାଗିଛି। ଗତକାଲି ରାତିରେ ଝାଡ଼ାବାନ୍ତିରେ ଆଉ ଜଣଙ୍କର ଜୀବନ ଚାଲିଯାଇଛି। ଦିଗପହଣ୍ଡି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିବା ବେଳେ ତିନି ଜଣଙ୍କୁ ପ୍ରାଥମିକ ଚିକିତ୍ସା କରି ବ୍ରହ୍ମପୁର ବଡ଼ ମେଡିକାଲ୍ ପଠାଇଥିବା ଜଣାଯାଇଛି। ପାଟପୁର ପୁଲିସ୍ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ପହଞ୍ଚି ଶବ ଜବତ ସହ ବ୍ୟବଚ୍ଛେଦ ନିମନ୍ତେ ପଠାଇଛି। ମୃତ ବ୍ୟକ୍ତିଜଣଙ୍କ ହେଲେ, ପ୍ରକାଶ ରଇତ(୩୩)। ଗୁରୁତରମାନେ ହେଲେ, କାଳିଆ ବିଷୋୟୀ(୬୦), ନନ୍ଦିନୀ ଶବର(୩) ଓ ସୁକାନ୍ତ ଶବର (୨୫) ବୋଲି ଜଣାପଡ଼ିଛି। ସେହଭଳି ଗତ ଚାରିଦିନ ତଳେ ଗ୍ରାମର ଦାସ ଶବର (୬୦) ଏହି ଝାଡ଼ାବାନ୍ତିରେ ମୃତ୍ୟୁବରଣ କରିଥିବା ସୂଚନା ମିଳିଛି। ଫଳରେ ମୃତକଙ୍କ ସଂଖ୍ୟା ସମ୍ପ୍ରତି ଦୁଇରେ ପହଞ୍ଚିଛି।

ମୃତ ପ୍ରକାଶ ରଇତ ଗତକାଲି ମଧ୍ୟାହ୍ନରେ ଝାଡ଼ାବାନ୍ତିରେ ଆକ୍ରାନ୍ତ ହୋଇଥିଲେ। ତାଙ୍କୁ ଭୀଷ୍ମଗିରି ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ରରେ ଚିକିତ୍ସା ପରେ ଘରକୁ ନିଆଯାଇଥିଲା। ହେଲେ ବିଳମ୍ବିତ ରାତିରେ ସେ ଅସୁସ୍ଥ ହେବାରୁ ୧୦୮ ଆମ୍ବୁଲାନ୍ସ ଯୋଗେ ଦିଗପହଣ୍ଡି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ।

ଅପରପକ୍ଷେ, ଗ୍ରାମରେ ହଇଜା ବ୍ୟାପିଥିବାରୁ ଆଜି ବ୍ରହ୍ମପୁର ଉପଜିଲ୍ଲାପାଳ ଧ୍ରୁବ ଦସ୍ତାଗିର, ଅତିରିକ୍ତ ଜିଲ୍ଲା ମାଜିଷ୍ଟ୍ରେଟ୍(ଏଡିଏମ୍) ପ୍ରମୋଦ କୁମାର ପୃଷ୍ଟି, ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରୀ ଡାକ୍ତର ସୁଶାନ୍ତ କୁମାର ନାୟକ, ଗଞ୍ଜାମ ଜିଲ୍ଲା ଡିପିଏମ୍ ବୁଲୁନାଥ ସାହୋଙ୍କ ସମେତ ସ୍ଥାନୀୟ ବିଡିଓ, ତହସିଲଦାର, ସିଡିପିଓ ପ୍ରମୁଖ ଅଧିକାରୀମାନେ ଉସ୍ତପଲ୍ଲୀ ଗ୍ରାମରେ ପହଞ୍ଚି ସ୍ଥିତି ▶ପୃଷ୍ଠା-୭





## ବିହାରରେ ଡାହାଣୀ ସନ୍ଦେହରେ ପରିବାରର ୫ ଜଣଙ୍କୁ ହତ୍ୟା



ପୂର୍ଣ୍ଣିୟା, ୭ ।୭ (ଏଜେନ୍ସି): ବିହାରର ପୂର୍ଣ୍ଣିୟାରେ ଗୋଟିଏ ପରିବାରର ୫ ଜଣଙ୍କୁ ଅତି ନିର୍ମମ ଭାବେ ହତ୍ୟା କରାଯାଇଛି । ରବିବାର ରାତିରୁ ସମସ୍ତେ ନିଖୋଜ ଥିଲେ । ସୋମବାର ସନ୍ଧ୍ୟାରେ ସମସ୍ତଙ୍କ ମୃତଦେହ ଠାବ କରାଯାଇଛି । ଘରଠାରୁ ଦେଢ଼ କିମି ଦୂରରେ ଥିବା ଏକ ଗଡ଼ିଆରେ ମୃତଦେହଗୁଡ଼ିକ ମିଳିଛି । ମୃତଦେହଗୁଡ଼ିକ ଜଳାଇବାକୁ ଚେଷ୍ଟା କରାଯାଇଥିଲା ଓ ୮୦ ପ୍ରତିଶତ ଜଳିଯାଇଛି । ଏହି ପରିବାର ସଦସ୍ୟ ଗୁଣିଗାରେଡ଼ି ତଥା ଝଡ଼ାଫୁଙ୍କା କରୁଥିଲେ ବୋଲି ପୁଲିସ ତରଫରୁ କୁହାଯାଇଛି । ୩ ଦିନ ତଳେ ଗାଁରେ ଜଣେ ଛୋଟ ଝିଅ ମୃତ୍ୟୁବରଣ କରିଥିଲା । ଏଥିରେ ଉତ୍‌କ୍ଷିପ୍ତ ହୋଇ ଗାଁ ଲୋକେ ଏହି ହତ୍ୟାକାଣ୍ଡ ଘଟାଇଛନ୍ତି ବୋଲି ପୁଲିସ ତରଫରୁ କୁହାଯାଇଛି । ରବିବାର ରାତି ୧୦ରେ ହଠାତ ୫୦ ଜଣ ଲୋକ ଆମ ଘରକୁ ଆସିଥିଲେ ଓ ମୋ ମାଙ୍କୁ ଡାହାଣୀ କହି ବାଉଁଶରେ ପିଟିବାକୁ ଲାଗିଥିଲେ ବୋଲି ପରିବାରର ଛୋଟ ପୁଅ କହିଛି । ମାରପିଟ୍ କରିବା ପରେ ୫ ଜଣଙ୍କ ଉପରେ ଡିଜେଲ ପକାଇ ଜିଅନ୍ତା ଜଳାଇ ଦେଇଥିଲୁ ବୋଲି ଗିରଫ୍ ହୋଇଥିବା ନକୁଳ କହିଛନ୍ତି । ପୁଲିସ ୩ ଜଣ ଅଭିଯୁକ୍ତଙ୍କୁ ଗିରଫ କରିଛି ।

## ପୁଟିନଙ୍କ ଦ୍ୱାରା ବହିଷ୍କୃତ ହେବା ପରେ ପରିବହନ ମନ୍ତ୍ରୀଙ୍କ ଆତ୍ମହତ୍ୟା



ମସ୍କୋ, ୭ ।୭ (ଏଜେନ୍ସି): ରାଷ୍ଟ୍ରପତି ଭ୍ଲାଦିମିର୍ ପୁଟିନଙ୍କ ଦ୍ୱାରା ପଦରୁ ବହିଷ୍କୃତ ହେବା ପରେ ରୁଷିଆ ପରିବହନ ମନ୍ତ୍ରୀ ରୋମାନ ଷ୍ଟାରୋଭୋଲେଟ୍ ନିଜ ବନ୍ଧୁକରୁ ନିଜକୁ ଗୁଳିକରି ଆତ୍ମହତ୍ୟା କରିଛନ୍ତି । ପରିବହନ କ୍ଷେତ୍ରରେ ବୃଦ୍ଧିପାଉଥିବା ଦୁର୍ନୀତି ଓ ଏ ନେଇ ଚାପକୁ ନିୟନ୍ତ୍ରଣ କରିବାରେ ବିଫଳ ହେବାରୁ ପୁଟିନ ତାଙ୍କୁ ପଦରୁ ବହିଷ୍କାର କରିଥିଲେ । ସୋମବାର ମ୍ୟାକିନିନୋ ଗାଁ ନିକଟରେ ରୋମାନଙ୍କ ମୃତଦେହ ତାଙ୍କ କାର୍‌ରେ ଦେଖିବାକୁ ମିଳିଥିଲା । ଏବେ ତାଙ୍କ ଡେପୁଟି ଆନ୍ଦ୍ରେଇ ନିକିଟିନଙ୍କୁ ନୂଆ ପରିବହନ ମନ୍ତ୍ରୀ ଭାବେ ପୁଟିନ ନିଯୁକ୍ତି ଦେଇଛନ୍ତି । ରୋମାନଙ୍କୁ ୨୦୨୩ରେ ପୁରସ୍କାର ବାବଦରେ ଏହି ବନ୍ଧୁକ ଉପହାର ସ୍ୱରୂପ ପ୍ରଦାନ କରାଯାଇଥିଲା । ଏହି ବନ୍ଧୁକରେ ହିଁ ସେ ଆତ୍ମହତ୍ୟା କରିଛନ୍ତି ବୋଲି କୁହାଯାଇଛି । ଏ ନେଇ ତଦନ୍ତ ଶେଷ ହୋଇ ନଥିଲେ ମଧ୍ୟ ସେ ଆତ୍ମହତ୍ୟା କରିଛନ୍ତି ବୋଲି ତଦନ୍ତକାରୀ କମିଟି ତରଫରୁ କୁହାଯାଇଛି । ମସ୍କୋ ଓ ସେଣ୍ଟ ପିଟର୍ସବର୍ଗ ବିମାନବନ୍ଦରରେ ଶହଶହ ବିମାନ ଉଡାଣ ବାତିଲ ଓ ବିଳମ୍ବିତ ହେବା ଫଳରେ ରୋମାନଙ୍କ ଉପରେ ଚାପ ବୃଦ୍ଧି ପାଇଥିଲା ଓ ସେ ସମାଲୋଚିତ ହୋଇଥିଲେ । ୟୁକ୍ରେନର ଡ୍ରୋନ ଆକ୍ରମଣ ପରେ ବିମାନ ସେବା ଓ ପରିବହନ କ୍ଷେତ୍ରରେ ଅସନ୍ତୁଳନ ସୃଷ୍ଟି ହୋଇଥିଲା । ଗତ ଶନିବାର ଓ ରବିବାର ପାଖାପାଖି ୪୮୫ ବିମାନ ଉଡାଣକୁ ରଦ୍ଦ କରାଯାଇଥିଲା । ୧, ୯୦୦ ଉଡାଣରେ ଅସମ୍ଭବ ପ୍ରକାର ବିଳମ୍ବ ହୋଇଥିଲା ।

## ଟ୍ରମ୍ପଙ୍କ କଟାକ୍ଷ; ଟ୍ରାକ୍‌ଚ୍ୟୁତ ହୋଇଗଲେଣି ମସ୍କ

ୱାସିଂଟନ, ୭।୭ (ଏଜେନ୍ସି): ଶିଳ୍ପପତି ବନ୍ଧୁ ଏଲନ ମସ୍କ ନୂଆ 'ଆମେରିକା ପାର୍ଟି'କୁ ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ କଟାକ୍ଷ କରିଛନ୍ତି । କହିଛନ୍ତି ଯେ ଟେସ୍‌ଲା ମାଲିକ ସମ୍ପୂର୍ଣ୍ଣ ଭାବେ ଟ୍ରାକ୍‌ଚ୍ୟୁତ ହୋଇଯାଇଛନ୍ତି । ଗତ ୫ ସପ୍ତାହ ହେଲା ସେ ଏକ ଅନିୟନ୍ତ୍ରିତ ଟ୍ରେନ ଭଳି ହୋଇ ଯାଇଛନ୍ତି । ସେ ତୃତୀୟ ରାଜନୈତିକ ଦଳ ଆରମ୍ଭ କରିବାକୁ ଚାହୁଁଛନ୍ତି । କିନ୍ତୁ ଏହା କେବେ ସଫଳ ହୋଇନାହିଁ ବୋଲି ଇତିହାସ ସାକ୍ଷୀ ଅଛି । ଆମେରିକୀୟ ବ୍ୟବସ୍ଥା ଏଭଳି ଦଳ ପାଇଁ ହୋଇନାହିଁ । ତୃତୀୟ ଦଳ କେବଳ ଅବ୍ୟବସ୍ଥା ଏବଂ ଅରାଜକତା ସୃଷ୍ଟି କରିଥାଏ । ଚରମପନ୍ଥୀ ଡେମୋକ୍ରାଟ୍ସ ସୃଷ୍ଟି କରିଥିବା ଅନେକ ଅରାଜକତା ଦେଶରେ ଅଛି ।ସମ୍ବିଧାନ ଅନୁଯାୟୀ ଦେଶର ଜନ୍ମିତ ନାଗରିକ ହିଁ ନିର୍ବାଚନ ଲଢ଼ିପାରିବେ । ତେଣୁ ଦକ୍ଷିଣ ଆଫ୍ରିକାରେ ଜନ୍ମ ହୋଇଥିବାରୁ ମସ୍କ ପ୍ରତିଦ୍ୱନ୍ଦ୍ୱିତା କରିପାରିବେ ନାହିଁ । ସେ ପ୍ରାର୍ଥୀ ଦେଇ କିଙ୍ଗମେକର ହେବାକୁ ଚାହୁଁଛନ୍ତି । ୨୦୨୬ ନଭେମ୍ବରରେ 'ହାଉସ୍ ଅଫ୍ ରିପ୍ରେଜନଟେଟିଭ୍'ର ସମସ୍ତ ୪୩୫ ଆସନ ଏବଂ ସିନେଟର ୧୦୦ରୁ ୩୪ ଆସନରେ ନିର୍ବାଚନ ହେବ । ଏଥିରୁ ଯଥାକ୍ରମେ ୮-୧୦ ଏବଂ ୩-୪ ଆସନ ଜିତି ଟ୍ରମ୍ପଙ୍କ ବିଲ୍‌କୁ ଅଟକାଇବାକୁ ମସ୍କ ଲକ୍ଷ୍ୟ ରଖିଛନ୍ତି ।

## ଭୋଟର ତାଲିକା ଯାଞ୍ଚକୁ ନେଇ ବିହାର ରାଜନୀତି ସରଗରମ

ପାଟନା, ୭।୭ (ଏଜେନ୍ସି): ବିହାର ନିର୍ବାଚନ ପୂର୍ବରୁ ଭୋଟର ତାଲିକା ଯାଞ୍ଚକୁ ନେଇ ରାଜ୍ୟ ରାଜନୀତି ସରଗରମ । ନିର୍ବାଚନ କମିଶନଙ୍କ ଏହି ନିଷ୍ପତ୍ତିକୁ ବିରୋଧ କରି ବିରୋଧୀ ଦଳଗୁଡ଼ିକ ଗୁରୁବାର ବିହାର ବନ୍ଦ ଡାକରା ଦେଇଛନ୍ତି । ଏଥିରେ ଲୋକସଭାରେ ବିରୋଧୀ ଦଳ ନେତା ରାହୁଲ ଗାନ୍ଧୀ ମଧ୍ୟ ସାମିଲ ହେବେ । ବିହାର ବିରୋଧୀ ଦଳ ନେତା ତେଜସ୍ୱୀ ଯାଦବ ଭୋଟର ତାଲିକା ଯାଞ୍ଚ ପ୍ରକ୍ରିୟାକୁ 'ଭୋଟ ବନ୍ଦୀ' ନାମ ଦେଇଛନ୍ତି । ସେ ଏହାକୁ ନେଇ ସୋମବାର ପାଟନାରେ ସାମ୍ବାଦିକ ସମ୍ମିଳନୀ କରିଛନ୍ତି । କହିଛନ୍ତି ଯେ ରବିବାର ଇସିଙ୍କୁ ଭେଟିଥିଲୁ, କିନ୍ତୁ ଏ ପର୍ଯ୍ୟନ୍ତ କୌଣସି ଜବାବ ମିଳିନାହିଁ । ପାଟନାର ଇସି କୌଣସି କାମକୁ ନୁହଁନ୍ତି । ଏହା ପୋଷ୍ଟ ଅଫିସ ଭଳି । ସେ କୌଣସି ନିଷ୍ପତ୍ତି ନେଇପାରୁ ନାହାନ୍ତି । ଅନ୍ୟପକ୍ଷରେ ଆରଜେଡି ମୁଖ୍ୟ ଲାଲୁ ଯାଦବ କହିଛନ୍ତି ଯେ ୨ ଗୁଜରାଟୀ ମିଶି ୮ କୋଟି ବିହାରୀଙ୍କ ଭୋଟ ଅଧିକାର କ୍ଷୁର୍ଣ୍ଣ କରିବାକୁ ପ୍ରୟାସ କରୁଛନ୍ତି । ଉଭୟେ ବିହାର, ସମ୍ବିଧାନ ଏବଂ ଗଣତନ୍ତ୍ରକୁ ଘୃଣା କରୁଛନ୍ତି । ସତର୍କ ହୋଇ ସ୍ୱର ଉଠାଇବାକୁ ଏବଂ ଗଣତନ୍ତ୍ର ବଞ୍ଚାଇବାକୁ ଲାଲୁ ଲୋକଙ୍କୁ ଆହ୍ୱାନ ଦେଇଛନ୍ତି ।

## ଶଯ୍ୟାଶାୟୀ ପତିଙ୍କୁ ହତ୍ୟା କଲେ ପତ୍ନୀ ଓ ପ୍ରେମିକ

ନାଗପୁର, ୭ ।୭ (ଏଜେନ୍ସି): ମହାରାଷ୍ଟ୍ରର ନାଗପୁରରେ ଜଣେ ଶଯ୍ୟାଶାୟୀ ପତିଙ୍କ ମୁହଁରେ ତକିଆ ମାଡ଼ି ତାଙ୍କ ପତ୍ନୀ ଓ ପ୍ରେମିକ ହତ୍ୟା କରିଛନ୍ତି । ଦୁହେଁ ପୁଲିସ ନିକଟରେ ଏହା ସ୍ୱୀକାର କରିଛନ୍ତି । ୧୩ ବର୍ଷ ତଳେ ଚନ୍ଦ୍ରସେନ ରାମଟେକ ଓ ଦିଶା ରାମଟେକ ବିବାହ କରିଥିଲେ । ଉଭୟଙ୍କ ଦୁଇଟି ଝିଅ ଓ ଗୋଟିଏ ପୁଅ ଅଛନ୍ତି । ପାଖାପାଖି ଦୁଇବର୍ଷ ପୂର୍ବେ ଚନ୍ଦ୍ରସେନ୍ ପକ୍ଷାଘାତ ରୋଗର ଶିକାର ହୋଇ ଶଯ୍ୟାଶାୟୀ ହୋଇଥିଲେ । ଦୁଇମାସ ତଳେ ଦୀଶା ଜଣେ ମେକାନିକ୍ ଆସିଫ୍ ଇସଲାମ ଅନସାରୀ ଉଫ୍‌ର୍ ରାଜାବାବୁ ତିରେୱାଲାଙ୍କ ସହ ପରିଚିତ ହୋଇଥିଲା ଓ ପରେ ପରସ୍ପର ମଧ୍ୟରେ ପ୍ରେମ ସମ୍ପର୍କ ଗଢି ଉଠିଥିଲା । କିନ୍ତୁ ପତି ଦୀଶା ଓ ଆସିଫ୍‌ଙ୍କ ମଧ୍ୟରେ ଅନୈତିକ ସମ୍ପର୍କ ଥିବା ଜାଣି ପାରିଥିଲେ । ଏ ନେଇ ପତି ଓ ପତ୍ନୀଙ୍କ ମଧ୍ୟରେ ଝଗଡ଼ା ହେବାରୁ ଦିଶା ଏଭଳି ଚରମ ପଦକ୍ଷେପ ନେଇଥିଲେ ।

## ଜଷ୍ଟିସ୍ ବର୍ମାଙ୍କ ବିରୋଧରେ ଏତଲା ରୁଜୁ ହେବା ଆବଶ୍ୟକ: ଉପରାଷ୍ଟ୍ରପତି

ନୂଆଦିଲ୍ଲୀ, ୭ ।୭ (ଏଜେନ୍ସି): ଉପରାଷ୍ଟ୍ରପତି ଜଗଦୀପ ଧନଖଡ ଜଷ୍ଟିସ ଯଶୋବନ୍ତ ବର୍ମାଙ୍କ ବାସଭବନରେ ମିଳିଥିବା ଅଧାଜଳା ନଗଦ ଟଙ୍କା ମାମଲାରେ ତୁରନ୍ତ ଏତଲା ରୁଜୁ କରିବା ଜରୁରୀ ବୋଲି କହିଛନ୍ତି । ଏହି ମାମଲା ନିହାତି ଚିନ୍ତାଜନକ । ଏହା ଆମ ନ୍ୟାୟିକ ବ୍ୟବସ୍ଥାକୁ ଦୋହଲାଇ ଦେବା ଭଳି ସ୍ଥିତି ସୃଷ୍ଟି କରିଛି । ଏହି ମାମଲାର ମୂଳକୁ ଯିବା ଆବଶ୍ୟକ । ନଗଦ ଟଙ୍କା କେଉଁଠୁ ଆସିଲା ତାହା ଜାଣିବା ନିହାତି ଜରୁରୀ । କିନ୍ତୁ ଏହି ମାମଲାରେ କେନ୍ଦ୍ର ସରକାର ନାଚାର । ୯୦ ଦଶକରେ ସୁପ୍ରିମକୋର୍ଟଙ୍କ ଆଦେଶ କାରଣରୁ କୌଣସି ବିଚାରପତି ଉପରେ ଏତଲା ଦାଏର କରାଯାଇପାରିବ ନାହିଁ ବୋଲି ନ୍ୟାସନାଲ ଆଡଭାନ୍ସ ଲିଗାଲ ଷ୍ଟଡିଜ୍ (ଏନ୍‌ୟୁଏଲ୍‌ଏସ୍) ବିଶ୍ୱବିଦ୍ୟାଳୟର ସେମିନାରେ ଯୋଗ ଦେଇ ଧନଖଡ଼ ଏହା କହିଛନ୍ତି ।

# ବ୍ରିକ୍ସ ବିରୋଧରେ ଟ୍ରମ୍ପଙ୍କ ଯୁଦ୍ଧ ଘୋଷଣା

## ଆମେରିକା-ବିରୋଧୀ ନୀତି ପାଇଁ ଅତିରିକ୍ତ ୧୦ % ଶୁଳ୍କ ଧାର୍ଯ୍ୟ ଧମକ

ନୂଆଦିଲ୍ଲୀ, ୭।୭ (ଏଜେନ୍ସି): ସଂପ୍ରତି ବିଶ୍ୱରେ ପ୍ରଚଳିତ ବାଣିଜ୍ୟ ବିଶୃଙ୍ଖଳାକୁ ନେଇ ବ୍ରିକ୍ସ ଚିନ୍ତା ପ୍ରକଟ କରିଥିବା ବେଳେ ଏହି ସଂଗଠନ ବିରୋଧରେ ଯୁଦ୍ଧ ଘୋଷଣା କରିଛନ୍ତି ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ । ସେ ଧମକ ଦେଇଛନ୍ତି ଯେ ଯେଉଁ ଦେଶ ବ୍ରିକ୍ସର ଆମେରିକା-ବିରୋଧୀ ନୀତିକୁ ସମର୍ଥନ କରିବ ତା ଉପରେ ୧୦ ପ୍ରତିଶତ ଅତିରିକ୍ତ ଶୁଳ୍କ ଧାର୍ଯ୍ୟ କରାଯିବ । ଏଥିରେ ଚୀନ ତୀବ୍ର ପ୍ରତିକ୍ରିୟା ପ୍ରକାଶ କରି କହିଛି ଯେ ବାଣିଜ୍ୟ କ୍ଷେତ୍ରରେ ଏଭଳି ଧମକ କାମ ଦେବନାହିଁ ।


ଭାରତ ସମେତ ୧୧ଟି ଦେଶକୁ ନେଇ ଗଠିତ ବ୍ରିକ୍ସ ସମ୍ମିଳନୀରେ ଟ୍ରମ୍ପଙ୍କ ବାଣିଜ୍ୟନୀତିର ତୀବ୍ର ସମାଲୋଚନା କରାଯାଇଛି । ବ୍ରିକ୍ସ ପକ୍ଷରୁ କୁହାଯାଇଛି ଯେ ଆମେରିକା ଯେଉଁଭଳି ଶୁଳ୍କ ନୀତି ଆପଣାଇଛି, ତାହା ବିଶ୍ୱ ବାଣିଜ୍ୟକୁ ଅସ୍ଥିର କରିପକାଇବ । କେବଳ ଏତିକି ନୁହେଁ ଆମେରିକାର ଆଖିବୁଜା ଶୁଳ୍କ ବୃଦ୍ଧି ବାଣିଜ୍ୟ ପ୍ରତି ବିପଦ ମଧ୍ୟ ସୃଷ୍ଟି କରିବ । ତେବେ ବ୍ରିକ୍ସ ଘୋଷଣାନାମାରେ ଆମେରିକା କିମ୍ବା ଟ୍ରମ୍ପଙ୍କ ନାମ ନିଆଯାଇନାହିଁ । ଆମେରିକା ଓ ଟ୍ରମ୍ପଙ୍କୁ ପରୋକ୍ଷ ସମାଲୋଚନା କରି ଘୋଷଣାନାମାରେ କୁହାଯାଇଛି ଯେ ଏଭଳି ଶୁଳ୍କ ନୀତି ଆନ୍ତର୍ଜାତିକ ଅର୍ଥନୈତିକ ଓ ବାଣିଜ୍ୟ କାରବାର କ୍ଷେତ୍ରରେ ଏବେ ଠାରୁ ଅନିଶ୍ଚିତତା ସୃଷ୍ଟି କରିବା ଆରମ୍ଭ କଲାଣି । ବିଶ୍ୱ ବାଣିଜ୍ୟ ସଂଗଠନ ତତ୍ତ୍ୱାବଧାନରେ ଆପୋସ ବୁଝାମଣା ଓ ସହମତି ଜରିଆରେ ଏକ ଖୋଲା ଓ ସ୍ୱଚ୍ଛ ବାଣିଜ୍ୟ ବ୍ୟବସ୍ଥା ପ୍ରତିଷ୍ଠା ପାଇଁ ଘୋଷଣାନାମାରେ ଆହ୍ୱାନ କରାଯାଇଛି । ଏହି ଘୋଷଣାନାମା ପ୍ରକାଶ ପାଇବା ପରେ ଟ୍ରମ୍ପ ପ୍ରତିକ୍ରିୟାଶୀଳ ହୋଇ ବ୍ରିକ୍ସ ରାଷ୍ଟ୍ରଙ୍କୁ ଶୁଳ୍କ ଧମକ ଦେଇଛନ୍ତି । କହିଛନ୍ତି ଯେ ଏଥିରେ କାହାରିକୁ ରିହାତି ମିଳିବାର ପ୍ରଶ୍ନ ଉଠୁନାହିଁ ।

### ପହଲ୍‌ଗାମ୍ ଓ ଇରାନ ଆକ୍ରମଣକୁ ବ୍ରିକ୍ସ ଦେଶଙ୍କ ନିନ୍ଦା

ସୂଚନାଯୋଗ୍ୟ ଯେ ୨୦୦୯ରେ ଭାରତ, ବ୍ରାଜିଲ, ରୁଷ, ଚୀନ ଓ ଦକ୍ଷିଣ ଆଫ୍ରିକାକୁ ନେଇ ଗଠିତ ହୋଇଥିବା ବ୍ରିକ୍ସରେ ଏବେ ୧୧ ଦେଶ ସଭ୍ୟ ଅଛନ୍ତି । ସେମାନଙ୍କ ମଧ୍ୟରେ ଅଛନ୍ତି ଇଣ୍ଡୋନେସିଆ, ଇରାନ, ସାଉଦି ଆରବ, ସଂଯୁକ୍ତ ଆରବ ଏମିରେଟ୍ସ, ଇଜିପ୍ଟ ଏବଂ ଯୁଥୋପିଆ ।

ବ୍ରାଜିଲର ରିଓ ଡି ଜାନେରିଓରେ ଅନୁଷ୍ଠିତ ୧୭ତମ ବ୍ରିକ୍ସ ସମ୍ମିଳନୀର ଯେଉଁ ମିଳିତ ଘୋଷଣାନାମା ଜାରି କରାଯାଇଛି ସେଥିରେ ପହଲଗାମ ଆତଙ୍କବାଦୀ ଆକ୍ରମଣ ଏବଂ ଇରାନ ଉପରେ ଇସ୍ରାଏଲ ଆକ୍ରମଣକୁ ନିନ୍ଦା କରାଯାଇଛି । ତେବେ ପାକିସ୍ତାନର ନାମ ନିଆଯାଇ ନାହିଁ । ଏହା ପୂର୍ବରୁ ଭାରତ, ଆମେରିକା, ଜାପାନ ଏବଂ ଅଷ୍ଟ୍ରେଲିଆ ସଦସ୍ୟ ଥିବା କ୍ୱାଡ ରାଷ୍ଟ୍ରଙ୍କ ବିଦେଶମନ୍ତ୍ରୀ ସମ୍ମିଳନୀରେ ପହଲଗାମ ଆକ୍ରମଣକୁ ନିନ୍ଦା କରାଯାଇଥିଲା । ବ୍ରିକ୍ସ ସମ୍ମିଳନୀରେ ସାମିଲ ହୋଇ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ କହିଥିଲେ ଯେ ପହଲଗାମ ଆକ୍ରମଣ କେବଳ ଭାରତ ନୁହେଁ, ବରଂ ସମ୍ପୂର୍ଣ୍ଣ ମାନବିକତା ଉପରେ ଆଘାତ । ଆତଙ୍କବାଦକୁ ନିନ୍ଦା କରିବା ଆମର ସିଦ୍ଧାନ୍ତ ହେବା ଉଚିତ, କିନ୍ତୁ ଏହା ସୁବିଧା ହେବା ଅନୁଚିତ । ଏହା ସହିତ ମୋଦୀ ଏକ ନୂଆ ବିଶ୍ୱ ବ୍ୟବସ୍ଥା ପାଇଁ ଦାବି କରିଥିଲେ । ସମ୍ମିଳନୀରେ ଆତଙ୍କବାଦକୁ ନେଇ ଉଦ୍‌ବେଗ ପ୍ରକାଶ କରାଯାଇଥିଲା । ପହଲଗାମରେ ଆତଙ୍କବାଦୀ ଆକ୍ରମଣକୁ ଦୃଢ଼ ଶବ୍ଦରେ ନିନ୍ଦା କରାଯାଇ କୁହାଯାଉଛି ଯେ ଆତଙ୍କବାଦକୁ କୌଣସି ପରିସ୍ଥିତିରେ ବରଦାସ୍ତ କରାଯିବା ଉଚିତ ନୁହେଁ ।



### ଏନ୍‌ଆଇଏ ଜେରାରେ ସତ ମାନିଲା ତହବୁର

## ୨୬/୧୧ ଆକ୍ରମଣ ସମୟରେ ମୁମ୍ବାଇରେ ଥିଲା

ନୂଆଦିଲ୍ଲୀ, ୭।୭ (ଏଜେନ୍ସି): ୨୦୦୮ରୁ ୨୬/୧୧ ଆତଙ୍କବାଦୀ ଆକ୍ରମଣ ସମୟରେ ଆତଙ୍କବାଦୀ ତହବୁର ରାଣା ମୁମ୍ବାଇରେ ଥିଲା । ସେ ପାକିସ୍ତାନ ସେନାର ଏଜେଣ୍ଟ ଭାବେ ମଧ୍ୟ କାମ କରୁଥିଲା । ଆତଙ୍କବାଦୀ ଡେଭିଡ କୋଲମାନ ହେଡଲି ସହ ସେ ପାକିସ୍ତାନରେ ଆତଙ୍କବାଦୀ ସଂଗଠନ ଲସ୍କର-ଇ-ତୋଏବା ଶିବିରରେ ପ୍ରଶିକ୍ଷଣ ନେଇଥିଲା । ଏହି ଲସ୍କର ଏକ ଆତଙ୍କବାଦୀ ନେଟୱର୍କ ଭଳି କାମ କରୁଥିଲା । ଏନ୍‌ଆଇଏ ଜେରା ସମୟରେ ଆତଙ୍କବାଦୀ ତହବୁର ରାଣା ଏହା ସ୍ୱୀକାର କରିଛି । ଏହି ଜେରାରେ ସାମିଲ ମୁମ୍ବାଇ ପୁଲିସ କ୍ରାଇମବ୍ରାଞ୍ଚ ଏବେ ରାଣାକୁ ଗିରଫ କରି ରିମାଣ୍ଡରେ ନେବାକୁ ପ୍ରସ୍ତୁତି କରୁଛି । ଏବେ ସେ ନ୍ୟାୟିକ ହେପାଜତରେ ରହିଛି । ଦିଲ୍ଲୀର ଅଦାଲତ ଏହି ସମୟସୀମାକୁ ୯ ତାରିଖ ପର୍ଯ୍ୟନ୍ତ ବୃଦ୍ଧି କରିଦେଇଛନ୍ତି । ୨୦୦୯ ଅକ୍ଟୋବରରେ ଆମେରିକା ଏଜେନ୍ସି ଏଫ୍‌ବିଆଇ ରାଣାକୁ ଚିକାଗୋରୁ ଗିରଫ କରିଥିଲା । ତାକୁ ଗତ ଏପ୍ରିଲ ୧୦ ତାରିଖରେ ପ୍ରତ୍ୟର୍ପଣ କରି ଆମେରିକାରୁ ଭାରତ ଅଣା ଯାଇଥିଲା ।

### ପାକିସ୍ତାନର ଏଜେଣ୍ଟ ଥିଲା; ହେଡଲି ସହ ନେଇଥିଲା ପ୍ରଶିକ୍ଷଣ

ଜେରା ସମୟରେ ରାଣା କହିଥିଲା ଯେ ସେ ଯୋଜନା କରି ମୁମ୍ବାଇରେ ନିଜ କମ୍ପାନୀ ନାମରେ ଇମିଗ୍ରେସନ୍ ସେଣ୍ଟର ଖୋଲିଥିଲେ । ଆକ୍ରମଣର ପ୍ରସ୍ତୁତି ପାଇଁ ସ୍ଥାନ ଏବଂ ସୁବିଧା ଉପଲବ୍ଧ କରିବାକୁ ସେ ଏପରି କରିଥିଲା । ସେଠାରେ ହୋଇଥିବା କାରବାରକୁ ବ୍ୟବସାୟିକ ଖର୍ଚ୍ଚରେ ଦର୍ଶା ଯାଇଥିଲା । ସେ ହେଡଲିକୁ ମୁମ୍ବାଇରେ ଫାଷ୍ଟ ୱାର୍ଲ୍ଡ ନାମରେ ଅଫିସ ଖୋଲିବା ପାଇଁ ମଧ୍ୟ ସହଯୋଗ କରିଥିଲା । ନିଜ ଆତଙ୍କବାଦୀ କାର୍ଯ୍ୟକଳାପକୁ ଲୁଚାଇବା ପାଇଁ ହେଡଲି ଏହାକୁ ବ୍ୟବହାର କରିଥିଲା । ରାଣା ନିଜେ ଛତ୍ରପତି ଶିବାଜୀ ଟର୍ମିନସ୍ ଭଳି ସ୍ଥାନଗୁଡ଼ିକର ରେକି କରିଥିଲେ ବୋଲି ସ୍ୱୀକାର କରିଛି ।ରିପୋର୍ଟ ଅନୁଯାୟୀ ରାଣା କହିଛି ଯେ ପାକିସ୍ତାନର ଗୁଇନ୍ଦା ଏଜେନ୍ସି ଆଇଏସଆଇ ସହିତ ମିଶି ୨୬/୧୧ ଆକ୍ରମଣ କରିଥିଲା । ଉପସାଗରୀୟ ଦେଶରେ ଯୁଦ୍ଧ ସମୟରେ ତାକୁ ପାକ୍ ସେନା ସାଉଦି ଆରବ ପଠାଇ ଥିଲା ବୋଲି ସେ ସ୍ୱୀକାର କରିଛି ।



## ବିବାଦରେ ୟୁଟ୍ୟୁବର ଜ୍ୟୋତିଙ୍କ କେରଳ ଗସ୍ତ

ହିସାର, ୭ ।୭ (ଏଜେନ୍ସି): ପାକିସ୍ତାନ ପାଇଁ ଗୁପ୍ତଚର ଭାବେ କାର୍ଯ୍ୟ କରୁଥିବା ଅଭିଯୋଗରେ ଗିରଫ ହୋଇଥିବା ହିସାର ୟୁଟ୍ୟୁବର ଜ୍ୟୋତି ମାଲହୋତ୍ରାଙ୍କୁ ପୁଣି ଜେଲ୍‌କୁ ପଠାଇ ଦିଆଯାଇଛି । ସୋମବାର ଷଷ୍ଠଥର ପାଇଁ ତାଙ୍କୁ କୋର୍ଟରେ ହାଜର କରାଯାଇଥିଲା । କିନ୍ତୁ କୋର୍ଟ ତାଙ୍କୁ ପୁଣିଥରେ ୧୪ ଦିନ ପାଇଁ ବିଚାର ବିଭାଗୀୟ ହାଜତକୁ ପଠାଇଦେଇଛନ୍ତି । ଉଲ୍ଲେଖଥାଉ କି, ପହଲଗାମ୍‌ରେ ଆତଙ୍କବାଦୀ ଆକ୍ରମଣ ପରେ ଭାରତୀୟ ସେନା ଅପରେସନ ସିନ୍ଦୂର ଆରମ୍ଭ କରିଥିଲା । ଏହି ଅବସରରେ ଜ୍ୟୋତି ପାକିସ୍ତାନ ପାଇଁ ଗୁପ୍ତଚର ଭାବେ କାର୍ଯ୍ୟ କରି ସେନା ସମ୍ପର୍କିତ ଗୁପ୍ତ ତଥ୍ୟ ପାକିସ୍ତାନକୁ ସେୟାର କରିବା ଅଭିଯୋଗରେ ଗିରଫ ହୋଇଥିଲେ ।

ସେପଟେ ଜ୍ୟୋତିଙ୍କୁ ନେଇ ନୂଆ ଖୁଲାସା ହୋଇଛି । ଆରଟିଆଇ ଦ୍ୱାରା ଦାଏର କରାଯାଇଥିବା ଏକ ଆବେଦନର ଜବାବ ଦେବା ଅବସରରେ ଜ୍ୟୋତି କେରଳ ଗସ୍ତ କରିଥିଲେ ବୋଲି କୁହାଯାଇଛି ଓ ଏ ନେଇ ବିବାଦ ସୃଷ୍ଟି ହୋଇଛି । କେରଳ ସରକାରଙ୍କ ନିମନ୍ତ୍ରଣ କ୍ରମେ ସେ ସେଠାକୁ ଯାଇଥିଲେ । ଜ୍ୟୋତିଙ୍କ ସମେତ ଏକାଧିକ ବ୍ଲଗର୍ସଙ୍କୁ କେରଳ ଡକାଯାଇଥିଲା ବୋଲି କେରଳ ସରକାରଙ୍କ ପର୍ଯ୍ୟଟନ ମନ୍ତ୍ରୀ ମହମ୍ମଦ ରିୟାଜ୍ କହିଛନ୍ତି । କେରଳ ପର୍ଯ୍ୟଟନକୁ ବିଶ୍ୱ ଦରବାରରେ ପହଞ୍ଚାଇବା ପାଇଁ ଏପରି ନିଷ୍ପତ୍ତି ନିଆଯାଇଥିଲା ବୋଲି ସେ କହିଛନ୍ତି । ଏହି ଗସ୍ତରେ ଜ୍ୟୋତି କୋଚି, କୁନ୍ନୁର, କୋଝିକୋଡ, ଅଲପୁଝା, ମୁନ୍ନାର ଓ ତିରୁଅନନ୍ତପୁରମ ଯାତ୍ରା କରିଥିଲେ । ଏହି ଅବସରରେ ସେ ଭିଡିଓ ବନାଇ ୨୦୨୫ ଜାନୁୟାରୀ ୩୧ରେ ତାଙ୍କ ୟୁଟ୍ୟୁବ ଚ୍ୟାନେଲ୍‌ରେ ଅପଲୋଡ କରିଥିଲେ । ତାଙ୍କ ସବୁ ଖର୍ଚ୍ଚ କେରଳ ସରକାର ବହନ କରିଥିଲେ । ଏ ନେଇ ବିଜେପି କେରଳ ସରକାରଙ୍କୁ ସମାଲୋଚନା କରିଛନ୍ତି । ଜ୍ୟୋତି ମହଙ୍ଗା ହୋଟେଲ ଓ ହାଉସ୍ ବୋଟ୍‌ରେ ରହିଥିଲେ ବୋଲି ଅଭିଯୋଗ ହୋଇଛି ।

# ସହିପାରୁ ନାହାନ୍ତି ଚୀନ୍, ପାକିସ୍ତାନ

### ଜାଲିଆତି କରି ଭାରତ ବିରୋଧରେ ଅପପ୍ରଚାର ଚଳାଇଛନ୍ତି

ପ୍ୟାରିସ, ୭।୭ (ଏଜେନ୍ସି): କ୍ରମାଗତ ଭାବେ ପାକିସ୍ତାନ ଏବଂ ଚୀନ୍ ଭାରତ ବିରୋଧୀ ଚକ୍ରାନ୍ତ କରି ଚାଲିଛନ୍ତି । 'ଅପରେସନ ସିନ୍ଦୂର' ଅଧିନରେ ଘମାଘୋଟ ଆକ୍ରମଣକୁ ଦେଖି ଅସ୍ତ୍ରବିରତି ପାଇଁ ଆମେରିକାର ଶରଣ ପଶି ଅସ୍ତ୍ରବିରତି ଅନୁରୋଧ କରିଥିବା ପାକିସ୍ତାନ ଚୀନ୍ ସହି ମିଶି ଭାରତ ବିରୋଧରେ ଅପପ୍ରଚାର ଚଳାଇଛି । ଚୀନ ଏବଂ ତୁର୍କୀର ସହାୟତା ନେଇ ବି ଭାରତ ସହ ୪ ଦିନିଆ ସଂଘର୍ଷରେ ହାର ମାନିଥିବା ଇସ୍‌ଲାମାବାଦ ଜମାରୁ ସୁଧୁରିବାର ନା ଧରୁନି । ଏହି ଯୁଦ୍ଧରେ ପାକିସ୍ତାନ, ଚୀନ୍ ଏବଂ ତୁର୍କୀକୁ ବଡ଼ ଝଟ୍‌କା ଲାଗିଥିଲା । ଯୁଦ୍ଧରେ ଚୀନ୍ ସମସ୍ତ ସହାୟତା ଦେଇଥିବା ସତ୍ତ୍ୱେ ପାକିସ୍ତାନ ମୁହଁ ମାଡ଼ି ପଡ଼ିଥିଲା । ଏହି ଝଟ୍‌କାକୁ ଚୀନ୍ ଏବଂ ପାକିସ୍ତାନ ସହି ପାରୁନାହାନ୍ତି । ତେଣୁ ଜାଲିଆତି କରି ରାଫେଲ ଲଢୁଆ ବିମାନକୁ ନେଇ ଭାରତ ଏବଂ ଫ୍ରାନ୍ସ ବିରୋଧରେ ମିଥ୍ୟା ପ୍ରଚାରପ୍ରସାର କରୁଛନ୍ତି । ରାଫେଲର କ୍ଷମତା ଉପରେ ପ୍ରଶ୍ନ ଉଠାଉଛନ୍ତି । ପାକିସ୍ତାନ ସାମାଜିକ ଗଣମାଧ୍ୟମରେ ଏବଂ ବିଭିନ୍ନ ଦେଶରେ ଥିବା ନିଜ ଦୂତାବାସଙ୍କୁ ଚୀନ୍ ବ୍ୟବହାର କରି ଏପରି କରୁଛି । ଏହି ଷଡ଼ଯନ୍ତ୍ର ପାଇଁ ଅପରେସନ ସିନ୍ଦୂରର ଏଆଇ ଫଟୋକୁ ବ୍ୟବହାର କରାଯାଉଛି । ପାକିସ୍ତାନର ଗୁମରକୁ ଭାରତ ଏବଂ ଫ୍ରାନ୍ସର ମିଲିଟାରୀ ଓ ସିକ୍ରେଟ ଅଧିକାରୀମାନେ ଚୀନ୍‌ର ମୁଖା ଖୋଲି ଦେଇଛନ୍ତି ।

ଅନେକ ପାକିସ୍ତାନୀ ସାମାଜିକ ଗଣମାଧ୍ୟମ ସାଇଟରେ ଭାରତର ତିନୋଟି ରାଫେଲ ସହିତ ୫ଟି ଯୁଦ୍ଧ ବିମାନ ଉଡ଼ାଇଥିବା ଦାବି କରାଯାଇଥିଲା । ଏଥିରେ ଭାରତୀୟ ବାୟୁସେନାର ୪ ପାଇଲଟ ପ୍ରାଣ ହରାଇଥିବା କୁହାଯାଇଥିଲା । ଏମାନଙ୍କ ମଧ୍ୟରେ ରାଫେଲର ତିନି ପାଇଲଟ ଥିବା ଭାରତ ସରକାର ସ୍ୱୀକାର କରିଛନ୍ତି ବୋଲି କୁହାଯାଇଥିଲା । ତେବେ ଭାରତ ସରକାର ଏହାକୁ ଖଣ୍ଡନ କରିଦେଇଛନ୍ତି । ଏହି ଦାବିର କୌଣସି ସତ୍ୟତା ନାହିଁ ବୋଲି ପ୍ରେସ୍ ଇନଫରମେସନ ବ୍ୟୁରୋ (ପିଆଇବି)ର ଫ୍ୟାକ୍ଟ ଚେକ୍ ୟୁନିଟ ପକ୍ଷରୁ କୁହାଯାଇଛି । ପାକିସ୍ତାନ ସମ୍ପୂର୍ଣ୍ଣ ମିଥ୍ୟା ଦାବି କରୁଛି । ଏଭଳି ଖବରକୁ ବିଶ୍ୱାସ ନ କରିବା ପାଇଁ ଲୋକଙ୍କୁ କୁହାଯାଇଛି । ସରକାରଙ୍କ ପକ୍ଷରୁ ଏଭଳି କୌଣସି ବିବୃତ୍ତି ଜାରି କରାଯାଇ ନାହିଁ ।

## ପାକିସ୍ତାନରେ ସାମରିକ ବିଦ୍ରୋହକୁ ନେଇ ଚର୍ଚ୍ଚା

### ରାଷ୍ଟ୍ରପତି ଜର୍ଦ୍ଦାରୀଙ୍କୁ ଗାଦିଚ୍ୟୁତ କରିବେ ଜେନେରାଲ ମୁନୀର!

ଇସଲାମାବାଦ, ୭।୭: ପାକିସ୍ତାନରେ ଯେକୌଣସି ମୁହୂର୍ତ୍ତରେ ହୋଇପାରେ ସାମରିକ ବିଦ୍ରୋହ । ରାଷ୍ଟ୍ରପତି ଆସିଫ ଅଲୀ ଜର୍ଦ୍ଦାରୀଙ୍କୁ ଗାଦିଚ୍ୟୁତ କରାଯିବ । ତାଙ୍କ ସ୍ଥାନରେ ରାଷ୍ଟ୍ରପତି ହେବେ ସେନାଧ୍ୟକ୍ଷ ଜେନେରାଲ ଅସିମ ମୁନୀର । ପାକିସ୍ତାନ ଗଣମାଧ୍ୟମରେ ଆଜି ଦିନ ତମାମ ଏଭଳି ଜୋରଦାର ଚର୍ଚ୍ଚା ଚାଲିଛି । ରାଜନୈତିକ ବାତାବରଣ ମଧ୍ୟ ବେଶ ସରଗରମ ରହିଛି । କିନ୍ତୁ ସେନା କିମ୍ବା ସରକାର ଏସଂପର୍କରେ ମୁହଁ ଖୋଲୁନଥିବାରୁ ସାମରିକ ବିଦ୍ରୋହ ପାଇଁ ପରଦା ପଛରେ ପ୍ରସ୍ତୁତି ଚାଲିଥିବା କୁହାଯାଉଛି ।

ପାକିସ୍ତାନ ।ାରେ ସେନା ଅଧ୍ୟକ୍ଷ ଜେନେରାଲ ମୁନୀରଙ୍କ ଦବ୍‌ଦବା ଗତ କିଛି ମାସ ହେଲା ବଢ଼ି ବଢ଼ି ଚାଲିଛି । ପ୍ରଧାନମନ୍ତ୍ରୀ ଶେହବାଜ ସରିଫ୍ ତରବରିଆ ଭାବେ ଯେଭଳି ମୁନୀରଙ୍କୁ ଫିଲ୍ଡ ମାର୍ଶଲ ଘୋଷଣା କଲେ, ସେଥିରୁ ସ୍ପଷ୍ଟ ସୂଚନା ମିଳୁଥିଲା ଯେ ସରିଫ ଆତଙ୍କିତ ଅବସ୍ଥାରେ ଅଛନ୍ତି । ନିଜର ପଦବୀ ବଞ୍ଚାଇବା ଲାଗି ମୁନୀରଙ୍କୁ ପଦୋନ୍ନତି ଦେଇଥିଲେ । ପାକିସ୍ତାନ ଗଣମାଧ୍ୟମରେ ଚାଲିଥିବା ଚର୍ଚ୍ଚା ଅନୁଯାୟୀ ସାମରିକ ବିଦ୍ରୋହ ହେଲେ ସରିଫ ବି ବଳିପଡ଼ିବେ ।

ରାଷ୍ଟ୍ରପତି ଜର୍ଦ୍ଦାରୀଙ୍କ ସହିତ ଜେନେରାଲ ମୁନୀରଙ୍କ ସଂପର୍କ ଗତ କିଛି ଦିନ ଧରି ତିକ୍ତ ହେବାରେ ଲାଗିଛି । ଏହାର କାରଣ କଣ ତାହା ଜଣାପଡ଼ି ନଥିଲେ ମଧ୍ୟ ରାଷ୍ଟ୍ରପତିଙ୍କ ପୁଅ ତଥା ପୂର୍ବତନ ବୈଦେଶିକ ମନ୍ତ୍ରୀ ବିଲାୱଲ ଭୁଟ୍ଟୋଙ୍କ ଏକ ବିବାଦୀୟ ବୟାନ ଏଭଳି ବିସ୍ଫୋରକ ପରିସ୍ଥିତି ସୃଷ୍ଟି କରିଛି । ଏକ ବିଦେଶୀ ଗଣମାଧ୍ୟମ ସଂସ୍ଥାକୁ ସାକ୍ଷାତ ଦେଇ ଜେନେରାଲ ମୁନୀରଙ୍କର କଡ଼ା ସମାଲୋଚନା କରିଥିଲେ ଭୁଟ୍ଟୋ । କେବଳ ଏତିକି ନୁହେଁ ମୁନୀରଙ୍କ ଛତ୍ରଛାୟାରେ ରହିଥିବା ଦୁଇ ଦୁର୍ଦ୍ଦାନ୍ତ ଆତଙ୍କବାଦୀ ହାଫିଜ ସୟୀଦ ଏବଂ ମସୁଦ ଆଝାରଙ୍କୁ ଭାରତକୁ ହସ୍ତାନର କରିବା ସପକ୍ଷରେ ସେ ଯୁକ୍ତି କରିଥିଲେ । ତାଙ୍କର ଏହି ବୟାନ ପାକିସ୍ତାନ ମୌଳବାଦୀଙ୍କ ଭିତରେ ନିଆଁ ଲଗାଇଦେଇଛି । ମୁନୀର ବି କ୍ଷୁବ୍ଧ । ଭୁଟ୍ଟୋ ମୁନୀରଙ୍କୁ ଯେଭଳି ପ୍ରହାର କରିଛନ୍ତି, ସେଥିରୁ ସାମରିକ ବିଦ୍ରୋହର ଆଭାସ ମିଳୁଥିବା କୁହାଯାଉଛି ।

## ମହାରାଷ୍ଟ୍ରରେ ଉଗ୍ର ହେଉଛି ଭାଷା ବିବାଦ

ମୁମ୍ବାଇ, ୭।୭ (ଏଜେନ୍ସି): ମୁମ୍ବାଇର ସ୍ଥାନୀୟ ପୌର ନିର୍ବାଚନ ପୂର୍ବରୁ ମରାଠୀକୁ ନେଇ ସୃଷ୍ଟି ହୋଇଥିବା ବିବାଦ ବଡ଼ ରାଜନୈତିକ ପ୍ରସଙ୍ଗ ପାଲଟି ଗଲାଣି । ଏମଏନଏସ ନେତା ହିନ୍ଦୀ ଭାଷଭାଷୀ ଲୋକଙ୍କ ସହ ମାର୍‌ପିଟ୍ କରୁଛନ୍ତି । ଏହା ମଧ୍ୟରେ ଏମଏନଏସ ଉପାଧ୍ୟକ୍ଷ ଜାଭେଦ ଶେଖ୍‌ଙ୍କ ପୁଅ ରାହିଲ ଅର୍ଦ୍ଧନଗ୍ନ ଅବସ୍ଥାରେ ଗାଡ଼ି ଚଳାଇ ନେଲ୍ ଆର୍ଟିଷ୍ଟ ରାଜଶ୍ରୀ ମୋରଙ୍କ କାର୍‌କୁ ଧକ୍କା ଦେବା ସହିତ ଧମକ ଦେଇଛନ୍ତି । ଏପରି ସମୟରେ ମହାରାଷ୍ଟ୍ର ମନ୍ତ୍ରୀ ଆଶୀଷ ସେଲାର ମୁମ୍ବାଇରେ ହିନ୍ଦୁଙ୍କ ଉପରେ ଆକ୍ରମଣକୁ ପହଲଗାମ ଆତଙ୍କବାଦୀ ଆକ୍ରମଣ ସହ ତୁଳନା କରିଛନ୍ତି । କିଛି ନେତା ହିନ୍ଦୁଙ୍କ ସହ ହେଉଥିବା ମାର୍‌ପିଟର ଆନନ୍ଦ ନେଉଛନ୍ତି । ମରାଠୀ ନ କହିବାରୁ ମିଠା ଦୋକାନ ମାଲିକଙ୍କୁ ଏମଏନଏସ କର୍ମୀ ମାଡ଼ ଏବଂ ନିବେଶକ ସୁଶୀଲ କେଡିଆଙ୍କ ଘର ଭଙ୍ଗାଯିବା ପରେ ମନ୍ତ୍ରୀ ଏହି ମନ୍ତବ୍ୟ ଦେଇଛନ୍ତି । ଅନ୍ୟପଟେ କେନ୍ଦ୍ରମନ୍ତ୍ରୀ ରାମଦାସ ଅଠାୱଲେ କିଛି ଦିନ ତଳେ ରାଜ୍ ଠାକରେ ଦେଇଥିବା ଟିପ୍ପଣୀକୁ ସମାଲୋଚନା କରି ଏହା ଦାଦାଗିରିକୁ ପ୍ରୋତ୍ସାହନ ଦେବ ବୋଲି କହିଛନ୍ତି । ଉତ୍ତର ପ୍ରଦେଶର ଜଣେ ପୂର୍ବତନ କମାଣ୍ଡୋ ପ୍ରବୀଣ କୁମାର ତେଓତିଆ କହିଛନ୍ତି ଯେ ୨୬/୧୧ ଆକ୍ରମଣ ବେଳେ ମୁଁ ଲୋକଙ୍କ ଜୀବନ ବଞ୍ଚାଇ ଥିଲି । ସେତେବେଳେ ଏମଏନଏସ କର୍ମୀ କୁଆଡେ ଚାଲି ଯାଇଥିଲେ?

### ଠାକରେଙ୍କୁ ନିଶିକାନ୍ତ ଦୁବେଙ୍କ ଧମକ

ଏବେ ବିଜେପି ସାଂସଦ ନିଶିକାନ୍ତ ଦୁବେ ରାଜ ଠାକେରଙ୍କୁ ଧମକ ଦେଇ କହିଛନ୍ତି ଯେ ଯଦି ନିଜ ରାଜ୍ୟରେ ତୁମେ ନିଜକୁ ବହୁତ ବଡ଼ ବସ୍ ଭାବୁଚ ତେବେ ବିହାର, ଉତ୍ତର ପ୍ରଦେଶ, ତାମିଲନାଡୁ ଆସ । ସେଠାରେ ତୁମକୁ ବୁଲାଇ ବୁଲାଇ ମାଡ଼ ମାରିବୁ ।

# ଆଜି ଦାରୁଦିଅଁଙ୍କ ରତ୍ନବେଦୀ ବିଜେ



## ଅପରାହ୍ଣ ୪ଟାରୁ ପହଣ୍ଡି ଆରମ୍ଭ

ପୁରୀ,୭।୭(ସମିସ): ଚଳିତବର୍ଷ ପାଇଁ ଶ୍ରୀମନ୍ଦିର ବାହାରେ ସରି ଆସୁଛି ମହାପ୍ରଭୁଙ୍କ ଲୀଳାଖେଳା। ପବିତ୍ର ବାହୁଡ଼ା ଯାତ୍ରାରେ ଜନ୍ମବେଦୀରୁ ବାହୁଡ଼ି ଆସିଛନ୍ତି ଦାରୁବ୍ରହ୍ମ। ସିଂହଦ୍ୱାର ସମ୍ମୁଖରେ ଦଣ୍ଡାୟମାନ ତିନିରଥ। ରଥାରୂଢ଼ ଠାକୁର ସୁନାବେଶରେ ଲକ୍ଷଲକ୍ଷ ଭକ୍ତଙ୍କୁ ଦର୍ଶନ ଦେଇ ସେମାନଙ୍କୁ କୃତାର୍ଥ କରିଛନ୍ତି। ସୋମବାର ରଥ ଉପରେ ସମ୍ପନ୍ନ ହୋଇଛି ଅଧରପଣା ନୀତି। ମଙ୍ଗଳବାର ନୀଳାଦ୍ରିବିଜେ। ଏହି ପବିତ୍ର ତିଥିରେ ରତ୍ନବେଦୀକୁ ବିଜେ କରିବେ ଦାରୁଦିଅଁ। ଏହାସହ ଶେଷ ହେବ ଶ୍ରୀଗୁଣ୍ଡିଚା ଯାତ୍ରା ଏବଂ ବୁଧବାରଠୁ ଭକ୍ତଙ୍କୁ ମିଳିବ ନୀଳାଚଳ ଅବଢ଼ା। ପୁଣି ଶ୍ରୀମନ୍ଦିରରେ ଲାଗିବ ଗହଳିଚହଳି। ନୀଳାଦ୍ରିବିଜେ ପାଇଁ ସମ୍ପୂର୍ଣ୍ଣ ପ୍ରସ୍ତୁତ ହୋଇ ରହିଛି ପ୍ରଶାସନ। ଜିଲ୍ଲା ପ୍ରଶାସନ, ପୁଲିସ ଓ ଶ୍ରୀମନ୍ଦିର ପ୍ରଶାସନ ନିଜ ନିଜର ପ୍ରସ୍ତୁତି ସାରିଛନ୍ତି। ଏହି ମହାନ୍ ପର୍ବର ଅନ୍ତିମ ଯାତ୍ରାକୁ ଶୃଙ୍ଖଳିତ କରିବା ପାଇଁ ସମସ୍ତେ ଅପେକ୍ଷାରତ। ନୀଳାଦ୍ରିବିଜେ ନୀତି ପାଇଁ ସ୍ୱତନ୍ତ୍ର ନୀତି ନିର୍ଘଣ୍ଟ ହୋଇଛି। ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ମିଳିଥିବା ସୂଚନା ଅନୁଯାୟୀ, ରଥ ଉପରେ ଠାକୁରଙ୍କ ନୀତିକୁ ତ୍ୱରାନ୍ୱିତ କରି ଅପରାହ୍ଣ ୪ଟା ସୁଦ୍ଧା ଚତୁର୍ଦ୍ଧାବିଗ୍ରହଙ୍କ ପହଣ୍ଡି ଆରମ୍ଭ ହେବ।

## ଶ୍ରୀମନ୍ଦିରରେ ଗୋଟିଏ ଦିନ ରସଗୋଲା ଭୋଗ

ପୁରୀ,୭।୭(ସମିସ): ଶ୍ରୀଗୁଣ୍ଡିଚା ଯାତ୍ରାର ଶେଷ ପର୍ବ ନୀଳାଦ୍ରିବିଜେରେ ଶ୍ରୀଜୀଉମାନେ ରତ୍ନସିଂହାସନକୁ ବିଜେ କରିଥା'ନ୍ତି। ଏହି ଗୋଟିଏ ଦିନ ହିଁ ଶ୍ରୀମନ୍ଦିରରେ ରସଗୋଲା ଭୋଗ ହୋଇଥାଏ। ଏ ସମ୍ପର୍କରେ ଶ୍ରୀଜଗନ୍ନାଥ ସଂସ୍କୃତି ଗବେଷକ ଡ. ନରେଶ ଚନ୍ଦ୍ର ଦାଶ କୁହନ୍ତି,

### ରସଗୋଲା ଖୁଆଇ ଲକ୍ଷ୍ମୀ ସାଆନ୍ତାଣୀଙ୍କ ମାନଭଞ୍ଜନ କରନ୍ତି ମହାପ୍ରଭୁ

ନୀଳାଦ୍ରିବିଜେ ଦିନ ତିନିରଥରେ ମହାପ୍ରଭୁଙ୍କ ସନ୍ଧ୍ୟାଧୂପ ନୀତି ବଢ଼ିବା ପରେ ପ୍ରତି ରଥରେ ଚାରମାଳ ବନ୍ଧା ଯାଇଥାଏ। ବିଜେ କାହାଳୀ ବାଜିବା ପରେ ବନ୍ଦାପନା ଓ ଭୋଗଲାଗି ନୀତି ସମ୍ପନ୍ନ ହୁଏ। ପ୍ରଥମେ ମହାଜନ ସେବକ ମଦନମୋହନ, ରାମ ଓ କୃଷ୍ଣ ବିଗ୍ରହଙ୍କୁ ହସ୍ତରେ ଧରି ଦକ୍ଷିଣୀଘରକୁ ବିଜେ କରାଇଥା'ନ୍ତି। ପରେ ଗୋଟିପହଣ୍ଡି କ୍ରମରେ ଶ୍ରୀସୁଦର୍ଶନ, ଶ୍ରୀବଳଭଦ୍ର ଓ ଦେବୀ ସୁଭଦ୍ରାଙ୍କୁ ରତ୍ନସିଂହାସନକୁ ନିଆଯାଏ। ମହାପ୍ରଭୁ ଶ୍ରୀଜଗନ୍ନାଥ ପହଣ୍ଡି ବିଜେ କରି ଚାର ଉପରକୁ ଓହ୍ଲାଇ ଆସିଲେ ମହାଲକ୍ଷ୍ମୀ ଠାକୁରାଣୀ ରୋଷଘର ନିକଟବର୍ତ୍ତୀ ଭେଟ ମଣ୍ଡପକୁ ଆସିଥା'ନ୍ତି। ମହାପ୍ରଭୁ ଓ ମହାଲକ୍ଷ୍ମୀଙ୍କର ଭେଟ ହୋଇଥାଏ। ଏହାପରେ ମା' ଲକ୍ଷ୍ମୀ ଠାକୁରାଣୀଙ୍କ ତରଫରୁ ଭିତରଚ୍ଛ ମହାପାତ୍ର ଓ ଶ୍ରୀଜଗନ୍ନାଥଙ୍କ ପକ୍ଷରୁ ପତିମହାପାତ୍ର ସେବକ ବନ୍ଦାପନା ନୀତି ବଢ଼ାଇଥା'ନ୍ତି।

ପରମ୍ପରା ଅନୁଯାୟୀ, ପହଣ୍ଡି ବିଜେ କରି ମହାପ୍ରଭୁ ଶ୍ରୀଜଗନ୍ନାଥ ସିଂହଦ୍ୱାର ନିକଟରେ ପହଞ୍ଚିବା ବେଳେ କିଛି ସମୟ ପାଇଁ ଦ୍ୱାର ବନ୍ଦ ରହେ ଓ ପରେ ଖୋଲି ଦିଆଯାଏ। ମହାପ୍ରଭୁ ଜୟବିଜୟ ଦ୍ୱାର ନିକଟରେ ବିଜେ କରିବା ସମୟରେ ଏହି ଦ୍ୱାରକୁ ଭିତରପଟୁ ବନ୍ଦ କରାଯାଏ। ଲକ୍ଷ୍ମୀ ଠାକୁରାଣୀଙ୍କ ତରଫରୁ ଜୟବିଜୟ ଦ୍ୱାରର ଭିତରପଟେ ଜଣେ ଓ ମହାପ୍ରଭୁଙ୍କ ପକ୍ଷରୁ ଜଣେ ଦ୍ୱାରର ଅପରପାର୍ଶ୍ୱରେ ରହନ୍ତି। ଉଭୟଙ୍କ ମଧ୍ୟରେ ଲୋକ ପରମ୍ପରାଗତ ବଚନିକା ହୁଏ। ବଚନିକା ପରେ ଜୟବିଜୟ ଦ୍ୱାର ଖୋଲାଯାଏ। ମହାପ୍ରଭୁ ପହଣ୍ଡିରେ ଯାଇ ଭଣ୍ଡାର ଘର ସମ୍ମୁଖରେ ପହଞ୍ଚିବା ପରେ ରୁକ୍ମିଣୀ ବିବାହକାଳୀନ ଗଇଁଠାଳ ଫିଟେ। ଭିତରଚ୍ଛ ମହାପାତ୍ର ବନ୍ଦାପନା ଓ ରସଗୋଲା ଭୋଗ କରିଥା'ନ୍ତି। ପରେ ଘଷାବିଡ଼ିଆ ମଣୋହି ସରିଲେ ମହାପ୍ରଭୁ ରତ୍ନସିଂହାସନକୁ ବିଜେ କରିଥା'ନ୍ତି। ବର୍ଷକ ମଧ୍ୟରେ ଏହି ଗୋଟିଏ ଦିନ ଶ୍ରୀମନ୍ଦିର ଭିତରେ ରସଗୋଲା ଭୋଗ କରାଯାଇଥାଏ।

## ଡ୍ରାଇଭର୍‌ଙ୍କ ଷ୍ଟିୟରିଂ ଛାଡ଼ ଆଜି

### ସାରା ରାଜ୍ୟରେ ଆନ୍ଦୋଳନକୁ ଓହ୍ଲାଇବେ ଗାଡ଼ି ଚାଳକ

ଭୁବନେଶ୍ୱର, ୭।୭ (ସମିସ): ୭ ଦଫା ଦାବି ନେଇ ମଙ୍ଗଳବାରଠାରୁ ସାରା ରାଜ୍ୟରେ ଷ୍ଟିୟରିଂ ଛାଡ଼ ଆନ୍ଦୋଳନ କରିବ ଓଡ଼ିଶା ଡ୍ରାଇଭର ମହାସଙ୍ଘ। ଦାବି ପୂରଣ ନହେବା ଯାଏଁ ଅନିର୍ଦ୍ଦିଷ୍ଟ କାଳ ପର୍ଯ୍ୟନ୍ତ ଏହି ଆନ୍ଦୋଳନ ଜାରି ରହିବ ବୋଲି ମହାସଂଘ ପକ୍ଷରୁ କୁହାଯାଇଛି। ମାସେ

### ୭ଦଫା ଦାବି ପୂରଣ ପାଇଁ ଆନ୍ଦୋଳନ ଡକରା

ତଳେ ମହାସଂଘ ଏକ ସାମ୍ବାଦିକ ସମ୍ମିଳନୀ ଜରିଆରେ ସରକାରଙ୍କ ଆଗରେ ଦାବି ଉପସ୍ଥାପନ କରିଥିଲା। କିନ୍ତୁ ଉକ୍ତ ଦାବି ପୂରଣ ହୋଇନଥିବାରୁ ମଙ୍ଗଳବାରଠାରୁ ରାଜ୍ୟର ସମସ୍ତ ଗାଡ଼ି ଚାଳକ ଆନ୍ଦୋଳନକୁ ଓହ୍ଲାଇବାକୁ ନିଷ୍ପତ୍ତି ନେଇଛନ୍ତି। ଅନ୍ୟପଟେ ଗାଡ଼ି ଚାଳକମାନଙ୍କ ଦ୍ୱାରା ଦିଆଯାଇଥିବା ଏହି ଆନ୍ଦୋଳନ ଡାକରାକୁ ରାଜ୍ୟ ଘରୋଇ ବସ୍ ମାଲିକ ସଂଘ ଓ ଟ୍ରକ୍ ମାଲିକ ସଂଘ ସମର୍ଥନ ଜଣାଇଛି। ତେଣୁ ସାରା ରାଜ୍ୟରେ ଏହି ଆନ୍ଦୋଳନର ଜୋରଦାର୍ ପ୍ରଭାବ ପଡ଼ିବାର ଆଶଙ୍କା ସୃଷ୍ଟି ହୋଇଛି।

ମହାସଂଘ ପକ୍ଷରୁ କୁହାଯାଇଛି ଯେ ବିଗତ ଦିନରୁ ଡ୍ରାଇଭରମାନଙ୍କ ବିଭିନ୍ନ ସମସ୍ୟା ସଂପର୍କରେ ସରକାରଙ୍କୁ ଅବଗତ କରାଯାଇଛି। ଏହି ସମୟ ମଧ୍ୟରେ ଡ୍ରାଇଭର୍‌ମାନଙ୍କର କେବଳ ଗୋଟିଏ ଦାବି ପୂରଣ ହୋଇଛି। ଗତ ମାର୍ଚ୍ଚ ୨୯ରୁ ୬ ଦିନ ପର୍ଯ୍ୟନ୍ତ ଗାନ୍ଧୀମାର୍ଗରେ ଡ୍ରାଇଭରମାନେ ଶାନ୍ତିପୂର୍ଣ୍ଣ ଧାରଣା ଦେଇଥିଲେ। ହେଲେ ସରକାର ଡ୍ରାଇଭରମାନଙ୍କ ଦାବି ପୂରଣ ନେଇ କୌଣସି ପଦକ୍ଷେପ ନେଇନାହାନ୍ତି। ଫଳରେ ଡ୍ରାଇଭରମାନଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଉଛି ଏବଂ ସମସ୍ତ ଡ୍ରାଇଭର୍ ବଡ଼ ଆନ୍ଦୋଳନକୁ ଯିବା ପାଇଁ ନିଷ୍ପତ୍ତି ନେଇଛନ୍ତି।

ସୂଚନାଥାଉ କି ମହାସଂଘର ଦାବିଗୁଡ଼ିକ ହେଲା, ଡ୍ରାଇଭର୍ ଉନ୍ନୟନ ବୋର୍ଡରେ ଅଟୋ ଚାଳକଙ୍କୁ ସାମିଲ କରିବା ସହ ଜନସାଧାରଣଙ୍କ ଆକ୍ରୋଶର ଶିକାର ହେଉଥିବା ଡ୍ରାଇଭରଙ୍କ ସୁରକ୍ଷା ପାଇଁ ସ୍ୱତନ୍ତ୍ର ଆଇନ, ୬୦ ବର୍ଷ ପରେ ସ୍ୱତନ୍ତ୍ର ଭତ୍ତା, ଗାଡ଼ି ପାଇଁ ପାର୍କିଂସ୍ଥଳ ଓ ଡ୍ରାଇଭରଙ୍କ ବିଶ୍ରାମ ପାଇଁ ସ୍ଥାନ, ଖଣି ଖାଦାନ ଏବଂ କାରଖାନାରେ ୭୦ପ୍ରତିଶତ ଓଡ଼ିଆ ଡ୍ରାଇଭର ନିଯୁକ୍ତି ଓ ସେପ୍ଟେମ୍ବର ୧କୁ ଡ୍ରାଇଭର ଦିବସ ଘୋଷଣା ଇତ୍ୟାଦି।

## ଲଘୁଚାପ ବର୍ଷା ଜାରି
## ଆଜି ମୁଣ୍ଡଳୀରୁ ବନ୍ୟା ଜଳ

ଭୁବନେଶ୍ୱର,୭।୭(ସମିସ): ଗାଙ୍ଗେୟ ପଶ୍ଚିମବଙ୍ଗ ଏବଂ ଏହାର ଆଖପାଖ ଅଞ୍ଚଳରେ ସକ୍ରିୟ ଲଘୁଚାପ ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଜାରି ରହିଛି। ଏହି ଲଘୁଚାପ କ୍ଷେତ୍ରଟି ଆଗାମୀ ୨ ଦିନ ମଧ୍ୟରେ ଝାଡ଼ଖଣ୍ଡ ଏବଂ ଉତ୍ତର ଛତିଶଗଡ଼ ଦେଇ ଧୀରେ ଧୀରେ ପଶ୍ଚିମ-ଉତ୍ତରପଶ୍ଚିମ ଆଡ଼କୁ ଗତି କରିବାର ସମ୍ଭାବନା ରହିଛି। ଏହା ପ୍ରଭାବରେ ଓଡ଼ିଶାର ସୀମାନ୍ତବର୍ତ୍ତୀ ଜିଲ୍ଲାଗୁଡ଼ିକ ସମେତ ମହାନଦୀର ଉପରମୁଣ୍ଡ ଅର୍ଥାତ ଛତିଶଗଡ଼ରେ ମଧ୍ୟ ପ୍ରବଳ ବର୍ଷା ଆଶଙ୍କା ରହିଛି। ଅନ୍ୟପଟେ ଏହି ଲଘୁଚାପ ପ୍ରଭାବରେ ରାଜ୍ୟରେ ଲାଗିରହିଥିବା ବର୍ଷା ସ୍ଥିତି ଯୋଗୁଁ ବର୍ତ୍ତମାନ ଅଧିକାଂଶ ନଦୀର ଜଳସ୍ତର ଅଧିକ ରହିଛି। ବିଶେଷକରି ଉତ୍ତର ଓଡ଼ିଶା ମଧ୍ୟ ଦେଇ ଯାଇଥିବା ନଦୀଗୁଡ଼ିକର ଜଳସ୍ତର ଅଧିକ ରହିଥିବା ବେଳେ ମଙ୍ଗଳବାର ମହାନଦୀରେ ମୁଣ୍ଡଳୀଠାରେ ଚଳିତ ବର୍ଷ ପ୍ରଥମ ବନ୍ୟା ଜଳ ପ୍ରବାହିତ ହେବାକୁ ଯାଉଛି।

ତେବେ ରାଜ୍ୟରେ ବନ୍ୟା ସ୍ଥିତି ନାହିଁ ବୋଲି ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀ ସୂଚନା ଦେଇଛନ୍ତି। ମନ୍ତ୍ରୀ କହିଛନ୍ତି ଯେ କୌଣସି ନଦୀର ଜଳସ୍ତର ବର୍ତ୍ତମାନ ବିପଦ ସଙ୍କେତ ଉପରେ ନାହିଁ। ଅତ୍ୟଧିକ ବର୍ଷା ଯୋଗୁଁ ଭଦ୍ରକ, ଝାରସୁଗୁଡ଼ା ଓ ସୁନ୍ଦରଗଡ଼ରେ କିଛି କ୍ଷୟକ୍ଷତି ହୋଇଛି। ରିପୋର୍ଟ ଆସିଲେ କ୍ଷତିପୂରଣ ପ୍ରଦାନ କରାଯିବ। ତଳି ଅଞ୍ଚଳରେ ବର୍ଷା ପାଣି ରହିଛି, କିନ୍ତୁ କେଉଁଠି ବି ବନ୍ୟା ପାଣି ପଶିନାହିଁ। ଏହାସତ୍ତ୍ୱେ ଜିଲ୍ଲାପାଳମାନଙ୍କୁ ପ୍ରସ୍ତୁତ ରହିବାକୁ ନିର୍ଦ୍ଦେଶ ଦିଆଯାଇଛି। ରିଲିଫ ଏବଂ ବନ୍ୟା ଆଶ୍ରୟ ସ୍ଥଳୀ ପ୍ରସ୍ତୁତ ରହିଛି। ଓଡ୍ରାଫ୍, ଏନ୍‌ଡିଆର୍‌ଏଫ୍ ଟିମ୍ ମୁତୟନ ଅଛନ୍ତି। ଯଦି ବନ୍ୟା ସ୍ଥିତି ଉପୁଜେ ତେବେ ମୁକାବିଲା ପାଇଁ ସରକାର ପ୍ରସ୍ତୁତ ଅଛନ୍ତି ବୋଲି ମନ୍ତ୍ରୀ କହିଛନ୍ତି। ଅନ୍ୟପଟେ ହୀରାକୁଦରେ ଏବେ ୨୦ଟି ଗେଟ୍ ଦେଇ ବନ୍ୟା ଜଳ ନିଷ୍କାସିତ ହେଉଛି। ମଙ୍ଗଳବାର ସକାଳ ୬ଟା ପରେ ମୁଣ୍ଡଳୀରେ ଏହି ବନ୍ୟାଜଳ ପହଁଚିବ। ମୁଣ୍ଡଳୀଠାରେ ୪.୫ ଲକ୍ଷ କ୍ୟୁସେକ୍ ଜଳ ପ୍ରବାହିତ ହେବ। ଆଗାମୀ ଦିନରେ ବର୍ଷା ଅଧିକ ହେଲେ ଅଧିକ ଗେଟ୍ ଖୋଲା ହେବାର ଆଶଙ୍କା ରହିଛି।

## ବଜ୍ରପାତରେ ଟଳିପଡ଼ିଲେ ୩ ଚାଷୀ

ଭଦ୍ରକ/ତିହିଡ଼ି/ଖଇରା/ସିମୁଳିଆ, ୭।୭ (ସମିସ): ଭଦ୍ରକ ଓ ବାଲେଶ୍ୱର ଜିଲ୍ଲାରେ ଆଜି ବଜ୍ରପାତରେ ୨ଭାଇଙ୍କ ସମେତ ୩ଚାଷୀଙ୍କ ଜୀବନ ଯାଇଛି। ମୃତକମାନେ ହେଲେ, ତିହିଡ଼ି ବ୍ଲକ୍ ଅନ୍ତର୍ଗତ ହରସିଂପୁର ପଞ୍ଚାୟତର ଚଣ୍ଡୀସାହି ଗାଁର ମଦନ ମହାରଣା (୬୦) ଓ ହୃଦାନନ୍ଦ ମହାରଣା (୫୫) ଏବଂ ଖଇରା ବ୍ଲକ୍ ଅଧୀନ କୁରୁଣ୍ଟା ଗ୍ରାମର ଯୁବ ଚାଷୀ ଚନ୍ଦ୍ରକାନ୍ତ ପଣ୍ଡା (୨୫)। ସେହିପରି ଅନ୍ୟ ଜଣେ ଚାଷୀ ଗିରିଧାରୀ ମହାଳିକ ଗୁରୁତର ଆହତ ହୋଇଛନ୍ତି।



ସୂଚନାନୁଯାୟୀ, ମଦନ ଓ ହୃଦାନନ୍ଦ ଦୁଇଭାଇ। ସେମାନେ ଆଜି ମଧ୍ୟାହ୍ନରେ ଗିରିଧାରୀଙ୍କ ସହ ବିଲକୁ କାମ କରିବାକୁ ଯାଇଥିଲେ। ଏହି ସମୟରେ ପ୍ରବଳ ବର୍ଷା ସହ ବଜ୍ରପାତ ହେବାରୁ ସେମାନେ ନିକଟରେ ଥିବା କୁଡ଼ିଆରେ ଆଶ୍ରୟ ନେଇଥିଲେ। ସେଠାରେ ବଜ୍ରପାତ ହେବାରୁ ୩ଜଣ ଯାକ ଗୁରୁତର ଆହତ ହୋଇଥିଲେ। ତେବେ ସୌଭାଗ୍ୟକୁ ସେଠାରେ ଉପସ୍ଥିତ ଥିବା ଅନ୍ୟ ୨ ଜଣ ବ୍ୟକ୍ତି ମେଘୁଆ ମହାଳିକ, ଜୟଦେବ ମହାରଣା ଅଳ୍ପକେ ବର୍ତ୍ତି ଯାଇଥିଲେ। ଗୁରୁତରମାନଙ୍କୁ ତୁରନ୍ତ ତିହିଡି ମେଡିକାଲରେ ଭର୍ତ୍ତି କରାଯାଇଥିଲା। ସେଠାରେ ଡାକ୍ତର ମଦନ ଓ ହୃଦାନନ୍ଦଙ୍କୁ ମୃତ ଘୋଷଣା କରିଥିଲେ। ଖବର ପାଇ ପୀରହାଟ ପ୍ରଦେଶ ସେବା ସଙ୍ଗଠନର କର୍ମକର୍ତ୍ତା ମୃତାହତଙ୍କ ପରିବାରକୁ ଭେଟି ସମବେଦନା ଜଣାଇଛନ୍ତି। ସେହିପରି ବାଲେଶ୍ୱର ଜିଲ୍ଲା ଖଇରା ବ୍ଲକ୍ ଅଧୀନ କୁରୁଣ୍ଟା ଗ୍ରାମର ଯୁବଚାଷୀ ଚନ୍ଦ୍ରକାନ୍ତ ଆଜି ଅପରାହ୍ଣରେ ବିଲରେ ହଳ କରାଉଥିବା ବେଳେ ବଜ୍ରପାତରେ ସଂଜ୍ଞାହୀନ ହୋଇପଡ଼ିଥିଲେ। ଚିକିତ୍ସା ଲାଗି ପରିବାରଲୋକ ତାଙ୍କୁ ସିମୁଳିଆ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଇଥିଲେ। କିନ୍ତୁ ଡାକ୍ତର ସେଠାରେ ତାଙ୍କୁ ମୃତ ଘୋଷଣା କରିଥିଲେ। ଚନ୍ଦ୍ରକାନ୍ତଙ୍କ ଆକସ୍ମିକ ମୃତ୍ୟୁରେ ସମଗ୍ର କୁରୁଣ୍ଟା ଅଞ୍ଚଳରେ ଶୋକର ଛାୟା ଖେଳି ଯାଇଛି।

### ବିଜେପି ବିଧାୟକ ସନ୍ତୋଷ ଖଟୁଆଙ୍କ ଅଶାଳୀନ ମନ୍ତବ୍ୟ ମାମଲା

## ରାଜ୍ୟ ମହିଳା କମିସନଙ୍କ ଦ୍ୱାରସ୍ଥ ହେଲା ବିଜେଡି

ଭୁବନେଶ୍ୱର,୭।୭(ସମିସ): ବିଜେଡିର ବରିଷ୍ଠ ସାଧାରଣ ସମ୍ପାଦିକା ଡଃ ଲେଖାଶ୍ରୀ ସାମନ୍ତସିଂହାରଙ୍କ ପ୍ରତି ବିଜେପି ବିଧାୟକ ସନ୍ତୋଷ ଖଟୁଆ ଦେଇଥିବା ଅଶାଳୀନ ମନ୍ତବ୍ୟକୁ ନେଇ ମହିଳା କମିଶନଙ୍କ ଦ୍ୱାରସ୍ଥ ହୋଇଛି ଦଳ। ସୋମବାର ଦଳର ଏକ ପ୍ରତିନିଧି ମଣ୍ଡଳୀ ରାଜ୍ୟ ମହିଳା କମିସନଙ୍କୁ ଏକ ସ୍ମାରକ ପତ୍ର ପ୍ରଦାନ କରିଛନ୍ତି। ବିଧାୟକ ଶ୍ରୀ ଖଟୁଆ ଜଣେ ନାରୀ ନେତ୍ରୀଙ୍କ ପ୍ରତି ଦେଇଥିବା ଅଶାଳୀନ ମନ୍ତବ୍ୟ କୌଣସି ସଭ୍ୟ ସମାଜରେ ଗ୍ରହଣୀୟ ନୁହେଁ। ଶ୍ରୀ ଖଟୁଆଙ୍କ ମନ୍ତବ୍ୟ କେବଳ ଲେଖାଶ୍ରୀଙ୍କର ସମ୍ମାନ ଉପରେ ନୁହଁ; ବରଂ ସମଗ୍ର ନାରୀ ଜାତିର ମାନ ସମ୍ମାନ ଉପରେ ଆଞ୍ଚ ଆଣିଛି ବୋଲି ସ୍ମାରକପତ୍ରରେ କୁହାଯାଇଛି। ଏହା ପୂର୍ବରୁ ଡଃ ସାମନ୍ତସିଂହାର ମହିଳା ଥାନାରେ ଏକ ଏଫଆଇଆର ଦାଖଲ କରିଥିଲେ, ଯାହା ପଞ୍ଜିକୃତ ହୋଇଛି।



- ବିଧାୟକଙ୍କ ମନ୍ତବ୍ୟ କୌଣସି ସଭ୍ୟ ସମାଜରେ ଗ୍ରହଣୀୟ ନୁହେଁ
- ମହିଳାଙ୍କୁ ନ୍ୟାୟ ପ୍ରଦାନ କ୍ଷେତ୍ରରେ, ରାଜ୍ୟ ସରକାର ଆଦୌ ତତ୍ପର ନୁହନ୍ତି
- ଏକ ବର୍ଷ ହେଲା ଖାଲି ପଡ଼ିଛି ରାଜ୍ୟ ମହିଳା କମିସନ ପଦବୀ

ପୂର୍ବତନ ମନ୍ତ୍ରୀ ତଥା ଦଳର ବରିଷ୍ଠ ସାଧାରଣ ସମ୍ପାଦିକା ଟୁକୁନି ସାହୁଙ୍କ ନେତୃତ୍ୱରେ ଏକ ପ୍ରତିନିଧି ମଣ୍ଡଳୀ ଆଜି ରାଜ୍ୟ ମହିଳା କମିସନଙ୍କ ଅଫିସକୁ ଯାଇ ନୀଳଗିରି ବିଧାୟକ ସନ୍ତୋଷ ଖଟୁଆ ଦେଇଥିବା ଅଶାଳୀନ ମନ୍ତବ୍ୟ ମାମଲାରେ ମହିଳା କମିସନଙ୍କ ଉଦ୍ଦେଶ୍ୟରେ ଏକ ସ୍ମାରକପତ୍ର ପ୍ରଦାନ କରିଥିଲେ।

ଏ ନେଇ ଗଣମାଧ୍ୟମକୁ ନିଜର ମନ୍ତବ୍ୟ ଦେଇ ଶ୍ରୀମତୀ ସାହୁ କହିଥିଲେ ଯେ ରାଜ୍ୟରେ ଗତ ଏକ ବର୍ଷର ବିଜେପି ଶାସନରେ ନାରୀମାନଙ୍କ ଉପରେ ଅତ୍ୟାଚାର ଓ ଦୁଷ୍କର୍ମ ଅହେତୁକ ବୃଦ୍ଧି ପାଇଛି। ସରକାରୀ ଦଳର ବିଧାୟକ ହୋଇ ନାରୀ ଜାତି ପ୍ରତି ଏପରି ଅଶାଳୀନ ମନ୍ତବ୍ୟ, ଅପରାଧିକ ମନସ୍ତତ୍ତ୍ୱକୁ ଦର୍ଶାଇବା ସହିତ ଅପରାଧୀଙ୍କ ମନୋବଳକୁ ବୃଦ୍ଧି କରୁଛି। ମହିଳାଙ୍କୁ ସୁରକ୍ଷା ପ୍ରଦାନ ପାଇଁ ସରକାର ଆଦୌ ତତ୍ପର ନାହାନ୍ତି। ବିଜେପି ସରକାର କ୍ଷମତାକୁ ଆସିବାର ଏକବର୍ଷ ପୂରଣ ହୋଇଥିବା ବେଳେ ସରକାର ବର୍ଷ ପୂର୍ତ୍ତି ପାଳନରେ ବ୍ୟସ୍ତ ଅଛନ୍ତି। କିନ୍ତୁ ମହିଳାଙ୍କ ସ୍ୱାର୍ଥକୁ ଅଣଦେଖା କରିଚାଲିଛନ୍ତି। ଗତ ଏକ ବର୍ଷ ହେଲାଣି ରାଜ୍ୟ ମହିଳା କମିସନ ପଦ ଖାଲି ପଡିଛି। ମହିଳା କମିସନ କାର୍ଯ୍ୟାଳୟରେ ସମ୍ପାଦକ ମଧ୍ୟ ନାହାନ୍ତି। ତେଣୁ ଆଜି ଭାରପ୍ରାପ୍ତ ସମ୍ପାଦକଙ୍କୁ ସ୍ମାରକପତ୍ର ଦିଆଯାଇଛି। ବିଧାୟକ ଶ୍ରୀ ଖଟୁଆଙ୍କ ବିରୋଧରେ କମିଶନ ଉପଯୁକ୍ତ କାର୍ଯ୍ୟାନୁଷ୍ଠାନ ନେବେ ବୋଲି ଆଶା ରହିଛି। ଏହି ମାମଲାରେ କୌଣସି କାର୍ଯ୍ୟାନୁଷ୍ଠାନ ନ ନେଲେ, ଦଳ ରାଜରାସ୍ତାକୁ ଓହ୍ଲାଇବ ବୋଲି ଶ୍ରୀମତୀ ସାହୁ ଚେତାବନୀ ଦେଇଥିଲେ।

ପ୍ରତିନିଧିମଣ୍ଡଳୀରେ ପୂର୍ବତନ ସାଂସଦ ତଥା ବରିଷ୍ଠ ସାଧାରଣ ସମ୍ପାଦିକା ରାଜଶ୍ରୀ ମଲ୍ଲିକ, ସାଧାରଣ ସମ୍ପାଦକ ମନ୍ମଥ ରାଉତରାୟ, ଗଣମାଧ୍ୟମ ସଂଯୋଜକ ଡ. ପ୍ରିୟବ୍ରତ ମାଝୀ, ଲୋରା ମହାପାତ୍ର, ମାନସୀ ସୁନ୍ଦରାୟ, ଅଂଶୁ ତ୍ରିପାଠୀ, ରକି ଦାସ, ମୋନାଲିସା ଗନ୍ତାୟତ, ଇଲା ସ୍ୱାଇଁ, ସଂଗ୍ରାମ ସାମଲ ପ୍ରମୁଖ ସାମିଲ ଥିଲେ।

## ଏଟିଏମ୍ କାଟି ଲୁଟିନେଲେ ୧୭ ଲକ୍ଷ

ସୋର, ୭।୭ (ସମିସ): ବାଲେଶ୍ୱର ଜିଲ୍ଲା ସୋର ବ୍ଲକ୍ ମହୁମୁହାଣ ପଞ୍ଚାୟତର ଯୋଡ଼ାମ୍ବ ଛକରେ ଥିବା ଏକ ଏସ୍‌ବିଆଇ ଏଟିଏମ୍‌ରୁ ବଡ଼ଧରଣର ଲୁଟ୍ ହୋଇଛି। ଦୁର୍ବୃତ୍ତମାନେ ଗ୍ୟାସ୍ କଟର୍‌ରେ ଏଟିଏମ୍ ମେସିନ୍‌କୁ କାଟି ସେଥିରେ ଥିବା ୧୭ ଲକ୍ଷରୁ ଊର୍ଦ୍ଧ୍ୱ ଟଙ୍କା ଲୁଟି ନେଇଛନ୍ତି। ଗତକାଲି ବିଳମ୍ବିତ ରାତିରେ ଏହି ଆପରାଧିକ ଘଟଣା ଘଟିଛି। ଖବର ପାଇ ଆଜି ସାଇଣ୍ଟିଫିକ ଟିମ୍ ଓ ସନ୍ଧାନୀ କୁକୁର ସହ ସୋର ଥାନାଧିକାରୀ ସୁଦୀପ୍ତ ସାହୁ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିଛନ୍ତି। ଏଟିଏମ୍ କାଉଣ୍ଟର୍‌ରେ ଲାଗିଥିବା ସିସିଟିଭି କ୍ୟାମେରାରେ ଦୁର୍ବୃତ୍ତମାନେ କଳା ରଙ୍ଗ ସ୍ପ୍ରେ' କରିଦେଇଥିବାରୁ ଫୁଟେଜ୍‌ରୁ ଅଭିଯୁକ୍ତମାନଙ୍କୁ ଧରିବା ପୁଲିସ୍ ପାଇଁ ଆହ୍ୱାନ ହୋଇଛି। ସୂଚନାନୁଯାୟୀ, ଏହି ଏସ୍‌ବିଆଇ ଏଟିଏମ୍‌ଟି ଏକ ଭଡ଼ା ଘରେ ଚାଲିଛି। ଗତ ବିଳମ୍ବିତ ରାତିରେ ୫ରୁ ୬ଜଣ ଦୁର୍ବୃତ୍ତ ଏଟିଏମ୍‌ରୁ ଟଙ୍କା ଲୁଟ୍ ପାଇଁ ଆସିଥିଲେ। ପ୍ରଥମେ ସେମାନେ ଏଟିଏମ୍ କାଉଣ୍ଟର୍‌ରେ ଲାଗିଥିବା ସିସିଟିଭି କ୍ୟାମେରା ଉପରେ କଳାରଙ୍ଗ ସ୍ପ୍ରେ' କରି ଦେଇଥିଲେ। ପରେ ଗ୍ୟାସ୍ କଟର୍‌ରେ ଏଟିଏମ୍ ମେସିନ୍‌କୁ କାଟି ସେଥିରେ ଥିବା ଟଙ୍କା ଲୁଟ୍ କରିଥିଲେ।

## ଡାକ୍ତରୀ ସେବା ସ୍ତରରେ ବଡ଼ଧରଣର ଅଦଳବଦଳ

ଭୁବନେଶ୍ୱର,୭।୭(ସମିସ): ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ଡାକ୍ତରୀ ସେବା ସ୍ତରରେ ବଡ଼ଧରଣର ଅଦଳବଦଳ କରାଯାଇଛି। ପ୍ରଫେସର ଡା. ସୁଚିତ୍ର ଦାସଙ୍କୁ ଏମ୍‌କେସିଜି ଏମ୍‌ସିଏଚ୍ ବ୍ରହ୍ମପୁରର ଡିନ୍ ଏବଂ ଅଧ୍ୟକ୍ଷ ଭାବେ ନିଯୁକ୍ତି ଦିଆଯାଇଛି। ସେହିପରି ପ୍ରଫେସର ଡା.ଦୁର୍ଗା ମାଧବ ଶତପଥୀଙ୍କୁ ଏମ୍‌କେସିଜି ଏମ୍‌ସିଏଚ୍ ବ୍ରହ୍ମପୁରର ଅଧୀକ୍ଷକ, ପ୍ରଫେସର ଡା. ହରେକ୍ରୀଷ୍ଣ ଦଳେଇଙ୍କୁ ଏସ୍‌ଏଲ୍‌ଏନ୍ ଏମ୍‌ସିଏଚ୍, କୋରାପୁଟ୍ ଡିନ୍ ଏବଂ ଅଧ୍ୟକ୍ଷ, ପ୍ରଫେସର ଡା. ଗୀତା ସାହୁଙ୍କୁ ଜିଏମ୍‌ସି ସୁନ୍ଦରଗଡ଼ ଡିନ୍ ଏବଂ ଅଧ୍ୟକ୍ଷ, ପ୍ରଫେସର ଡା. ବି. ଦାସଙ୍କୁ ବିବି ଏମ୍‌ସିଏଚ୍, ବଲାଙ୍ଗିରର ଅଧୀକ୍ଷକ ଏବଂ ପ୍ରଫେସର ଡା. ନିର୍ମଳ ଚନ୍ଦ୍ର ସାହାଣୀଙ୍କୁ ଜିଏମ୍‌ସିଏଚ୍, ସୁନ୍ଦରଗଡ଼ର ଅଧୀକ୍ଷକ ଭାବେ ନିଯୁକ୍ତି ଦିଆଯାଇଛି। ସେହିପରି ପ୍ରଫେସର ଡା. ସୁଭ୍ରା ଘୋଷଙ୍କ ବଦଳିକୁ ରଦ୍ଦ କରାଯାଇ ଓଆଣ୍ଡଜି, ଏସ୍‌ସିବି ଏମ୍‌ସିଏଚ୍‌ର କଟକରେ ପ୍ରଫେସର ଭାବେ ନିଯୁକ୍ତ ଦିଆଯାଇଛି। ପ୍ରଫେସର ଡା. ସାରଦା ପ୍ରସନ୍ନ ସ୍ୱାଇଁ ମଧ୍ୟ ପ୍ରଫେସର ସାଇକ୍‌ଆଟ୍ରିକ୍ ଭାବେ ଅବସ୍ଥାପିତ ରହିବେ। ପ୍ରଫେସର ଡା. ବ୍ରଜ କିଶୋର ଦାସଙ୍କୁ ପିଆର୍‌ଏମ୍ ଏମ୍‌ସିଏଚ୍, ବାରିପଦାରେ ପ୍ରଫେସର ଏଫ୍‌ଏମ୍‌ଟି, ଭାବେ ନିଯୁକ୍ତି ଦିଆଯାଇଛି।

## ଆସୁଛନ୍ତି ରାହୁଲ ଗାନ୍ଧୀ

### ଗସ୍ତ ସଫଳ ପାଇଁ ପୁରୀ କଂଗ୍ରେସର ପ୍ରସ୍ତୁତି

ପୁରୀ,୭।୭(ସମିସ): ଆସନ୍ତା ୧୧ ତାରିଖରେ କେନ୍ଦ୍ର ବିରୋଧୀ ଦଳ ନେତା ସାଂସଦ ରାହୁଲ ଗାନ୍ଧୀ ଭୁବନେଶ୍ୱରରେ ସମ୍ବିଧାନ ବଞ୍ଚାଓ କାର୍ଯ୍ୟକ୍ରମରେ ଯୋଗଦେବେ। କାର୍ଯ୍ୟକ୍ରମକୁ ସଫଳ କରିବା ପାଇଁ ସୋମବାର ପୁରୀ ଜିଲ୍ଲା କଂଗ୍ରେସ କମିଟି ପକ୍ଷରୁ ଜିଲ୍ଲା କଂଗ୍ରେସ କାର୍ଯ୍ୟାଳୟ ଇନ୍ଦିରା ଭବନ ପରିସରରେ ଜିଲ୍ଲାସ୍ତରୀୟ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି।



ରାଜ୍ୟ କଂଗ୍ରେସ ପ୍ରଭାରୀ ଅଜୟ କୁମାର ଲଲୁ ଓଡ଼ିଶାର ମହିଳା, ଶିଶୁ ଚାଲାଣ ଏବଂ ୧୦ମ ଶ୍ରେଣୀ ସ୍କୁଲ ଛାତ୍ରୀ ସନ୍ତାନ ପ୍ରସବ କରିବା ଆଦି ଦୁଃଖଦ ପରିସ୍ଥିତି ଉପରେ ଆଲୋକପାତ କରିଥିଲେ। ସେହିପରି ରଥଯାତ୍ରାରେ ଘଟିଥିବା ବିଭ୍ରାଟ ପାଇଁ ରାଜ୍ୟ ସରକାରଙ୍କୁ ଦାୟୀ କରିଥିଲେ। ପିସିସି ଉପସଭାପତି ତାରାପ୍ରସାଦ ବାହିନୀପତି ଓଡ଼ିଶା ବିଧାନସଭାରେ ତାଙ୍କ ପ୍ରତି ହୋଇଥିବା ଆକ୍ରୋଶମୂଳକ ବ୍ୟବହାର ସମ୍ପର୍କରେ କହିଥିଲେ। ଦଳର ସମସ୍ତ କର୍ମୀଙ୍କୁ କଂଗ୍ରେସ କରିଥିବା ଉନ୍ନତିକରଣ କାର୍ଯ୍ୟ ଲୋକଙ୍କ ପାଖରେ ପହଞ୍ଚାଇବା ସହ ରାହୁଲ ଗାନ୍ଧୀଙ୍କ ଓଡ଼ିଶା ଗସ୍ତ ସଫଳ କରିବା ଲାଗି ଆହ୍ୱାନ ଦେଇଥିଲେ।

ପିସିସି ସମ୍ପାଦକ ଶିଳ୍ପୀଶ୍ରୀ ହରିଚନ୍ଦନ, ଜିଲ୍ଲା କଂଗ୍ରେସ ସଂଯୋଜକ ଇଂ. ରାଜେଶ କୁମାର ମିଶ୍ରଙ୍କ ଉପସ୍ଥିତିରେ ପିସିସି ସଭ୍ୟ ସୁଜିତ ମହାପାତ୍ର, ପୁରୀ ଜିଲ୍ଲାର ସମସ୍ତ ବ୍ଲକ୍ କଂଗ୍ରେସ ସଭାପତି ଏବଂ ବିଧାୟକ ପ୍ରାର୍ଥୀମାନେ ନିଜର ଆଭିମୁଖ୍ୟ ରଖିଥିଲେ। ଅନ୍ୟମାନଙ୍କ ମଧ୍ୟରେ ମହିଳା କଂଗ୍ରେସ ସଭାନେତ୍ରୀ ନିରୁପମା ପାତ୍ର, ସରସ୍ୱତୀ ପାତ୍ର, ବିଦ୍ୟୁତ୍‌ଲତା ଆଚାର୍ଯ୍ୟ, ଉତ୍ତମ ଆଚାର୍ଯ୍ୟ, ଲକ୍ଷ୍ମୀଧର ପ୍ରଧାନ, ପୂର୍ବତନ ଗୋପ ବ୍ଲକ ସଭାପତି ନୀଳମଣି ପ୍ରଧାନ, ବିଶ୍ୱଭୂଷଣ ଦାସଙ୍କ ସମେତ ଶତାଧିକ କଂଗ୍ରେସ କର୍ମୀ ଉପସ୍ଥିତ ଥିଲେ।

### ବିରୋଧୀ ନେତ୍ରୀଙ୍କ ପ୍ରତି ଅଶାଳୀନ ମନ୍ତବ୍ୟ

## ସନ୍ତୋଷଙ୍କୁ ନେଇ ବିଜେପିରେ ଅସନ୍ତୋଷ

ଭୁବନେଶ୍ୱର,୭।୭(ସମିସ): ବିଏମ୍‌ସି ଅତିରିକ୍ତ କମିଶନରଙ୍କୁ ମାଡ଼ ଘଟଣାରେ ନାକେଦମ୍ ବିଜେପିକୁ ଏବେ ନୀଳଗିରି ବିଧାୟକ ସନ୍ତୋଷ ଖଟୁଆ ଅକଳରେ ପକାଇଛନ୍ତି। ଶାସକ ବିଜେପିର ଶ୍ରୀ ଖଟୁଆଙ୍କ ରୁଚିହୀନ ଓ ଅଶାଳୀନ ମନ୍ତବ୍ୟ ଏବେ ଜାତୀୟ ଗଣମାଧ୍ୟମରେ ଶିରୋନାମା ପାଲଟିଛି । ରାଜ୍ୟରେ ମୋହନ ସରକାର ଏଥିପାଇଁ ଅପଦସ୍ତ ହୋଇଛନ୍ତି ଓ କେନ୍ଦ୍ରରେ ବିଜେପି ସରକାରକୁ ବିରୋଧୀ ଅକଳରେ ପକାଇଛନ୍ତି । ଏପରିକି ଆଗାମୀ ମୌସୁମୀ ଅଧିବେଶନ ପ୍ରସଙ୍ଗରେ କଂଗ୍ରେସ ଓ ଇଣ୍ଡି ମେଣ୍ଟର ସହଯୋଗୀମାନେ ଏହାକୁ ପ୍ରସଙ୍ଗ କରିବେ ବୋଲି ମଧ୍ୟ ସୂଚନା ଦେଇଛନ୍ତି। ଏହା ସତ୍ତ୍ୱେ ରାଜ୍ୟ ବିଜେପିର ନିଦ ଭାଙ୍ଗୁ ନାହିଁ । କେବଳ ସାଂସଦ ପ୍ରତାପ ଷଡ଼ଙ୍ଗୀ ଏହିପରି ମନ୍ତବ୍ୟକୁ ଅତ୍ୟନ୍ତ କଠୋର ଶବ୍ଦରେ ନିନ୍ଦା କରିବା ଭିନ୍ନ ଦଳର ଅନ୍ୟ ଜଣେ ବି ନେତା ଏହାକୁ ନେଇ ତୁଣ୍ଡ ଖୋଲୁ ନାହାନ୍ତି । ଯଦିଓ ଦଳ ଭିତରେ ସନ୍ତୋଷକୁ ନେଇ ଦଳରେ ଅସନ୍ତୋଷ ବଢ଼ିବାରେ ଲାଗିଥିଲେ ହେଁ ଏ ସମ୍ପର୍କରେ ନେତାମାନେ ରହସ୍ୟମୟ ନିରବତା ଅବଲମ୍ବନ କରୁଛନ୍ତି।

ସନ୍ତୋଷ ଖଟୁଆ ଏବେ ଦଳ ପାଇଁ ଗଳଗ୍ରହ ହୋଇଛନ୍ତି ବୋଲି କିଛି ବିଜେପି ନେତା କହୁଛନ୍ତି। ବିରୋଧୀ ବିଜେଡି ଓ କଂଗ୍ରେସ ଏହି ପ୍ରସଙ୍ଗରେ ଶାସକ ବିଜେପିକୁ ଷଣ୍ଢୁଆସୀ ଆକ୍ରମଣ ଜାରି ରଖିଛନ୍ତି।

- ଦଳର ନିରବତାକୁ ନେଇ ସାଧାରଣରେ ସମାଲୋଚନା
- ମୌସୁମୀ ଅଧିବେଶନରେ ସଂସଦରେ ଉଠାଇବ କଂଗ୍ରେସ

ସାମାଜିକ ଅନୁଷ୍ଠାନଙ୍କଠାରୁ ଆରମ୍ଭ କରି ସାଧାରଣ ଲୋକଙ୍କ ପର୍ଯ୍ୟନ୍ତ ନୀଳଗିରି ବିଧାୟକଙ୍କ ଔଦ୍ଧତ୍ୟକୁ ସମାଲୋଚନା କରାଯାଉଛି ଏବଂ ତାଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଦାବି ହୋଇଛି। ମାତ୍ର ବିଧାୟକ ଶ୍ରୀ ଖଟୁଆଙ୍କ ମୁହଁ ଟାଣ ଭାଙ୍ଗୁନି। ଘଟଣାକୁ ନେଇ ଦୁଃଖ କି ଅନୁଶୋଚନା କରିବା ପରିବର୍ତ୍ତେ ଗଣମାଧ୍ୟମ ନିଜକୁ ଠିକ୍ ବୋଲି ଯୁକ୍ତି ବାଢୁଛନ୍ତି। ଏବଂ ଏପରି ଘଟଣାକୁ ନେଇ ସେ ଅନୁଶୋଚିତ ନୁହନ୍ତି ବୋଲି ଗଣମାଧ୍ୟମ ଆଗରେ ବୟାନ ରଖିଛନ୍ତି। ଯାହାକୁ ନେଇ ଦଳ ଅଧିକ ଅଡୁଆରେ ପଡ଼ିଛି। ଶୃଙ୍ଖଳାର ଅଭାବ ଯୋଗୁଁ ଦଳର ନେତାମାନଙ୍କର ଔଧତ୍ୟ ବଢ଼ି ଚାଲିଛି ବୋଲି କର୍ମୀମାନେ କହୁଛନ୍ତି । ଯେତେ ଅନ୍ୟାୟ କଲେ ମଧ୍ୟ ସରକାରୀ କଳ ଏବଂ ପ୍ରଶାସନ ମଧ୍ୟ ବାଛ ବିଚାର କରି ଶାସକ ଦଳ ନେତାଙ୍କ ଦେହରେ ହାତ ମାରିବାକୁ ଭୟ କରୁଛନ୍ତି। ଏପରି ଦୁର୍ବଳତାର ସୁଯୋଗ ନେଇ ବିଧାୟକ ଖଟୁଆଙ୍କ ପରି ନେତା ଶାଳୀନତାର ସବୁ ସୀମା ଲଂଘନ କରିବାକୁ ସାହସ ପାଉଛନ୍ତି ବୁଦ୍ଧିଜୀବୀ କ୍ଷୋଭ ପ୍ରକାଶ କରିଛନ୍ତି ।

ଅପରପକ୍ଷେ ଶ୍ରୀ ଖଟୁଆଙ୍କ ମନ୍ତବ୍ୟକୁ ନେଇ ବୁଦ୍ଧିଜୀବୀ ଓ ରାଜନୈତି ସମୀକ୍ଷକମାନେ ଆଶ୍ଚର୍ଯ୍ୟପ୍ରକଟ କରିଛନ୍ତି । ଏପରି ଲଜ୍ଜାଜନକ ଘଟଣାରେ ଉଭୟ ସରକାର ଏବଂ ସଂଗଠନ ନିରବତା ପ୍ରଦର୍ଶନ କରିବା ଯୋଗୁଁ ଖଟୁଆଙ୍କ ମନୋବଳ ବୃଦ୍ଧି କରିଛି। ଏପରି ତତ୍ତ୍ୱଙ୍କୁ ସରକାର ଘଣ୍ଟ ଘୋଡ଼ାଇ ନିଜର ହିଁ କ୍ଷତି କରୁଛନ୍ତି। ରାଜ୍ୟ ବିଜେପି ମହିଳା ବିରୋଧୀ ବୋଲି ଏକ ବାର୍ତ୍ତା ସାଧାରଣରେ ପ୍ରଚାର ହେଲାଣି। ତେଣୁ ତୁରନ୍ତ ସନ୍ତୋଷଙ୍କ ବିରୋଧରେ ଦୃଷ୍ଟାନ୍ତମୂଳକ କାର୍ଯ୍ୟାନୁଷ୍ଠାନ ନ ନେଲେ ତାହା ବିଜେପି ପାଇଁ ଘାତକ ହେବ ବୋଲି ରାଜନୈତିକ ସମୀକ୍ଷକମାନେ ମତ ଦେଇଛନ୍ତି। ଅପରପକ୍ଷେ ନୂଆ ସଭାପତି ଚୟନ ପରେ ଦଳର ଶୃଙ୍ଖଳା କମିଟି ବୈଠକ ବସିବା ନେଇ ମଧ୍ୟ ଦଳର ସାଂସଦ ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀ ପରୋକ୍ଷରେ ସୂଚନା ପ୍ରଦାନ କରିଛନ୍ତି। ତେବେ ବିଜେପି ନେତାଙ୍କ ଆଭିମୁଖ୍ୟ ଓ ଗତିବିଧିକୁ ଦେଖିଲେ ବିଧାୟକଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ସମ୍ଭାବନା କ୍ଷୀଣ ବୋଲି ସାଧାରଣରେ ମତପ୍ରକାଶ ପାଉଛି।



ସୋମବାର ରଥ ଉପରେ ତିନିଠାକୁରଙ୍କ ସମ୍ମୁଖରେ ଅଧରପଣା ନୀତି

# ମା’ ମଝିଘରିଆଣି ଦାନହୁଣ୍ଡିରୁ ମିଳିଲା କୋଟିଏ

ରାୟଗଡ଼ା, ୭।୭(ସମିସ): ରାୟଗଡ଼ାର ଅଧିଷ୍ଠାତ୍ରୀ ମା’ ମଝିଘରିଆଣୀ ମନ୍ଦିରର ଦାନ ହୁଣ୍ଡି ଖୋଲିଛି। ଏଥର ହୁଣ୍ଡିରୁ ୧ କୋଟି ୪ଲକ୍ଷ ୩୬ହଜାର ୯୬୩ ଟଙ୍କା ମିଳିଛି। ଏଥିସହ ୟୁନାଇଟେଡ୍ ଷ୍ଟେଟସ୍ ଅଫ୍ ଆମେରିକା, ସେଣ୍ଟ୍ରାଲ ବ୍ୟାଙ୍କ ଅଫ କୁଏତ, କତାର, ଆରବ ଏମିରାଟ୍ସ ଭଳି ଦେଶର ୧୨ଟି ବିଦେଶୀ ଡଲାର ସହିତ ୩୮ଗ୍ରାମ ସୁନା ଓ ୨. ୫୦୫କେଜି ରୁପା ବାହାରିଛି। ଏତେ ପରିମାଣର ଦାନ ରାଶି ପୂର୍ବରୁ କେବେ ବାହାରି ନଥିବାରୁ ହୁଣ୍ଡିରୁ ଦାନ ସଂଗ୍ରହରେ ଏହା ରେକର୍ଡ ବୋଲି ମନ୍ଦିର ପରିଚାଳନା କମିଟି ସଦସ୍ୟ ରାଧାକାନ୍ତ ଦଳେଇ ପ୍ରକାଶ କରିଛନ୍ତି। ଆଜି ମନ୍ଦିର ହୁଣ୍ଡିରୁ



ଦାନ ଅର୍ଥ ଗଣତି କାର୍ଯ୍ୟରେ ବିଭିନ୍ନ ସଂଗଠନର ମହିଳା ଓ ପୁରୁଷ ସ୍ୱେଚ୍ଛାସେବୀ, ଏସ୍ଏଚ୍‌ଜି ଗ୍ରୁପ୍, କିଛି ଶିକ୍ଷାନୁଷ୍ଠାନର ଛାତ୍ରଛାତ୍ରୀଙ୍କ ସମେତ ପ୍ରାୟ ୨୦୦ରୁ ଅଧିକ କର୍ମକର୍ତ୍ତା ଗଣତି ପ୍ରକ୍ରିୟାରେ ନିୟୋଜିତ ହୋଇଥିଲେ। ୯ଟି ଦାନ ହୁଣ୍ଡି ଆଜି ସକାଳ ୯ଟାରୁ ଖୋଲାଯାଇ ରାତ୍ର ୮ଟା ଯାଏଁ ଗଣତି ଚାଲିଥିଲା।

# ଭିଜିଲାନ୍ସ ଜାଲରେ ରେଢ଼ାଖୋଲ ବ୍ଲକ୍ ପ୍ରାଣୀଧନ ଡାକ୍ତର

ରେଢ଼ାଖୋଲ/ସମ୍ବଲପୁର, ୭।୭ (ସମିସ) : ଜଣେ ହିତାଧିକାରୀଙ୍କଠାରୁ ସବ୍‌ସିଡି ଟଙ୍କା ରିଲିଜ୍ କରିବା ପାଇଁ ଲାଞ୍ଚ ନେଉଥିବା ସମୟରେ ରେଢ଼ାଖୋଲ ବ୍ଲକ୍ ପ୍ରାଣୀଧନ ଅଧିକାରୀ (ବିଭିଓ) ଡା. ଶୁଭ ପ୍ରକାଶ ସୋରେନ ଏବଂ ପ୍ରୋଗ୍ରାମ ଆସିଷ୍ଟାଣ୍ଟ (ପିଏ) ମହେଶ୍ୱର ସାହୁଙ୍କୁ ସମ୍ବଲପୁର ଭିଜିଲାନ୍ସ ଗିରଫ କରିଛି। ଆୟବହିର୍ଭୂତ ସମ୍ପତ୍ତି ଠୁଳ ଅଭିଯୋଗରେ ଡା. ସୋରେନଙ୍କ ଭଡ଼ାଘର ଓ କାର୍ଯ୍ୟାଳୟରେ ମଧ ଯାଞ୍ଚ କରାଯାଇଛି। ସୂଚନା ଅନୁଯାୟୀ, ଓଡ଼ିଶା ସରକାରଙ୍କ ବ୍ରଏଲର୍ ପୋଲଟ୍ରି ଫାର୍ମ ସ୍କିମ୍‌ର ଜଣେ ହିତାଧିକାରୀ ଗତ ଏପ୍ରିଲ ମାସରେ ବ୍ରଏଲର୍ ଫାର୍ମ ନିର୍ମାଣ କରି ସବ୍‌ସିଡି ଅର୍ଥ ୯୦୦୦୦ ଟଙ୍କା ପାଇବାକୁ ଯୋଗ୍ୟ ବିବେଚିତ ହୋଇଥିଲେ। ସେ ଡା. ସୋରେନଙ୍କୁ ତାଙ୍କ ସବସିଡିର ଦ୍ୱିତୀୟ କିସ୍ତି ୫୪୦୦୦ ଟଙ୍କା ରିଲିଜ୍ କରିବାକୁ ଅନୁରୋଧ କରିଥିଲେ। କିନ୍ତୁ ବିଭିଓ ଡା. ସୋରେନ୍ ତାହା ରିଲିଜ୍ କରିବା ପାଇଁ ୫ ହଜାର ଟଙ୍କା ଲାଞ୍ଚ ମାଗିଥିଲେ। ହିତାଧିକାରୀଜଣଙ୍କ ଏ ସଂପର୍କରେ ସମ୍ବଲପୁର ଭିଜିଲାନ୍ସ କର୍ତ୍ତୃପକ୍ଷଙ୍କୁ ଟୋଲ ଫ୍ରି ନଂ. ୧୦୬୪ରେ ଅଭିଯୋଗ କରିଥିଲେ। ପରେ ଭିଜିଲାନ୍ସର ଏକ ଟିମ୍ ଜାଲ୍ ବିଛାଇ ଆଜି ବିଭିଓ ଡା. ଶୁଭ ପ୍ରକାଶ ସୋରେନ ଓ ପ୍ରୋଗ୍ରାମ ଆସିଷ୍ଟାଣ୍ଟ ମହେଶ୍ୱର ସାହୁ ୫ ହଜାର ଟଙ୍କା ଲାଞ୍ଚ ନେଉଥିବା ସମୟରେ ଧରିଥିଲେ। ପ୍ରତ୍ୟକ୍ଷଦର୍ଶୀଙ୍କ ଉପସ୍ଥିତିରେ ଅଭିଯୁକ୍ତମାନଙ୍କଠାରୁ ଲାଞ୍ଚ ଟଙ୍କା ଜବତ କରାଯାଇଛି। ପରେ ଏକା ସମୟରେ ଡା. ସୋରେନଙ୍କ ରେଢ଼ାଖୋଲସ୍ଥିତ ଭଡ଼ାଘର ଓ କାର୍ଯ୍ୟାଳୟ ଯାଞ୍ଚ କରାଯାଇଥିଲା। ଉଭୟ ଡା. ଶୁଭ ପ୍ରକାଶ ସୋରେନ ଓ ମହେଶ୍ୱର ସାହୁଙ୍କୁ ଗିରଫ କରି କୋର୍ଟଚାଲାଣ କରାଯାଇଛି। ସମ୍ବଲପୁର ଭିଜିଲାନ୍ସ ଥାନା କେସ ନଂ ୧୪/୨୦୨୫ ଦଫା ୭/୧୨ ପ୍ରିଭେନ୍‌ସନ୍ ଅଫ୍ କରପ୍‌ସନ୍ (ଆମେଣ୍ଡମେଣ୍ଟ) ଆକ୍ଟ, ୨୦୧୮ ମାମଲା ରୁଜୁ କରାଯାଇ ତଦନ୍ତ ଜାରି ରହିଛି।

## ୭୬ତମ ବନ ମହୋତ୍ସବ

# ଏ ବର୍ଷ ଲାଗିବ ୭.୫ କୋଟି ଚାରା




ଭୁବନେଶ୍ୱର, ୭।୭ (ସମିସ): ୨୦୩୬ ସୁଦ୍ଧା ଭିଜନ୍ ଓଡ଼ିଶା କାର୍ଯ୍ୟକ୍ରମରେ ‘ସବୁଜ ଓଡ଼ିଶା’ ଗଠନ ଏକ ପ୍ରମୁଖ ଲକ୍ଷ୍ୟ ରହିଛି। ଏହି ଲକ୍ଷ୍ୟ ହାସଲ ପାଇଁ ସମ୍ପ୍ରଦାୟ ନେତୃତ୍ୱାଧୀନ ଜଙ୍ଗଲ ଉଦ୍ୟୋଗ ମାଧ୍ୟମରେ ୧୦ ଲକ୍ଷ ସବୁଜ ଜୀବିକା ସୃଷ୍ଟି କରାଯିବ ଏବଂ ଓଡ଼ିଶାକୁ ପରିବେଶ ପର୍ଯ୍ୟଟନ କ୍ଷେତ୍ରରେ ଏକ ମଡେଲ ଭାବେ ବିକଶିତ କରାଯିବ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି।

ସୋମବାର ପୁରୁଣା ଭୁବନେଶ୍ୱରସ୍ଥିତ ବିଏମ୍ ହାଇସ୍କୁଲରେ ଆୟୋଜିତ ବନ ମହୋତ୍ସବ ସପ୍ତାହ ଅବସରରେ ମୁଖ୍ୟ ଅତିଥି ଭାବେ ଯୋଗଦେଇ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ କହିଛନ୍ତି ଯେ ଗତବର୍ଷ ଏକ୍ ପେଡ୍ ମା’ କେ ନାମ ଅଭିଯାନରେ ୬.୬୯ କୋଟି ଚାରା ରୋପଣ କରାଯାଇଥିଲା ଏବଂ ଓଡ଼ିଶା ସାରା ଦେଶରେ ଚତୁର୍ଥ ସ୍ଥାନ ଅଧିକାର କରିଥିଲା। ଚଳିତବର୍ଷ ‘ଏକ୍ ପେଡ୍ ମା’ କେ ନାମ-୨.୦’ ଅଭିଯାନରେ ୭.୫କୋଟି ଚାରା ରୋପଣ କରାଯିବାର ଲକ୍ଷ୍ୟ ରଖାଯାଇଛି। ସେହିପରି ବଜ୍ରପାତରୁ ରକ୍ଷା ପାଇବା ପାଇଁ ଗତବର୍ଷ ସରକାର ୧୯ ଲକ୍ଷ ତାଳଗଛ ରୋପଣ କରିଥିବା ବେଳେ ଚଳିତ ବର୍ଷ ୧୮ ଲକ୍ଷ ତାଳ ଗଛ ରୋପଣ କରାଯିବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି।

କାର୍ଯ୍ୟକ୍ରମରେ ଯୋଗଦେଇ ଜଙ୍ଗଲ ଓ ପରିବେଶ ମନ୍ତ୍ରୀ ଗଣେଶ ରାମ ସିଂ ଖୁଣ୍ଟିଆ ରାଜ୍ୟବାସୀଙ୍କୁ ଗଛ ଲଗାଇବା ପାଇଁ ପ୍ରୋତ୍ସାହିତ କରିଥିବା ବେଳେ ଏକାମ୍ର ଭୁବନେଶ୍ୱର ବିଧାୟକ ବାବୁ ସିଂହ, ଭୁବନେଶ୍ୱର ମେୟର ସୁଲୋଚନା ଦାସ, ଜଙ୍ଗଲ ଓ ପରିବେଶ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ସତ୍ୟବ୍ରତ ସାହୁ ପ୍ରମୁଖ ଉପସ୍ଥିତ ଥିଲେ।

**ଯୁକ୍ତ ୨ ନାମଲେଖା ମେଧା ତାଲିକା**

# ରେଭେନ୍ସା ପ୍ରଥମ ପସନ୍ଦ

ଭୁବନେଶ୍ୱର, ୭।୭ (ସମିସ): ଯୁକ୍ତ ୨ ନାମଲେଖା ପାଇଁ ପ୍ରଥମ ପର୍ଯ୍ୟାୟ ମେଧା ତାଲିକା ପ୍ରକାଶ ପାଇଛି। କଳା, ବିଜ୍ଞାନ ଓ ବାଣିଜ୍ୟ ପାଠ୍ୟକ୍ରମ ପାଇଁ ରେଭେନ୍ସା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ଛାତ୍ରଛାତ୍ରୀଙ୍କ ପ୍ରଥମ ପସନ୍ଦ ହୋଇଛି। କଳାରେ ୮୧.୩୩% କଟ୍-ଅଫ୍ ଯାଇଥିବା ବେଳେ ବିଜ୍ଞାନରେ ୯୧.୮୩% ଓ ବାଣିଜ୍ୟରେ ୮୦.୨୦% ମାର୍କ କଟ୍-ଅଫ୍ ଯାଇଛି। ସମୁଦାୟ ୪ଲକ୍ଷ ୪୬ହଜାର ୨୦୫ଜଣ ଛାତ୍ରଛାତ୍ରୀ ଆବେଦନ କରିଥିବା ବେଳେ ଏହାର ପ୍ରାୟ ୯୩% ଅର୍ଥାତ୍ ୪ଲକ୍ଷ

■ ପ୍ରଥମ ରାଉଣ୍ଡରେ ୯୩% ଛାତ୍ରଛାତ୍ରୀ ମନୋନୀତ
■ ୮ରୁ ୧୪ ମଧ୍ୟରେ ନାମଲେଖା; ୨୪ରୁ ପାଠପଢ଼ା

୧୩ହଜାର ୮୦୪ଜଣ ପ୍ରଥମ ରାଉଣ୍ଡରେ ନାମଲେଖା ପାଇଁ ମନୋନୀତ ହୋଇଛନ୍ତି। ଆସନ୍ତାକାଲି ଅର୍ଥାତ୍ ମଙ୍ଗଳବାରଠାରୁ ୧୪ ତାରିଖ ମଧ୍ୟରେ ଚୟନ ହୋଇଥିବା ଛାତ୍ରଛାତ୍ରୀମାନେ ନାମ ଲେଖାଇ ପାରିବେ।

ଚୟନ ପିଲାଙ୍କ ମଧ୍ୟରେ ୧ଲକ୍ଷ ୯୬ହଜାର ୨୬୮ଜଣ ଛାତ୍ର ଥିବା ବେଳେ ୨ଲକ୍ଷ୧୭ହଜାର୫୨୯ ଜଣଛାତ୍ରୀ ରହିଛନ୍ତି। ସେହିପରି କଳା ପାଠ୍ୟକ୍ରମ ପାଇଁ ସର୍ବାଧିକ ୨ଲକ୍ଷ ୬୪ହଜାର ୭୬୬ ଜଣ, ବିଜ୍ଞାନରେ ୧ଲକ୍ଷ ୧୭ହଜାର ୮୯ଜଣ, ବାଣିଜ୍ୟରେ ୨୦,୫୫୨ଜଣ, ଉପଶାସ୍ତ୍ରୀ(ସଂସ୍କୃତ)ରେ ୬,୮୧୧ଜଣ ଏବଂ ଧନ୍ଦାମୂଳକ ପାଠ୍ୟକ୍ରମ ପାଇଁ ୪,୫୮୬ ଜଣ ଚୟନ ହୋଇଛନ୍ତି। ପ୍ରଥମ ଚଏସ୍ ଦେଇଥିବା ୨ଲକ୍ଷ ୮୭ହଜାର ୨୧୯ ଜଣ ଛାତ୍ରଛାତ୍ରୀ ମନେନୀତ ହୋଇଛନ୍ତି। ସେମାନେ ସମ୍ପୃକ୍ତ ଶିକ୍ଷାନୁଷ୍ଠାନରେ ନାମ ଲେଖାଇବାକୁ ବାଧ୍। ଅର୍ଥାତ୍ ପ୍ରଥମ ରାଉଣ୍ଡ ପରେ ପ୍ରାୟ ୭୦% ସିଟ୍ ପୂରଣ ହେବ।

କଳା ପାଠ୍ୟକ୍ରମ ପାଇଁ କଟକସ୍ଥିତ ରେଭେନ୍ସା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ସର୍ବାଧିକ କଟ୍-ଅଫ୍ ୮୧.୩୩% ଯାଇଥିବା ବେଳେ ରାଉରକେଲା ସରକାରୀ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ୭୭.୩୩% ଓ ବକ୍ସି ଜଗବନ୍ଧୁ ବିଦ୍ୟାଧର (ବିଜେବି) ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ୭୬.୮୬% କଟ୍-ଅଫ୍ ଯାଇଛି। ସେହିପରି ବିଜ୍ଞାନ ପାଠ୍ୟକ୍ରମ ପାଇଁ ରେଭେନ୍ସା କଟ୍-ଅଫ୍ ସର୍ବାଧିକ ୯୧.୮୩% ଥିବା ବେଳେ ବିଜେବି କଲେଜର ୮୯.୪୦% ଓ ବାଲେଶ୍ୱରସ୍ଥିତ ଫକୀର ମୋହନ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ୮୭.୫% କଟ୍-ଅଫ୍ ରହିଛି। ବାଣିଜ୍ୟ ପାଠ୍ୟକ୍ରମ ପାଇଁ ରେଭେନ୍ସାର ୮୦.୨୦% କଟ୍-ଅଫ୍ ଥିବା ବେଳେ ରାଉରକେଲା ସରକାରୀ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ୭୮.୬୭% ଏବଂ ବିଜେବି କଲେଜର ୭୩.୫୦% କଟ୍-ଅଫ୍ ଯାଇଛି। ସୂଚନାଯୋଗ୍ୟ, ଜୁଲାଇ ୨୪ରୁ ପାଠପଢ଼ା ଆରମ୍ଭ କରିବାକୁ ଗଣଶିକ୍ଷା ବିଭାଗ ପକ୍ଷରୁ ଲକ୍ଷ୍ୟ ରହିଛି।

# ଓପିଜିସି ଜନଶୁଣାଣିରେ ପ୍ରବଳ ହଟ୍ଟଗୋଳ

ଇବ୍‌ଥର୍ମାଲ, ୭।୭(ସମିସ): ଝାରସୁଗୁଡ଼ା ଜିଲ୍ଲା ଲଖନପୁର ବ୍ଲକ୍ ବନହରପାଲିସ୍ଥିତ ଓଡ଼ିଶା ବିଦ୍ୟୁତ୍ ଉତ୍ପାଦନ ନିଗମ ଲିମିଟେଡ୍(ଓପିଜିସି)ର ତୃତୀୟ ପର୍ଯ୍ୟାୟ ସମ୍ପ୍ରସାରଣ (୨x୬୬୦) ମେଗାୱାଟ୍ ୟୁନିଟ୍ ୫ ଓ ୬ ପାଇଁ ତେଲେନପାଲି ହାଟ ପଡ଼ିଆରେ ସୋମବାର ଜନଶୁଣାଣି କରାଯାଇଛି। ପ୍ରବଳ ବିରୋଧ, ପାଟିତୁଣ୍ଡ ଓ ହଟ୍ଟଗୋଳ ମଧ୍ୟରେ ଜନଶୁଣାଣି ଶେଷ



ହୋଇଥିବା ବେଳେ ମାତ୍ର ୫ଜଣ ମତ ରଖିଛନ୍ତି। ଏପରିକି, କୌଣସି ଅପ୍ରୀତିକର ପରିସ୍ଥିତି ଉପୁଜିବା ଆଶଙ୍କାରେ ପୁଲିସ୍ ଛାଉଣୀ କରାଯାଇଥିଲା।

ଝାରସୁଗୁଡ଼ା ଉପଜିଲ୍ଲାପାଳ ସବ୍ୟସାଚୀ ପଣ୍ଡାଙ୍କ ଅଧ୍ୟକ୍ଷତାରେ ତଥା ପ୍ରଦୂଷଣ ବୋର୍ଡ ଅଧିକାରୀ ହିରଣ୍ୟ ନାଏକଙ୍କ ଉପସ୍ଥିତିରେ ଜନଶୁଣାଣି କାର୍ଯ୍ୟକ୍ରମ ହୋଇଥିଲା। ଶୁଣାଣିକୁ ସ୍ଥାନୀୟ ପଞ୍ଚାୟତର ଜନସାଧାରଣ ବିରୋଧ କରିଥିଲେ। ଏହାସତ୍ତ୍ୱେ ଓପିଜିସି ଇଏଚ୍ଏସ୍ ମୁଖ୍ୟ ସୀତାରାମ ସାହୁ ଉଦ୍ଦେଶ୍ୟ ଜ୍ଞାପନ ସହ କାର୍ଯ୍ୟନିର୍ବାହୀ ସାରଣୀର ବିବରଣୀ ପାଠ କରି କାର୍ଯ୍ୟକ୍ରମ ଆରମ୍ଭ କରିଥିଲେ। ଏହି ସମୟରେ ଶହଶହ ଅଞ୍ଚଳବାସୀ ତଥା ଆଖପାଖ ୧୦ଟି ପଞ୍ଚାୟତର ପିଆରଆଇ ମେମ୍ବର, ଜନପ୍ରତିନିଧି, ରାଜନୈତିକ ଦଳ ପ୍ରତିନିଧି ସମସ୍ତେ ଏକ ସ୍ୱରରେ ଜନଶୁଣାଣିର ତୀବ୍ର ବିରୋଧ କରିଥିଲେ। ମହିଳାମାନେ ମଧ ବିରୋଧରେ ସାମିଲ ହୋଇଥିଲେ। ବିରୋଧର ସ୍ୱର ଏତେ ତୀବ୍ର ଥିଲା ଯେ କେବଳ “ଜନଶୁଣାଣି ବନ୍ଦକର, ପିଜିସି ଗୋ ବ୍ୟାକ୍” ନାରା ଶୁଭୁଥିଲା।

ଜଣଶୁଣାଣିରେ ୫ ଜଣ ଭାଗ ନେଇଥିଲେ। ସେଥିମଧ୍ୟରୁ ୨ଜଣ ସ୍ତ୍ରୀ ଲୋକ ଯାଇ ତାଙ୍କ ଅଭିଯୋଗ ପତ୍ର ଦେଇଥିଲେ, ଅନ୍ୟ ଦୁଇଜଣ ଓପିଜିସି ବିରୋଧରେ କହିଥିଲେ ଏବଂ ମାତ୍ର ଜଣଙ୍କ ପାଇଁ ଜନଶୁଣାଣି ହେଲା। ଫଳରେ ଏହା ବହୁ ଆଡ଼ମ୍ବରରେ ଲଘୁକ୍ରିୟା ବୋଲି ଚର୍ଚ୍ଚା ହୋଇଛି। କେବଳ ବିଜେପି ସଭାପତି ରଘୁନନ୍ଦନ ପଣ୍ଡା କହିଥିଲେ। ହେଲେ ସେ କହିଲା ବେଳେ ତାଙ୍କ ବିରୋଧରେ ହଜାର ହଜାର ଲୋକ ନାରାବାଜି କରିଥିଲେ। ନିଜେ ଅପରେସନ ଡାଇରେକ୍ଟର ଏଆର୍ ଦାସ ଲୋକଙ୍କ ପାଖକୁ ଯାଇ ବୁଝାଇବାକୁ ଚେଷ୍ଟା କରି ବିଫଳ ହୋଇଥିଲେ। ଜନଶୁଣାଣିକୁ ବର୍ଜନ କରିବା ସହ ଆଗକୁ ଓପିଜିସିକୁ କୌଣସି ପ୍ରକାରେ ଜମି ଦିଆଯିବ ନାହିଁ ବୋଲି ରୋକ୍‌ଠୋକ୍ କୁହାଯାଇଥିଲା। ଶେଷରେ ଓପିଜିସି ଅପରେସନ୍ ଡାଇରେକ୍ଟର୍ ଅଞ୍ଜନ ରଞ୍ଜନ ଦାସ ମଧ ମତ ରଖିଲା ବେଳକୁ ମଧ ପ୍ରବଳ ବିରୋଧ ହୋଇଥିଲା। ଏ ସଂକ୍ରାନ୍ତରେ

■ ମାତ୍ର ୫ ଜଣ ରଖିଲେ ମତ
■ ପୁଲିସ ଛାଉଣୀରେ ହେଲା ଜନଶୁଣାଣି

ଉପଜିଲ୍ଲାପାଳ ଗଣମାଧ୍ୟମକୁ କହିଛନ୍ତି ଯେ ଜନଶୁଣାଣି ସଫଳ ହେଲା କି ବିଫଳ ହେଲା, କୁହାଯାଇ ପାରିବନାହିଁ।

ଆଜିର ଜନଶୁଣାଣିରେ ଓପିଜିସି ସିନିୟର ଭିପି ସୁକାନ୍ତ ମହାପାତ୍ର, ସିନିୟର ଜିଏମ୍ ଏଚ୍ଆର୍ ସୁବାଶିଷ ମୁଖାର୍ଜୀ, ବିଡିଓ ବିନୟ ପଟେଲ, ତହସିଲଦାର ପ୍ରସନ୍ନ ପଟେଲ, ଆଡିସିନାଲ ଏସ୍‌ପି ଜେମସ୍ ସାମତ, ଡିଏସପି ଜ୍ୟୋତ୍ସ୍ନାରାଣୀ ପ୍ରଧାନ, ଏଡିପିଓ ଚିନ୍ତାମଣି ପ୍ରଧାନ, ବନହରପାଲି ଆଇଆଇସି ରଞ୍ଜିତ ନାଏକ ସମେତ ୯ଜଣ ଥାନା ଅଧିକାରୀ ଉପସ୍ଥିତ ରହିଥିଲେ। ଏହାସହ ୩ ପ୍ଲାଟୁନ ପୁଲିସ ଫୋର୍ସ ମୁତୟନ କରାଯାଇଥିଲା।

**ଆଇଟିଆରର ଗୁପ୍ତ ତଥ୍ୟ ଲିକ୍ ଘଟଣା**

# ଅଭିଯୁକ୍ତକୁ ହାଇକୋର୍ଟରୁ ଜାମିନ

କଟକ, ୭।୭(ସମିସ): ଦେଶର ସୁରକ୍ଷା ସଂପର୍କିତ ତଥ୍ୟ ପାକିସ୍ତାନୀ ମହିଳାଙ୍କୁ ଦେବା ଅଭିଯୋଗରେ ଗିରଫ ହୋଇ ଜେଲରେ ଥିବା ଚାନ୍ଦିପୁର ଆଇଟିଆର୍‌ର ପୂର୍ବତନ ଚୁକ୍ତିଭିତ୍ତିକ ଏସି ଅପରେଟର୍ ବସନ୍ତ କୁମାର ବେହେରାଙ୍କୁ ହାଇକୋର୍ଟ ଜାମିନ ପ୍ରଦାନ କରିଛନ୍ତି। ୫ ଲକ୍ଷ ଟଙ୍କାର ଦୁଇଜଣ ଜାମିନଦାରଙ୍କ ବଦଳରେ ନିମ୍ନ ଅଦାଲତ ବସନ୍ତଙ୍କୁ ଜାମିନରେ ଛାଡ଼ିଛନ୍ତି।

ଜାମିନରେ ଛାଡ଼ ପାଇବା ପରେ କୌଣସି ଅପରାଧରେ ଜଡ଼ିତ ହେବେ ନାହିଁ, ମାମଲାର ପ୍ରତି ତାରିଖରେ ଅଦାଲତରେ ହାଜର ହେବେ, ଜାମିନ ପାଇବା ପରେ ସେ ରହିବା ସ୍ଥାନର ସାନି ଠିକଣା, ମୋବାଇଲ ନମ୍ବର, ଇ-ମେଲ ତଥ୍ୟ ଅଦାଲତ, ତଦନ୍ତକାରୀ ଏଜେନ୍ସିକୁ ପ୍ରଦାନ କରିବାକୁ ହାଇକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଏହାସହ ବିନା ଅନୁମତିରେ ଅଦାଲତଙ୍କ କାର୍ଯ୍ୟକ୍ଷେତ୍ର ଅଞ୍ଚଳରୁ ବାହାରକୁ ଯିବେ ନାହିଁ। ପ୍ରତି ୧୫ ଦିନରେ ଥରେ ସ୍ଥାନୀୟ ଥାନାରେ ହାଜର ହେବେ। ଯଦି ସର୍ତ୍ତ ଉଲ୍ଲଂଘନ ହୁଏ, ତେବେ ଜାମିନ ବାତିଲ ହେବ ବୋଲି ହାଇକୋର୍ଟଙ୍କ ନିର୍ଦ୍ଦେଶରେ ଉଲ୍ଲେଖ କରାଯାଇଛି। ଜଷ୍ଟିସ୍ ଗୌରୀଶଙ୍କର ଶତପଥୀଙ୍କୁ ନେଇ ଗଠିତ ଖଣ୍ଡପୀଠ ବସନ୍ତ କୁମାର ବେହେରାଙ୍କ ଜାମିନ ଆବେଦନର ଶୁଣାଣି କରି ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି।

ହାଇକୋର୍ଟରେ ମାମଲାର ଶୁଣାଣି ସମୟରେ ଆବେଦନକାରୀଙ୍କ ତରଫରୁ ଦର୍ଶାଯାଇଥିଲା ଯେ ୨୦୨୧, ସେପ୍ଟେମ୍ବର ୧୫ରୁ ସେ ଗିରଫ ହୋଇ ଜେଲରେ ଥିବା ବେଳେ ଏପର୍ଯ୍ୟନ୍ତ ନିମ୍ନ ଅଦାଲତରେ ମାମଲାର ଶୁଣାଣି ସରିନାହିଁ। ଚାର୍ଜସିଟ୍‌ରେ ୨୮ଜଣଙ୍କ ନାଁ ଉଲ୍ଲେଖ କରାଯାଇଥିଲା। ଅନ୍ୟପକ୍ଷରେ, ବାଲେଶ୍ୱର ତୃତୀୟ ଅତିରିକ୍ତ ଦୌରାଜଜ୍ ଅଦାଲତରେ ବିଚାରାଧୀନ ଏ ସଂପର୍କିତ ମାମଲାରେ ଚାରି ବର୍ଷରେ ୧୯ଜଣଙ୍କ ସାକ୍ଷ୍ୟ ଗ୍ରହଣ ଶେଷ ହୋଇଛି। ଏହା ସମ୍ବିଧାନ ପ୍ରଦତ୍ତ ତ୍ୱରିତ ଶୁଣାଣି ଅଧିକାରର ଉଲ୍ଲଂଘନ ହୋଇଛି। ହାଇକୋର୍ଟ ଏପରି ଯୁକ୍ତିକୁ ଗ୍ରହଣ କରି ବସନ୍ତକୁ ଜାମିନ ମଞ୍ଜୁର କରିଛନ୍ତି।

ମାମଲାର ବିବରଣୀରୁ ପ୍ରକାଶ ଯେ, ପାକିସ୍ତାନୀ ମହିଳାଙ୍କୁ ଆଇଟିଆର ମିସାଇଲ ପରୀକ୍ଷା ସଂପର୍କିତ ଗୁପ୍ତ ତଥ୍ୟ ଆବେଦନକାରୀ ଓ ଅନ୍ୟ କେତେକ ପ୍ରଦାନ କରିଥିବା ଅଭିଯୋଗ ହୋଇଥିଲା। ଆବେଦନକାରୀ ଓ ଅନ୍ୟ ଅଭିଯୁକ୍ତଙ୍କୁ କ୍ରାଇମବ୍ରାଞ୍ଚ ୨୦୨୧ରେ ଗିରଫ କରିଥିଲା। ତଥ୍ୟ ଦେଇ ଅଭିଯୁକ୍ତମାନେ ଟଙ୍କା ପାଇଥିଲେ ବୋଲି ଅଭିଯୋଗ ହୋଇଥିଲା। କ୍ରାଇମବ୍ରାଞ୍ଚ ଘଟଣାର ତଦନ୍ତ କରି ଚାର୍ଜସିଟ କରିବା ପରେ ଅଦାଲତରେ ମାମଲାର ଶୁଣାଣି ଆରମ୍ଭ ହୋଇଥିଲା। ଆବେଦନକାରୀଙ୍କ ତରଫରୁ ଆଇନଜୀବୀ ଆଶୁତୋଷ ମିଶ୍ର ମାମଲା ପରିଚାଳନା କରୁଥିଲେ।

■ କାଶଲପୁର ବିଜ୍ଞାନ ବାରିକ ହତ୍ୟା ମାମଲା

# ବାପ-ଦୁଇପୁଅଙ୍କୁ ଆଜୀବନ

ବୌଦ୍ଧ, ୭।୭(ସମିସ): ବୌଦ୍ଧ ଜିଲ୍ଲା ବୌଦ୍ଧ ଥାନା ତେଲିବନ୍ଧ ପଞ୍ଚାୟତ କାଶଲପୁର ଗ୍ରାମର ବିଜ୍ଞାନ ବାରିକ ହତ୍ୟା ମାମଲାର ରାୟ ପ୍ରକାଶ ପାଇଛି। ମାମଲାର ବିଚାର କରି ଜିଲ୍ଲା ଓ ଦୌରାଜଜ୍ ପ୍ରତାପ କୁମାର ପାତ୍ର ଦୋଷୀ ବାପ ଓ ଦୁଇ ପୁଅଙ୍କୁ ଆଜୀବନ କାରାଦଣ୍ଡାଦେଶ ଦେବା ସହ ୨୫ ହଜାର ଟଙ୍କା ଲେଖାଏଁ ଜରିମାନା ଆଦେଶ ଦେଇଛନ୍ତି। ସେମାନେ ହେଲେ, କାଶଲପୁର ଗ୍ରାମର ସୁଦାମ ବାରିକ ଏବଂ ତାଙ୍କ ଦୁଇ ପୁଅ ଗଣେଶ ଓ ମଣ୍ଟୁ। ସୂଚନାନୁଯାୟୀ, ଗତ ୨୬ସେପ୍ଟେମ୍ବର ୨୦୨୩ ସନ୍ଧ୍ୟାରେ ଗ୍ରାମର ଧୋବେଇ ବାରିକ ଓ ପୁଅ ବିଜ୍ଞାନ ବାରିକଙ୍କୁ ଗ୍ରାମର ସୁଦାମ ବାରିକ ଓ ତାଙ୍କ ଦୁଇ ପୁଅ ଗଣେଶ ଓ ମଣ୍ଟୁ ଠେଙ୍ଗାରେ ଆକ୍ରମଣ କରିଥିଲେ। ଧୋବେଇ ଓ ବିଜ୍ଞାନ ଗୁରୁତର ଆହତ ହୋଇଥିଲେ। ଉଭୟ ବାପ-ପୁଅଙ୍କୁ ବୌଦ୍ଧ ଡାକ୍ତରଖାନା ନେବା ପାଇଁ ପରିବାର ଲୋକେ ୧୦୮ ଆମ୍ବୁଲାନ୍ସ ଡାକିଥିବା ବେଳେ ଅଭିଯୁକ୍ତମାନେ ଆମ୍ବୁଲାନ୍ସ କର୍ମଚାରୀଙ୍କୁ ମଧ ଧମକ ଦେଇଥିଲେ। ଉଭୟଙ୍କୁ ପ୍ରଥମେ ବୌଦ୍ଧ ଓ ପରେ ବୁର୍ଲା ସ୍ଥାନାନ୍ତର କରାଯାଇଥିଲା। ବିଜ୍ଞାନ ଚିକିତ୍ସାଧୀନ ଅବସ୍ଥାରେ ବୁର୍ଲାରେ ପ୍ରାଣ ହରାଇଥିଲେ। ଧୋବେଇ ବାରିକଙ୍କ ବୌଦ୍ଧ ଥାନାରେ ଅଭିଯୋଗକ୍ରମେ ଏକ ମାମଲା ରୁଜୁ ହୋଇଥିଲା ଓ ଜିଲ୍ଲା ଓ ଦୌରାଜଜ୍‌ଙ୍କ ଅଦାଲତରେ ବିଚାର ଚାଲିଥିଲା।

**ପ୍ରହସନ ପାଲଟିଛି ମାଧ୍ୟମିକ ଶିକ୍ଷକଙ୍କ ବଦଳି**

# ଅବଧି ସରିଲା; ବଦଳି ନୋହିଲା

ଭୁବନେଶ୍ୱର, ୭।୭(ସମିସ): ବିଦ୍ୟାଳୟରେ ପାଠପଢ଼ା ଆରମ୍ଭ ହେଲାଣି। ହେଲେ ସରୁନାହିଁ ମାଧ୍ୟମିକ ଶିକ୍ଷକଙ୍କ ବଦଳି ପ୍ରକ୍ରିୟା। ସମସ୍ତ ଆବେଦନର ଭେରିଫିକେସନ୍ ସରିଛି। ଜିଲ୍ଲା ଶିକ୍ଷାଧିକାରୀ (ଡିଇଓ)ମାନେ ସେମାନଙ୍କ ରିପୋର୍ଟ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶାଳୟ ନିକଟରେ ଦାଖଲ କରିସାରିଛନ୍ତି। ହେଲେ ବଦଳି ତାଲିକା ପ୍ରକାଶ ପାଉନି। ବଦଳି କ୍ୟାଲେଣ୍ଡର ଅନୁଯାୟୀ ନୂତନ ଶିକ୍ଷାନୁଷ୍ଠାନରେ ଯୋଗଦେବାର ଆଜି ଶେଷ ତାରିଖ ହୋଇଥିବାବେଳେ ଚୂଡ଼ାନ୍ତ ତାଲିକା କେଉଁଠି ଅଟକିଛି ସେନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଅପରପକ୍ଷରେ ବିଭାଗ, ନିର୍ଦ୍ଦେଶାଳୟ ଓ ସରକାରଙ୍କ ମଧ୍ୟରେ ସମନ୍ୱୟ ଅଭାବରୁ ବଦଳି ବିଳମ୍ବ ହେଉଥିବା ଶିକ୍ଷକମାନେ ଅଭିଯୋଗ କରିଛନ୍ତି।

ମାଧ୍ୟମିକ ଶିକ୍ଷକଙ୍କ ବଦଳି ପାଇଁ ଗତ ମେ ୨୨ ତାରିଖରେ ବଦଳି କ୍ୟାଲେଣ୍ଡର ପ୍ରକାଶ ପାଇଥିଲା। ଜୁନ୍ ୫ ତାରିଖ ମଧ୍ୟରେ ଆଶାୟୀ ଶିକ୍ଷକମାନେ ଆବେଦନ କରିଥିଲେ। ଜୁନ୍ ୨୪ ଓ ୨୫ ତାରିଖରେ ରାଜ୍ୟ ସ୍ତରୀୟ ବଦଳି କମିଟି ବସି ତାଲିକା ଚୂଡ଼ାନ୍ତ କରିବା ପରେ ୨୬ରୁ ୩୦ ତାରିଖ ମଧ୍ୟରେ ବଦଳି ନିର୍ଦ୍ଦେଶନାମା ପ୍ରକାଶ ପାଇବାକୁ ଧାର୍ଯ୍ୟ ହୋଇଥିଲା। ହେଲେ ମିଳିଥିବା ସୂଚନା ଅନୁଯାୟୀ, ଏବେଯାଏଁ ରାଜ୍ୟ ସ୍ତରୀୟ ବଦଳି କମିଟି ବସିନାହିଁ। ସମୟ ଅବଧି ସରି ସାରିଥିବାବେଳେ କେବେ କମିଟି ବଦଳି ତାଲିକା ଚୂଡ଼ାନ୍ତ କରିବ, ସେନେଇ କେହି ମୁହଁ ଖୋଲୁ ନାହାନ୍ତି। ନିଜ ନିର୍ଦ୍ଦେଶନାମାକୁ ନିଜେ ଉଚ୍ଚ ମାଧ୍ୟମିକ ଶିକ୍ଷା ପରିଷଦ ପାଳନ କରୁ ନ ଥିବାରୁ ଶିକ୍ଷକଙ୍କ ମଧ୍ୟରେ ଅସନ୍ତୋଷ ଦେଖାଦେଇଛି। ସରକାରୀ କାର୍ଯ୍ୟରେ ଅହେତୁକ ବିଳମ୍ବ ହେଉଥିବାରୁ ରାଜ୍ୟ ସରକାରଙ୍କ ପାଇଁ ଅଡୁଆ ପରିସ୍ଥିତି ସୃଷ୍ଟି କରିବ ବୋଲି ପରୋକ୍ଷରେ ଚେତାବନୀ ଦେବା ସହ ବଦଳି ପ୍ରକ୍ରିୟା ପ୍ରହସନରେ ପରିଣତ ହୋଇଥିବା ଅଭିଯୋଗ କରିଛନ୍ତି। ସେହିପରି ବଦଳି ପ୍ରକ୍ରିୟା ବିଳମ୍ବ ହେଲେ ଶିକ୍ଷାଦାନ ବାଧାପ୍ରାପ୍ତ ହେବ ବୋଲି ଶିକ୍ଷାବିତ୍‌ମାନେ ମତବ୍ୟକ୍ତ କରିଛନ୍ତି। ତୁରନ୍ତ ବଦଳି ଆଦେଶ ପ୍ରକାଶ ନ କଲେ ଆବେଦନକାରୀ ଶିକ୍ଷକମାନେ ରାସ୍ତାକୁ ଓହ୍ଲାଇବେ ବୋଲି ଏନ୍‌ପିଏସ୍ ମାଧ୍ୟମିକ ଶିକ୍ଷକ ସଂଘ ସଭାପତି ପ୍ରଦୀପ୍ତ କୁମାର ପ୍ରଧାନ ପ୍ରକାଶ କରିଛନ୍ତି।

# ଦେଢ଼ ବର୍ଷ ପରେ ପୁଣି ଆରମ୍ଭ ହେଲା ମୁଖ୍ୟମନ୍ତ୍ରୀ ବାୟୁ ସ୍ୱାସ୍ଥ୍ୟ ସେବା

ନବରଙ୍ଗପୁର, ୭।୭ (ସମିସ): ପାଖାପାଖି ଦେଢ଼ବର୍ଷ ପରେ ପୁଣି ଥରେ ଆରମ୍ଭ ହୋଇଛି ମୁଖ୍ୟମନ୍ତ୍ରୀ ବାୟୁ ସ୍ୱାସ୍ଥ୍ୟ ସେବା। ଉପାନ୍ତ ମାଲକାନଗିରି, କୋରାପୁଟ, ନବରଙ୍ଗପୁର, ନୂଆପଡ଼ା ଆଦି ଜିଲ୍ଲାଗୁଡ଼ିକର ଗୁରୁତର ରୋଗୀମାନଙ୍କ ଚିକିତ୍ସା ପାଇଁ ତତ୍‌କାଳୀନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଆରମ୍ଭ କରିଥିଲେ।

**ଉପାନ୍ତରେ ସ୍ୱାସ୍ଥ୍ୟସେବାରେ ପରିବର୍ତ୍ତନ ଆଣିଥିଲେ ନବୀନ ପଟ୍ଟନାୟକ**



ରାଜଧାନୀରୁ ବରିଷ୍ଠ ଓ ବିଶେଷଜ୍ଞ ଡ଼ାକ୍ତରମାନେ ଉପାନ୍ତ ଅଞ୍ଚଳକୁ ଯାଇ ରୋଗୀମାନଙ୍କୁ ଚିକିତ୍ସା ସେବା ଯୋଗାଇ ଦେଉଥିଲେ। ଏପରିକି ଆବଶ୍ୟକସ୍ଥଳେ ରୋଗୀମାନଙ୍କୁ କଟକ, ବ୍ରହ୍ମପୁର, ଭୁବନେଶ୍ୱର ଆଦି ସହରର ବଡ଼ ଡ଼ାକ୍ତରଖାନାକୁ ଆଣି ଚିକିତ୍ସା କରାଯାଉଥିଲା। ମାତ୍ର ରାଜ୍ୟରେ ସରକାର ପରିବର୍ତ୍ତନ ପରେ ପ୍ରାୟ ଦେଢ଼ବର୍ଷ ଧରି ବନ୍ଦ ହୋଇ ଯାଇଥିବା ସେବାକୁ ପୁନର୍ବାର ଆରମ୍ଭ କରାଯାଇଛି। ୪ ଦିନ ଧରି ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଚାଲିବାକୁ ଥିବା ଏହି କାର୍ଯ୍ୟକ୍ରମରେ ରାଜ୍ୟର ବିଭିନ୍ନ ମେଡିକାଲ କଲେଜର ଅଭିଜ୍ଞ ଓ ବରିଷ୍ଠ ଡାକ୍ତର ଯୋଗ ଦେଇଛନ୍ତି। ପ୍ରଥମ ଦିନରେ ୨୬୩ ଜଣ ରୋଗୀଙ୍କ ସ୍ୱାସ୍ଥ୍ୟପରୀକ୍ଷା କରାଯାଇଛି। ଆଜି ସ୍ୱାସ୍ଥ୍ୟ ବିଭାଗର ଡା. ରାକେଶ ମହାନ୍ତି, ମୂତ୍ରାଶୟ ବିଭାଗ ଡା. ବିଶ୍ୱଜିତ ସାହୁ, କିଡ୍‌ନୀ ଜନିତ ରୋଗ ବିଭାଗର ଡା. ଲିପିକା ପାଣିଗ୍ରାହୀ, ହୃଦ୍‌ରୋଗ ବିଭାଗର ଡା. ସୁମିତ୍ କୁମାର ସାହୁ, ପେଟ ଓ ଗ୍ୟାସ୍ ଜନିତ ବିଭାଗ ଡା. ରାକେଶ ମହାନ୍ତି ପ୍ରମୁଖ ରୋଗୀମାନଙ୍କର ସ୍ୱାସ୍ଥ୍ୟ ପରୀକ୍ଷା କରିଛନ୍ତି।

ପ୍ରାଥମିକ ସ୍ୱାସ୍ଥ୍ୟ ପରୀକ୍ଷା ପରେ ଆସନ୍ତା ୮, ୯ ଓ ୧୦ ତାରିଖରେ ରୋଗୀମାନଙ୍କୁ ସୁପରସ୍ପେସିଆଲିଟି ବରିଷ୍ଠ ଅଭିଜ୍ଞ ଡାକ୍ତରମାନଙ୍କ ଦ୍ୱାରା ଚିକିତ୍ସା କରାଯିବାର ବ୍ୟବସ୍ଥା କରାଯାଇଛି। ୧୦ ତାରିଖ ଦିନ ରୋଗୀମାନଙ୍କୁ ସ୍ୱାସ୍ଥ୍ୟସେବା ଜନିତ ପରାମର୍ଶ ଓ ଔଷଧ ପ୍ରଦାନ କରାଯିବ। ଜିଲ୍ଲାପାଳ ଡଃ ଶୁଭଙ୍କର ମହାପାତ୍ର ଏହି ଶିବିରକୁ ପରିଦର୍ଶନ କରି ସମସ୍ତ ଆନୁଷଙ୍ଗିକ ବ୍ୟବସ୍ଥାକୁ ନିରୀକ୍ଷଣ କରିବା ସହ ରୋଗୀମାନଙ୍କ ଯେଭଳି କୌଣସି ଅସୁବିଧା ନ ହୁଏ, ତା’ ଉପରେ ବିଶେଷ ଦୃଷ୍ଟି ଦେବାକୁ ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରୀଙ୍କୁ କହିଥିଲେ। ଏହି ସ୍ୱାସ୍ଥ୍ୟସେବା ଯୋଗାଇ ଦେବାକୁ ଓ ଏହାର ସଫଳ ରୂପାୟନ ପାଇଁ ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ ଡା. ସନ୍ତୋଷ କୁମାର ପଣ୍ଡାଙ୍କ ନେତୃତ୍ୱରେ ଡିପିଏଚଓ ଡା. ନବକିଶୋର ବେହେରା, ଡା. ସୁକାନ୍ତ ଶତପଥୀ, ଡିପିଏମ୍, ଏନ୍‌ଏଚ୍‌ଏମ ଶଙ୍କର ଆଚାର୍ଯ୍ୟଙ୍କ ସମେତ ଡାକ୍ତର, ଫାର୍ମାସିଷ୍ଟ, ନର୍ସ, ହସ୍ପିଟାଲ ମ୍ୟାନେଜର୍, ଆୟୁଷ ଡାକ୍ତର, ସ୍ୱାସ୍ଥ୍ୟ ବିଭାଗର କର୍ମଚାରୀ ସହଯୋଗ କରିଥିଲେ।



**ମାତିଛନ୍ତି ବାଇକ୍ ଲୁଟେରା**

# ରାଜଧାନୀରୁ ଚୋରି କୋଲକାତାରେ ବିକ୍ରି

ଭୁବନେଶ୍ୱର, ୭ ।୭ (ସମିସ): ହାଇ ସିକ୍ୟୁରିଟ୍ ନମ୍ବର ପ୍ଲେଟ୍ ହେବା ପରେ ରାଜଧାନୀରୁ ବାଇକ୍ ଚୋରି କମିଯିବ ବୋଲି ଲୋକେ ଆଶା କରୁଥିଲେ। କାରଣ ଏହି ନମ୍ବର ପ୍ଲେଟ୍ ଥିବା ଗାଡ଼ିକୁ ଚୋରି କଲେ ଧରାପଡ଼ିବାର ଅଧିକ ସମ୍ଭାବନା ରହିଛି ପରିବହନ ବିଭାଗ କହି ବୁଲୁଛି। କିନ୍ତୁ ବାସ୍ତବରେ ଏହା ଚୋରଙ୍କ ଉପରେ କିଛି ପ୍ରଭାବ ପକାଇ ପାରୁନି। ସେମାନେ ଏହି ହାଇ ସିକ୍ୟୁରିଟ୍ ନମ୍ବର ପ୍ଲେଟ୍ ଥିବା ଗାଡ଼ିକୁ ଚୋରି କରି ନେଉଛନ୍ତି। ୬ ମାସରେ ରାଜଧାନୀରୁ ୧୨୦ଟି ବାଇକ୍ ଚୋରି ହୋଇଥିବା ସୂଚନା ମିଳିଛି। ଏଥିରୁ ପ୍ରାୟ ୮୦ଟି ବାଇକ୍ ହାଇ ସିକ୍ୟୁରିଟ୍ ନମ୍ବର ପ୍ଲେଟ୍ ଥିବା ଗାଡ଼ି ରହିଛି। ରାଜଧାନୀରେ ଦିନକୁ ୧୦ରୁ ଊର୍ଦ୍ଧ୍ୱ ବାଇକ୍ ଚୋରି ହୋଇଥିବା ନେଇ ମାମଲା ରୁଜୁ ହୋଇଛି। ଏହିଭଳି ଦୁଇ ଦିନରେ ୧୫ଟି ବାଇକ୍ ସହରର ବିଭିନ୍ନ ଥାନା ଅଞ୍ଚଳରୁ ଚୋରି ହୋଇଥିବା ନେଇ ମାମଲା ହୋଇଛି। ନିକଟରେ ସହରର କିଛି ପ୍ରମୁଖ ଥାନାରେ ଘନ ଘନ ବାଇକ୍ ଚୋରି ହେଉଥିବା ବେଳେ ପୁଲିସ ଏହି ଗ୍ୟାଙ୍ଗକୁ ଧରିବାରେ ବିଫଳ ହୋଇଛି।

### କ୍ୟାପିଟାଲ ଥାନା ଅଞ୍ଚଳରୁ ସର୍ବାଧିକ ବାଇକ୍ ଚୋରି

ଗତକାଲି ଏୟାରପୋର୍ଟ ଥାନା ମଧୁସୂଦନ ପାର୍କ ନିକଟରୁ ସଞ୍ଜୟ ମଲିକ୍ ନାମକ ଜଣେ ବ୍ୟକ୍ତିଙ୍କ ବାଇକ୍ ଚୋରି ହୋଇଛି। ସେ କୌଣସି କାମରେ ପାର୍କ ଯାଇଥିଲେ। ଫେରିବା ପରେ ସେଠାରେ ତାଙ୍କ ବାଇକ୍ ଚୋରି ହୋଇଯାଇଥିଲା। ସେହିପରି ବଡ଼ଗଡ଼ ଥାନା ବାସ୍କେରେଶ୍ୱର ମନ୍ଦିରକୁ ପ୍ରମୋଦ କୁମାର କଅଁର ବୁଲିବାକୁ ଯାଇଥିଲେ। ସେ ବୁଲି ବାହାରିବା ପରେ ତାଙ୍କ ବାଇକ୍ ଚୋରି ହୋଇଯାଇଥିଲା। ସେହିପରି ବାଲିପାଟଣା ଥାନା ବାଲକାଟି ଦେବୀ ମଣ୍ଡପ ନିକଟରୁ ସ୍ୱାଧୀନ ପାତ୍ର ନାମକ ଜଣେ ବ୍ୟକ୍ତିଙ୍କ ବାଇକ୍ ଚୋରି ହୋଇଥିବା ନେଇ ଥାନାରେ ମାମଲା ହୋଇଛି। ସେହିପରି କ୍ୟାପିଟାଲ ଥାନା ୟୁନିଟ୍-୮ ମାଛ ଦୋକାନକୁ ପୁରୁଣା ଭୁବନେଶ୍ୱରର ସଞ୍ଜିବ ମଣ୍ଡଳ ଯାଇଥିଲେ। ସେ ବାଇକ୍ ପାର୍କିଂ କରି ମାଛ କିଣିବା ସମୟରେ ତାଙ୍କ ବାଇକ୍ କେହି ଚୋରି କରି ନେଇଥିଲା। ସେହିଭଳି ୟୁନିଟ୍-୮ରେ ରହୁଥିବା ଗଙ୍ଗାଧର ଜେନା ୟୁନିଟ୍-୧କୁ ମାର୍କେଟିଂ କରିବାକୁ ଆସିଥିଲେ। ଏହି ସମୟରେ ତାଙ୍କ ବାଇକ୍‌କୁ କେହି ଚୋରି କରି ନେଇଥିଲା। ସେହିପରି ସମରଜିତ୍ ମାରାଣ୍ଡି ଫରେଷ୍ଟ ପାର୍କ ଗେଟ୍ ଆଗରେ ବାଇକ୍ ପାର୍କିଂ କରି ପାର୍କ ଭିତରକୁ ଯାଇଥିବା ବେଳେ ତାଙ୍କ ବାଇକ୍ ଚୋରି ହୋଇଥିଲା। ସେହିପରି ମାର୍କେଟ ବିଲ୍ଡିଂରୁ ଶୁଭଶ୍ରୀ ଶୁଭଦର୍ଶିନୀଙ୍କ ଚୋରି ହୋଇଥିଲା। ବଡ଼ କଥା ହେଲା କ୍ୟାପିଟାଲ ଥାନାରେ ସର୍ବାଧିକ ବାଇକ୍ ଚୋରି ହେଉଛି।



- ଦୁଇଦିନରେ ୧୫ ବାଇକ୍ ଚୋରି ଅଭିଯୋଗ
- ୬ ମାସରେ ରାଜଧାନୀରୁ ୧୨୦ ବାଇକ୍ ଚୋରି
- ଚୋରି ପଛରେ ବଙ୍ଗୀୟ ଗ୍ୟାଙ୍ଗର ସମ୍ପୃକ୍ତି ସନ୍ଦେହ

### ପିଓପିଡି ଟିମ୍ ବାଇକ୍ ଚୋରକୁ ଧରିବାରେ ଫେଲ୍

ସହରରେ ହେଉଥିବା ଲୁଟ୍‌ପାଟ ମାମଲାର ତଦନ୍ତ ଭାର କେବଳ ଏହି ପିଓପିଡି ଟିମ୍‌କୁ ଦିଆଯାଉଛି। ତେଣୁ ବାଇକ୍ ଚୋରି ମାମଲା ଏହି ଟିମ୍ ନେଉଛି। ସହରରେ ଗୋଟିଏ ଦିନରେ ୩୦ଟି ବାଇକ୍ ଚୋରି ହେଉଥିଲେ ମଧ୍ୟ କିଭଳି ଏହି ଗ୍ୟାଙ୍ଗ୍‌କୁ ଧରି ପାରୁନାହାନ୍ତି ତାହାକୁ ନେଇ ପ୍ରଶ୍ନ ଉଠୁଛି। ବଡ଼ କଥା ହେଲା ପୁଲିସ ନିଜ ଉପରୁ ମାମଲା ବୋଝ କମାଇବା ପାଇଁ ଅନେକ ବାଇକ୍ ଚୋରି ଅଭିଯୋଗରେ ମାମଲା ରୁଜୁ କରୁନି। ଯେଉଁ ଚୋରି ହୋଇଥିବା ବାଇକ୍‌ର ଇନ୍ସୁରାନ୍ସ ନାହିଁ, ତାହା ମାମଲା ରୁଜୁ କରାଯାଉନି।

### ସକାଳୁ ଚୋରି କରି ସନ୍ଧ୍ୟାରେ ଟ୍ରେନରେ ଚମ୍ପଟ

ବାଇକ୍ ଚୋରି ଗ୍ୟାଙ୍ଗ ପଛରେ ବଙ୍ଗୀୟ ଲୁଟେରାଙ୍କ ହାତ ରହିଛି। ସେ ପଶ୍ଚିମବଙ୍ଗ ଏବଂ ନୟାଗଡ଼ର କିଛି ପିଲାଙ୍କୁ ଏହି ଗ୍ୟାଙ୍ଗ୍‌ରେ ସାମିଲ କରିଛନ୍ତି। ସେମାନେ ସକାଳୁ ଟ୍ରେନ୍‌ରେ ଭୁବନେଶ୍ୱର ପହଞ୍ଚୁଛନ୍ତି। ସମସ୍ତେ ଏକାଠି ହୋଇ ବିଭିନ୍ନ ସ୍ଥାନକୁ ବାଇକ୍ ଚୋରି କରିବାକୁ ପଳାଉଛନ୍ତି। ବାଇକ୍ ଚୋରି କରିବା ପରେ ଏକ ନିର୍ଦ୍ଦିଷ୍ଟ ସ୍ଥାନରେ ଏକାଠି ହୋଇ ବାଇକ୍ ବଙ୍ଗାଳି ଦାଦାଙ୍କୁ ଦେଇ ଟଙ୍କା ନେଇ ସନ୍ଧ୍ୟାରେ ପଳାଉଛନ୍ତି। ଆଉ ଚୋରି ବାଇକ୍ ସବୁ ଏକାଠି କରି ଗାଡ଼ିରେ ବଙ୍ଗୀୟ ଯୁବକ ପଶ୍ଚିମବଙ୍ଗ ନେଇ ବିକ୍ରି କରୁଥିବା ବିଶ୍ୱସ୍ତ ସୂତ୍ରରୁ ସୂଚନା ମିଳିଛି।

## ଏସିପି ଓ ଇନ୍ସପେକ୍ଟର ସ୍ତରରେ ବଦଳି

ଭୁବନେଶ୍ୱର, ୭।୭ (ସମିସ): କମିସନରେଟ ପୁଲିସର ଏସିପି ଓ ଇନ୍ସପେକ୍ଟର ସ୍ତରରେ ଛୋଟ ଧରଣର ଅଦଳବଦଳ ହୋଇଛି। ଦୁଇଜଣ ଏସିପି ପାହ୍ୟାର ଅଧିକାରୀ ଓ ଜଣେ ଇନ୍ସପେକ୍ଟରଙ୍କୁ ନୂଆ ଦାୟିତ୍ୱ ମିଳିଛି। ସୂଚନା ଅନୁସାରେ, ନୂଆକରି ପଦୋନ୍ନତି ପାଇଥିବା ଏସିପି ତଥା ଏୟାରଫିଲ୍ଡ ଥାନା ଅଧିକାରୀ ଶଶିକାନ୍ତ ରାଉତଙ୍କୁ କଟକ ସହରାଞ୍ଚଳ ପୁଲିସ ଜିଲ୍ଲା (ୟୁପିଡି)ର ଜୋନ୍ ୪ ଏସିପି ଭାବେ ଦାୟିତ୍ୱ ଦିଆଯାଇଛି। ସେଠାରେ ପୂର୍ବରୁ କାର୍ଯ୍ୟରତ ଥିବା ଡିଏସପି ଅମିତାଭ ମହାପାତ୍ରଙ୍କୁ ଜୋନ୍ ୩ ଏସିପି ଭାବେ ଅବସ୍ଥାପିତ କରାଯାଇଛି। କଟକ ୟୁପିଡିର ଜୋନ୍ ୩ ଦାୟିତ୍ୱରେ ଥିବା ଏସିପି ପ୍ରଦୀପ୍ତ କୁମାର ରାଉତ କ୍ରାଇମବ୍ରାଞ୍ଚକୁ ବଦଳି ହେବାପରେ ଏହି ପଦ ଖାଲି ପଡ଼ିଥିଲା। ଜୋନ୍ ୨ ଏସିପି ଅସ୍ଥାୟୀ ଭାବେ ଏହି ଦାୟିତ୍ୱ ସମ୍ଭାଳୁଥିଲେ। ସେହିଭଳି ଚନ୍ଦକା ଥାନାର ପୂର୍ବତନ ଅଧିକାରୀ ତଥା ପିସିଆର ଓ ଇଆରଏସ୍‌ଏସ୍ ସେଲରେ କାର୍ଯ୍ୟରତ ଇନ୍ସପେକ୍ଟର ପ୍ରଦୀପ କୁମାର ଜେନାଙ୍କୁ ଏୟାରଫିଲ୍ଡ ଥାନା ଅଧିକାରୀ ଭାବେ ଅସ୍ଥାୟୀ ଦାୟିତ୍ୱ ମିଳିଛି।

## ନନ୍ଦନକାନନରେ ପୁଣି ୧୧ ଆନାକୋଣ୍ଡା ଜନ୍ମ



ନନ୍ଦନକାନନ, ୭।୭(ସମିସ): ନନ୍ଦନକାନନରେ ଖୁସି ଖବର। ପୁଣି ୧୧ଟି ଅନାକୋଣ୍ଡା ଛୁଆ ଜନ୍ମ ହୋଇଛନ୍ତି। ସରୀସୃପ ଉଦ୍ୟାନରେ ଆଉ ଏକ ହଳଦିଆ ଆନାକୋଣ୍ଡା ସାପ ୧୧ଟି ଛୁଆ ଜନ୍ମ କରିଛି। ନନ୍ଦନକାନନରେ ୨ଟି ଆନାକୋଣ୍ଡା ଗର୍ଭବତୀ ହୋଇଥିଲା ବେଳେ ଗତ ଜୁନମାସ ୨୯ ତାରିଖରେ ଗୋଟିଏ ମାଈ ଆନାକୋଣ୍ଡା ୭ଟି ଛୁଆ ଜନ୍ମ କରିଥିଲା। ଗତ ଡିସେମ୍ବର ରୁ ଜାନୁଆରୀ ମାସରେ ନନ୍ଦନକାନନରେ ଥିବା ୨ଟି ଅଣ୍ଡିରା ଆନାକୋଣ୍ଡାଙ୍କ ସହ ମିଳନରେ ଗର୍ଭଧାରଣ କରିଥିଲେ। ୨୨ଅକ୍ଟୋବର ୨୦୧୯ ମାଡ୍ରାସ କ୍ରୋକୋଡାଇଲ ଟ୍ରଷ୍ଟ ରୁ ୨ବର୍ଷ ବୟସ ହୋଇଥିବା ୮ଟି (୪ଅଣ୍ଡିରା /୪ମାଈ) ହଳଦିଆ ଆନାକୋଣ୍ଡା ଅଣା ଯାଇଥିଲା। ସେମାନଙ୍କ ମଧ୍ୟରୁ କିଛି ଦିନ ବ୍ୟବଧାନରେ ଅନ୍ତନଳି ସଂକ୍ରମଣ ହେବାସହ ରକ୍ତଝାଡ଼ା ହୋଇ ୪ଟିର ମୃତ୍ୟୁ ହୋଇଥିଲା। ଆସିବାର ପ୍ରାୟ ୩ବର୍ଷ ପରେ ଆନାକୋଣ୍ଡା ନନ୍ଦନକାନନ ଇତିହାସରେ ଆଉ ଏକ ଗୌରବମୟ ଅଧ୍ୟାୟ ଯୋଡ଼ି ହୋଇଥିଲା। ୬ ଜୁଲାଇ ୨୦୨୨ରେ ଏକ ଆନା କୋଣ୍ଡା ପ୍ରଥମେ ଗୋଟିଏ ଛୁଆ ଜନ୍ମ କରିଥିଲା। ଏହାର ଗୋଟିଏ ଦିନ ପରେ ୮ଜୁଲାଇ ୨୦୨୨ରେ ୯ଟି ଛୁଆ ଜନ୍ମ ହୋଇଥିଲା। ସେଥିମଧ୍ୟରୁ ଗୋଟିଏ ମଲା ଛୁଆ ଜନ୍ମ ହୋଇଥିଲା। ସେମାନଙ୍କ ମଧ୍ୟରୁ କିଛି ଛୁଆଙ୍କର ପରବର୍ତ୍ତୀ ସମୟରେ ମୃତ୍ୟୁହୋଇଥିଲା। ନନ୍ଦନକାନନରେ ମାଡ୍ରାସରୁ ଆସିଥିବା ୮ଟି ଅନାକୋଣ୍ଡାରୁ ପ୍ରାପ୍ତବୟସ୍କ ୨ଟି ଅଣ୍ଡିରା ୨ଟି ମାଈ ଥିବାବେଳେ ଏମାନଙ୍କ ଠାରୁ ୨୦୨୨ଜୁଲାଇରେ ଜନ୍ମିତ ୩ଟି, ଗତ ଜୁନ ମାସ ୨୯ତାରିଖରେ ୭ଟି ଓ ଚଳିତ ଜୁଲାଇ ମାସ ୪ତାରିଖ ଶୁକ୍ରବାର ୧୧ଟି ଛୁଆ ଜନ୍ମ ହେବାପରେ ନନ୍ଦନକାନରେ ଏମାନଙ୍କ ସଂଖ୍ୟା ୨୫କୁ ବୃଦ୍ଧି ପାଇଥିବା ଉପ ନିର୍ଦ୍ଦେଶକ ସନଥ ନାରାୟଣ ସୂଚନା ଦେଇଛନ୍ତି। ଆଗରୁ ଜନ୍ମିତ ୩ଟି ଓ ଜୁନ ୨୯ରେ ଜନ୍ମିତ ୭ଟି ଏବଂ ଜୁଲାଇ ୪ରେ ଜନ୍ମିତ ୧୧ଟି ଛୁଆଙ୍କ ଲିଙ୍ଗ ନିରୂପଣ ହୋଇନାହିଁ।

**● ଦୁଇ ଭାଇଙ୍କୁ ଆକ୍ରମଣ ଘଟଣା**


## ଦଶବର୍ଷ ପରେ ଧରାପଡ଼ିଲା ଅଭିଯୁକ୍ତ

ଭୁବନେଶ୍ୱର, ୭।୭ (ସମିସ): ଦୁଇ ଭାଇଙ୍କୁ ଆକ୍ରମଣ ଘଟଣାର ୧୦ ବର୍ଷ ପରେ ଜଣଙ୍କୁ ଗିରଫ କରିଛି କ୍ୟାପିଟାଲ ଥାନା ପୁଲିସ। ଗିରଫ ଅଭିଯୁକ୍ତ ହେଉଛି ପଟେଲ ବସ୍ତିର ବାବୁ ଓରଫ୍ ରବି ମଲ୍ଲିକ (୩୬)।



ପୁଲିସ ସୂଚନା ଅନୁସାରେ, ୨୦୧୫ ମସିହା ଅକ୍ଟୋବର ମାସ ୧୩ ତାରିଖ ଦିନ ସଡ଼କ ବସ୍ତିର ପ୍ରକାଶ ନାୟକ ଓ ଭାଇ ମୁଣ୍ଡା ନାୟକ ଘରେ ବସିଥିଲେ। ସେହି ସମୟରେ ପୂର୍ବ ଶତ୍ରୁତାକୁ କେନ୍ଦ୍ରକରି ସସ୍ମିତା ଦାସ, ବାସନ୍ତୀ ସ୍ୱାଇଁ, ଗୁଲି ସ୍ୱାଇଁ, ଗୀତା ସ୍ୱାଇଁ, ବିଦ୍ୟାଧର ବାରିକ ଓ ରବି ମଲ୍ଲିକ ଘରେ ପଶି ଦୁଇ ଭାଇଙ୍କୁ ମରଣାନ୍ତକ ଆକ୍ରମଣ କରିଥିଲେ। ପ୍ରକାଶଙ୍କ ମୁଣ୍ଡରେ ଗଭୀର ଆଘାତ ଲାଗିଥିବା ବେଳେ ମୁଣ୍ଡା ମଧ୍ୟ ଆହତ ହୋଇଥିଲେ। ଏନେଇ ମାଆ ଚେମା ନାୟକ କ୍ୟାପିଟାଲ ଥାନାରେ ଅଭିଯୋଗ କରିବା ପରେ ପୁଲିସ ମାମଲା ରୁଜୁ କରିଥିଲା। ପୂର୍ବରୁ ୫ ଜଣଙ୍କୁ ଗିରଫ କରିଥିଲା। ରବି ଘଟଣା ପରଠାରୁ ଦୀର୍ଘବର୍ଷ ଧରି ଫେରାର ରହିଥିଲା। ଆଜି କ୍ୟାପିଟାଲ ଥାନା ପୁଲିସ ରବିକୁ ଗିରଫ କରି କୋର୍ଟ ଚାଲାଣ କରିଛି। ତା ନାମରେ ପୂର୍ବରୁ ମଧ୍ୟ ଗୋଟିଏ ମାମଲା ରହିଥିବା ପୁଲିସ କହିଛି।

## ୨୫ ଲକ୍ଷର ବ୍ରାଉନ୍‌ସୁଗର ଜବତ; ଜଣେ ଗିରଫ




ଭୁବନେଶ୍ୱର, ୭ ।୭ (ସମିସ): ବ୍ରାଉନ୍ ସୁଗର ବିକ୍ରି କରୁଥିବା ଜଣେ ନିଶା ବେପାରୀକୁ ଜଟଣୀ ଗେଟ୍ ନିକଟରୁ ଗିରଫ କରିଛି ସ୍ପେଶାଲ କ୍ରାଇମ୍ ୟୁନିଟ। ତା ନିକଟରୁ ୨୬୫ ଗ୍ରାମର ବ୍ରାଉନ୍ ସୁଗର ଜବତ କରିବା ସହ ଗୋଟିଏ ବୁଲେଟ ଏବଂ ୩୧ ହଜାର ଟଙ୍କା ଜବତ କରାଯାଇଛି। ଗିରଫ ଅଭିଯୁକ୍ତ ଜଣଙ୍କ ହେଲେ ଜଙ୍କିଆର ରଶ୍ମୀରଞ୍ଜନ ଭୋଳ। ତାଙ୍କ ନାମରେ ଏନ୍‌ଡିପିଏସ୍ ମାମଲା ରୁଜୁ କରାଯାଇ ଗିର କରାଯାଇଛି।

ଅଭିଯୁକ୍ତ ରଶ୍ମୀରଞ୍ଜନ ପଶ୍ଚିମବଙ୍ଗରୁ ବ୍ରାଉନ୍ ସୁଗର ଆଣି ଜଟଣୀ ଏବଂ ଭୁବନେଶ୍ୱରରେ ବିକ୍ରି କଲେ। ଗତ କିଛି ଦିନ ହେବ ତା ଉପରେ ସ୍ପେଶାଲ କ୍ରାଇମ୍ ୟୁନିଟ୍ ନଜର ରଖିଥିଲା। ଗତକାଲି ସନ୍ଧ୍ୟାରେ ଜଟଣୀ ଗେଟ୍ ଛକ ନିକଟରେ ବୁଲେଟ୍‌ରେ ବସି ଗ୍ରାହକ ଅପେକ୍ଷାରେ ରହିଥିଲା। ଖବର ପାଇ ସ୍ପେଶାଲ କ୍ରାଇମ୍ ୟୁନିଟ୍ ଟିମ୍ ଚଢଉ କରି ତାକୁ କାବୁ କରିଥିଲା। ତା ନିକଟରୁ ବ୍ରାଉନ୍ ସୁଗର ଏବଂ ୩୧ହଜାର ଟଙ୍କା ଜବତ କରାଯାଇଥିଲା। ସେ ଜଣେ ପେଶାଦାର ବ୍ରାଉନ୍ ସୁଗର ବେପାରୀ। ରାଜଧାନୀ ଏବଂ ଜଟଣୀରେ ଥିବା ଘରୋଇ ଶିକ୍ଷାନୁଷ୍ଠାନ ଉପରେ ଥିବା ନଜର। ଯେଉଁମାନେ ସେଠାରେ ପାଠ ପଢୁଥିଲେ ସେମାନଙ୍କୁ ବ୍ରାଉନ୍ ସୁଗର ବିକ୍ରି କରୁଥିଲା। ତାର ଲିଙ୍କ୍ ଅନ୍ୟ କେଉଁ ବେପାରୀ ଅଛନ୍ତି ପୁଲିସ ଖୋଳତାଡ଼ କରୁଛି।

## ଅତିରିକ୍ତ ସଚିବଙ୍କ ଘରୁ ଚୋରି କରି ଗିରଫ

**● ଅଭିଯୁକ୍ତ ନାଁରେ ୧୦ ମାମଲା; ଆଉ ଦୁଇ ଫେରାର**



ଭୁବନେଶ୍ୱର, ୭।୭ (ସମିସ): ଅତିରିକ୍ତ ସଚିବ ପୁଷ୍ପଲତା ସାମଲଙ୍କ ଘରୁ ଚୋରି ଘଟଣାର ୧୫ ଦିନ ପରେ ଜଣଙ୍କୁ ଗିରଫ କରିଛି ଖାରବେଳ ନଗର ଥାନା ପୁଲିସ। ଗିରଫ ଅଭିଯୁକ୍ତ ହେଉଛି କେଦାରପଲ୍ଲୀ ବସ୍ତିର ପ୍ରଶାନ୍ତ ନାୟକ ଓରଫ୍ ପସା (୪୩)।

ପୁଲିସ ସୂଚନା ଅନୁସାରେ, ସାଧାରଣ ପ୍ରଶାସନ ବିଭାଗର ଅତିରିକ୍ତ ସଚିବ ପୁଷ୍ପଲତା ସାମଲ ୟୁନିଟ୍ ୩ ଅଞ୍ଚଳର ସରକାରୀ କ୍ୱାଟରରେ ରୁହନ୍ତି। ଗତମାସ ୨୩ ତାରିଖ ସନ୍ଧ୍ୟାରେ ପୁଷ୍ପଲତା ଓ ତାଙ୍କ ପରିବାର ସଦସ୍ୟମାନେ ବାହାରେ ଥିଲେ। ସେହି ସମୟରେ ପସା, ଦିପୁନା ଓ ପପୁ ତାଙ୍କ କ୍ୱାଟର ତାଲା ଭାଙ୍ଗି ଗୋଟିଏ ଲାପଟପ୍ ଓ ଚାର୍ଜର ଚୋରି କରି ନେଇଥିଲେ। ଚୋରି ବେଳର ଦୃଶ୍ୟ ସିସିଟିଭି କ୍ୟାମେରାରେ କଏଦ ହୋଇଥିଲା।

ପୁଷ୍ପଲତାଙ୍କ ଅଭିଯୋଗ ଆଧାରରେ ଖାରବେଳ ନଗର ଥାନା ପୁଲିସ ଏକ ମାମଲା ରୁଜୁ କରିଥିଲା। ସିସିଟିଭି ଫୁଟେଜ ଯାଞ୍ଚ ପରେ ୩ ଜଣଙ୍କ ସମ୍ପୃକ୍ତି ସାମ୍ନାକୁ ଆସିଥିଲା। ଅଭିଯୁକ୍ତମାନେ କେଦାରପଲ୍ଲୀ ବସ୍ତିର ବୋଲି ଜଣାପଡ଼ିଥିଲା। ଆଜି ପୁଲିସ ମାଷ୍ଟରକ୍ୟାଣ୍ଟିନ ଅଞ୍ଚଳରୁ ପସାକୁ ଗିରଫ କରିଥିଲା। ସେ ତା'ର ସହଯୋଗୀ ଦିପୁନା ଓ ପପୁ ସହିତ ମିଶି ଚୋରି କରିଥିବା ସ୍ୱୀକାର କରିଥିଲା। ତଲାସି ବେଳେ ପସାର ଘରୁ ଲାପଟପ୍ ଓ ଲାପଟପ୍ ଚାର୍ଜର ଜବତ କରିଥିଲା। ପସା ନାମରେ ପୂର୍ବରୁ କ୍ୟାପିଟାଲ, ବଡ଼ଗଡ଼, ଶ୍ରୀ ଲିଙ୍ଗରାଜ ଓ ଏୟାରଫିଲ୍ଡ ଥାନାରେ ୧୦ଟି ଅପରାଧିକ ମାମଲା ରହିଥିବା ତଦନ୍ତ ବେଳେ ଜଣାପଡ଼ିଥିଲା।




ପଛୁଆବର୍ଗ ଶିକ୍ଷାର୍ଥୀଙ୍କୁ ମେଡିକାଲ ବୈଷୟିକ କାରିଗରୀ ଓ ବୃତ୍ତିଗତ ଶିକ୍ଷାରେ ସଂରକ୍ଷଣ ପ୍ରଦାନ ଦାବିରେ ସାମାଜିକ ନ୍ୟାୟ ସାମ୍ମୁଖ୍ୟ ପକ୍ଷରୁ ପିଏମ୍‌ଜିରେ ସତ୍ୟାଗ୍ରହ।

## ଋଣ ଆଳରେ ଜାଲିଆତି; ଧୂର୍ତ୍ତ ଗିରଫ



ଭୁବନେଶ୍ୱର, ୭।୭ (ସମିସ): ଋଣ ଆଳରେ ଜାଲିଆତି କରି ଲକ୍ଷାଧିକ ଟଙ୍କା ଠକି ନେଇଥିବା ଧୂର୍ତ୍ତକୁ ଗିରଫ କରିଛି ଶ୍ରୀ ଲିଙ୍ଗରାଜ ଥାନା ପୁଲିସ। ଗିରଫ ଅଭିଯୁକ୍ତ ହେଉଛି ପୋଖରୀପୁଟରେ ରହୁଥିବା ଡେଲାଙ୍ଗ ଥାନା ଶ୍ରୀ ପୁରୁଷୋତ୍ତମପୁର ଗାଁର ଦେବଦତ୍ତ ମିଶ୍ର।

ପୁଲିସ ସୂଚନା ଅନୁସାରେ, ଦେବଦତ୍ତ ବଜାଜ ଫାଇନାନ୍ସ କମ୍ପାନୀରେ ୧୧୪ ଗ୍ରାମ ଓଜନର ସୁନା ବନ୍ଧକ ରଖି ଟଙ୍କା ଆଣିଥିଲା। ନିକଟରେ ଲୁଇସ୍ ରୋଡ ସ୍ଥିତ ମୁଥୁଟ୍ ଫାଇନାନ୍ସ ବ୍ୟାଙ୍କ ଆସି ବଜାଜ ଫାଇନାନ୍ସରେ ଥିବା ସୁନା ଋଣ ଅଧିଗ୍ରହଣ କରିବା ଲାଗି କହିଥିଲା। ଏଥିସହିତ ୮ ଲକ୍ଷ ୪ ହଜାର ୫୧୫ ଟଙ୍କା ଦେବାପରେ ବନ୍ଧକ ଥିବା ସୁନା ମୁଥୁଟ୍ ଫାଇନାନ୍ସକୁ ଆସିବ ବୋଲି କହିଥିଲା। ବ୍ୟାଙ୍କ କର୍ତ୍ତୃପକ୍ଷ ସୁନାର ପରିମାଣ ଓ କାଗଜପତ୍ର ଯାଞ୍ଚ କରି ଟଙ୍କା ଦେବା ପାଇଁ ସହମତି ପ୍ରକାଶ କରିଥିଲେ। ଦେବଦତ୍ତ କହିବା ମୁତାବକ ମୁଥୁଟ୍ ଫାଇନାନ୍ସ ବ୍ୟାଙ୍କ କର୍ତ୍ତୃପକ୍ଷ ତା'ର ଆକାଉଣ୍ଟକୁ ୮ ଲକ୍ଷ ୪ ହଜାର ୫୧୫ ଟଙ୍କା ପଠାଇଥିଲେ। ହେଲେ ଦେବଦତ୍ତ ଅନ୍ୟ ଜଣେ ବ୍ୟକ୍ତିଙ୍କୁ ଦେଇଥିବା ଚେକ୍ ଯୋଗୁଁ ଆକାଉଣ୍ଟରୁ ୬ ଲକ୍ଷ ୧୦ ହଜାର ଟଙ୍କା କଟି ଯାଇଥିଲା। ଟଙ୍କା ଦେବାପରେ ମଧ୍ୟ ସୁନା ନ ପାଇବାରୁ ମୁଥୁଟ୍ କର୍ତ୍ତୃପକ୍ଷ ଖୋଳତାଡ଼ ଆରମ୍ଭ କରିଥିଲେ। ଦେବଦତ୍ତ ଦେଇଥିବା ଚେକ୍ ଲାଗି ଟଙ୍କା କଟି ଯାଇଥିବାରୁ ବଜାଜ ଫାଇନାନ୍ସ ଋଣ ପରିଶୋଧ ହୋଇପାରିନାହିଁ କି ସୁନା ଆସି ପାରିନାହିଁ ବୋଲି ଜାଣିବାକୁ ପାଇଥିଲେ। ଏଥିସହିତ ଅବଶିଷ୍ଟ ଏକଲକ୍ଷ ୯୫ ହଜାର ହଜାର ଟଙ୍କା ଫେରାଇ ଆଣିଥିଲେ।

ଦେବଦତ୍ତକୁ ଯୋଗାଯୋଗ କରିବାରୁ ଚେକ୍ ଦ୍ୱାରା କଟିଥିବା ଟଙ୍କା ଦେବାକୁ ରାଜି ହେଇଥିଲା। ପ୍ରଥମେ ୧ ଲକ୍ଷ ୪୦ ହଜାର ଓ ପରେ ୧୫ ହଜାର ଟଙ୍କା ଦେଇଥିଲା। ହେଲେ ଅବଶିଷ୍ଟ ଟଙ୍କା ଦେବା ପରିବର୍ତ୍ତେ ଦିନ ଗଡ଼ାଇ ଚାଲିଥିଲା। ଏମିତିକି ବ୍ୟାଙ୍କ କର୍ତ୍ତୃପକ୍ଷଙ୍କୁ ଗାଳିଗୁଲଜ କରିବା ସହିତ ଧମକ ଚମକ ଦେଇଥିଲା। ଏନେଇ ଶାଖା ପରିଚାଳକ ଆଲୋକ କୁମାର ରଣା ଶ୍ରୀ ଲିଙ୍ଗରାଜ ଥାନାରେ ଅଭିଯୋଗ କରିବା ପରେ ପୁଲିସ ମାମଲା ରୁଜୁ କରିଥିଲା। ଆଜି ଦେବଦତ୍ତକୁ ଗିରଫ କରି କୋର୍ଟ ଚାଲାଣ କରିଛି।

**୧୧ରେ ଓଡ଼ିଶା ଆସୁଛନ୍ତି ରାହୁଲ**

## ଭୁବନେଶ୍ୱର ଜିଲ୍ଲା କଂଗ୍ରେସର ପ୍ରସ୍ତୁତି ବୈଠକ




ଭୁବନେଶ୍ୱର, ୭।୭(ସମିସ): ଆସନ୍ତା ୧୧ ତାରିଖ ଶୁକ୍ରବାର ଦିନ ଅଖିଳ ଲୋକସଭାର ବିରୋଧୀଦଳ ନେତା ରାହୁଲ ଗାନ୍ଧୀଙ୍କ ସମେତ, କଂଗ୍ରେସ ଅଧ୍ୟକ୍ଷ ମଲ୍ଲିକାର୍ଜୁନ ଖଡ୍‌ଗେ, ଏଆଇସିସି ସାଧାରଣ ସମ୍ପାଦକ (ସଂଗଠନ) କେସି ଭେନୁଗୋପାଲ ଭୁବନେଶ୍ୱରରେ ଆୟୋଜିତ ହେଉଥିବା ସମ୍ବିଧାନ ବଞ୍ଚାଅ ସମାବେଶରେ ଯୋଗ ଦେବେ। ଏଥିପାଇଁ କଂଗ୍ରେସ ଦଳ ପକ୍ଷରୁ ଏକ ବିଶାଳ ଜନସମାବେଶ ଆୟୋଜନ କରାଯାଉଥିବା ବେଳେ ଏହି କାର୍ଯ୍ୟକ୍ରମକୁ ସଫଳ କରିବା ପାଇଁ ଭୁବନେଶ୍ୱର ଜିଲ୍ଲା କଂଗ୍ରେସ ସଂଯୋଜକ ବିଶ୍ୱଜିତ ଦାସଙ୍କ ସଭାପତିତ୍ୱରେ ପ୍ରଦେଶ କଂଗ୍ରେସର ପର୍ଯ୍ୟବେକ୍ଷକ ବିଧାୟକ ଅଶୋକ ଦାସଙ୍କ ସମେତ ବହୁ ବରିଷ୍ଠ କଂଗ୍ରେସ ନେତୃବର୍ଗ ପ୍ରସ୍ତୁତି ଏକ ବୈଠକ ହୋଇଛି। ଆଜିର ଏହି ପ୍ରସ୍ତୁତି ବୈଠକରେ ଶିବାନନ୍ଦ ରାୟ, କିଶୋର ଜେନା, ସୁବ୍ରତ ମହାପାତ୍ର, ଅଶୋକ ଦାସ, ଗୀତାଞ୍ଜଳି ମହାନ୍ତି, ରଜନୀ ମହାନ୍ତିଙ୍କ ସମେତ ବହୁ ନେତୃବର୍ଗ ଉପସ୍ଥିତ ଥିଲେ।

# ପାହାଳରେ ରସଗୋଲା କ୍ଲଷ୍ଟର୍ ପାଇଁ ଫିଟିଲା ବାଟ

ଭୁବନେଶ୍ୱର, ୭।୭ (ସମିସ)

ଦାଣ୍ଡି ରାମାୟଣ ଅନୁସାରେ, ରଥଯାତ୍ରା ପରେ ନୀଳାଦ୍ରିବିଜେ ଦିନ ମା' ଲକ୍ଷ୍ମୀଙ୍କୁ ରସଗୋଲା ଦେଇ ମାନଭଞ୍ଜନ କରିଥିଲେ କାଳିଆ ଠାକୁର। ତେଣୁ ଏହି ଦିନକୁ ରସଗୋଲା ଦିବସ ଭାବେ ପାଳନ କରାଯାଉଛି। ଓଡ଼ିଶା ରସଗୋଲାର ସ୍ୱତନ୍ତ୍ରତା କେବଳ ଏବେ ନୁହେଁ

- ଡିପିଆରକୁ ରାଜ୍ୟ ସରକାରଙ୍କ ସବୁଜ ସଙ୍କେତ
- ୭ବର୍ଷ ପରେ ବାସ୍ତବ ରୂପ ନେବ ରସଗୋଲା ହବ୍

କାହିଁ କେଉଁ କାଳରୁ ରହି ଆସିଛି। ତେବେ ବର୍ତ୍ତମାନ ରସଗୋଲା ଓଡ଼ିଶାରେ ନୁହେଁ ବରଂ ରାଜ୍ୟ ବାହାରେ ମଧ୍ୟ ବେଶ୍ ଚର୍ଚ୍ଚିତ। ଓଡ଼ିଶା ପ୍ରସିଦ୍ଧ ଏହି ରସଗୋଲାକୁ କିଭଳି ଦେଶ ବିଦେଶରେ ପହଞ୍ଚାଯାଇ ପାରିବ ସେଥି ନିମନ୍ତେ ରାଜଧାନୀରେ ଏକ ରସଗୋଲା ହବ୍ କରିବାକୁ ଉତ୍କଳ ମିଷ୍ଟାନ୍ନ ବ୍ୟବସାୟୀ ସଂଘ ପକ୍ଷରୁ ପ୍ରାୟ ୭ବର୍ଷ ପୂର୍ବେ ରାଜ୍ୟ ସରକାରଙ୍କୁ ପ୍ରସ୍ତାବ ଦିଆଯାଇଥିବା ବେଳେ ଚଳିତ ବର୍ଷ ଏଥିପାଇଁ ପ୍ରସ୍ତୁତ ହୋଇଥିବା ଡିପିଆରକୁ ରାଜ୍ୟ ସରକାରଙ୍କ ଏମଏମସଏମଇ ବିଭାଗ ପକ୍ଷରୁ ଅନୁମୋଦନ ମିଳିଛି। ନିକଟରେ ଖାରବେଳ ଭବନରେ ଅନୁଷ୍ଠିତ ବୈଠକରେ ପୂର୍ବରୁ ପ୍ରସ୍ତୁତ ହୋଇଥିବା ଡିପିଆରକୁ ଆପ୍ରୁଭ୍ କରାଯାଇଥିବା ବେଳେ ଖୁବଶିଘ୍ର କାମ ଆରମ୍ଭ ହେବ।

ସୂଚନା ଅନୁସାରେ, ୨୦୧୮ ଫେବୃଆରି ୨୩ ତାରିଖରେ ଓଡ଼ିଶା କ୍ଷୁଦ୍ର ଶିଳ୍ପ ନିଗମ ଏବଂ ଉତ୍କଳ ମିଷ୍ଟାନ୍ନ ବ୍ୟବସାୟୀ ସମିତି ପକ୍ଷରୁ 'ଓଡ଼ିଶା ରସଗୋଲା'ର ଜିଆଇ ମାନ୍ୟତା ଲାଗି ଆବେଦନ କରାଯାଇଥିବା ବେଳେ ୨୦୧୯ ଜୁଲାଇ ୨୯ ତାରିଖରେ ଓଡ଼ିଶା ରସଗୋଲାକୁ ଜିଆଇ ମାନ୍ୟତା ମିଳିଲା। ଏହାକୁ ଦୃଷ୍ଟିରେ ରଖି ୨୦୨୦ ଡିସେମ୍ବର ୧୨ ତାରିଖରେ ପାହାଳରେ 'ରସଗୋଲା କ୍ଲଷ୍ଟର' କରାଯିବାକୁ ଯୋଜନା ହୋଇଥିଲା। ଏଥିପାଇଁ ପାହାଳରେ କମନ୍ ଫାସିଲିଟି ସେଣ୍ଟର (ସିଏଫ୍‌ସି) ନିମନ୍ତେ ଦେଢ଼ ଏକର ଜାଗା ଯୋଗାଇ ଦେଇଥିଲେ ରାଜ୍ୟ ସରକାର। ଯେଉଁଠାରେ ମିଠା କାରିଗରମାନଙ୍କୁ ସଂଗଠିତ କରି ସେମାନଙ୍କ ବିକାଶ ଦିଗରେ ଏହି କ୍ଲଷ୍ଟର ପ୍ରମୁଖ ଭୂମିକା ଗ୍ରହଣ କରିବ। ଅତ୍ୟାଧୁନିକ ଉପାୟରେ ମିଠା ପ୍ରସ୍ତୁତି ସହ ରାଜ୍ୟ ଓ ଦେଶ ବାହାରକୁ ମିଠା ପଠାଇ ଅଧିକ ରୋଜଗାରକ୍ଷମ ହେବେ ମିଠା କାରିଗର। ଓଡ଼ିଶାର ରସଗୋଲାକୁ ଜିଆଇ ମାନ୍ୟତା ମିଳିଥିବା ବେଳେ ପାହାଳ ରସଗୋଲାକୁ ଦେଶ ଓ ରାଜ୍ୟ ବାହାରେ ବ୍ରାଣ୍ଡିଂ କରିବାରେ ଏହା ସହାୟକ ହେବ। ଭାରତ ସରକାରଙ୍କ



**ଆଜି ରସଗୋଲା ଦିବସ**

ଅଣୁ, କ୍ଷୁଦ୍ର ଓ ମଧ୍ୟମ ଉଦ୍ୟୋଗ ମନ୍ତ୍ରାଳୟ ଓ କଟକସ୍ଥିତ ଅଣୁ, କ୍ଷୁଦ୍ର ଓ ମଧ୍ୟମ ଉଦ୍ୟୋଗ ବିକାଶ ପ୍ରତିଷ୍ଠାନ ସହଯୋଗରେ ଏହି କ୍ଲଷ୍ଟର ସ୍ଥାନ କରାଯିବାକୁ ଥିବା ବେଳେ ଏଥିପାଇଁ ମୋଟ୍ ୧୦ କୋଟି ଟଙ୍କାର ବ୍ୟୟବରାଦ ହୋଇଥିବା ବେଳେ ସେଥିମଧ୍ୟରୁ ୭ କୋଟି ଟଙ୍କା ଭାରତ ସରକାର, ୨ କୋଟି ଟଙ୍କା ରାଜ୍ୟ ସରକାର ଏବଂ ୧ କୋଟି ଟଙ୍କା କିଠା କାରୀଗରମାନେ ବହନ କରିବାର ଯୋଜନା ରହିଥିଲା। ଏହି କ୍ଲଷ୍ଟରରେ ମିଠାର ପ୍ୟାକେଜିଙ୍ଗ୍, ବ୍ରାଣ୍ଡିଂ କରାଯିବା ସହ ସ୍ଥାନୀୟ ଲୋକଙ୍କୁ ନିଯୁକ୍ତ ସହ ମିଠାର ମାନ ଯାଞ୍ଚ କରାଯିବାକୁ ଲାବ୍ରୋଟୋରୀ ଏବଂ କୋଲ୍ଡଷ୍ଟୋରର ମଧ୍ୟ ସୁବିଧା କରାଯାଇ ପ୍ରଚୁର ପରିମାଣର ମିଠା ଗଚ୍ଛିତ ରଖାଯିବାର ବ୍ୟବସ୍ଥା ରହିବ। ହେଲେ ଏଥିପାଇଁ ସଠିକ୍ ଡିପଆର ପ୍ରସ୍ତୁତ ହୋଇପାରୁ ନଥିବାରୁ କାର୍ଯ୍ୟ ଆଗେଇ ପାରୁ ନଥିବା ଜଣାପଡ଼ିଛି। ଏନେଇ ପାହାଳ ରସଗୋଲା ଉଦ୍ୟୋଗୀ ଓ ପ୍ରସ୍ତୁତକାରୀ ସମିତିର ସଭାପତି ଅକ୍ଷୟ କୁମାର ଲେଙ୍କା କହିଛନ୍ତି ଯେ, କ୍ଲଷ୍ଟର ଡିଜାଇନ୍‌ର ଡିପିଆର ପ୍ରସ୍ତୁତ ହେବା ପରେ ଚଳିତ ମାସ ୧ ତାରିଖରେ ଏମଏସ୍‌ଏମଇ ବିଭାଗ ପକ୍ଷରୁ ଆପ୍ରୁଭ ହୋଇଛି। ଏହାପରେ ୩ମାସ ପରେ ଆଉ ଏକ ଉଚ୍ଚସ୍ତରୀୟ ବୈଠକ କରାଯାଇ ଡିପିଆର କପି ଦିଲ୍ଲୀ ପଠାଯିବ। ସେଠାରୁ ଅନୁମତି ମିଳିବା ପରେ ସରକାର ଦେଇଥିବା ଜାଗାରେ କନଷ୍ଟ୍ରକସନ୍ ଆରମ୍ଭ ହେବ ଏବଂ ଆବଶ୍ୟକୀୟ ମେସିନ୍ ଲଗାଯିବ। ଏଥିପାଇଁ ଯାହା ଖର୍ଚ୍ଚ ହେବ ୭୦ ପ୍ରତିଶତ କେନ୍ଦ୍ର ସରକାର ବହନ କରିବା ସହ ୧୫ ପ୍ରତିଶତ ରାଜ୍ୟ ସରକାର ଏବଂ ୧୫ ପ୍ରତିଶତ କାରିଗରମାନେ ବହନ କରିବେ।

# ସମ୍ପାଦକୀୟ



ନିର୍ବାଚନୀ ଯୁଦ୍ଧର ମୂଳରେ ଥାଏ ପ୍ରତାରଣା ।

-ସୁନ୍ ଜୁ

ସକାଳ
THE SAKALA

## ତୁର୍କୀ ବିରୋଧୀ କୂଟନୀତି

ଛୋଟ ସଫଳତା ହେଲେ ମଧ୍ୟ ଅନୁଭବ ବଡ଼ । 'ଅପରେସନ ସିନ୍ଦୂର' ପ୍ରେକ୍ଷାପଟରେ ତୁର୍କୀ ଓ ଆଜରବାଇଜାନ୍ ଖୋଲାଖୋଲି ଭାବେ ପାକିସ୍ତାନକୁ ସମର୍ଥନ ଦେବା, ବିଶେଷକରି ତୁର୍କୀର ସାମରିକ ସାହାଯ୍ୟ ପ୍ରଦାନ ଭାରତର କୂଟନୈତିକ ବିଫଳତାକୁ ଇଙ୍ଗିତ କରୁଥିଲା । ଯୁଦ୍ଧ ବିରାମ ପରେ ଭାରତ ଏହି ଦୁଇ ରାଷ୍ଟ୍ର ବିରୋଧରେ ବାଣିଜ୍ୟିକ ଓ କୂଟନୈତିକ ସ୍ତରରେ କଠୋର ଆଭିମୁଖ୍ୟ ଗ୍ରହଣ କରିଛି । ଏଥିମଧ୍ୟରେ ଭାରତ ପଶ୍ଚିମ ଏସିଆ ଓ ପୂର୍ବ ୟୁରୋପରେ ନିଜର ସ୍ଥିତି ଜାହିର କରିଛି । ଗ୍ରୀସ, ସାଇପ୍ରସ୍ ଓ ଆର୍ମେନିଆ ସହ ଭାରତର ନିବିଡ଼ ସଂପର୍କକୁ 'ମିନିକ୍ୱାଡ୍' ର ରୂପରେଖ ଦେଇଛନ୍ତି ପର୍ଯ୍ୟବେକ୍ଷକ ମହଲ । କେବଳ ରଣନୀତିକ ସହାୟତା ନୁହେଁ, ସାମରିକ ଅସ୍ତ୍ରଶସ୍ତ୍ର ଯୋଗାଇବାର ପ୍ରତିଶ୍ରୁତି ମଧ୍ୟ ଦେଇଛି ଭାରତ । ତୁର୍କୀର ବଡ଼ଭାଇପଣିଆ ବିରୋଧରେ ରୋକ୍ ଲଗାଇବାରେ ଏହି ସଂପର୍କ ସହାୟକ ହେବ ।

ତୁର୍କୀ ଓ ଆଜରବାଇଜନ୍ ସହ ଏକାଧିକ ବିବାଦରେ ଜଡ଼ିତ ଥିବା ଆର୍ମେନିଆ, ସାଇପ୍ରସ୍ ଓ ଗ୍ରୀସ୍ ପରସ୍ପର ମଧ୍ୟରେ ସହଯୋଗ ଓ ସାମରିକ ବୁଝାମଣା ମାଧ୍ୟମରେ ପ୍ରତିକୂଳ ପରିସ୍ଥିତିର ମିଳିତ ମୁକାବିଲା ସକାଶେ ନିର୍ଣ୍ଣାୟକ ନିଷ୍ପତ୍ତି ନେଇଥିବା ବେଳେ ଭାରତର କୂଟନୈତିକ ସଂପର୍କ ସ୍ଥିତିକୁ ଅଧିକ ସୁଦୃଢ଼ କରିଛି । 'ଅପରେସନ ସିନ୍ଦୂର'ରେ ଭାରତ ତାହାର ସାମରିକ ପାରଦର୍ଶିତା ପ୍ରଦର୍ଶନ କରିଥିବାରୁ ତୁର୍କୀ ସହ ମୁକାବିଲା ପାଇଁ ଏହି ସଂପର୍କର ଭିତ୍ତିଭୂମି ଅଧିକ ସଫଳ ହୋଇଛି । ବ୍ରହ୍ମୋସ କ୍ଷେପଣାସ୍ତ୍ର ସହ ଅନ୍ୟାନ୍ୟ ଅସ୍ତ୍ରଶସ୍ତ୍ର ବେପାରର ସୁଯୋଗ ସଂପ୍ରସାରିତ ହୋଇଛି । ଏଠାରେ ଉଲ୍ଲେଖଯୋଗ୍ୟ କି ଇରାନ ଉପରେ ଇସ୍ରାଏଲର ଆକ୍ରମଣ ବେଳେ ତେହେରାନରେ ଅବସ୍ଥାନ କରୁଥିବା ଭାରତୀୟ ଛାତ୍ରଙ୍କୁ ନିରାପଦରେ ଫେରାଇ ଆଣିବା ଏତେ ସହଜ ନଥିଲା । ଏ କ୍ଷେତ୍ରରେ ଆର୍ମେନିଆ ସହଯୋଗରୁ ଦ୍ୱିପାକ୍ଷିକ ସଂପର୍କର ପ୍ରତିଶ୍ରୁତିବଦ୍ଧତା ସ୍ପଷ୍ଟ ହୋଇଛି । ଇରାନ୍‌ର ନୁରଦୁଜ୍ ଆଗାରାକ୍ ସୀମା ନିକଟରୁ ୧୧୦ ଜଣ ଭାରତୀୟ ଛାତ୍ରଙ୍କୁ ଉଦ୍ଧାର କରି ଆର୍ମେନିଆ ସ୍ୱତନ୍ତ୍ର ବିମାନ ଯୋଗେ ନୂଆଦିଲ୍ଲୀ ପଠାଇ ପାରିସ୍ପରିକ ଆସ୍ଥା ଓ ବିଶ୍ୱାସକୁ ସୁଦୃଢ଼ କରିଛି ।

ନିକଟରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ପଶ୍ଚିମ ଏସିଆ ଓ ପୂର୍ବ ୟୁରୋପ ଗସ୍ତରେ ଯାଇଥିଲେ । ତୁର୍କୀ ବିରୋଧୀ ରାଷ୍ଟ୍ରଙ୍କ ସହ ସୁସଂପର୍କ ପ୍ରତିଷ୍ଠା କରି ଆଞ୍ଚଳିକ ସ୍ତରରେ ସେମାନଙ୍କୁ ସାମରିକ ଦୃଷ୍ଟିରୁ ସମୃଦ୍ଧ ଓ ସମର୍ଥ କରିବା ସକାଶେ ସହଯୋଗର ପ୍ରତିଶ୍ରୁତି ଦେଇଥିଲେ । ଉତ୍ତର ସାଇପ୍ରସ୍‌ର ଯେଉଁ ଅଞ୍ଚଳ ତୁର୍କୀର ନିୟନ୍ତ୍ରଣରେ ଅଛି ତାହା ପରିଦର୍ଶନ କରି ମୋଦୀ ପରିସ୍ଥିତିର ଗମ୍ଭୀରତାକୁ ଅନୁଶୀଳନ କରିଛନ୍ତି । ସାଇପ୍ରସ୍‌ର ଆଞ୍ଚଳିକ ସଂହତି ଓ ସାର୍ବଭୌମିତା ପ୍ରତି ଭାରତର ଅତୁଟ ସମର୍ଥନକୁ ସେ ଆଲୋଚନା ପ୍ରସଙ୍ଗରେ ଦୋହରାଇଥିଲେ । ଦ୍ୱିପାକ୍ଷିକ ସାମରିକ ସହଯୋଗର ସୂଚନା ଦେଇ ପ୍ରଧାନମନ୍ତ୍ରୀ ତୁର୍କୀକୁ ସ୍ପଷ୍ଟ ବାର୍ତ୍ତା ଦେଇଛନ୍ତି । ସାଇପ୍ରସ୍ ସହ ଭାରତର ପ୍ରତିରକ୍ଷା ସରଞ୍ଜାମ ଓ ଅସ୍ତ୍ରଶସ୍ତ୍ର ବେପାର ଆଗକୁ ବଢ଼ିବାର ସୂଚନା ମିଳିଛି । ଏମିତିରେ ଗ୍ରୀସ ସହ ଭାରତର ସଂପର୍କ ଆଜିର ନୁହେଁ ବହୁଦିନର । ୨୦୨୩ ରେ ପ୍ରଧାନମନ୍ତ୍ରୀଙ୍କ ଗସ୍ତବେଳେ ସେହି ସଂପର୍କ ଅଧିକ ସୁଦୃଢ଼ ହୋଇଛି । ଏଥେନ୍ସରେ ସେ ଘୋଷଣା କରିଥିଲେ ଯେ ଭାରତ ପାଇଁ ଗ୍ରୀସ ୟୁରୋପର ପ୍ରବେଶ ଦ୍ୱାର । ପ୍ରତିରକ୍ଷା କ୍ଷେତ୍ରରେ ଗ୍ରୀସ ସହ ଭାରତର ସଂପର୍କ ଓ ସହଯୋଗ ପୂର୍ବ ଭଳି ଏବେ ବଳବତ୍ତର ରହିଛି । ପାକିସ୍ତାନ ଓ ତୁର୍କୀ ସଂପର୍କ ନେଇ ଭାରତ ଓ ଗ୍ରୀସ ଉଦ୍‌ବେଗ ପ୍ରକାଶ କରିବା ସହ ପାରସ୍ପରିକ ବୁଝାମଣା ଓ ସହଯୋଗ ସକାଶେ ସହମତି ପ୍ରକାଶ କରିଛନ୍ତି । ପ୍ରତିରକ୍ଷା କ୍ଷେତ୍ରରେ ସହଭାଗିତା ସୁଦୃଢ଼ ହୋଇଛି । ଏପରକି ଭାରତୀୟ ନୌବାହିନୀର ଯୁଦ୍ଧଜାହାଜ ଭୂମଧ୍ୟ ସାଗରରେ ବିଚରଣ କରୁଥିବା ବେଳେ ଗ୍ରୀସ ଉପକୂଳରେ ସାମୟିକ ଅବସ୍ଥାନ କରିଥାଏ । ଏହାକୁ ଦ୍ୱିପାକ୍ଷିକ ସଂପର୍କର ନିଦର୍ଶନ କୁହାଯାଇପାରେ ।

ଆର୍ମେନିଆ, ଗ୍ରୀସ ଓ ସାଇପ୍ରସ ମଧ୍ୟରେ ୨୦୨୧ ଅଗଷ୍ଟ ୩୧ ରେ ସାମରିକ ସହଯୋଗ ସକାଶେ ତ୍ରିପାକ୍ଷିକ ରାଜିନାମା ସ୍ୱାକ୍ଷରିତ ହୋଇଛି । ଏମାନେ ମିଳିତ ପ୍ରତିରକ୍ଷା ରଣକୌଶଳ ପ୍ରଦର୍ଶନ କରିବା ସହ ନିଜ ନିଜ ମଧ୍ୟରେ ସାମରିକ ଜ୍ଞାନକୌଶଳ ବିନିମୟ କରିଥା'ନ୍ତି । ତୁର୍କୀ ଓ ଆଜରବାଇଜାନ ବିରୋଧରେ ଏହି ସାମରିକ ମେଣ୍ଟକୁ ଭାରତ ସମସ୍ତ ପ୍ରକାର ସହାୟତା ଯୋଗାଇବାକୁ ପ୍ରତିଶ୍ରୁତି ଦେଇଛି । ତେଣୁ ଏହାକୁ ଚତୁଃରାଷ୍ଟ୍ରୀୟ ମିନିକ୍ୱାଡ୍ ମାନ୍ୟତା ଦିଆଯାଇଛି । ଡ୍ରୋନ ଜ୍ଞାନକୌଶଳରେ ନିପୁଣତାର ସୁଯୋଗ ଦୃଷ୍ଟିରୁ ପାକିସ୍ତାନ ତୁର୍କୀଠାରୁ ସଂଗ୍ରହ କରିଥିବା ଡ୍ରୋନ ଭାରତ ବିରୋଧରେ ଉପଯୋଗ କରିଥିଲା । ତେବେ ଆମର ବାୟୁ ପ୍ରତିରକ୍ଷା ପ୍ରଣାଳୀ ମାଧ୍ୟମରେ ଡ୍ରୋନ ଆକ୍ରମଣକୁ କେବଳ ପ୍ରତିହତ କରାଯାଇନି ପାକିସ୍ତାନକୁ ମଧ୍ୟ ଉଚିତ ଜବାବ ଦିଆଯାଇଛି । ଏକ୍ଷେତ୍ରରେ ଚୀନର ସାମରିକ ଜ୍ଞାନକୌଶଳ ମଧ୍ୟ ପଛରେ ପଡ଼ିଯାଇଛି ।

ଚୀନର ବାୟୁ ପ୍ରତିରକ୍ଷା ପ୍ରଣାଳୀ ଅତ୍ୟାଧୁନିକ ଜେଟ ଓ କ୍ଷେପଣାସ୍ତ୍ର ପାକିସ୍ତାନ ଭାରତ ବିରୋଧରେ ପ୍ରୟୋଗ କରିଥିଲେ ମଧ୍ୟ ଆକାଂକ୍ଷିତ ସଫଳତା ହାସଲ କରିପାରିନାହିଁ । ଏହା କେବଳ ଭାରତୀୟ ବିଶେଷଜ୍ଞଙ୍କ ଦାବି ନୁହେଁ ପାକିସ୍ତାନ ମନ୍ତ୍ରୀ ମୋହସିନ୍ ନକ୍‌ଭି ମଧ୍ୟ ଆଲୋଚନା ପ୍ରସଙ୍ଗରେ ସ୍ୱୀକାର କରିଛନ୍ତି । ସେ ଦୃଷ୍ଟିରୁ ଆମେରିକାର ସମର୍ଥନ ଲୋଡ଼ିଛି ପାକିସ୍ତାନ । ସାମରିକ ମୁଖ୍ୟ ମୁନୀରଙ୍କ ଆମେରିକା ଗସ୍ତ ପରେ ବାୟୁସେନାର ମୁଖ୍ୟ ଏୟାର ମାର୍ଶାଲ୍ ବାବର ଆମେରିକାରୁ କେଉଁ ଯୁଦ୍ଧ ବିମାନ ସଂଗ୍ରହ କରାଯିବ ସେ ନେଇ କଥାବାର୍ତ୍ତା ସକାଶେ ପେଣ୍ଟାଗନ ଗସ୍ତରେ ଅଛନ୍ତି । ଯୁଦ୍ଧ ବିରାମକୁ ନେଇ ରାଷ୍ଟ୍ରପତି ଟ୍ରମ୍ପଙ୍କ ଭୂମିକା ବିବାଦୀୟ ହୋଇଥିଲେ ମଧ୍ୟ ପାକିସ୍ତାନ ସହ ଅସ୍ତ୍ରଶସ୍ତ୍ର ବେପାର ପାଇଁ ଏହା ତାଙ୍କର ସୁଚିନ୍ତିତ କୂଟନୈତିକ ଚାଲବାଜି କୁହାଯାଇପାରେ । କୂଟନୀତିରେ ଯଦି ବୈପାରିକ ସଂପର୍କ ଯୋଡ଼ି ହୋଇଯାଏ ତାହା ଯେଉଁ ବିଭ୍ରାନ୍ତି ଓ ବିଭ୍ରାଟ ସୃଷ୍ଟି କରେ ଏହି ଯୁଦ୍ଧ ବିରାମ ତାହାର ଏକ ନିଦର୍ଶନ ।

## ଆନ୍ତରିକତା ରହିତ ଆମ ଶିକ୍ଷା ବ୍ୟବସ୍ଥା

ଅର୍ଜ୍ଜୁନ ଘଡ଼େଇ

'ସା ବିଦ୍ୟା ସା ବିମୁକ୍ତୟେ' ପରି ମହତ୍ତ୍ୱପୂର୍ଣ୍ଣ ବାଣୀ ମଣିଷର ଶିକ୍ଷା ଲାଭ ପାଇଁ ମାନସିକତା ସୃଷ୍ଟି କରିଥାଏ । ପୁରାଣ ଯୁଗର ଗୁରୁକୁଳ ଆଶ୍ରମଠାରୁ ଅଦ୍ୟାବଧି ଶିକ୍ଷାର୍ଥୀମାନଙ୍କୁ ଉଚିତ ଶିକ୍ଷାଦାନ କରି ତାଙ୍କର ସୁସ୍ଥ, ସୁନ୍ଦର ଓ ନିରାମୟ ଜୀବନ ଗଠନରେ ବିଭିନ୍ନ ସମୟର ଆବଶ୍ୟକତା ନେଇ ବିବିଧ ଶିକ୍ଷା ବ୍ୟବସ୍ଥା ପ୍ରଚଳନ କରାଯାଇଛି । ସମୟାନୁସାରେ ଏହି ବ୍ୟବସ୍ଥା ମଧ୍ୟରେ ଶିକ୍ଷା, ଶିକ୍ଷକ ଓ ଶିକ୍ଷାୟତନର ପରିବର୍ତ୍ତନ ବି ଘଟିଛି । ଛାତ୍ରଛାତ୍ରୀଙ୍କ ସାମଗ୍ରିକ ବିକାଶରେ ଏହା ସହାୟକ ହୋଇପାରିଛି କି ନାହିଁ ତାହା ଏକ ବିତର୍କିତ ପ୍ରଶ୍ନ । ସମୟର ଆହ୍ୱାନ, ବିସ୍ତୃତ ଜ୍ଞାନର ଅନୁପ୍ରବେଶ, ବୈଷୟିକ ଜ୍ଞାନ, ବିଜ୍ଞାନର ଅଭିବୃଦ୍ଧି, ସର୍ବୋପରି ଛାତ୍ରାଛାତ୍ରୀଙ୍କ ମାନସିକ ଚିନ୍ତାଧାରାକୁ ସୀମିତ ପରିଧିରେ ନରଖି ବିଶ୍ୱଚିନ୍ତାଭିମୁଖୀ କରିବା ପାଇଁ ବିଭିନ୍ନ ସମୟରେ ଯେଉଁ ଚିନ୍ତାଧାରାରେ ସରକାର ଶିକ୍ଷାବ୍ୟବସ୍ଥାକୁ ଯେପରି ନିୟନ୍ତ୍ରଣ କରିବାକୁ ଚାହିଁଛନ୍ତି ତାକୁ କାର୍ଯ୍ୟକାରୀ କରିବାକୁ ପ୍ରଚେଷ୍ଟା କରିଛନ୍ତି । ସାଧାରଣ ଅଭିଭାବକ, ଛାତ୍ରଛାତ୍ରୀ ଓ ଶିକ୍ଷକ ଏହାକୁ ସାଦରେ ଗ୍ରହଣ କରିନେବାକୁ ବାଧ୍ୟ ହୋଇଛନ୍ତି ।

ପ୍ରାଥମିକ ଶିକ୍ଷାଠାରୁ ଉଚ୍ଚଶିକ୍ଷା ପର୍ଯ୍ୟନ୍ତ, ବିଶେଷକରି ପ୍ରାଥମିକଠାରୁ ମାଧ୍ୟମିକ ସ୍ତର ପର୍ଯ୍ୟନ୍ତ, ଆମ ଉପରେ ଯେଉଁ ଶିକ୍ଷା ବ୍ୟବସ୍ଥା ଲଦି ଦିଆଯାଇଛି, ସେଥିରୁ ମନେହୁଏ ଏବେ ବି ଶିକ୍ଷାକୁ 'ସାର୍ବଜନୀନ' କରାଯାଇପାରିନାହିଁ । ସବୁ ପିଲାଙ୍କୁ ଶିକ୍ଷାୟତନକୁ ଅଣାଯାଇପାରିନି । ପ୍ରାଥମିକଠାରୁ ମାଧ୍ୟମିକ ଶିକ୍ଷାରେ 'ଡ୍ରପ୍ ଆଉଟ୍' ସଂଖ୍ୟା କମିନି । ଉଚ୍ଚଶିକ୍ଷାରେ ନାମଲେଖା ସିଟ୍ ଖାଲି ପଡୁଛି । ବୈଷୟିକ ଶିକ୍ଷାରେ ଛାତ୍ରଛାତ୍ରୀଙ୍କ ଆଗ୍ରହ କମୁଛି । ଏହି ସମସ୍ୟାର ସମାଧାନ ପାଇଁ ଆଲୋଚନା, ତର୍କ, ବ୍ୟବସ୍ଥା ଚାଲୁଛି । ତଥାପି ସମସ୍ୟାର ସମାଧାନ ହେଉନାହିଁ । ଏଭଳି ପରିସ୍ଥିତିରେ ଶିକ୍ଷକର ଶିକ୍ଷାଦାନ ପ୍ରତି ଆନ୍ତରିକତାର ଅଭାବ ସହିତ ଶିକ୍ଷାର୍ଥୀଙ୍କର ବିଦ୍ୟାଳୟକୁ ଆସି ଶିକ୍ଷାଗ୍ରହଣ କରିବାର ମାନସିକତା ଓ ଆଗ୍ରହ ହ୍ରାସ ପାଉଛି । ବିଶେଷ କରି ସରକାରୀ ବିଦ୍ୟାଳୟରେ ଏହାର ପ୍ରଭାବ ବେଶୀ ଅନୁଭୂତ ହେଉଛି । ଉପଯୁକ୍ତ ଶିକ୍ଷା ମିଳୁଥିଲେ କୋଚିଙ୍ଗ୍ ସେଣ୍ଟର ମୁହାଁ ପିଲାମାନେ ହୁଅନ୍ତି କାହିଁକି?

ନିଜର ସଂଚିତ ଜ୍ଞାନକୁ କଳା, କୌଶଳ ମାଧ୍ୟମରେ ଛାତ୍ରଛାତ୍ରୀମାନଙ୍କ ସମ୍ମୁଖରେ ଆନ୍ତରିକ ଓ ସମର୍ପିତ ଭାବେ ଉପସ୍ଥାପନ କଲେ ଶିକ୍ଷାଦାନ ସଫଳ ହୁଏ । ଶିକ୍ଷାର୍ଥୀଟିଏ ଶିକ୍ଷକର ଶିକ୍ଷାଦାନକୁ ସହଜରେ, ସନ୍ଦେହମୁକ୍ତ ଭାବେ ବୁଝିପାରିଲେ ଶିକ୍ଷା ଗ୍ରହଣ ସାର୍ଥକ ହୁଏ । ଏକଥା ଅତୀତର ଶିକ୍ଷକମାନେ ଭଲ ଭାବରେ ଜାଣିଥିଲେ । ସେମାନଙ୍କର ଅତ୍ୟଧିକ ଶିକ୍ଷାଗତ ଯୋଗ୍ୟତା ନଥିଲା । ସ୍ୱଳ୍ପ ବେତନପ୍ରାପ୍ତ ସେହି ଶିକ୍ଷକମାନେ ଆର୍ଥିକ ଅଭାବ, ଅନଟନ, ସମସ୍ୟା ଭିତରେ ବି ନିଜ ଛାତ୍ରଛାତ୍ରୀମାନଙ୍କୁ କିପରି ଉଚିତ ଶିକ୍ଷା ଦିଆଯାଇପାରିବ, ସେମାନେ ଚରିତ୍ରବାନ୍, ଶୃଙ୍ଖଳିତ ହେବା ସହ ଭଲ ମଣିଷ ହୋଇ ସମାଜରେ ମୁଣ୍ଡଟେକି ଛିଡ଼ା ହେବେ, ସେଥିପାଇଁ ନିରନ୍ତର ଉଦ୍ୟମ ଜାରି ରଖିଥିଲେ । ଫଳରେ ସେ ସମୟର ଛାତ୍ରସମାଜ ଏତେ ବିଶୃଙ୍ଖଳିତ ନଥିଲେ । ଆଜିର ଶିକ୍ଷକମାନେ ଅତି ଉଚ୍ଚଶିକ୍ଷିତ । କିନ୍ତୁ ସେମାନଙ୍କ ଭିତରେ ଶିକ୍ଷାଦାନ ପାଇଁ ବୋଧହୁଏ ସମର୍ପିତ ଭାବନା ନାହିଁ କିମ୍ବା ବିବିଧ ସମସ୍ୟାରେ ଜର୍ଜରିତ ହୋଇ ନିଜର କର୍ତ୍ତବ୍ୟବୋଧ ହରାଇଛନ୍ତି । ଅତୀତର ଶିକ୍ଷକମାନେ ଶିକ୍ଷା ନୀତି, ଶିକ୍ଷାବ୍ୟବସ୍ଥା, ସରକାରୀ ନିର୍ଦ୍ଦେଶନାମା ଇତ୍ୟାଦି ସଂପର୍କରେ ଅଧିକ ଆଲୋଚନା, ତର୍ଜମା ନକରି ଶ୍ରେଣୀକକ୍ଷରେ ଉତ୍ତମ ଶିକ୍ଷାଦାନ ପାଇଁ ଚିନ୍ତା କରୁଥିଲେ । ଏବେ ଏତେ ସରକାରୀ ନିର୍ଦ୍ଦେଶନାମା ଯେ ତା'ର ଅଧ୍ୟୟନ କରିବା ଓ ଉତ୍ତର ଦେବାରେ ଶିକ୍ଷକମାନଙ୍କର ଓ ବିଦ୍ୟାଳୟ ମୁଖ୍ୟଙ୍କର ଅନେକ ସମୟ ବିନିଯୋଗ ହେଉଛି । ବୋଧହୁଏ ଏଇ ସରକାରୀ କାର୍ଯ୍ୟ କରିବାର ବାଧ୍ୟବାଧକତାରୁ ଶିକ୍ଷକମାନେ ସଂପୂର୍ଣ୍ଣ ସମୟ ଶିକ୍ଷାଦାନ କରିବାରେ ସମର୍ଥ ହେଉ ନାହାନ୍ତି । ଏହା ଆମେ ସମସ୍ତେ ଜାଣୁଛେ, ଅନୁଭବ କରୁଛେ, କିନ୍ତୁ ଏଥିରେ କିଏ ଅଙ୍କୁଶ ଲଗେଇବାକୁ ସମର୍ଥ ହେବ ଏହାହିଁ ପ୍ରଶ୍ନବାଚୀ ।

ସମସ୍ୟା କେବଳ ଶିକ୍ଷାଦାନରେ ନୁହେଁ । ଆମ ଆଗରେ ବିଭିନ୍ନ ଶ୍ରେଣୀର ବିଦ୍ୟାଳୟ ପ୍ରତିଷ୍ଠିତ ହେଇଛି ଓ ହେଉଛି ମଧ୍ୟ । ସରକାରୀ, ବେସରକାରୀ, ଅନୁଦାନ ପ୍ରାପ୍ତ, ଅଣଅନୁଦାନ ପ୍ରାପ୍ତ, ସ୍ୱୀକୃତି ପ୍ରାପ୍ତ, ଅଣସ୍ୱୀକୃତି ପ୍ରାପ୍ତ, ଟ୍ରଷ୍ଟ ବା ସଂଗଠନ ପରିଚାଳିତ ଅନେକ ବିଦ୍ୟାଳୟ ଖୋଲିଛି । ଏଥିରେ ଶିକ୍ଷକ ନିଯୁକ୍ତି, ଦରଦାମରେ ତାରତମ୍ୟ, କ୍ୟାଡର, ଏକ୍ସ କ୍ୟାଡର, ବିଭିନ୍ନ ଶ୍ରେଣୀର ଶିକ୍ଷକ ନିଯୁକ୍ତି ସମସ୍ୟା ଏତେ ଅଧିକ ଯେ ସମସ୍ୟାର ସମାଧାନ ପାଇଁ ଅନେକ ଶିକ୍ଷକ ବିଦ୍ୟାଳୟ ଛାଡ଼ି ରାଜରାସ୍ତାରେ ଦିନ ଦିନ, ମାସ ମାସ ଧରି ଆନ୍ଦୋଳନ କରନ୍ତି କିମ୍ବା କୋର୍ଟ କଚେରିର ଦ୍ୱାରସ୍ଥ ହୋଇ ନ୍ୟାୟ ଭିକ୍ଷା କରନ୍ତି । ସେମାନଙ୍କର ବିଦ୍ୟାଳୟରେ କ୍ରମାଗତ ଅନୁପସ୍ଥିତି କାରଣରୁ ଶିକ୍ଷାଦାନ ବାଧାପ୍ରାପ୍ତ ହେଉଛି । ସୁବିଧା ସତ୍ତ୍ୱେ ସାଧାରଣ ଲୋକଟି ଗାଁର ସରକାରୀ ବିଦ୍ୟାଳୟରେ ନିଜ ପିଲାଟିକୁ ନାମ ଲେଖାଇବା ପରେ ଦେଖୁଛି ଅଧିକାଂଶ ସମୟରେ ତା'ପିଲା ସ୍କୁଲ ବାହାରେ ଖେଳୁଛି କିମ୍ବା ବୁଲୁଛି କିମ୍ବା ଘରେ ରହୁଛି । ତେଣୁ ଏପରି ବିଦ୍ୟାଳୟଟି ପ୍ରତି ଅଭିଭାବକ ଓ ଛାତ୍ରଛାତ୍ରୀମାନେ ଆଶା, ଭରସା କେମିତି ରହିବ? ସେଥିପାଇଁ ଯେତେ ଅସୁବିଧା ପଛେ ହେଉ ଘରୋଇ ବିଦ୍ୟାଳୟରେ ହିଁ ନାମ ଲେଖାଇବା ପାଇଁ ସେ ଆଗ୍ରହୀ ହେଉଛି । ଏସବୁ ପ୍ରତି କ'ଣ ନୀତି ନିୟମ ପ୍ରଣୟନ କରୁଥିବା ସରକାରୀ ଅଧିକାରୀ କିମ୍ବା ସରକାର ଅବଗତ ନାହାନ୍ତି? ଅବଗତ ଥିଲେ ବି ଶିକ୍ଷାବ୍ୟବସ୍ଥାକୁ ସୁନିୟନ୍ତ୍ରିତ କରିବା ପାଇଁ ଆନ୍ତରିକ ଉଦ୍ୟମ ନାହିଁ ଏହା ସୁନିଶ୍ଚିତ ।

ସେ ଯେଉଁପ୍ରକାର ସ୍କୁଲ ହେଉନା କାହିଁକି, ଏପରି ଏକ ଶିକ୍ଷାନୁଷ୍ଠାନ ନାହିଁ, ଯେଉଁଠାରେ କି ରାଜନୈତିକ ହସ୍ତକ୍ଷେପ ହେଉନାହିଁ । ଶିକ୍ଷକ ନିଯୁକ୍ତିଠାରୁ ବଦଳି ପର୍ଯ୍ୟନ୍ତ ସବୁ ସେମାନଙ୍କ ପ୍ରଭାବରେ ଓ ନିର୍ଦ୍ଦେଶରେ ହୋଇଥାଏ । ଶିକ୍ଷାଧିକାରୀମାନେ ନିରବଦ୍ରଷ୍ଟା ଭାବେ କାର୍ଯ୍ୟ କରନ୍ତି । ଅଯଥାରେ ଶିକ୍ଷକମାନଙ୍କ କାର୍ଯ୍ୟରେ ହସ୍ତକ୍ଷେପ କରି ସେମାନଙ୍କୁ ମାନସିକ ନିର୍ଯାତନା ଦେଲେ ଶିକ୍ଷକମାନେ ସୁସ୍ଥ ମନରେ ଶିକ୍ଷା ଦେବାକୁ ସମର୍ଥ ହେବେ କିପରି? ଅବଶ୍ୟ ଏମିତି ରାଜନେତା ବି ଥିବେ ବା ଏପରି ଶିକ୍ଷାନୁଷ୍ଠାନ ବି ଥାଇପାରେ, ଯେଉଁଠି ରାଜନୈତିକ ହସ୍ତକ୍ଷେପ ହେଉ ନଥିବ । ଏପରି ବିଦ୍ୟାଳୟ ଆଜିର ସମାଜରେ ବିରଳ ନିଶ୍ଚୟ । ଗାଁର ୱାର୍ଡ ମେମ୍ବର, କାଉନସିଲର୍‌ଙ୍କଠାରୁ ଆରମ୍ଭ କରି ଉଚ୍ଚସ୍ତରର ରାଜନେତାମାନେ ସେମାନଙ୍କ ବିଦ୍ୟାଳୟରେ ସୁସ୍ଥ ପରିବେଶ ସୃଷ୍ଟି କଲେ ତାଙ୍କ ପିଲାମାନେ ସରକାରୀ ସୁବିଧା ସୁଯୋଗ ପାଇଁ ଭଲ ପଢ଼ନ୍ତେ - ଏକଥା କ'ଣ ଆମେ ଭାବିବା ଉଚିତ ନୁହେଁ? ସରକାରୀ ସ୍କୁଲରେ ଭଲ ପାଠ ପଢ଼ା ହେଉନି ଅର୍ଥ ଶିକ୍ଷକମାନେ ପାଠ ପଢ଼ାଉ ନାହାନ୍ତି କେବଳ ଦରମା ପାଇଁ ଆସୁଛନ୍ତି, ଏପରି ଭାବନା ଆମ ଶିକ୍ଷାବ୍ୟବସ୍ଥା ସହିତ ଜଡ଼ିତ ସମସ୍ତଙ୍କୁ ଆଘାତ ଦେଉଥିବ ନିଶ୍ଚୟ । କିନ୍ତୁ ଏ ସମସ୍ୟାର ସମାଧାନ କିଏ କରିବ? ସବୁସ୍ତରରେ ଆନ୍ତରିକତାର ଅଭାବ ପରିଦୃଷ୍ଟ ।

ଅନୁରୂପ ଭାବେ ଶିକ୍ଷାଧିକାରୀମାନେ ମଧ୍ୟ ଶାସନ ବ୍ୟବସ୍ଥା ଭିତରେ ଶିକ୍ଷାର ମହାନ ଆଦର୍ଶକୁ କାର୍ଯ୍ୟକାରୀ କରିବାରେ ନିଷ୍ଠାପର ମନୋଭାବ ନରଖି କେବଳ ସରକାରୀ ନିର୍ଦ୍ଦେଶନାମାଗୁଡ଼ିକୁ ଶକ୍ତିମତେ ପାଳନ କରୁଛନ୍ତି । ନିଜେ ଅନ୍ୟମାନଙ୍କ ଦ୍ୱାରା ଶୋଷିତ ହୋଇ ଶୋଷଣ କରୁଛନ୍ତି ଅଧସ୍ତନ କର୍ମଚାରୀମାନଙ୍କୁ । କୌଣସି ଶିକ୍ଷା ବିଭାଗର ପଦସ୍ଥ ଅଧିକାରୀ ତାଙ୍କ କାର୍ଯ୍ୟକାଳ ମଧ୍ୟରେ ସ୍ୱଅଧୀନସ୍ଥ ସ୍କୁଲ ସମୂହକୁ ପରିଦର୍ଶନ କରି, ଛାତ୍ରଛାତ୍ରୀଙ୍କ ସମସ୍ୟାର ସମାଧାନ ପାଇଁ ପ୍ରଚେଷ୍ଟା କରିବାରେ ସଫଳ ହେଉଛନ୍ତି କି? ନିଜେ ଅନେକ ଦୁର୍ନୀତିରେ ଲିପ୍ତ ହୋଇ ଶିକ୍ଷା ବିଭାଗର କର୍ମଚାରୀଙ୍କୁ ଦୁର୍ନୀତିମୁକ୍ତ କରିବାକୁ ଆହ୍ୱାନ ଦେବା, ନିଜର ଚରିତ୍ର ସ୍ଖଳନ କରି ଛାତ୍ରଛାତ୍ରୀମାନଙ୍କୁ ଉତ୍ତମ ଚରିତ୍ର ଗଠନ ପାଇଁ ଉପଦେଶ ଦେବା, ଲଜ୍ଜାପୂର୍ଣ୍ଣ କାର୍ଯ୍ୟ ନୁହେଁ କି? ନିଜେ ଗଢ଼ି ହେବା ସହ ଅନ୍ୟକୁ ଗଢ଼ିବା ପାଇଁ ପରାମର୍ଶ ଦେବା ଉଚିତ । ଶିକ୍ଷା ବିଭାଗରେ ଏହି ତତ୍ତ୍ୱର ଯଥେଷ୍ଟ ଗୁରୁତ୍ୱ ଓ ଆନ୍ତରିକତା ରହିବା ଆବଶ୍ୟକ ।

ତଳସ୍ତରରୁ ଉପର ସ୍ତର ଯାଏଁ ଶିକ୍ଷାବ୍ୟବସ୍ଥା ସହ ଜଡ଼ିତ ସମସ୍ତ ବ୍ୟକ୍ତିବିଶେଷ ଯଥା ଶିକ୍ଷକସମାଜ, ସରକାର ଓ ଶିକ୍ଷା ବିଭାଗର ଅଧିକାରୀମାନେ ସମର୍ପିତ ଭାବନାରେ କାର୍ଯ୍ୟ ନିର୍ବାହ କଲେ ଆମ ସରକାରୀ ଶିକ୍ଷା ବ୍ୟବସ୍ଥାକୁ ଆପଣେଇ ନେବାର ପଥ ସୁଗମ ହେବ । ଆମ ପିଲାମାନେ ସରକାରୀ ବିଦ୍ୟାଳୟ ଓ ଶିକ୍ଷାବ୍ୟବସ୍ଥାକୁ ଆପଣେଇ ନେବେ । ଆନ୍ତରିକ ଉଦ୍ୟମ ସଫଳତାର ଚାବିକାଠି । ସରକାରୀ ବିଦ୍ୟାଳୟରେ ଅଧ୍ୟୟନରତ ଛାତ୍ରଛାତ୍ରୀଙ୍କ ସଫଳତା ପାଇଁ ପ୍ରୋତ୍ସାହନ ଓ ସମ୍ମାନ ଦେବାରେ ଆମେ ଯେତେ ଅନାଗ୍ରହୀ ବେସରକାରୀ ବିଦ୍ୟାଳୟ କ୍ଷେତ୍ରରେ ଆମ ମାନସିକ ଯଥେଷ୍ଟ ଆଗରେ । ଯେଉଁଥିପାଇଁ ଆମ ସରକାରୀ ବିଦ୍ୟାଳୟ ପ୍ରତି ବିମୁଖତା ଯେତିକି ବଢୁଛି ବେସରକାରୀ ବିଦ୍ୟାଳୟ ପ୍ରତି ଆନ୍ତରିକତା ସେତିକି ସୃଷ୍ଟି ହେଉଛି । ସମସ୍ତ ଅସୁବିଧାର ନିରାକରଣ ପାଇଁ ଅଭିଭାବକ, ଶିକ୍ଷକ, ସରକାର ଓ ସରକାରୀ ବ୍ୟବସ୍ଥା ସୁନିୟନ୍ତ୍ରଣ ପାଇଁ ଆନ୍ତରିକତାର ଅଭାବ ରହିଲେ ଯେତେ ଶିକ୍ଷାନୀତି ପ୍ରଣୟନ ହେଉ ଏହା ଆମକୁ ଆକର୍ଷିତ ନକରି ମନରେ ସନ୍ଦେହ, ଆଶଙ୍କା ସୃଷ୍ଟି କରିବ ଏହା ସୁନିଶ୍ଚିତ ।

(ଅବସରପ୍ରାପ୍ତ ଉଚ୍ଚବିଦ୍ୟାଳୟ ପ୍ରଧାନଶିକ୍ଷକ)
ଦାଣ୍ଡମୁକୁନ୍ଦପୁର(ପୁରୀ),
ମୋ: ୯୪୩୮ ୦୪୮ ୬୧୫

## ଭାରତୀୟ ସଂସ୍କୃତିରେ ଉଦ୍ଭିଦ

ସୁରେନ୍ଦ୍ର ମେହେର

ହଜାର ହଜାର ବର୍ଷ ଧରି ଭାରତୀୟ ସଂସ୍କୃତି ବୃକ୍ଷାଦିଙ୍କୁ ବହୁତ ସମ୍ମାନ ଦେଇଆସିଛି ଏବଂ ଆଧ୍ୟାତ୍ମିକ, ଔଷଧୀୟ ଓ ପରିବେଶ ଦୃଷ୍ଟିରୁ ଏଗୁଡ଼ିକୁ ଗୁରୁତ୍ୱପୂର୍ଣ୍ଣ ସ୍ଥାନ ଦେଇଛି । ବେଦ, ପୁରାଣ ଓ ଉପନିଷଦ ଭଳି ପୁରାତନ ଶାସ୍ତ୍ରଗୁଡ଼ିକ ମଣିଷ ଓ ଉଦ୍ଭିଦ ମଧ୍ୟରେ ଥିବା ଗଭୀର ସମ୍ପର୍କକୁ ଦର୍ଶାଇଥାଏ ଏବଂ ପ୍ରକୃତିକୁ ଜୀବନ, ଶକ୍ତି ଓ ଆଧ୍ୟାତ୍ମିକ ସମନ୍ୱୟର ଉତ୍ସ ବୋଲି ବର୍ଣ୍ଣନା କରିଥାଏ ।

ଆମର ପୂର୍ବପୁରୁଷମାନେ ସ୍ୱାସ୍ଥ୍ୟ, ଧନ ଓ ସମୃଦ୍ଧି ପାଇଁ ବୃକ୍ଷର ଗୁରୁତ୍ୱକୁ ବୁଝିଥିଲେ ଏବଂ ଏହାକୁ ପୂଜା କରୁଥିଲେ । ଆଜି ମଧ୍ୟ ଆମର ଅନେକ ଧାର୍ମିକ ପର୍ବରେ ବୃକ୍ଷ ପୂଜା ଏକ ଅଂଶ ହୋଇ ରହିଛି । ଭାରତୀୟ ପରମ୍ପରାରେ ବୃକ୍ଷକୁ ବିଶେଷ ମାନ୍ୟତା ଦିଆଯାଇଛି, ବିଶେଷକରି ଜ୍ୟୋତିଷ ଓ ଆୟୁର୍ବେଦ ଭଳି ପଦ୍ଧତିରେ । ଆୟୁର୍ବେଦ ଔଷଧଗୁଡ଼ିକ ଗଛର ଫଳ, ଫୁଲ, ଛାଲ, ପତ୍ର ଓ ମୂଳରୁ ତିଆରି ହୁଏ ବୋଲି ସମସ୍ତେ ଜାଣନ୍ତି । କେତେକ ବୃକ୍ଷ ମାନବ ଜୀବନରେ ମନ୍ଦ ପ୍ରଭାବକୁ ଦୂର କରି ଭଲ ପ୍ରଭାବ ଆଣିଥାଏ । ଜ୍ୟୋତିଷ ଶାସ୍ତ୍ର ଅନୁସାରେ ବୃକ୍ଷ ଓ ନବଗ୍ରହ ମଧ୍ୟରେ ଏକ ଗଭୀର ସମ୍ପର୍କ ରହିଛି । ଏହି ଗ୍ରହଗୁଡ଼ିକ ଶରୀରର ବିଭିନ୍ନ



ଅଙ୍ଗକୁ ଭଲ କିମ୍ବା ଖରାପ ଭାବେ ପ୍ରଭାବିତ କରିପାରନ୍ତି ଏବଂ ଖରାପ ପ୍ରଭାବ ଦ୍ୱାରା ଶରୀରରେ ବିଭିନ୍ନ ରୋଗ ସୃଷ୍ଟି ହୋଇଥାଏ । ଏହି ରୋଗକୁ ଦୂର କରିବା ପାଇଁ ବିଶେଷପ୍ରକାରର ବୃକ୍ଷାଦି ରହିଛି, ଯାହାର ବ୍ୟବହାର କରାଯାଇ ରୋଗମୁକ୍ତ କରାଯାଏ । ତେଣୁ ପୂଜାର୍ଚ୍ଚନା ଓ ହୋମ ପାଇଁ ନବଗ୍ରହକୁ ଦର୍ଶାଉଥିବା ନଅ ପ୍ରକାରର ବୃକ୍ଷ ଯଥା- ବର, ପିପଳ, ପଳାଶ, ଅର୍କ, ଶମି, ଅପାମାର୍ଗ, କୁଶ, ଦୁବ ଭଳି ବୃକ୍ଷର କାଠ ବ୍ୟବହାର କରାଯାଏ । ଏହି କାଠଗୁଡ଼ିକୁ ସେମାନଙ୍କର ପବିତ୍ରତା, ଅଗ୍ନିକୁ ବଜାୟ ରଖିବାର କ୍ଷମତା ଏବଂ ଦିବ୍ୟଶକ୍ତି ସହିତ ସମ୍ପର୍କ ପାଇଁ ବ୍ୟବହାର କରାଯାଏ ।

ପ୍ରତ୍ୟେକ ଉଦ୍ଭିଦର ପୌରାଣିକ ମହତ୍ତ୍ୱ ରହିଛି, ଯାହା ପରିବେଶ ଓ ସ୍ୱାସ୍ଥ୍ୟ ପାଇଁ ବିଭିନ୍ନ ପ୍ରକାରରେ ଲାଭଦାୟକ । ବରଗଛର ବିଶାଳ ଛାତ ପରି ଆକାର, ଧୈର୍ଯ୍ୟ ଓ ସୁରକ୍ଷାର ପ୍ରତୀକ ଏବଂ ପ୍ରାଣୀମାନଙ୍କ ଆଶ୍ରୟ ଓ ଛାୟାର ଆବଶ୍ୟକତାକୁ ପୂରଣ କରେ । ପିପଳ ପ୍ରଚୁର ଅମ୍ଳଜାନ ଦେଉଥିବାରୁ ଜୀବନ ଓ ଶୁଦ୍ଧତାର ଉତ୍ସ ବୋଲି ଗଣାଯାଏ । ବେଲ ଭଗବାନ ଶିବଙ୍କ ସହିତ ଜଡ଼ିତ ଏବଂ ପୂଜାରେ ବ୍ୟବହୃତ ହୁଏ, ଯାହା ଭକ୍ତି ଓ ଆଧ୍ୟାତ୍ମିକ ଜାଗରଣ ସୃଷ୍ଟି କରେ । ଅର୍କକୁ ଶୁଦ୍ଧିକରଣ ଏବଂ ନକାରାତ୍ମକ ଶକ୍ତିର ବିଲୋପ ସହିତ ଜଡ଼ିତ କରାଯାଇଛି । ଶମି ବୃକ୍ଷକୁ ବିଜୟ, ସୁରକ୍ଷା ଏବଂ ଅଗ୍ନିଦେବଙ୍କ ସହିତ ଜଡ଼ିତ କରାଯାଇଛି । ଏହା ନକାରାତ୍ମକ ଶକ୍ତିକୁ ଶୋଷଣ ଏବଂ ବିନାଶ କରିଥାଏ ବୋଲି ବିଶ୍ୱାସ କରାଯାଏ । ଅପାମାର୍ଗକୁ ଏକ ଶକ୍ତିଶାଳୀ ଶୁଦ୍ଧକାରୀ ବୃକ୍ଷ ଭାବରେ ବିବେଚନା କରାଯାଏ, ଯାହା ମନ୍ଦ ଆତ୍ମା, କଳା ଯାଦୁ ଓ ନକାରାତ୍ମକ ପ୍ରଭାବକୁ ଦୂର କରିବାରେ ସକ୍ଷମ । ଏହି ଗଛଗୁଡ଼ିକୁ ବହୁ ପୁରାତନ କାଳରୁ ଓଡ଼ିଶା ଏବଂ ସାରା ଭାରତରେ ବିଭିନ୍ନ ରୋଗର ପ୍ରାକୃତିକ ଚିକିତ୍ସା ତଥା ସେମାନଙ୍କର ସକ୍ରିୟ ଜୈବିକ ଉପାଦାନର ସଦୁପଯୋଗ ପାଇଁ ବ୍ୟବହାର କରାଯାଉଛି । ସେହିପରି ଅଁଳା ଔଷଧୀୟ ଗୁଣ ପାଇଁ ଜଣାଶୁଣା ଏବଂ ଏହା ରୋଗ ପ୍ରତିରୋଧ ଶକ୍ତି ବଢ଼ାଇଥାଏ । ଅଶୋକ, ଯାହାର ନାମର ଅର୍ଥ 'ଦୁଃଖଦୂରକାରୀ', ସକାରାତ୍ମକତା ଓ ଭାବନାତ୍ମକ ସୁସ୍ଥତା ଆଣେ ବୋଲି ବିଶ୍ୱାସ କରାଯାଏ ।

ଆଧୁନିକ ବିଜ୍ଞାନ ଏହି ଉଦ୍ଭିଦଗୁଡ଼ିକର ଆଧ୍ୟାତ୍ମିକ ପ୍ରଭାବକୁ ବିଶ୍ୱାସ ନ କରିପାରେ, କିନ୍ତୁ ଏଗୁଡ଼ିକର ବହୁମୁଖୀ ଉପଯୋଗକୁ ଅସ୍ୱୀକାର କରାଯାଇ ପାରିବ ନାହିଁ । ଏହି ବୃକ୍ଷଗୁଡ଼ିକର ରୋପଣ କେବଳ ପରିବେଶକୁ ସୁଧାରେ ନାହିଁ, ବରଂ ଭାରତର ପୁରୁଣା ପରମ୍ପରା ଓ ରୀତିକୁ ମଧ୍ୟ ସମ୍ମାନ ଦେଇଥାଏ । ଏହିପରି ବୃକ୍ଷଗୁଡ଼ିକୁ 'ସାଂସ୍କୃତିକ ବୃକ୍ଷ' କହିପାରିବା, ଯେହେତୁ ସେଗୁଡ଼ିକ ପରମ୍ପରା ଅନୁସାରେ ପରିଚିତ । ଆଜିର ଦୁନିଆରେ, ଯେଉଁଠି ପରିବେଶ ସମସ୍ୟା ଓ ମାନସିକ ସ୍ୱାସ୍ଥ୍ୟର ଚିନ୍ତା ବଢୁଛି, 'ପଞ୍ଚବଟୀ'ର ଅବଧାରଣା ବହୁତ ଗୁରୁତ୍ୱପୂର୍ଣ୍ଣ । ସହରୀକରଣ ବଢୁଥିବା ବେଳେ ଏହିପରି ପବିତ୍ର ବୃକ୍ଷଗୁଡ଼ିକର ସଂରକ୍ଷଣ ପରମ୍ପରା ଓ ପରିବେଶଗତ ସ୍ଥାୟିତ୍ୱ ମଧ୍ୟରେ ଏକ ସେତୁ ହୋଇପାରେ । ଏହି ବୃକ୍ଷଗୁଡ଼ିକ ବାୟୁକୁ ଶୁଦ୍ଧ କରେ, ଜୈବ ବିବିଧତା ବଢ଼ାଇଥାଏ ଏବଂ ପ୍ରାକୃତିକ ଚିକିତ୍ସା ପାଇଁ କାମରେ ଲାଗିଥାଏ । ଉଦ୍ୟାନ, ପରିବେଶ କିମ୍ବା ବ୍ୟକ୍ତିଗତ ବୃକ୍ଷରୋପଣ ନାମରେ ବିଭିନ୍ନ ସ୍ଥାନରେ ବୃକ୍ଷରୋପଣ କରି ଆମେ ପରିବେଶ ସଚେତନତା, ସ୍ୱାସ୍ଥ୍ୟ ଓ ଭାବନାତ୍ମକ ସମନ୍ୱୟକୁ ପ୍ରୋତ୍ସାହିତ କରିପାରିବା ।

ତେଣୁ 'ପଞ୍ଚବଟୀ' କେବଳ ଏକ ପୌରାଣିକ ଆଦର୍ଶ ନୁହେଁ, ଏହା ସ୍ଥାୟୀ ଜୀବନ ଓ ଆଧ୍ୟାତ୍ମିକ ସମୃଦ୍ଧିର ଏକ ଶକ୍ତିଶାଳୀ ପ୍ରତୀକ । ଆଧୁନିକ ସମୟରେ ଏହି ପରମ୍ପରାକୁ ଗ୍ରହଣ କରି ଆମେ ପ୍ରକୃତି ସହିତ ଗଭୀର ସମ୍ପର୍କ ଗଢ଼ିପାରିବା ଏବଂ ପୃଥିବୀରେ ଜୀବନ ସୁରକ୍ଷା ଦେବାରେ ଆମ ପୂର୍ବପୁରୁଷଙ୍କ ଜ୍ଞାନକୁ ବଜାୟ ରଖିପାରିବା ।

ଭୁବନେଶ୍ୱର, ମୋ: ୯୪୩୭୫୮ ୯୦୨୬

## ଚୀନ୍‌ରେ ହଜିଯିବ କି ଭାରତ!

ଶ୍ରୀନନ

ବିଜ୍ଞାନ ବାର୍ତ୍ତା

ଦୀର୍ଘଦିନ ଧରି ଚୀନ ସହିତ ଭାରତର ଲାଗି ରହିଛି ସୀମାବିବାଦ । ତେବେ ଭୂ-ବିଜ୍ଞାନୀମାନେ ଏବେ କହିଲେଣି ଯେ ଏପରି ସମୟ ଆସିପାରେ ଯେତେବେଳେ ଭାରତ ଭୂଖଣ୍ଡ କିମ୍ବା ଏହାର ଏକ ଗୁରୁତ୍ୱପୂର୍ଣ୍ଣ ଭାଗ ହୁଏତ ଚୀନ୍‌ରେ ହଜିଯିବ । ଟେକ୍ଟୋନିକ୍ ପ୍ଲେଟ୍‌ର ଚଳନ ଏହାର କରଣ ହେବ ।

'ଟେକ୍ଟୋନିକ୍ ପ୍ଲେଟ୍'କୁ 'ଲିଥୋସ୍ପେରିକ୍ ପ୍ଲେଟ୍(ଭୂସ୍ତରୀୟ ଥାଳିଆ)' ବୋଲି ମଧ୍ୟ କୁହାଯାଏ । ଏହା ମାତ୍ରାଧିକ ବସ୍ତୁତ୍ୱସମ୍ପନ୍ନ କଠିନ ଶିଳାର ଅସମାନ ଆକୃତିର ପ୍ରଶସ୍ତ ଫଳକ, ଯାହାକି ମହାଦେଶୀୟ ଓ ମହାସାଗରୀୟ ଭୂସ୍ତରରେ(ଲିଥୋସ୍ପିୟର) ଗଢ଼ା । ଏଗୁଡ଼ିକର ଆକାର କେତେଶହରୁ କେତେ ହଜାର କିମି ଚଉଡ଼ା ବିଶିଷ୍ଟ । ଭୂଗର୍ଭସ୍ଥ ତରଳ ମେଣ୍ଟଲ୍ ଉପରେ ଭାସି ବୁଲୁଥିବା ଏହି ପ୍ଲେଟମାନଙ୍କ ମଧ୍ୟରୁ ମହାଦେଶୀୟଗୁଡ଼ିକ ଅଧିକ ମୋଟା, କମ୍ ସାନ୍ଦ୍ର ହୋଇଥିବା ବେଳେ ମହାସାଗରୀୟଗୁଡ଼ିକ କମ୍ ମୋଟା. ଅଧିକ ସାନ୍ଦ୍ର । ଏମାନଙ୍କର ସଂଖ୍ୟା ଅନେକ । ତହିଁରୁ ୭ଟି ବଡ଼, ଯାହା ଆଫ୍ରିକୀୟ, ଆଣ୍ଟାରଟିକୀୟ, ୟୁରୋସୀୟ, ଇଣ୍ଡୋ-ଅଷ୍ଟ୍ରେଲୀୟ, ଉତ୍ତର ଆମେରିକୀୟ, ପ୍ରଶାନ୍ତ ମହାସାଗରୀୟ ଓ ଦକ୍ଷିଣ ଆମେରିକୀୟ ଭଳି ଭୂଖଣ୍ଡକୁ ଧାରଣ କରିଛନ୍ତି ।

ଏକଦା ଏଗୁଡ଼ିକ ମିଳିତ ଭାବେ ଏକ ବିଶାଳ ଭୂଖଣ୍ଡ ସୃଷ୍ଟି କରିଥିଲେ । ଭୂବିଜ୍ଞାନୀଙ୍କ ମତରେ ତାହା ଥିଲା 'ପାଙ୍ଗାଇଆ' । ଆଜକୁ ପ୍ରାୟ ୩୦୦ରୁ ୪୦୦ କୋଟି ବର୍ଷ ପୂର୍ବେ ତାହା ବିଖଣ୍ଡିତ ହୋଇ ପରସ୍ପରଠାରୁ ଅଲଗା ହୋଇଗଲେ । ଫଳରେ ସୃଷ୍ଟି ହେଲା ଏକାଧିକ ମହାଦେଶୀୟ ଭୂଖଣ୍ଡ । ପୃଥିବୀର ଅନ୍ତର୍ଦେଶରେ ଥିବା ତରଳ ପଦାର୍ଥ 'ମାଗ୍‌ମା'ରୁ ବୁଦ୍‌ବୁଦ୍‌ମାନ ଟେକ୍ଟୋନିକ୍ ପ୍ଲେଟ୍‌ଗୁଡ଼ିକରେ ଥିବା ଫାଟ ଦେଇ ବାହାରୁଥିବାରୁ ପ୍ଲେଟ୍‌ଗୁଡ଼ିକ ବର୍ଷକୁ କିଛି କିଛି ସେଣ୍ଟିମିଟର ଗତି କରି ପରସ୍ପରଠାରୁ ଦୂରେଇ ଯାଆନ୍ତି କିମ୍ବା ଗୋଟିଏ ଅନ୍ୟ ଗୋଟିକ ସହିତ ଧକ୍କା ଖାଇ ତା' ତଳେ ପଶିଯା'ନ୍ତି । ତା' ଉପରେ ଥିବା ମହାଦେଶୀୟ ଭୂଭାଗଗୁଡ଼ିକ ମଧ୍ୟ ସେଥିସହିତ ଗତି କରନ୍ତି । ଏହା ଏକ ପ୍ରାକୃତିକ ପ୍ରକ୍ରିୟା । ଆଜିକୁ ପ୍ରାୟ ୫୦ ନିୟୁତ ବର୍ଷ ତଳେ ଇଣ୍ଡୋ-ଅଷ୍ଟ୍ରେଲୀୟ ପ୍ଲେଟ୍‌ଟି ବିଭାଜିତ ହୋଇ ଭାରତକୁ ଧାରଣ କରିଥିବା ଅଂଶଟି ଆସି ଚୀନ୍ ଅବସ୍ଥିତ ଥିବା ୟୁରୋସୀୟ ପ୍ଲେଟ୍ ସହିତ ଧକ୍କା ଖାଇ ମିଶିଗଲା । ଏହାର ବେଗ ଏତେ ଥିଲା ଯେ ତାହା ବର୍ଷକୁ ପ୍ରାୟ ୩୦ ସେମି ହାରରେ ଆଗକୁ ମାଡ଼ି ଚାଲିଲା । ଏହା ଧକ୍କା ଖାଇବା ସ୍ଥାନରେ ସୃଷ୍ଟି ହେଲା ସୁଉଚ୍ଚ ହିମାଳୟ ପର୍ବତ ଶ୍ରେଣୀ, ଯାହା ଏବେ ବି ବର୍ଷକୁ ୫ ମିମି ହାରରେ ବଢ଼ିବାକୁ ଲାଗିଛି ।

ଏ କଥା ଜଣାପଡ଼ିଛି ଐତିହାସିକ ଘଟଣା ଉପରେ ଗବେଷଣାରତ 'ଜର୍ମାନ୍ ରିସର୍ଚ୍ଚ ସେଣ୍ଟର ଫର ଜିଓସାଇସେନ୍ସ', ଭାରତର 'ନ୍ୟାଶ୍‌ନାଲ୍ ଜିଓଫିଜିକାଲ୍ ରିସର୍ଚ୍ଚ ଇନ୍‌ଷ୍ଟିଚ୍ୟୁଟ୍' ଏବଂ ବର୍ଲିନସ୍ଥିତ 'ଫ୍ରେଇ ବିଶ୍ୱବିଦ୍ୟାଳୟ'ର ବୈଜ୍ଞାନିକମାନେ ୨୦୦୭ ମସିହାରୁ ଚଳାଇ ଆସିଥିବା ଅଧ୍ୟୟନରୁ । ଭାରତୀୟ ମହାଦେଶୀୟ ଭୂଖଣ୍ଡର ଚଳନକୁ ସେମାନେ ବିଶ୍ୱର ଦ୍ରୁତତମ ବୋଲି ଅଭିହିତ କରିଛନ୍ତି । ଏହାଫଳରେ ଭାରତ ନିୟମିତ ଭାବେ ହରାଇଚାଲିଛି କିଛିକିଛି ଅଞ୍ଚଳ, ତାହା ଯେତେ କମ୍ ହେଉନା କାହିଁକି । ଏକ ଗଣନା ଅନୁସାରେ ବିଗତ କେତେ ନିୟୁତ ବର୍ଷ ମଧ୍ୟରେ ଅଷ୍ଟ୍ରେଲିଆଠାରୁ ବିଚ୍ଛିନ୍ନ ହେଲା ପରେ ଏହା ଉତ୍ତର-ଏସିଆ ଦିଗରେ ପ୍ରାୟ ୨୦୦୦ କିମି ଗତି କରିଛି । ଅନ୍ୟପକ୍ଷରେ ଏବେ ଭାରତୀୟ ପ୍ଲେଟ୍‌ଟି ବର୍ଷକୁ ୫ ସେମି ହାରରେ ୟୁରେସୀୟ ପ୍ଲେଟ୍ ଦିଗରେ ଏବଂ ଚୀନ୍ ଭୂଖଣ୍ଡର ତଳ ଆଡ଼କୁ ଗତି କରିବାରେ ଲାଗିଛି ।

ଯଦି ଏହି ପ୍ରକ୍ରିୟା ଅବ୍ୟାହତ ରହେ, ତା'ହେଲେ ଦିନେ ଆମ ଦେଶ ସମ୍ପୂର୍ଣ୍ଣ ଭାବେ ନିଶ୍ଚିହ୍ନ ହୋଇଯିବ ବୋଲି ମନେ କରାଯାଇପାରେ । ତେବେ ଉପରୋକ୍ତ ବୈଜ୍ଞାନିକମାନଙ୍କ ମଧ୍ୟରୁ ଅନ୍ୟତମ ସାବ୍ରିନା ମେଟ୍‌ଜଗରଙ୍କ ମତରେ ଏ ପ୍ରକ୍ରିୟାର ବେଗ କ୍ରମଶଃ ହ୍ରାସ ପାଉଛି । ହୁଏତ ଏହି ଚଳନର ଗତି ଦିନେ ସମ୍ପୂର୍ଣ୍ଣ ବନ୍ଦ ମଧ୍ୟ ହୋଇଯାଇପାରେ । ତେଣୁ ଚୀନ୍‌ରେ ଭାରତ ହଜିଯିବାର ସମ୍ଭାବନାକୁ ଏଡ଼ାଇ ଦିଆଯାଇପାରେ । ଅନ୍ୟପକ୍ଷରେ ଏହାର ବିପରୀତ ମଧ୍ୟ ଘଟିପାରେ । ଅର୍ଥାତ୍ କୌଣସି ଏକ ପରିସ୍ଥିତିରେ ଏ ଗତି ମଧ୍ୟ ବଢ଼ିପାରେ । ତେବେ ଏହି ଅନୁମାନ ସତସାବ୍ୟସ୍ତ ହେବାକୁ ଲାଗିଯିବ ନିୟୁତ ନିୟୁତ ବର୍ଷ । ସେତେବେଳକୁ ଧରାପୃଷ୍ଠରୁ ସମ୍ଭବତଃ ଜୀବଜଗତ ହିଁ ବିଲୁପ୍ତ ହୋଇସାରିଥିବ ।

ଯମପଡ଼ା(କେନ୍ଦ୍ରାପଡ଼ା), ମୋ: ୯ ୯୩୭୩୦୧୪୬୦

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ । ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ ।

## କାନ୍ଥ ଭୁଶୁଡ଼ି ଚାଷୀ ମୃତ

ବଣାଇଁ, ୭।୭ (ସମିସ): ବଣାଇଁ ଉପଖଣ୍ଡ ଟିକାୟତପାଲି ଥାନା ସରସରା ଗ୍ରାମରେ ଲଗାଣ ବର୍ଷା ଯୋଗୁଁ ଘର କାନ୍ଥ ଭୁଶୁଡ଼ି ଜଣେ ଚାଷୀଙ୍କ ମୃତ୍ୟୁ ହୋଇଛି। ମୃତକ ହେଲେ, ଦେବେନ୍ଦ୍ର ଭର୍ଜିଆ(୫୪)। ସୂଚନାନୁଯାୟୀ, ଦୀର୍ଘ ୧୫ଦିନ ହେବ ବଣାଇଁ ଅଞ୍ଚଳରେ ଲଘୁଚାପ ଜନିତ ଲଗାଣ ବର୍ଷା ଯୋଗୁଁ ଜନଜୀବନ ଅଡୁଆରେ ପଡ଼ିଯାଇଛି। ଏଭଳି ସ୍ଥିତିରେ ସରସରା ଗ୍ରାମରେ ରବିବାର ରାତିରେ ପ୍ରବଳ ବର୍ଷା ହୋଇଥିଲା। ଦେବେନ୍ଦ୍ର ନିଜର ପୋଟଳ ବଗିଚାରେ ଥିବା ଘରେ ଶୋଇଥିବା ବେଳେ ହଠାତ୍ ମାଟି କାନ୍ଥ ଭୁଶୁଡ଼ି ତାଙ୍କ ଉପରେ ପଡ଼ିଯାଇଥିଲା। ଫଳରେ ଘଟଣାସ୍ଥଳରେ ତାଙ୍କର ମୃତ୍ୟୁ ହୋଇଯାଇଥିଲା। ଏହା ଦେଖି ସକାଳେ ସ୍ଥାନୀୟ ଲୋକ ତାଙ୍କ ପରିବାରକୁ ଖବର ଦେଇଥିଲେ। ଟିକାୟତପାଲି ଥାନା ପୁଲିସ ଘଟଣାସ୍ଥଳରେ ପହଞ୍ଚି ମୃତଦେହ ଜବତ କରି ବ୍ୟବଚ୍ଛେଦ ନିମନ୍ତେ ପଠାଇବା ସହ ଘଟଣାର ତଦନ୍ତ ଚଳାଇଛି।

## ପୋଖରୀରେ ବୁଡ଼ି ମା'-ଝିଅ ମୃତ



ମାଥିଲି, ୭।୭ (ସମିସ): ପୋଖରୀରେ ବୁଡ଼ି ମା'-ଝିଅ ମୃତ। ମାଲକାନଗିରି ଜିଲ୍ଲା ମାଥିଲି ଥାନା ଅନ୍ତର୍ଗତ ଧଉଡ଼ାଗୁଡ଼ା ଗାଁରେ ଆଜି ଏହି ଦୁଃଖଦ ଘଟଣା ଘଟିଛି। ମୃତକଦ୍ୱୟ ହେଲେ, ଗୁରୁନାଥ ବାଗରିଆଙ୍କ ସ୍ତ୍ରୀ ପ୍ରିୟା ବାଗରିଆ ଓ ୫ ମାସର ଶିଶୁକନ୍ୟା ପିଙ୍କି। ସୂଚନା ଅନୁଯାୟୀ, ଆଜି ସକାଳୁ ପିଙ୍କିକୁ ନେଇ ପ୍ରିୟା ଗାଁ ପୋଖରୀରେ ଗାଧୋଇବାକୁ ଯାଇଥିଲେ। କିନ୍ତୁ ଫେରିବାରେ ବିଳମ୍ବ ହେବାରୁ ପରିବାରଲୋକଙ୍କ ଚିନ୍ତା ବଢ଼ିଥିଲା। ବହୁ ଖୋଜାଖୋଜି କରି ମଧ୍ୟ ଦୁହିଁଙ୍କୁ ପାଇନଥିଲେ। ତେବେ ସନ୍ଧ୍ୟାରେ ଉଭୟଙ୍କ ମୃତଦେହ ପୋଖରୀରେ ଭାସୁଥିବା ଦେଖି ଗାଁଲୋକେ ମାଥିଲି ଅଗ୍ନିଶମ ବାହିନୀକୁ ଖବର ଦେଇଥିଲେ। ଅଗ୍ନିଶମ କର୍ମଚାରୀମାନେ ଘଟଣାସ୍ଥଳରେ ପହଞ୍ଚି ପୋଖରୀରୁ ଦୁହିଁଙ୍କ ଶବ ଉଦ୍ଧାର କରିଥିଲେ। ମାଥିଲି ପୁଲିସ ଘଟଣାସ୍ଥଳରେ ପହଞ୍ଚି ଶବଦ୍ୱୟକୁ ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏକ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି।

# ସରିଲା ରତ୍ନଭଣ୍ଡାର ମରାମତି

ପୁରୀ, ୭।୭ (ସମିସ): ଶେଷ ହୋଇଛି ବହୁପ୍ରତୀକ୍ଷିତ ରତ୍ନଭଣ୍ଡାର ମରାମତି। ମୋଟ ୯୫ ଦିନରେ ୩୩୨ଘଣ୍ଟା ୪୭ମିନିଟ୍ କାମ କରାଯାଇଛି। ଏବେ ଶ୍ରୀମନ୍ଦିର ବାହାର ଓ ଭିତର ରତ୍ନଭଣ୍ଡାର ସମ୍ପୂର୍ଣ୍ଣ ସୁରକ୍ଷିତ। ମହାପ୍ରଭୁଙ୍କ ଅପାର କରୁଣା, ଆଶୀର୍ବାଦ ଯୋଗୁଁ ଧାର୍ଯ୍ୟ ନୀଳାଦ୍ରିବିଜେ ପୂର୍ବରୁ ରତ୍ନଭଣ୍ଡାର ମରାମତି ଓ ସଂରକ୍ଷଣ କାର୍ଯ୍ୟ ଶେଷ ହୋଇଛି ବୋଲି କହିଛନ୍ତି ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଡ. ଅରବିନ୍ଦ ପାଢ଼ୀ।

ସୋମବାର ସନ୍ଧ୍ୟାରେ ଗଣମାଧ୍ୟମକୁ ରତ୍ନଭଣ୍ଡାର ମରାମତି ପୂର୍ଣ୍ଣାଙ୍ଗର ସୂଚନା ଦେଇ ଡ. ପାଢ଼ୀ କହିଛନ୍ତି, ମହାପ୍ରଭୁଙ୍କ ଆଶୀର୍ବାଦ ଯୋଗୁଁ ନୀଳାଦ୍ରିବିଜେ ପୂର୍ବରୁ ଉଭୟ ଭିତର ଓ ବାହାର ରତ୍ନଭଣ୍ଡାର ମରାମତି ଓ ସଂରକ୍ଷଣ କାର୍ଯ୍ୟ ଏଏସ୍ଆଇ ଦ୍ୱାରା ଶେଷ ହୋଇଛି। ପ୍ରାୟ ୨୦୦ ବର୍ଷ ପର୍ଯ୍ୟନ୍ତ ରତ୍ନଭଣ୍ଡାର ସୁରକ୍ଷିତ ବୋଲି କୁହାଯାଇପାରିବ।

ରାଜ୍ୟ ସରକାରଙ୍କ ମାର୍ଗଦର୍ଶିକା ଅନୁଯାୟୀ, ଯାଞ୍ଚ ଏବଂ ଟେକ୍ନିକାଲ ସର୍ଭେ କାମ ଆରମ୍ଭ ହୋଇଥିଲା। ରତ୍ନଭଣ୍ଡାରର ଲେଜର ସ୍କାନିଂ, ରାଡାର ପେନିଟ୍ରେଷ୍ଟିଂ ସର୍ଭେ ଆଦି ବୈଷୟିକ ଯାଞ୍ଚ କରାଯାଇଥିଲା। ଗତବର୍ଷ ସେପ୍ଟେମ୍ବର ୧୮ରେ ଏଏସ୍ଆଇର ଆଡିସ୍ନାଲ ଡିଜି(ସଂରକ୍ଷଣ) ଆସି ସଂରକ୍ଷଣର ତଦାରଖ କରିଥିଲେ। ସେପ୍ଟେମ୍ବର ୨୪ରେ ଏଏସ୍ଆଇ ଅଧିକାରୀମାନଙ୍କ ସ୍ୱତନ୍ତ୍ର ଟିମ୍ ଯାଞ୍ଚ କରିଥିଲା। ପରେ ଯାଞ୍ଚ ରିପୋର୍ଟ ଆଧାରରେ ଡିସେମ୍ବର ୧୭ରେ ରତ୍ନଭଣ୍ଡାର ମରାମତି ଏବଂ ସଂରକ୍ଷଣ କାମ ଆରମ୍ଭ ହୋଇଥିଲା। ପ୍ରାୟ ୬ ମାସ ଧରି କାମ କରାଯାଇଥିଲା। ଲେଜର ସ୍କାନିଂ ଓ ଜିପିଆର୍ଏସ୍ ସର୍ଭେରୁ ମିଳିଥିବା ତଥ୍ୟ ଅନୁଯାୟୀ ସମ୍ପୂର୍ଣ୍ଣ ବୈଜ୍ଞାନିକ ପଦ୍ଧତି ମାଧ୍ୟମରେ ଏଏସ୍ଆଇ ପକ୍ଷରୁ ସଂରକ୍ଷଣ ଓ ମରାମତି କାର୍ଯ୍ୟ କରାଯାଇଛି। ଏହା ମଧ୍ୟରେ ଜଏଣ୍ଟ ସିଲିଂ, ଗ୍ରାଉଟିଂ, ଷ୍ଟେନ୍ଲେସ୍ ଷ୍ଟିଲ୍ ବକ୍ସ ବିମ୍, କେମିକାଲ ୱାସିଂ କରାଯାଇଛି। ୯୫ ଦିନରେ ୩୩୨ ଘଣ୍ଟା ୪୭ ମିନିଟ୍ ମରାମତି ଓ ସଂରକ୍ଷଣ କାମ ହୋଇଛି। ମୋଟ ୮୦ ଜଣ ଶ୍ରମିକ ମରାମତି କାମରେ ନିୟୋଜିତ ଥିଲେ। ନୂଆ ଗ୍ରାନାଇଟ୍ ଚଟାଣ ସାଙ୍ଗକୁ ରତ୍ନଭଣ୍ଡାର ବାହାର ପାର୍ଶ୍ୱରେ କେମିକାଲ ପ୍ଲାଷ୍ଟରିଂ ହୋଇଛି। ଭିତର ଭଣ୍ଡାରରେ ୯ଟି ଏବଂ ବାହାର ଭଣ୍ଡାରରେ ୬ଟି ଏହିପରି ମୋଟ ୧୫ଟି ନୂଆ ଷ୍ଟେନଲେସ୍ ଷ୍ଟିଲ ବକ୍ସ ବିମ୍ ବିଭିନ୍ନ ସାଇଜର ଲଗାଯାଇଛି।

ସେହିପରି ଭିତର ରତ୍ନଭଣ୍ଡାରର କବାଟ ମରାମତି ହୋଇଛି। ବାହାର ଭଣ୍ଡାରର ଆଇରନ ଗେଟ୍ ବଦଳାଯାଇ ଷ୍ଟେନ୍ଲେସ୍ ଷ୍ଟିଲ ଗେଟ୍ କରାଯାଇଛି। ଏହାର ବାହାରେ ବର୍ମାଟିକ୍ କାଠର କବାଟ କରାଯାଇଛି। ପୂର୍ବ ନିଷ୍ପତ୍ତି ଅନୁଯାୟୀ, ବାହାର କାଠ ଦ୍ୱାରକୁ ରୁପା ଛାଉଣୀ କରାଯିବ। ଏହାର ପ୍ରକ୍ରିୟା ମଧ୍ୟ ଆରମ୍ଭ ହୋଇଯାଇଛି। ଭଣ୍ଡାର ମେକାପ ସେବକ, ଗଜପତିଙ୍କ ପ୍ରତିନିଧି ଏବଂ ଶ୍ରୀମନ୍ଦିର ପ୍ରଶାସନ ଅଧିକାରୀଙ୍କ ସମ୍ମୁଖରେ ଏହି ଗେଟ୍ ସିଲ୍ କରାଗଲା। ଭିତର ରତ୍ନଭଣ୍ଡାର ଗେଟ୍ ତାଲାର ଚାବି ଏବେ ମନ୍ଦିର ପ୍ରଶାସନ ପାଖରେ ଅଛି। ଭିତର ଭଣ୍ଡାର ଦ୍ୱାରକୁ ସୁନା ଛାଉଣୀ କରାଯିବା ଲାଗି ଯୋଜନା ରହିଛି।

ଏସ୍ଓପି ଅନୁଯାୟୀ, ପ୍ରଥମେ ଅସ୍ଥାୟୀ ଷ୍ଟ୍ରଙ୍ଗରୁମ୍ରୁ ଭିତର ରତ୍ନଭଣ୍ଡାରକୁ ଅଳଙ୍କାର ସ୍ଥାନାନ୍ତର କରାଯିବ। ଜଉମୁଦ ଦିଆଯାଇ ଏହାର ଚାବି ଟ୍ରେଜେରୀରେ ରହିବ। ଅସ୍ଥାୟୀ ଷ୍ଟ୍ରଙ୍ଗରୁମ୍ରୁ ଅଳଙ୍କାର ବାହାର ଭଣ୍ଡାରକୁ ସ୍ଥାନାନ୍ତର ପରେ ଏହାର ଚାବି ସିଲ୍ କରାଯାଇ ରଖାଯିବ। ପରବର୍ତ୍ତୀ ପର୍ଯ୍ୟାୟରେ ଗଣତି ମଣତି ହେବ। ୧୯୭୮ ମସିହା ତାଲିକା ସହ ମେଳ କରାଯିବ ବୋଲି କହିଛନ୍ତି ମୁଖ୍ୟ ପ୍ରଶାସକ ଡ. ପାଢ଼ୀ।

**■ ୯୫ ଦିନରେ ୩୩୨ ଘଣ୍ଟା ୪୭ ମିନିଟ୍ କାମ ହୋଇଛି**
**■ ରୁପା ଛାଉଣୀ ହେବ ବାହାର ଭଣ୍ଡାର ଘର ଦ୍ୱାର**

## ନେଇଗଲେ ଅଧରପଣା

ପୁରୀ,୭।୭(ସମିସ): ପ୍ରତିବର୍ଷ ରଥ ଉପରେ ଅଧରପଣା ହାଣ୍ଡି ଭାଙ୍ଗିବା ବେଳେ କିଛି ସେବାୟତ ପଣା ନେଇଥାନ୍ତି। କେହି କେହି ରଥ ଉପରେ ଟିଫିନ, ଗଡୁ, ଭଙ୍ଗା କୁଡୁଆ, ହାଣ୍ଡି ଆଦିରେ ପୁରାଇ ପଣା ସଂଗ୍ରହ କରନ୍ତି। ପୁଣି କେତେଜଣ ତଳେ ଠିଆ ହୋଇ ବାଲତି, ଜରି ଆଦି ଦେଖାଇ ପଣା ନେଇଥାନ୍ତି। ପ୍ରତିବର୍ଷ ଭଳି ଏଥର ମଧ୍ୟ ଅଧରପଣା କେହି ସଂଗ୍ରହ କିମ୍ବା ନେଇପାରିବେ ନାହିଁ ବୋଲି ମନ୍ଦିର ପ୍ରଶାସନ ପକ୍ଷରୁ କୁହାଯାଇଥିଲା। ଯଦିଓ ଭଙ୍ଗା ପୂର୍ବରୁ କେହି ପଣା ନେଇ ନଥିଲେ, ଭାଙ୍ଗିବା ପରେ ତଳକୁ ଗଡୁଥିବା ପଣାକୁ କେତେଜଣ ନେଉଥିବା ଦେଖିବାକୁ ମିଳିଥିଲା। ସେମାନେ ଗଡୁ, ଭଙ୍ଗା କୁଡଆ, ଜରିରେ ପଣା ସଂଗ୍ରହ କରିଥିଲେ। କିନ୍ତୁ ସେମିତି କୌଣସି ବିଶୃଙ୍ଖଳା କରି ନ ଥିଲେ।

# ଭିଜିଲାନ୍ସ ଜାଲରେ କୁଜଙ୍ଗ ମେଡିକାଲ ଅଫିସର୍

ଭୁବନେଶ୍ୱର, ୭।୭(ସମିସ): ବୀମା ଦାବି ପାଇଁ ଆବଶ୍ୟକ ଥିବା ବ୍ୟବଚ୍ଛେଦ ରିପୋର୍ଟ ଦେବାକୁ ୧୦ ହଜାର ଟଙ୍କା ଲାଞ୍ଚ ନେବା ବେଳେ ଜଗତସିଂହପୁର ଜିଲ୍ଲା କୁଜଙ୍ଗ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ମେଡିକାଲ ଅଫିସର୍ ଡାକ୍ତର ଶିବପ୍ରସାଦ ସେଠୀ ଗିରଫ ହୋଇଛନ୍ତି। ସୂଚନାନୁଯାୟୀ, ଖାଦ୍ୟରେ ବିଷକ୍ରିୟା ଯୋଗୁଁ ଜଣେ ମହିଳାଙ୍କ ମୃତ୍ୟୁ ହୋଇଥିଲା। ଡାକ୍ତର ଶିବ ପ୍ରସାଦ ସେଠୀ ଉକ୍ତ ମହିଳାଙ୍କ ଶବ ବ୍ୟବଚ୍ଛେଦ କରିଥିଲେ। ତେବେ ମହିଳାଙ୍କ ନାମରେ ବୀମା ଥିବାରୁ ସେନେଇ ଆବେଦନ କରିବାକୁ ଶୀଘ୍ର ରିପୋର୍ଟ ଦେବାକୁ ତାଙ୍କ ସ୍ୱାମୀ ଡାକ୍ତର ସେଠୀଙ୍କୁ ଅନୁରୋଧ କରିଥିଲେ। କିନ୍ତୁ ୧୦ ହଜାର ଟଙ୍କା ଲାଞ୍ଚ ନ ଦେଲେ ରିପୋର୍ଟ ମିଳିବା ବିଳମ୍ବିତ ହେବ ବୋଲି ଡାକ୍ତର ସେଠୀ ତାଙ୍କୁ ରୋକଠୋକ୍ ଶୁଣାଇ ଦେଇଥିଲେ। ତେଣୁ ବାଧ ହୋଇ ମହିଳାଙ୍କ ସ୍ୱାମୀ ଏନେଇ ଭିଜିଲାନ୍ସର ଦ୍ୱାରସ୍ଥ ହୋଇଥିଲେ। ଆଜି ଡାକ୍ତର ଶିବ ପ୍ରସାଦ କଟକର ଥିବା ଏକ କ୍ଲିନିକ୍ରେ ଲାଞ୍ଚ ନେବା ସମୟରେ ଭିଜିଲାନ୍ସ ଟିମ୍ ତାଙ୍କୁ ମାଡ଼ି ବସିଥିଲା। ସେ ଅଭ୍ୟର୍ଥନା ଡେସ୍କରେ ବସିଥିବା ମହିଳା ମାଧ୍ୟମରେ ଲାଞ୍ଚ ନେଇଥିଲେ। ସାକ୍ଷୀଙ୍କ ଉପସ୍ଥିତିରେ ସମସ୍ତ ଲାଞ୍ଚ ଟଙ୍କା ଜବତ କରାଯାଇଥିଲା। ପରେ କଟକ, ମୈତ୍ରୀବିହାରରେ ଡାକ୍ତର ସେଠୀଙ୍କ ଭଡ଼ାଘର, କଟକର ମହାବୀର ଆପାର୍ଟମେଣ୍ଟରେ ଫ୍ଲାଟ୍, ଜଗତସିଂହପୁରର ଏରସମାରେ ପୈତୃକ ଘର, ଜଗତସିଂହପୁର ଜିଲ୍ଲା କୁଜଙ୍ଗ କାର୍ଯ୍ୟାଳୟ ଚାମ୍ବର ଏବଂ ମହାନଦୀ ବିହାର, କଟକରେ ତାଙ୍କ ଘରୋଇ କ୍ଲିନିକ୍ ଚାମ୍ବରରେ ଏକକାଳୀନ ତଲାସି କରାଯାଇଥିଲା।

# ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

## ୪୦ ଟଙ୍କାର ତେଲ...

ଦେଉଥିଲେ ମଧ୍ୟ ତୈଳ ମୂଲ୍ୟ ହ୍ରାସ ପାଇଁ କୌଣସି ପଦକ୍ଷେପ ଗ୍ରହଣ କରାଯାଉ ନାହିଁ। ଲୋକସଭା ନିର୍ବାଚନ ପୂର୍ବରୁ ପେଟ୍ରୋଲ ଏବଂ ଡିଜେଲର ମୂଲ୍ୟ କେବଳ ଥରେ ଲିଟର ପିଛା ୨ ଟଙ୍କା ହ୍ରାସ ପାଇଥିଲା। ସେବେଠାରୁ ଘରୋଇ ବଜାରରେ ପେଟ୍ରୋଲ ଏବଂ ଡିଜେଲ ମୂଲ୍ୟରେ କୌଣସି ପରିବର୍ତ୍ତନ ଦେଖାଯାଇନାହିଁ। ଆଶ୍ଚର୍ଯ୍ୟର କଥା ହେଉଛି ଯେ ଏହି ସମୟ ମଧ୍ୟରେ, କଞ୍ଚା ତେଲ ମୂଲ୍ୟ ପ୍ରତି ବ୍ୟାରେଲ ୨୦ ଡଲାରରୁ ଅଧିକ ହ୍ରାସ ପାଇଛି। ମାତ୍ର ଏହାର ଫାଇଦା ଖାଉଟିଙ୍କ ପାଖରେ ପହଞ୍ଚି ପାରିନାହିଁ। ବିଶେଷଜ୍ଞଙ୍କ ମତରେ ୨୦ ଡଲାର କଞ୍ଚାତେଲ ମୂଲ୍ୟ ହ୍ରାସ ଭାରତୀୟ ବଜାରରେ ପେଟ୍ରୋଲ ଡ଼ିଜେଲ ମୂଲ୍ୟକୁ ୨୫% ପର୍ଯ୍ୟନ୍ତ କମ୍ କରିପାରିବ। ମାତ୍ର ଏହାର ଏହାର ସବୁ ଲାଭ କମ୍ପାନୀ ଓ ସରକାର ପାଇଛନ୍ତି।

ସମ୍ପ୍ରତି ଅଶୋଧିତ ତେଲ ଉତ୍ପାଦକଙ୍କ ସଂଗଠନ ଓପେକ୍ ରାଷ୍ଟ୍ର ସମୂହ ଅଶୋଧିତ କଞ୍ଚା ତେଲ ଉତ୍ପାଦନ ବୃଦ୍ଧି ଘୋଷଣା ଯୋଗୁଁ ପୁଣି ଅଶୋଧିତ ତୈଳ ଦର ହ୍ରାସ ପାଇବାର ସମ୍ଭାବନା ରହିଛି। ଚଳିତ ଜୁଲାଇ ଶେଷ କିମ୍ବା ଅଗଷ୍ଟ ମାସରେ ଉପସାଗରୀୟ ଦେଶଗୁଡ଼ିକର ବ୍ରେଣ୍ଟ କ୍ରୁଡ୍ ମୂଲ୍ୟ ପ୍ରତି ବ୍ୟାରେଲ ପାଖାପାଖି ୧୦ ଡଲାର ପର୍ଯ୍ୟନ୍ତ ହ୍ରାସ କରିବାକୁ ଯୋଜନା କରିଛନ୍ତି। ବଜାର ବିଶେଷଜ୍ଞଙ୍କ କହିବାନୁଯାୟୀ ଯୋଗାଣରେ ବୃଦ୍ଧି ଯୋଗୁଁ ଅଶୋଧିତ ତୈଳ ମୂଲ୍ୟ ହ୍ରାସ ପାଇଛି। ଗୋଟିଏ ପଟେ ଆମେରିକା ଯୋଗାଣ ବୃଦ୍ଧି କରିଛି। ଅନ୍ୟପଟେ ଓପେକ୍ ପ୍ଲସ୍ ସଦସ୍ୟ ରାଷ୍ଟ୍ରମାନଙ୍କ ପକ୍ଷରୁ ଯୋଗାଣ ଜାରି ରହିଛି। ଇରାନ ଓ ଇସ୍ରାଏଲ ମଧ୍ୟରେ ଯୁଦ୍ଧବିରତି ପରେ, ହର୍ମୁଜ୍ ସଙ୍କଟ ମଧ୍ୟ ଟଳିଯାଇଛି। ଏହାସହିତ ଯୋଗାଣରେ କୌଣସି ବାଧା ସୃଷ୍ଟି ହେବାର ସମ୍ଭାବନା ନାହିଁ। ଯାହା ଫଳରେ ତୈଳ ମୂଲ୍ୟ ପ୍ରାୟ ୧୫% କମିବ ବୋଲି ଆଶା କରାଯାଉଛି। ମାତ୍ର ଭାରତର ଖାଉଟିମାନଙ୍କ ପାଇଁ ଏହି ଲାଭ ମିଳିବ କି ନାହିଁ ତାହା ସନ୍ଦେହ ସୃଷ୍ଟି କରିଛି।

## ହସ୍ପିଟାଲ୍ରୁ ଡିସ୍ଚାର୍ଜ...

ଡାକ୍ତରଖାନାରୁ ଡିସଚାର୍ଜ ହୋଇଥିଲେ ହେଁ ନବୀନ ପ୍ରାୟ ଏକ ସପ୍ତାହ ପର୍ଯ୍ୟନ୍ତ ମୁମ୍ବାଇରେ ରହିବେ। ସେଠାରେ ତାଙ୍କର ଫିଜିଓ ଥେରାପି ଚାଲିବ। ଏହାପରେ ସେ ଓଡ଼ିଶା ପ୍ରତ୍ୟାବର୍ତ୍ତନ କରିବେ।

ସର୍ଭିକାଲ ଆର୍ଥ୍ରାଇଟ୍ ଅପରେସନ୍ ପାଇଁ ଗତ ଜୁନ୍ ୨୦ ତାରିଖରେ ନବୀନ ମୁମ୍ବାଇ ଗସ୍ତ କରିଥିଲେ। ମୁମ୍ବାଇର କୋକିଲାବେନ୍ ଧୀରୁଭାଇ ଅମ୍ବାନୀ ହସ୍ପିଟାଲରେ ୨୨ ତାରିଖରେ ତାଙ୍କର ଅସ୍ତ୍ରୋପଚାର ହୋଇଥିଲା। କୋକିଲାବେନ ଧୀରୁଭାଇ ଅମ୍ବାନୀ ହସ୍ପିଟାଲର ସ୍ପାଇନ ସ୍ପେସିଆଲିଷ୍ଟ ବିଶେଷଜ୍ଞ ଡାକ୍ତର ରାଜଶେଖର ନବୀନଙ୍କ ଅସ୍ତ୍ରୋପଚାର କରିଥିଲେ। ଅପରେସନ ପରେ ନବୀନଙ୍କ ବ୍ୟକ୍ତିଗତ ସ୍ୱାସ୍ଥ୍ୟ ପରାମର୍ଶଦାତା ତଥା ଏହି ଡାକ୍ତରୀ ଦଳରେ ସାମିଲ ଥିବା ଡାକ୍ତର ରମାକାନ୍ତ ପଣ୍ଡା ତାଙ୍କର ସ୍ୱାସ୍ଥ୍ୟ ଉପରେ ନଜର ରଖିଥିଲେ।

ମେଡିକାଲ୍ରୁ ଡିସ୍ଚାର୍ଜ ପରେ ନବୀନ ପଟ୍ଟନାୟକ ଏକ୍ସ ଯୋଗେ କୋକିଲାବେନ୍ ଧୀରୁଭାଇ ଅମ୍ବାନୀ ହସ୍ପିଟାଲ୍ ଓ ଗଙ୍ଗା ହସ୍ପିଟାଲର ସମସ୍ତ ଡାକ୍ତରୀ ଦଳକୁ ଧନ୍ୟବାଦ ଜଣାଇଛନ୍ତି। ଉତ୍ତମ ଡାକ୍ତରୀ ସେବା ପ୍ରଦାନ ସାଙ୍ଗକୁ ଅସ୍ତ୍ରୋପଚାର ପୂର୍ବ ଏବଂ ପରବର୍ତ୍ତୀ ସମୟରେ ତାଙ୍କର ଯତ୍ନ ନେଇଥିବାରୁ ନବୀନ ଧନ୍ୟବାଦ ଜଣାଇଛନ୍ତି। ଏହାସହିତ ସେ ରାଜ୍ୟ ତଥା ରାଜ୍ୟ ବାହାରୁ ଯେଉଁମାନେ ତାଙ୍କ ଆଶୁ ଆରୋଗ୍ୟ କାମନା କରିବା ସହିତ ତାଙ୍କ ଉତ୍ତମ ସ୍ୱାସ୍ଥ୍ୟ ପ୍ରାର୍ଥନା କରିଛନ୍ତି, ସେମାନଙ୍କୁ ନବୀନ ହୃଦୟରୁ ଧନ୍ୟବାଦ ଜଣାଇଛନ୍ତି। ଅପରପକ୍ଷରେ କୋକିଲାବେନ୍ ଧୀରୁଭାଇ ଅମ୍ବାନୀ ହସ୍ପିଟାଲ ଅଧିକାରୀ ମଧ୍ୟ ନବୀନ ପଟ୍ଟନାୟକଙ୍କ ଦ୍ରୁତ ଆରୋଗ୍ୟ କାମନା ସହ ଧନ୍ୟବାଦ ଅର୍ପଣ କରିଛନ୍ତି। ସେମାନଙ୍କ ଉପରେ ଭରସା କରି ନବୀନ ସେବା ପାଇଁ ସୁଯୋଗ ଦେଇଥିବାରୁ ହସପିଟାଲ କର୍ତ୍ତୃପକ୍ଷ କୃତଜ୍ଞତା ଜଣାଇଛନ୍ତି।

## ମୁଖିଆ ହେବେ...

ମଧ୍ୟରେ ମନମୋହନ ଏକାକୀ ନିଜର ନାମାଙ୍କନ ଦାଖଲ କରିଛନ୍ତି। ସେହିପରି ରାଷ୍ଟ୍ରୀୟପରିଷଦ ସଦସ୍ୟ ପାଇଁ ସମସ୍ତ ୩୨ ଜଣ ନାମାଙ୍କନ କରିଛନ୍ତି। ନାମାଙ୍କନ ପତ୍ର ଦାଖଲବେଳେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡା, ରାଜ୍ୟ ନିର୍ବାଚନ ଅଧିକାରୀ ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀ, ରାଜ୍ୟ ପ୍ରଭାରୀ ବିଜୟପାଲ ସିଂ ତୋମାର, ରାଜ୍ୟ ସହ ପ୍ରଭାରୀ ଲତା ଉସେଣ୍ଡି, ସାଂସଦ ସମ୍ବିତ ପାତ୍ରଙ୍କ ସମେତ ସମସ୍ତ ମନ୍ତ୍ରୀ, ସାଂସଦ, ବିଧାୟକ ଓ ସହ ନିର୍ବାଚନ ଅଧିକାରୀ ସୁକେଶୀ ଓରାମ ପ୍ରମୁଖ ଉପସ୍ଥିତ ଥିଲେ।

ସୂଚନାଯୋଗ୍ୟ ଯେ ପୂର୍ବରୁ ମନମୋହନ ୩ଥର ରାଜ୍ୟ ସଭାପତି ଦାୟିତ୍ୱ ତୁଲାଇ ସାରିଛନ୍ତି। ପ୍ରଥମେ ୧୯୯୯ ରୁ ୨୦୦୦ ଓ ପରେ ୨୦୦୧ ରୁ ୨୦୦୪ ପର୍ଯ୍ୟନ୍ତ ସଭାପତି ରହିଥିଲେ। ପରେ ୨୦୨୩ ମସିହାରେ ସେ ତୃତୀୟ ଥର ପାଇଁ ସଭାପତି ଦାୟିତ୍ୱ ତୁଲାଇଥିବା ବେଳେ ଚତୁର୍ଥ ଥର ସଭାପତି ଭାବେ ଦାୟିତ୍ୱ ତୁଲାଇବାକୁ ଯାଉଛନ୍ତି। ଶ୍ରୀ ସାମଲ ୨୦୦୦ରୁ ୨୦୦୪ ପର୍ଯ୍ୟନ୍ତ ରାଜ୍ୟସଭା ସାଂସଦ ରହିଥିଲେ। ୨୦୦୪ରେ ସେ ସାଂସଦ ପଦରୁ ଇସ୍ତଫା ଦେଇ ଧାମନଗର ବିଧାନସଭା ନିର୍ବାଚନ ମଣ୍ଡଳୀବିଧାନସଭାକୁ ନିର୍ବାଚିତ ହୋଇଥିଲେ। ବିଜେପି – ବିଜେଡି ମେଣ୍ଟ ସରକାରରେ ଗୁରୁତପୂର୍ଣ୍ଣ ରାଜସ୍ୱ ବିଭାଗର ମନ୍ତ୍ରୀ ଥିଲେ।

## ଘରୁ ଘୋଷାଡ଼ି...

କରୁଥିବା ବେଳେ ଜଣେ ଅଭିଯୁକ୍ତକୁ ଅଟକ ରଖି ପଚରାଉଚରା କରୁଛି। ଅପରପକ୍ଷେ, ଘଟଣାକୁ ଗୁରୁତ୍ୱର ସହ ନେଇ ଆଜି ପୂର୍ବାହ୍ନରେ ବ୍ରହ୍ମପୁର ଏସ୍ପି ଡା. ସର୍ବଣା ବିବେକ ଏମ ଘଟଣାସ୍ଥଳରେ ପହଞ୍ଚି ଅଧିକ ତଦନ୍ତ କରିଛନ୍ତି। ଦିଲ୍ଲୀପଙ୍କ ପଡ଼ୋଶୀ ଓ ସ୍ଥାନୀୟ ଲୋକଙ୍କୁ ପଚରାଉଚରା କରି ତଥ୍ୟ ସଂଗ୍ରହ କରିଛନ୍ତି। ଅଭିଯୁକ୍ତମାନଙ୍କୁ ଧରିବା ପାଇଁ ପୁଲିସ୍ ପକ୍ଷରୁ ୩ଟି ଟିମ୍ ଗଠନ କରାଯାଇଛି। ଖୁବ୍ଶୀଘ୍ର ସମସ୍ତ ଅଭିଯୁକ୍ତ ଗିରଫ ହେବେ ବୋଲି ଏସ୍ପି ଦୃଢ଼ୋକ୍ତି ପ୍ରକାଶ କରିଛନ୍ତି। ତେବେ କେଉଁ କାରଣରୁ ଦିଲ୍ଲୀପଙ୍କୁ ହତ୍ୟା କରାଯାଇଛି, ତାହା ଜଣାପଡ଼ିନାହିଁ। ସୂଚନାନୁଯାୟୀ, ଦିଲ୍ଲୀପ କାଲି ଖାଇପିଇ ଘରେ ଶୋଇଥିବା ବେଳେ ରାତିରେ କିଛି ଦୁର୍ବୃତ୍ତ ତାଙ୍କ ଘରେ ପଶିଥିଲେ। ସେମାନେ ତାଙ୍କ ସହ ପାଟିତୁଣ୍ଡ କରିବା ପରେ ମାରପିଟ୍ କରିଥିଲେ। ପରେ ତାଙ୍କୁ ଘରୁ ବାହାରକୁ ଟାଣି ନେଇ ଖଣ୍ଡା ଓ ବିଭିନ୍ନ ଧାରୁଆ ଅସ୍ତ୍ରରେ ଆକ୍ରମଣ କରିଥିଲେ। ଆକ୍ରମଣରେ ଦିଲ୍ଲୀପଙ୍କ ମୁଣ୍ଡ, ହାତ, ପିଠି ଓ ଶରୀରର ବିଭିନ୍ନ ସ୍ଥାନରେ ଗଭୀର କ୍ଷତ ହୋଇଥିଲା। ଖବର ପାଇ ଗୋଳନ୍ଥରା ଥାନା ଅଧିକାରୀ ବିବେକାନନ୍ଦ ସ୍ୱାଇଁ ଓ ଅନ୍ୟ ପୁଲିସ୍ ଅଧିକାରୀ ଘଟଣା ପହଞ୍ଚିଥିଲେ। ପରିବାରଲୋକଙ୍କ ସହାୟତାରେ ପୁଲିସ ତାଙ୍କୁ ଉଦ୍ଧାର କରି ଆମ୍ବୁଲାନ୍ସ ଯୋଗେ ବ୍ରହ୍ମପୁର ବଡ଼ ମେଡିକାଲରେ ଭର୍ତ୍ତି କରାଇଥିଲା। କିନ୍ତୁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଘଟଣା ସମ୍ପର୍କରେ ସୂଚନା ପାଇ ଦିଲ୍ଲୀପଙ୍କ ବଡ଼ଭାଇ ହରିଶ୍ଚନ୍ଦ୍ର ପାତ୍ର ଘଟଣାକୁ ନେଇ ଗୋଳନ୍ଥରା ଥାନରେ ଲିଖିତ ଅଭିଯୋଗ କରିଥିଲେ।

ଅପରପକ୍ଷେ, ନିକଟ ଅତୀତରେ ଦିଲୀପଙ୍କ ଗାଡ଼ି ସହ ଜଣେ ଯୁବକଙ୍କ ଗାଡ଼ି ଧକ୍କା ହୋଇଥିଲା। ଏଥିରେ ସମ୍ପୃକ୍ତ ଯୁବକ ଆହତ ହୋଇଥିବା ବେଳେ ତାଙ୍କର ଗାଡ଼ି କ୍ଷତିଗ୍ରସ୍ତ ହୋଇଥିଲା। ଏଥିପାଇଁ କ୍ଷତିପୂରଣ ଦେବାକୁ ଯୁବକଜଣଙ୍କ ଦାବି କରିଆସୁଥିଲେ। କିନ୍ତୁ ଦିଲୀପ ତାହା ଦେବାକୁ ପ୍ରସ୍ତୁତ ହେବା ପରିବର୍ତ୍ତେ ପାଲଟା ସମ୍ପୃକ୍ତ ଯୁବକଙ୍କୁ ଗାଳିଗୁଲଜ ଓ ଧମକାଇଥିଲେ ବୋଲି ପ୍ରାଥମିକ ତଦନ୍ତରୁ ପୁଲିସ ଜାଣିବାକୁ ପାଇଛି। ଉକ୍ତ ଘଟଣାକୁ ନେଇ ଏହି ହତ୍ୟାକାଣ୍ଡ ହୋଇଥାଇପାରେ ବୋଲି ପୁଲିସ ଅନୁମାନ କରୁଛି।

ପ୍ରକାଶ ଥାଉକି, ଗତ ଏକମାସ ମଧ୍ୟରେ ଗୋପାଳପୁର ଥାନାରେ ଗୋଟିଏ ଗଣଦୁଷ୍କର୍ମ ମାମଲା ସମେତ ଏକାଧିକ ଚୋରି ମାମଲା ରୁଜୁ ହୋଇଛି। ସେହିପରି ଗୋଳନ୍ଥରା ଥାନାରେ ଗୋଟିଏ ଗଣଦୁଷ୍କର୍ମ ସମେତ ମୋଟ ୩ଟି ଦୁଷ୍କର୍ମ ମାମଲା, ଗୋଟିଏ ଡକାୟତି, ବହୁ ହତ୍ୟା ଉଦ୍ୟମ ଓ ଚୋରି ମାମଲା ରୁଜୁ ହୋଇଛି। ଗୋପାଳପୁର ନିର୍ବାଚନ ମଣ୍ଡଳୀ ଅନ୍ତର୍ଗତ ଉଭୟ ଗୋପାଳପୁର ଓ ଗୋଳନ୍ଥରା ଥାନା ଇଲାକାରେ ଦିନକୁ ଦିନ ଅପରାଧିକ କାର୍ଯ୍ୟକଳାପ ବୃଦ୍ଧି ପାଉଥିବା ନଜରକୁ ଆସୁଛି। ଏପରିକି, ବାରମ୍ବାର ଘଟଣା ଘଟାଇ ପୁଲିସକୁ ଅପରାଧୀମାନେ ଖୋଲା ଚାଲେଞ୍ଜ ଦେଉଥିବାରୁ ସମ୍ପୃକ୍ତ ଅଞ୍ଚଳରେ ଲୋକେ ନିଜକୁ ଅସୁରକ୍ଷିତ ମଣୁଛନ୍ତି।

## ୩ ହାର୍ଡକୋର୍...

କରିଥିବା ମାଓବାଦୀ ହେଲେ, ବିଜିଏନ ସଙ୍ଗଠନ ଡିଭିଜନାଲ କମିଟି ମେମ୍ବର ମାଦେ ବେତି ଓରଫ ଚମ୍ପା, କେକେବିଏନ ସଙ୍ଗଠନର ଏରିଆ କମିଟି ମେମ୍ବର ରାଜୁ ଦୋଡି ଓରଫ ଅଜୟ ଏବଂ ଆଡମୋ ମାଧବୀ ଓରଫ ମଞ୍ଜୁ। ଚମ୍ପା ୨୦୦୯ ରୁ ମାଓ ସଙ୍ଗଠନରେ ସାମିଲ ହୋଇଥିବା ବେଳେ ଅଜୟ ୨୦୧୬ ଏବଂ ମଞ୍ଜୁ ୨୦୧୧ରେ ସାମିଲ ହୋଇଥିଲେ। ସେମାନେ ସମସ୍ତେ ଛତିଶଗଡ଼ କ୍ୟାଡରର ଏବଂ କଳାହାଣ୍ଡି, କନ୍ଧମାଳ ଓ ବୌଦ୍ଧ ଜିଲ୍ଲାରେ ସକ୍ରିୟ ଥିଲେ। ଲାଲବାହିନୀର ଝାଡ଼ଖଣ୍ଡ-ଛତିଶଗଡ଼ କରିଡରକୁ ପୁନଃସକ୍ରିୟ କରିବା ଦିଗରେ ସେମାନେ କାମ କରୁଥିଲେ। ଅତୀତରେ ଘଟିଥିବା ଏକାଧିକ ମାଓ କାର୍ଯ୍ୟକଳାପରେ ସେମାନଙ୍କ ସମ୍ପୃକ୍ତି ଥିବା ଆଇଜି ସୂଚନା ଦେଇଛନ୍ତି।

ସୁରକ୍ଷା ବାହିନୀର ଲଗାତାର ମାଓ ବିରୋଧୀ ଅଭିଯାନ ଦ୍ୱାରା ହତୋତ୍ସାହିତ ହେବା ସାଙ୍ଗକୁ ସଙ୍ଗଠନର ଆଭିମୁଖ୍ୟ ପ୍ରତି ବୀତସ୍ପୃହ ହୋଇ ପୁଲିସ ପାଖରେ ଆତ୍ମସମର୍ପଣ କରିଛନ୍ତି ତିନି ମାଓବାଦୀ। ସରକାରଙ୍କ ପକ୍ଷରୁ ଘୋଷିତ ଆକର୍ଷଣୀୟ ପ୍ୟାକେଜ୍ ମଧ୍ୟ ସେମାନଙ୍କୁ ଏ ଦିଗରେ ପ୍ରୋତ୍ସାହିତ କରିଥିବା ସେମାନେ କହିଛନ୍ତି। ଏମାନଙ୍କୁ ରାଜ୍ୟ ଓ କେନ୍ଦ୍ର ସରକାରଙ୍କ ନିୟମ ଅନୁଯାୟୀ ଥଇଥାନ କରାଯିବ ବୋଲି ପୁଲିସ ପକ୍ଷରୁ ସୂଚନା ଦିଆଯାଇଛି।

ସୂଚନାଯୋଗ୍ୟ, କିଛି ଦିନ ତଳେ ବାଲିଗୁଡ଼ା ଥାନା ଅଞ୍ଚଳରେ ପୁଲିସ ସହ ଗୁଳି ବିନିମୟରେ ଦୁଇ ମାଓବାଦୀଙ୍କ ମୃତ୍ୟୁ ହୋଇଥିଲା। ଜିଲ୍ଲାରେ ଲଗାତାର ମାଓ ସଙ୍ଗଠନ ଦୁର୍ବଳ ହେଉଥିବା ଏବଂ ବର୍ତ୍ତମାନ କନ୍ଧମାଳ, ବୌଦ୍ଧ ଓ କଳାହାଣ୍ଡି ଜିଲ୍ଲାରେ ଏମାନଙ୍କ ସଂଖ୍ୟା ୫୦ତଳକୁ ଖସି ଆସିଥିବା ଆଇଜି ପ୍ରକାଶ କରିଛନ୍ତି। ଏହି ଅବସରରେ, ହିଂସା ତ୍ୟାଗ କରି ସମାଜର ମୁଖ୍ୟସ୍ରୋତକୁ ଫେରି ଆସିବା ସହିତ ସରକାରଙ୍କ ଥଇଥାନ ବ୍ୟବସ୍ଥାର ସୁଯୋଗ ନେବା ପାଇଁ ଆହ୍ୱାନ ଦେଇଛନ୍ତି ଦକ୍ଷିଣାଞ୍ଚଳ ଆଇଜି। ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ କନ୍ଧମାଳ ଏସପି ହରିଶ ବି ସି ଏବଂ ୧୨୭ ସିଆରପିଏଫ ବାଟାଲିୟନର କମାଣ୍ଡାଣ୍ଟ ପଙ୍କଜ ବର୍ମା ଉପସ୍ଥିତ ଥିଲେ।

## କ୍ୟାଡର୍ କର୍ମୀଙ୍କୁ...

ବରିଷ୍ଠ ଓ କ୍ୟାଡ଼ର ମାଓବାଦୀଙ୍କ ଯୌନ ଶୋଷଣ, ଶାରୀରିକ ଉତ୍ପୀଡ଼ନ ସମ୍ପର୍କରେ ସେମାନେ କାହାକୁ କହି ପାରୁ ନ ଥିଲେ। କାନ୍ଦି ପାରୁଥିଲେ ନା ନିଜ ବ୍ୟଥା କାହାକୁ ବାଣ୍ଟି ପାରୁଥିଲେ। ଶେଷରେ ଅସହ୍ୟ ହେବାରୁ ସେମାନେ ପୁଲିସ ନିକଟରେ ଆତ୍ମସମର୍ପଣ କରିବାକୁ ମନସ୍ଥ କରିଥିଲେ ବୋଲି ପୁଲିସକୁ କହିଛନ୍ତି।

ମହିଳା ମାଓବାଦୀ ମାଡ଼େ ବେଟି ଓରଫ ଚମ୍ପା, ଆଡେମା ମାଧବୀ ଓରଫ ମଞ୍ଜୁ ଓ ରାଜୁ ଦୋଡ଼ି ଓରଫ ଅଜୟ ଆଜି ପୁଲିସ ନିକଟରେ ଆତ୍ମସମର୍ପଣ କରିଛନ୍ତି। ସେମାନଙ୍କ ମଧ୍ୟରୁ ଦୁଇଜଣ ବିଜେପୁର ଜିଲ୍ଲା ଛତିଶଗଡ ଅଞ୍ଚଳର। ବରିଷ୍ଠ କ୍ୟାଡର ମାଓବାଦୀମାନେ ଆଦିବାସୀ ଯୁବକ ଯୁବତୀମାନଙ୍କୁ ଚାକିରିର ମିଥ୍ୟ ପ୍ରତିଶ୍ରୁତି ଦେଇ ସଂଗଠନରେ ସାମିଲ କରାଯାଉଥିଲେ। ସେମାନଙ୍କୁ ଗଞ୍ଜେଇ ଚାଷ ପାଇଁ ପ୍ରୋତ୍ସାହିତ କରିବା ସହ ବିକ୍ରି କାର୍ଯ୍ୟରେ ନିୟୋଜିତ କରୁଥିଲେ। ମହିଳା ମାଓବାଦୀଙ୍କ ସହ ଏକାଧିକ ସିନିୟର କ୍ୟାଡର ଯୌନ ସମ୍ପର୍କ ରଖୁଥିଲେ। ସେମାନେ ବିରୋଧ କଲେ ଖାଇବାକୁ ଦେଉ ନ ଥିଲେ, ବନ୍ଧୁକ ପଛରେ ପିଟୁଥିଲେ। ନିର୍ଯାତନା ଅସହ୍ୟ ହେବା ପରେ ସେମାନେ ପୁଲିସ ନିକଟରେ ଆତ୍ମସମର୍ପଣ ଲାଗି କନ୍ଧମାଳ ଏସ୍ପି ବି.ସି ହରିସ୍ଙ୍କୁ ଚିଠି ଲେଖିଥିଲେ। ପୁଲିସ ସେମାନଙ୍କୁ ସ୍ୱାଗତ କରିବା ସହ ଆତ୍ମସମର୍ପଣ ଯୋଜନାରେ ସାମିଲ କରାଯାଇ ସମସ୍ତ ଅନୁକମ୍ପା ରାଶି ମିଳିବ ବୋଲି ଦକ୍ଷିଣାଞ୍ଚଳ ଆଇଜି କହିଛନ୍ତି।

## ୨ ମୃତ, ୩୦ରୁ...

ଅନୁଧ୍ୟାନ କରିଛନ୍ତି। ପିଇବା ପାଣିର ନମୁନା ସଂଗ୍ରହ କରିଛନ୍ତି। ଏହା ଖାଦ୍ୟ ବିଷାକ୍ତଜନିତ କାରଣରୁ ଏଭଳି ପରିସ୍ଥିତି ସୃଷ୍ଟି ହୋଇଥିବା ପ୍ରଶାସନ ପକ୍ଷରୁ ଅନୁମାନ କରାଯାଉଥିବା ବେଳେ ଝାଡ଼ାବାନ୍ତିରେ ମୃତ୍ୟୁବରଣ କରିଥିବା ପରିବାରବର୍ଗଙ୍କୁ ରେଡ୍କ୍ରସ୍ ପାଣ୍ଠିରୁ ଆର୍ଥିକ ସହାୟତା ପ୍ରଦାନ କରାଯାଇଥିବା ଜଣାପଡ଼ିଛି। ତେବେ ବର୍ଷା ପରେ ପରେ ପ୍ରଶାସନ ଆଗୁଆ ସଜାଗ ନ ହୋଇଥିବାରୁ ଗ୍ରାମାଞ୍ଚଳରେ ଏଭଳି ପରିସ୍ଥିତି ଦେଖା ଦେଉଥିବା ବିଭିନ୍ନ ମହଲରୁ ଅଭିଯୋଗ ହୋଇଛି।


**AFFIDAVIT**

**I BIKRAM AGARWAL,** S/o Naresh Kumar Agarawal, resident of Kusumaguda, Main ROAD, Po / PS - Umerkote, Dt- Nabarangapur, odisha -764073, Odisha declare by this Affidavit No.3000, Dated - 07/07/2025, that now onwards I shall be known as **VIKRAMDEV AGARWAL** for all future purpose.

**AFFIDAVIT**

**I UTTAM PRASAD AGARWAL,** S/o Naresh Kumar Agarwal, resident of Kusumaguda, Main ROAD, Po / PS -Umerkote, Dt-Nabarangapur, odisha -764 073, Odisha declare by this Affidavit No.2999, Dated - 07/07/2025, that now onwards I shall be known as **UTTAM PRASAD AGRAWAL** for all future purpose.

**AFFIDAVIT**

**I SEEMA AGARWAL,** W/o Vikramdev Agarwal, resident of Kusumaguda, Main ROAD, Po / PS -Umerkote, Dt-Nabarangapur, odisha - 764073, Odisha declare by this Affidavit No.3001, Dated - 07/07/2025, that now onwards I shall be known as **SEEMABAI AGRAWAL** for all future purpose.

**ହଜିଯାଇଥିବା ଦସ୍ତାବେଜ**

ମୁଁ ମୋର ଅରିଜିନାଲ ପଟ୍ଟା (R O R) ଖା ନ :- 1309/3820 ମୌଜା ପଦ୍ମପୁର ପୁରୁଷୋତ୍ତମ ନଗର ଥାନା ପଦ୍ମପୁରଜିଲ୍ଲା ବରଗଡ ପ୍ଲଟ ନ – 476/8320, ବିକ୍ରୟ କବଲା i d n o - 171700150 ଓdoc no- 10171700187 ଗୁଗତ 03/07/2025 ତାରିଖ ରେ ପଦ୍ମପୁର ଠାରେ ହଜାଇ ଦେଇଛି | ଏହି ଘଟଣା କୁ ପଦ୍ମପୁର ଥାନା ଅଧିକାରୀ ତଥା ପଦ୍ମପୁର ଥାନା ରେ ଦରଖାସ୍ତ କରିଛି | ଏହାର sde no-12 ତା :- 05/07/2025] ଏହି ଡକୁମେଣ୍ଟ କୌଣସିବ୍ୟକ୍ତି ପାଇଲେ ନିମ୍ନ ଲିଖିତ ମୋବାଇଲ ନମ୍ବର ରେ ଯୋଗାଯୋଗ କରିବେ।
ନାମ- ସବିତା ଅଗ୍ରୱାଲ
ସ୍ୱାମୀ- ରାମଚନ୍ଦ୍ର ଅଗ୍ରୱାଲ
Mob no: 8260994868

**AFFIDAVIT**

I **MANMOHAN KUMAR AGRAWAL,** S/o- Madanlal Agrawal, resident of Raju Street, Po / PS- Jeypore, Dt-Koraput, odisha- 764001, Odisha declare by this Affidavit No.2856, Dated - 24/06/2025, that now onwards I shall be known as **MANMOHAN AGRAWAL** for all future purpose.

**AFFIDAVIT**

By virtue of affidavit SL NO. 1798, dated -07/07/2025 in the court of the Executive Magistrate, Phulbani, dist- Kandhamal, I, Keshaba Digal, have changed my name from **Krupasindhu Digal** to **Keshaba Digal**, Henseforth I shell be known as **Keshaba Digal** for all purpose.
**Sd/- Keshaba Digal**

**ଘୋଷଣାନାମା**

ଆମେ ଅମାନତ ରସୁଲ ଖାଁ, ପିତା-ଦାଉଦ ଖାଁ, ସା: ପାଟଣାସାହି, ପୋ/ଥାନା- ପୁରୁଣାବଜାର, ଜିଲ୍ଲା- ଭଦ୍ରକ ସର୍ବସାଧାରଣରେ ଘୋଷଣା କରୁଅଛୁ ଯେ, ଆମ୍ଭେ ଆମ୍ଭର ସ୍ତ୍ରୀ ସମିନା ବେଗମ, ପିତା-ସ୍ୱର୍ଗତ ସେକ ଅବଦୁଲ ହାକିମ ଙ୍କୁ ମୁସଲମାନ ଆଇନ ଅନୁଯାୟୀ ତଲାକ-ଏ-ହସନ ଗତ ତା.୧୩.୪.୨୦୨୫ରିଖରେ ତିନି ତଥା ଶେଷ ତଲାକ ଦେଇଅଛୁ ଏବଂ ସେ ଉକ୍ତ ତାରିଖରୁ ଆମ୍ଭ ସ୍ତ୍ରୀ ରହିଲେ ନାହିଁ କିମ୍ବା ସେ ଆମ୍ଭର ସମସ୍ତ ଅଧିକାରରୁ ବଂଚିତ ହୋଇ ଅଛନ୍ତି । ଏବଂ ଏହା ମଧ୍ୟ ଆମ୍ଭେ ଗତ ତା. ୪.୭.୨୫ ରିଖରେ ସତ୍ୟପାଠ ନମ୍ବର ୧୧୨୦ ରେ ଏକଯିକ୍ୟୁଟିଭ ମାଜିଷ୍ଟ୍ରେଟ, ଭଦ୍ରକଙ୍କ ସମ୍ମୁଖରେ ଘୋଷଣା କରିଅଛୁ ।
ଅମାନତ ରସୁଲ ଖାଁ

**AFFIDAVIT**

**I, AMAR GAIKWAD, S/o Bharat Gaikwad, resident of At: Flat No- A602, NBCC Imperia, New Government Colony, Mancheswar, Bhubaneswar- 751005, Dist: Khordha, Odisha declare by this affidavit CFNo: 37, Dated 05.07.2025 that now onwards I shall be known as AMAR BHARAT GAIKWAD for all future purposes.**

**AFFIDAVIT**

By virtue of an affidavit before The Notary Public, Titilagarh, on dated-07/07/2025. I, **Kshirabati Behera,** formerly called as Khira Behera, D/o Ainthapatar Behera (father), Debaki Behera (mother), permanent resident of At- Silpara, Digsira, PO- Kushkela, PS- Sindhekela, Dist- Bolangir, (Odisha), PIN- 767066 now residing at the same place affirm that I have changed my name from **Khira Behera** (old name) To **Kshirabati Behera** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion I will be known as **Kshirabati Behera** (new name).
**Kshirabati Behera**

**AFFIDAVIT**

I, Paresh Chndra Mohanty, aged about 28 years, S/o- Khokan Mohanty, resident of At- Gunsartha, Po- Chandakusumi, Ps- Kamarda, Dist- Balasore, Odisha, Pin- 756035 declare by this affidavit No.1311, dtd- 07/07/2025 that now onwards I shall be known as **PARESH CHANDRA MOHANTY** for all future purposes.

**SBI ଭାରତୀୟ ଷ୍ଟେଟ୍ ବ୍ୟାଙ୍କ**
ଚାପଗ୍ରସ୍ତ ସମ୍ପତ୍ତି ଆଦାୟ ଶାଖା (SARB),
ପ୍ଲଟ୍ ନଂ.: ୭୨୮, ପ୍ରଥମ ମହଲା, ମହର୍ଷି କଲେଜ ରୋଡ୍, ସହୀଦ ନଗର, ଭୁବନେଶ୍ୱର-୭୫୧୦୦୭,
ଫୋନ୍ ନଂ.: ୦୬୭୪-୨୫୪୯୬୬୩, ୨୫୪୯୬୧୨, ଫ୍ୟାକ୍ସ ନଂ.: ୦୬୭୪-୨୫୪୯୭୧୩,
ଇ-ମେଲ: sbi.05174@sbi.co.in

**ଇ-ନିଲାମ ବିକ୍ରୟ ବିଜ୍ଞପ୍ତି**

ସିକ୍ୟୁରିଟାଇଜେସନ ଆଣ୍ଡ ରିକନଷ୍ଟ୍ରକ୍ସନ ଅଫ୍ ଫାଇନାନ୍ସିଆଲ୍ ଆସେଟସ୍ ଆଣ୍ଡ ଏନ୍ଫୋର୍ସମେଣ୍ଟ ଅଫ୍ ସିକ୍ୟୁରିଟି ଇଣ୍ଟରେଷ୍ଟ ଆକ୍ଟ, ୨୦୦୨ ଅନୁଯାୟୀ ବ୍ୟାଙ୍କକୁ ବନ୍ଧକ ଦିଆଯାଇଥିବା ସ୍ଥାବର/ଅସ୍ଥାବର ସମ୍ପତ୍ତିର ବିକ୍ରୟ ।

ଭାରତୀୟ ଷ୍ଟେଟ୍ ବ୍ୟାଙ୍କର କ୍ଷମତାପ୍ରାପ୍ତ ଅଧିକାରୀ ସିକ୍ୟୁରିଟାଇଜେସନ୍ ଆଣ୍ଡ ରିକନଷ୍ଟ୍ରକସନ୍ ଅଫ୍ ଫାଇନାନ୍ସିଆଲ ଆସେଟସ୍ ଆଣ୍ଡ ଏନଫୋର୍ସମେଣ୍ଟ ଅଫ୍ ସିକ୍ୟୁରିଟି ଇଣ୍ଟରେଷ୍ଟ (ସରଫେଶୀ) ଆକ୍ଟର ୨୦୦୨ର ଧାରା ୧୩(୪) ଅନୁଯାୟୀ ନୋଟିସ୍ ଜାରିକରି ବ୍ୟାଙ୍କର ବକେୟା ଦେୟ ବାବଦ ନିମ୍ନରେ ପ୍ରଦତ୍ତ ସମ୍ପତ୍ତିଗୁଡ଼ିକୁ ଦଖଲକୁ ନେଇଛନ୍ତି ଏବଂ ନିମ୍ନ ସ୍ୱାକ୍ଷରକାରୀ ଋଣ/ଅଗ୍ରୀମଧାରୀ ଆକାଉଣ୍ଟ ବ୍ୟାଙ୍କ ଦେୟ ଆଦାୟକରଣ ନିମନ୍ତେ ନିମ୍ନରେ ଦର୍ଶିତ ସମ୍ପତ୍ତିଗୁଡ଼ିକୁ "ଯେଉଁଠାରେ ଯେପରି ଅଛି", "ଯାହା ଯେପରି ଅଛି" ଏବଂ "ସେଠାରେ ଯାହା ଅଛି ଭିତ୍ତିରେ" ତା.୧୩.୦୮.୨୦୨୫ରିଖ ଦିନ ଇ-ନିଲାମ ମାଧ୍ୟମରେ ବିକ୍ରୟ କରିବା ପାଇଁ ସ୍ଥିର କରିଛନ୍ତି, ଯାହାର ନିୟମ ଓ ସର୍ତ୍ତାବଳୀ ନିମ୍ନରେ ପ୍ରଦତ୍ତ।

**ଇ-ନିଲାମ ତାରିଖ ଏବଂ ସମୟ: ତା.୧୩.୦୮.୨୦୨୫ରିଖ ଅପରାହ୍ନ ୦୨.୦୦ ଘଟିକା ରୁ ଅପରାହ୍ନ ୦୪.୦୦ ଘଟିକା ପର୍ଯ୍ୟନ୍ତ**
ପ୍ରତ୍ୟେକଙ୍କ ନିମନ୍ତେ ୧୦ ମିନିଟ୍ ଅସିମୀତ ବର୍ଦ୍ଧିତ ସମୟ ସହିତ

**ସମ୍ପତ୍ତି ତନଖି କରିବାର ତାରିଖ ଓ ସମୟ: ତା.୧୧.୦୮.୨୦୨୫ରିଖ ପୂର୍ବାହ୍ନ ୧୧.୦୦ ଘଟିକା ରୁ ଅପରାହ୍ନ ୪.୦୦ ଘଟିକା ମଧ୍ୟରେ**

| କ୍ର. ନଂ. | ଋଣଗ୍ରହୀତା / ଆଇନଗତ ଉତ୍ତରାଧିକାରୀ / ଜାମିନ୍ଦାର / ବନ୍ଧକଦାତାଙ୍କ ନାମ ଏବଂ ଠିକଣା | ସମ୍ପତ୍ତିଗୁଡିକର ବିବରଣୀ ଏବଂ ସମ୍ପତ୍ତିର ମାଲିକଙ୍କ ନାମ | ବକେୟା ପରିମାଣ ଯାହାର ଆଦାୟ ନିମନ୍ତେ ସମ୍ପତ୍ତିର ବିକ୍ରୟ / ଡିମାଣ୍ଡ ନୋଟିସ୍ ତାରିଖ | ସଂରକ୍ଷିତ ମୂଲ୍ୟ / ଅମାନତ ଜମା / ବିଡ୍ ବୃଦ୍ଧି ପରିମାଣ |
|---|---|---|---|---|
| ୧. | ଋଣଗ୍ରହୀତା: ମେସର୍ସ ଆଖଣ୍ଡଳମଣୀ ଷ୍ଟୋର, ସ୍ୱତ୍ୱାଧିକାରୀ: ସ୍ୱ ବନମାଳି ପାଣି, ଠିକଣା-୧: ସା: ହୁସେନ ମାର୍କେଟ କମ୍ପ୍ଲେକ୍ସ, ପୋ: ଚାନ୍ଦବାଲି, ଜିଲ୍ଲା: ଭଦ୍ରକ, ଓଡ଼ିଶା, ପିନ୍-୭୫୬୦୪୫, ଠିକଣା-୨: ସା: ତେନ୍ତୁଳିଆ, ପୋ: ଚାନ୍ଦବାଲି, ଜିଲ୍ଲା: ଭଦ୍ରକ, ଓଡ଼ିଶା / ଆଇନଗତ ଉତ୍ତରାଧିକାରୀ: ୧) ଶ୍ରୀ ପ୍ରସୁନ୍ତ ପାଣି, ପିତା: ସ୍ୱ ବନମାଳି ପାଣି, ୨) ଶ୍ରୀମତୀ ସବିତା ପାଣି, ସ୍ୱାମୀ: ସ୍ୱ ବନମାଳି ପାଣି, ଉଭୟଙ୍କ ଠିକଣା- ସା/ପୋ: ତେନ୍ତୁଳିତିହି, ଥାନା: ଚାନ୍ଦବାଲି, ଜିଲ୍ଲା: ଭଦ୍ରକ, ଓଡ଼ିଶା | ସ୍ୱ ବନମାଳି ପାଣିଙ୍କ ନାମରେ ଥିବା ଜମି ଏବଂ ଗୃହ ଆଦି ସମ୍ପତ୍ତିର ସମସ୍ତ ଅଂଶବିଶେଷ ଯାହାର ମୌଜା: ତେନ୍ତୁଳିତିହି, ପୋ/ଥାନା/ତହସିଲ: ଚାନ୍ଦବାଲି, ଜିଲ୍ଲା: ଭଦ୍ରକ, ଓଡ଼ିଶା, (କ) ମୌଜା: ତେନ୍ତୁଳିତିହି, ଖାତା ନଂ.: ୪୭୦/୯୪, ପ୍ଲଟ୍ ନଂ.: ୧୮୭୧, କ୍ଷେତ୍ର: ଏକର୦.୦୮ ଡିସିମିଲି, କିସମ: ଘରବାରି, ଏହାର ଚାରିପାର୍ଶ୍ୱରେ- ଉତ୍ତର: ରାସ୍ତା, ଦକ୍ଷିଣ: ହରିବଲ୍ଲଭ ପଢ଼ିହାରି, ପୂର୍ବ: ପଞ୍ଚୁ ପଢ଼ିହାରି, ପଶ୍ଚିମ: ରାସ୍ତା, (ଖ) ମୌଜା: ସିମିଳିଆ, ଖାତା ନଂ.: ୮୬/୧୫୨, ପ୍ଲଟ୍ ନଂ.: ୧୨୯/୬୬୫ ଏବଂ ୧୩୦/୬୬୬, କ୍ଷେତ୍ର: ଏକର୦.୦୪ ଡିସିମିଲି ଏବଂ ଏକର୦.୦୪ ଡିସିମିଲି, କିସମ: ଘରବାରି, ଏହାର ଚାରିପାର୍ଶ୍ୱରେ- ଉତ୍ତର: ଗଦାଧର ସାହୁ, ଦକ୍ଷିଣ: ୧୦ ଫୁଟିଆ ରାସ୍ତା, ପୂର୍ବ: ଗୁଣନିଧି କର, ପଶ୍ଚିମ: ଶ୍ରୀ ସୁଶାନ୍ତ, (ଗ) ମୌଜା: ତେନ୍ତୁଳିତିହି, ଖାତା ନଂ.: ୪୭୦/୧୩୪, ପ୍ଲଟ୍ ନଂ.: ୨୪୪୫/୨୯୨୦ ଏବଂ ୨୪୪୬, କ୍ଷେତ୍ର: ଏକର୦.୦୨ ଡିସିମିଲି ଏବଂ ଏକର୦.୧୦ ଡିସିମିଲି, କିସମ: ଘରବାରି, ଏହାର ଚାରିପାର୍ଶ୍ୱରେ- ଉତ୍ତର: କୈଶ ବାରିକ, ଦକ୍ଷିଣ: କାଦୁଅ ରାସ୍ତା, ପୂର୍ବ: ଗ୍ରାମ୍ୟ କଂକ୍ରିଟ୍ ରାସ୍ତା, ପଶ୍ଚିମ: ବ୍ୟକ୍ତିଗତ ପ୍ଲଟ୍ (ଏହି ସମ୍ପତ୍ତିଟି ବ୍ୟାଙ୍କର ସାଙ୍କେତିକ ଦଖଲରେ ଅଛି) | ୦୫.୦୭.୨୦୨୫ ସୁଦ୍ଧା ଟ.୯୫,୮୦,୭୨୮/- ସହିତ ତତ୍ପରବର୍ତ୍ତୀ ସୁଧ ଏବଂ ଆନୁସଙ୍ଗିକ ଖର୍ଚ୍ଚ, ଆଇନଗତ ଖର୍ଚ୍ଚ ଓ ଦେୟ ଇତ୍ୟାଦି / ୦୨.୧୧.୨୦୨୨ | ଟ.୬୩,୨୫,୦୦୦/- / ଟ.୬,୩୨,୫୦୦/- / ଟ.୫୦,୦୦୦/- |
| ୨. | ଋଣଗ୍ରହୀତା: ମେସର୍ସ ମା ମଙ୍ଗଳା ସାଇକେଲ ଷ୍ଟୋର୍ସ, ସ୍ୱତ୍ୱାଧିକାରୀ: ଶ୍ରୀ ଗୌରାଙ୍ଗ ସ, ସା/ପୋ: ଆଜିମାବାଦ, ମେନ୍ ରୋଡ, ବାଲେଶ୍ୱର, ଜିଲ୍ଲା: ବାଲେଶ୍ୱର, ଓଡ଼ିଶା, ପିନ୍-୭୫୬୦୦୧/ ଜାମିନ୍ଦାର: ଶ୍ରୀ ଅନ୍ତର୍ଯ୍ୟାମୀ ସ, ପିତା: ଅନାଦୀ ଚରଣ ସ, ବୁଆଁଳ ବୁଆଁଳ ମନ୍ଦିର ନିକଟ, ବାଲେଶ୍ୱର ସଦର, ବାଲେଶ୍ୱର, ଓଡ଼ିଶା, ପିନ୍-୭୫୬୦୨୭ | ଗୌରାଙ୍ଗ ସ ଏବଂ ଅନ୍ତର୍ଯ୍ୟାମୀ ସଙ୍କ ନାମରେ ଥିବା ଜମି ଏବଂ ଗୃହ ଆଦି ସମ୍ପତ୍ତିର ସମସ୍ତ ଅଂଶବିଶେଷ ଯାହାର ମୌଜା: କରଞ୍ଜିଆ, ୟୁନିଟ୍-୬, ଖାତା ନଂ.: ୧୯୯/୨୬୦୧, ପ୍ଲଟ୍ ନଂ.: ୬୪୦/୩୭୮୩, କ୍ଷେତ୍ର: ଏକର୦.୦୪ ଡିସିମିଲି, କିସମ: ଘରବାରି (ଏହି ସମ୍ପତ୍ତିଟି ବ୍ୟାଙ୍କର ଭୌତିକ ଦଖଲରେ ଅଛି) | ୦୫.୦୭.୨୦୨୫ ସୁଦ୍ଧା ଟ.୮୧,୨୫,୬୬୮/- ସହିତ ତତ୍ପରବର୍ତ୍ତୀ ସୁଧ ଏବଂ ଆନୁସଙ୍ଗିକ ଖର୍ଚ୍ଚ, ଆଇନଗତ ଖର୍ଚ୍ଚ ଓ ଦେୟ ଇତ୍ୟାଦି / ୧୬.୦୭.୨୦୨୪ | ଟ.୪୩,୧୭,୦୦୦/- / ଟ.୪,୩୧,୭୦୦/- / ଟ.୫୦,୦୦୦/- |

ସରଫେଶୀ ଆକ୍ଟ ୨୦୦୨ର ରୁଲ ୮(୬) ଅନୁଯାୟୀ ବିକ୍ରୟ ପାଇଁ ଋଣଗ୍ରହୀତା ଏବଂ ଜାମିନ୍ଦାରମାନଙ୍କ ନିମନ୍ତେ ୩୦ ଦିନିଆ ବୈଧାନିକ ବିକ୍ରୟ ନୋଟିସ୍ ଅଟେ।

ବିକ୍ରୟର ସବିଶେଷ ନିୟମ ଏବଂ ସର୍ତ୍ତାବଳୀ ପାଇଁ ଭାରତୀୟ ଷ୍ଟେଟ୍ ବ୍ୟାଙ୍କ, ସୁରକ୍ଷିତ ଋଣଦାତାଙ୍କ ପ୍ରଦତ୍ତ ୱେବସାଇଟ୍ ଲିଙ୍କ୍ ଦେଖନ୍ତୁ: www.sbi.co.in, https://bank.sbi/web/sbi-in-the-news/auction-notices/sarfaesi-and-others, https://baanknet.com
ପରବର୍ତ୍ତୀ ସବିଶେଷ ଅନୁସନ୍ଧାନ ପାଇଁ ଯୋଗାଯୋଗ କରନ୍ତୁ: ଶ୍ରୀ ଦିଲ୍ଲୀପ କୁମାର ବିଶ୍ୱାଳ (କ୍ଷମତାପ୍ରାପ୍ତ ଅଧିକାରୀ), ମୋ.: ୮୮୦୦୯୦୧୦୦୫ ଏବଂ ସିସିଓ: ଶ୍ରୀ ବି.ଏନ୍. ମୂର୍ତ୍ତୀ, ମୋ.: ୭୩୮୧୦୪୮୭୦୭

ତାରିଖ : ୦୭.୦୭.୨୦୨୫, ସ୍ଥାନ : ଭୁବନେଶ୍ୱର — ସ୍ୱା/-କ୍ଷମତାପ୍ରାପ୍ତ ଅଧିକାରୀ, ଭାରତୀୟ ଷ୍ଟେଟ୍ ବ୍ୟାଙ୍କ





## ଏସ୍‌ସିବି ୱେବସାଇଟ୍‌ରେ ବ୍ୟବସାୟ ବାଟ

# ଟିକଟ ବୁକିଂ ଆଳରେ ଘଣ୍ଟା ବିକ୍ରି

କଟକ,୭ା୭ (ସମିସ):

ରୋଗୀଙ୍କୁ ଲୁଟିବା ଭଳି ବାଟ ଖୋଲିଥିଲେ ଏସ୍‌ସିବି ମେଡିକାଲ କର୍ତ୍ତୃପକ୍ଷ। ଏସ୍‌ସିବିର ନିଜସ୍ୱ ଅଫିସିଆଲ ୱେବସାଇଟ୍‌ରେ ଘଣ୍ଟା ବିକ୍ରି ପାଇଁ ଏକ ବିଜ୍ଞାପନ ଉଲ୍ଲେଖ କରିଥିଲେ। ଗୁଗଲର କୌଣସି ଆଡସେନ୍ସ ନୁହେଁ, ଏହି ବିଜ୍ଞାପନ ଉଦ୍ଦେଶ୍ୟମୂଳକ ଥିଲା। ଆଉଟଡୋର ଟିକଟ ସମ୍ବଳିତ ତଥ୍ୟ ନିକଟରେ ବିଜ୍ଞାପନକୁ ସ୍ଥାନ ମିଳିଥିଲା। ଘଟଣା ବାବଦରେ ଅଭିଯୋଗ ହେବା ପରେ ସୋମବାର ସନ୍ଧ୍ୟାରେ ୱେବସାଇଟରୁ ଏହାକୁ ଡିଲିଟ୍ କରି ଦିଆଯାଇଥିବା ଦେଖିବାକୁ ମିଳିଛି। ତେବେ ସ୍ୱାସ୍ଥ୍ୟସେବା ଭିତରେ ବ୍ୟବସାୟୀକରଣକୁ ପ୍ରୋତ୍ସାହନ ଦିଆଯିବା ଭଳି ଘଟଣାକୁ ସାଧାରଣରେ ନିନ୍ଦା କରାଯାଇଛି। ୱେବସାଇଟ୍‌ରେ ଏହି ବିଜ୍ଞାପନକୁ କାହିଁକି ଓ କିଏ ସ୍ଥାନ ଦେଇଥିଲେ ତାହା ସ୍ପଷ୍ଟ ହୋଇନାହିଁ। ଏପରିକି ଘଟଣା ବାବଦରେ ମେଡିକାଲ କର୍ତ୍ତୃପକ୍ଷ ମଧ୍ୟ ସନ୍ତୋଷଜନକ ଉତ୍ତର ଦେଇନାହାନ୍ତି।




**ଗୁଗଲ ଆଡସେନ୍ସ ନୁହେଁ, ବିଜ୍ଞାପନ ଉଦ୍ଦେଶ୍ୟମୂଳକ**

**ସ୍ୱାସ୍ଥ୍ୟସେବାରେ ବ୍ୟବସାୟୀକରଣ ଅଭିଯୋଗ**

**ତରବରିଆ ହୋଇ ୱେବସାଇଟ୍‌ରୁ ହଟାଇଲେ କର୍ତ୍ତୃପକ୍ଷ**

ରାଜ୍ୟର ସର୍ବବୃହତ୍ତ ସରକାରୀ ହସ୍ପିଟାଲ ହେଉଛି ଏସ୍‌ସିବି ମେଡିକାଲ। ଏହାର ଆଉଟଡୋର ଟିକଟ ନିମନ୍ତେ ରୋଗୀ ଓ ସେମାନଙ୍କ ସମ୍ପର୍କୀୟଙ୍କୁ ପୂର୍ବରୁ ନାକେଦମ ହେବାକୁ ପଡୁଥିଲା। କାଉଣ୍ଟର ଟିକଟ ଖଣ୍ଡେ ପାଇଁ ରାତି ଅଧରୁ ଧାଡିରେ ଛିଡ଼ା ହେବାକୁ ପଡୁଥିଲା। ଦୁଇ ବର୍ଷ ପୂର୍ବେ ଏହି ସମସ୍ୟାକୁ ତୁଟାଇବାକୁ ଯାଇ ସରକାର ଏସ୍‌ସିବି ଆଉଟଡୋର ଟିକଟକୁ ଅନଲାଇନ୍‌ରେ ଉପଲବ୍ଧ କରିଥିଲେ। ସେବେଠାରୁ ଅନଲାଇନ୍‌ରେ ଟିକଟ ବୁକିଂ ହୋଇପାରୁଛି। ଏହା ଭିତରେ ଟିକଟ ବୁକିଂ ଆଳରେ ଏକ ବ୍ରାଣ୍ଡେଡ୍ ଘଣ୍ଟାକୁ ବିକ୍ରି କରିବା ପାଇଁ ଉଦ୍ୟମ ଚାଲିଥିଲା। ସୂଚନା ମୁତାବକ, ଏସ୍‌ସିବି ମେଡିକାଲ ୱେବସାଇଟରେ ବିଭିନ୍ନ ପ୍ରକାର ସେବାର ତଥ୍ୟ ଜାଣିବା ନିମନ୍ତେ ଏକ ଟାବ୍ ରହିଛି। ଏହା ଭିତରେ ଆଉଟଡୋର ଟିକଟ ବାବଦରେ ସମସ୍ତ ତଥ୍ୟ ମଧ୍ୟ ସ୍ଥାନ ପାଇଛି। କେଉଁ ଦିନ କେଉଁ ବିଭାଗର ଆଉଟଡୋର ଖୋଲା ତାହା ଉଲ୍ଲେଖ ହୋଇଛି। ମାତ୍ର ଉକ୍ତ ତାଲିକାର ଉପରପାର୍ଶ୍ୱରେ ଏକ ବ୍ରାଣ୍ଡେଡ ଘଣ୍ଟାର ପ୍ରଚାର, ପ୍ରସାର କରାଯିବା ଭଳି ବାର୍ତ୍ତା ଲେଖାଯିବା ସହିତ ଏହାର ଲିଙ୍କ୍ ମଧ୍ୟ ସ୍ଥାନ ପାଇଥିଲା। ଏପରିକି ବଡ ମେଡିକାଲରେ ଉନ୍ନତ ଚିକିତ୍ସା ସେବା ପାଇବା ସହ ଦାମୀ ଘଣ୍ଟା କିଣି ନିଜ ପାଇଁ ମୂଲ୍ୟବାନ ସମୟ ଉପହାର ନେବା ଭଳି ବାର୍ତ୍ତା ମଧ୍ୟ ଲେଖାଯାଇଥିଲା। ମେଡିକାଲର ୱେବସାଇଟ ପରିଚାଳନା କରୁଥିବା କିଛି ଅଧିକାରୀ ଏଭଳି କାର୍ଯ୍ୟକୁ ପ୍ରୋତ୍ସାହନ ଦେଇଥିବା କୁହାଯାଇଛି।

## ସିଂହାସନ ମାଜଣା ଆଜି | ବନ୍ଧାଯିବ କନକମୁଣ୍ଡି ଚାନ୍ଦୁଆ



ପୁରୀ, ୭ା୭ (ସମିସ): ମଠ ସଂସ୍କୃତି ଓ ପରମ୍ପରାକୁ ନେଇ ଶ୍ରୀକ୍ଷେତ୍ର ବେଶ୍ ସମୃଦ୍ଧ। ଶ୍ରୀମନ୍ଦିରରେ ଅଧିକାଂଶ ରୀତିନୀତି ଓ ଯାନିଯାତ୍ରା ସହିତ ମଠଗୁଡ଼ିକର ସମ୍ପର୍କ ବହୁ ପ୍ରାଚୀନ କାଳରୁ ରହିଆସିଛି। ସମ୍ପ୍ରତି ସେହି ପରମ୍ପରା କେତେକାଂଶରେ ଲୋପ୍ ପାଇଯାଇଥିଲେ ହେଁ କେତେକ ରୀତିନୀତି, ବେଶ, ପର୍ବପର୍ବାଣୀ ସହ ନିର୍ଦ୍ଦିଷ୍ଟ ମଠମାନଙ୍କ ସମ୍ପର୍କ ଏବେ ବି ଅକ୍ଷୁଣ୍ଣ ରହିଛି। ଏଥିମଧ୍ୟରୁ ବଡ଼ଓଡ଼ିଆ ମଠ ଅନ୍ୟତମ। ମଙ୍ଗଳବାର ନୀଳାଦ୍ରିବିଜେ। ରତ୍ନସିଂହାସନକୁ ଫେରିଯିବେ ଚତୁର୍ଦ୍ଧାବିଗ୍ରହ। ଏହି ଅବସରରେ ବଡ଼ଓଡ଼ିଆ ମଠ ପକ୍ଷରୁ ରତ୍ନସିଂହାସନ ଉପରେ କନକମୁଣ୍ଡି ଚାନ୍ଦୁଆ ବନ୍ଧାଯିବ। ଏଥିସହ ମଠ ମହନ୍ତ ସିଂହାସନ ମାଜଣା କରିବେ। ନୀଳଚକ୍ରରେ ମଠ ପକ୍ଷରୁ ଧ୍ୱଜା ବନ୍ଧାଯିବା ପରେ ରଥାରୂଢ଼ ଠାକୁର ପହଣ୍ଡି ହୋଇ ଶ୍ରୀମନ୍ଦିରକୁ ବିଜେ କରିବା ପରମ୍ପରା ରହିଛି।

**ନୀଳଚକ୍ରରେ ଉଡ଼ିବ ୧୪ ହାତର ଧ୍ୱଜା**

ଏ ସମ୍ପର୍କରେ ବଡ଼ଓଡ଼ିଆ ମଠ ମହନ୍ତ ଅଧିକାରୀ ବଂଶୀଧର ଦାସ ଗୋସ୍ୱାମୀ କୁହନ୍ତି, ଗଜପତି ମହାରାଜା ପ୍ରତାପରୁଦ୍ର ଦେବଙ୍କ ସମୟରୁ ମଠ ରତ୍ନସିଂହାସନର ରକ୍ଷଣାବେକ୍ଷଣ ଏବଂ ମାଜଣା କରିଆସୁଛି। ପରମ୍ପରା ମୁତାବକ, ନୀଳାଦ୍ରିବିଜେ ଦିନ ସକାଳେ ରତ୍ନସିଂହାସନ ଉପରେ ମଠ ପକ୍ଷରୁ କନକମୁଣ୍ଡି ଚାନ୍ଦୁଆ ବନ୍ଧାଯିବ। ଏଥିପାଇଁ ପାଟ ଏବଂ ସୂତା କପଡ଼ାରେ ଚାନ୍ଦୁଆ ତିଆରି ସରିଛି। ସେହିପରି ମଠ ପକ୍ଷରୁ ନୀଳଚକ୍ରରେ ୧୪ ହାତର ପତାକା (ଧ୍ୱଜା) ବିନା ଦେୟରେ ବନ୍ଧାଯିବ। ସନ୍ଧ୍ୟା ଧୂପ ପରେ ସିଂହାସନ ମାଜଣା ହେବ ବୋଲି ମଠ ମହନ୍ତ କହିଛନ୍ତି।

**ସିଂହାସନ ମାଜଣା**

ଗଜପତି ମହାରାଜା ପ୍ରତାପରୁଦ୍ର ଦେବଙ୍କ ସମୟରୁ ବଡ଼ଓଡ଼ିଆ ମଠ ମହନ୍ତମାନେ ରତ୍ନସିଂହାସନ ମାଜଣା କରିଆସୁଛନ୍ତି। ନୀଳାଦ୍ରିବିଜେ ଦିନ ମାଜଣା କରାଯାଇଥାଏ। ଶ୍ରୀମନ୍ଦିର ପ୍ରଶାସନଠାରୁ ସୂଚନା ପାଇବା ପରେ ମଠ ମହନ୍ତ ଶ୍ରୀମନ୍ଦିର ଅଭିମୁଖେ ବାହାରିଥା'ନ୍ତି। ଗର୍ଭଗୃହ ଭିତରକୁ ଯାଇ ସିଂହାସନ ମାଜଣା କରିଥା'ନ୍ତି। ପୂର୍ବରୁ ମଠରେ ଘୋରା ଯାଇଥିବା ଚନ୍ଦନ, କର୍ପୂର, କେଶର, କସ୍ତୁରୀ ଏବଂ ଚୁଆରେ ମହନ୍ତ ମାଜଣା କରନ୍ତି। ପ୍ରାୟ ୨ ଘଣ୍ଟା ଧରି ଏହା ଚାଲେ। ମାଜଣା ସରିବା ପରେ ସିଂହଦ୍ୱାର ଦେଇ ମଠ ମହନ୍ତ ମଠକୁ ଫେରିଥା'ନ୍ତି।

■ **ବିରୋଧୀ ଦଳ ନେତା ରାହୁଲ ଗାନ୍ଧୀଙ୍କ ମିଥ୍ୟା ଭିଡିଓ ଭାଇରାଲ**

# ଥାନାରେ ଏତଲା ଦେଲେ ବିଧାୟିକା

**କଟକ,୭ା୭ (ସମିସ):** ବିରୋଧୀ ଦଳ ନେତା ଓ ସାଂସଦ ରାହୁଲ ଗାନ୍ଧୀଙ୍କ ବିରୁଦ୍ଧରେ ସାମାଜିକ ଗଣମାଧ୍ୟମରେ ଚାଲିଥିବା ମିଥ୍ୟା ଏବଂ ଏଡିଟ କରାଯାଇଥିବା ଭିଡିଓ ପ୍ରଚାରକୁ ନେଇ ବାରବାଟୀ - କଟକ ବିଧାୟିକା ସୋଫିଆ ଫିରଦୋସ ଆଜି ଲାଲବାଗ ଥାନାରେ ଏତଲା ଦାଖଲ କରିଛନ୍ତି। କଂଗ୍ରେସ ପକ୍ଷରୁ ବିହାରରେ ମହିଳାଙ୍କ ପାଇଁ ସ୍ୟାନିଟାରୀ ନାପକିନ ପ୍ୟାଡ ବଣ୍ଟନ କାର୍ଯ୍ୟକ୍ରମ ଚାଲିଥିବା ବେଳେ, ଏହି ଉଦ୍ୟମକୁ ଅପମାନିତ କରିବା ଉଦ୍ଦେଶ୍ୟରେ ଏକ ଏଡିଟ କରାଯାଇଥିବା ଭିଡିଓ ରତନ ରଞ୍ଜନ ତାଙ୍କ ଏକ୍ସ ଆକାଉଣ୍ଟରେ ପୋଷ୍ଟ କରି ଭାଇରାଲ କରିଥିଲେ। ବିଧାୟିକା ସୋଫିଆ ଫିରଦୋସ ଏହି ଘଟଣାକୁ ଗୁରୁତ୍ୱ ଦେଇ ଲାଲବାଗ ଥାନାରେ ତାଙ୍କ ବିରୁଦ୍ଧରେ ଏତଲା ଦାଖଲ କରି ତୁରନ୍ତ ଗିରଫ ଓ ମାମଲା ରୁଜୁ କରିବା ସହ ଏହି ଭିଡିଓକୁ ସମସ୍ତ ସାମାଜିକ ଗଣମାଧ୍ୟମରୁ ବିଲୋପ କରାଯିବା ଦାବି କରିଛନ୍ତି। ଏହା କେବଳ ରାହୁଲ ଗାନ୍ଧୀଙ୍କ ବିରୋଧରେ ନୁହେଁ, ସମସ୍ତ ନାରୀ ଜାତିକୁ ଅପମାନ କରାଯାଇଛି ବୋଲି ବିଧାୟିକା ସୋଫିଆ କହିଛନ୍ତି। ବିଜେପି ସରକାରରେ ମନ୍ତ୍ରୀ, ନେତା କର୍ମୀ ଓ ସମର୍ଥକମାନେ ମହିଳାମାନଙ୍କୁ ସମ୍ମାନ ଦେବା ତ ଦୂରର କଥା ଅଶାଳୀନ ମନ୍ତବ୍ୟ ଓ ଆକ୍ଷେପ କରି ନାରୀ ଜାତିକୁ ଘୋର ଅପମାନିତ କରିବା ଏବେ ସାରା ଦେଶରେ ସାଧାରଣ ଘଟଣାରେ ପରିଣତ ହୋଇଛି ବୋଲି କହି ବିଧାୟିକା କ୍ଷୋଭ ପ୍ରକାଶ କରିଛନ୍ତି। ଏଥିରେ କଟକ ନଗର କଂଗ୍ରେସ ପୂର୍ବତନ ସଭାପତି ଗିରିବାଳା ବେହେରା, ବରିଷ୍ଠ କଂଗ୍ରେସ ନେତା ତଥା ଆଇନଜୀବୀ ସୁରେନ୍ଦ୍ର ନାଥ କର, ଶୈଳବାଳା ଜେନା, ବାସୁଦେବ ମିଶ୍ର, ରମେଶ ବେହେରା, ଗଙ୍ଗାଧର ସାମଲ, ନିତ୍ୟାନନ୍ଦ ରାଉତରାୟ, ଆକାଶ ଭୂୟାଁ ପ୍ରମୁଖ ଉପସ୍ଥିତ ଥିଲେ।



# ମତ୍ସ୍ୟ ସେବା ଓ ଉଦ୍ୟାନ କୃଷି ସେବା କ୍ୟାଡର ପୁନର୍ବିନ୍ୟାସକୁ ମୁଖ୍ୟମନ୍ତ୍ରୀଙ୍କ ଅନୁମୋଦନ

ଭୁବନେଶ୍ୱର,୭ା୭ (ସମିସ): ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଓଡ଼ିଶା ମତ୍ସ୍ୟଚାଷ ସେବା ଏବଂ ଓଡ଼ିଶା ଉଦ୍ୟାନ କୃଷି ସେବା କ୍ୟାଡର ପୁନର୍ବିନ୍ୟାସ ପ୍ରସ୍ତାବକୁ ଅନୁମୋଦନ କରିଛନ୍ତି। ପୂର୍ବରୁ ଉଭୟ କ୍ୟାଡର ପଦବୀ ସଂଖ୍ୟା ୬୧୮ ଥିବାବେଳେ ଏବେ ଏହା ୮୩୫କୁ ବୃଦ୍ଧି ପାଇଛି।

**ମତ୍ସ୍ୟ ସେବାରେ ୨୧୭ଟି, ଉଦ୍ୟାନ କୃଷି ସେବାରେ ୬୭ଟି ନୂତନ ପଦବୀ ସୃଷ୍ଟି**

ସୂଚନାଯୋଗ୍ୟ ଯେ ମତ୍ସ୍ୟ ସେବା କ୍ୟାଡରର ଅଧିକାଂଶ ପଦବୀ କ୍ଷେତ୍ରସ୍ତରରେ ରହିଥାଏ। ରାଜ୍ୟକୁ ମତ୍ସ୍ୟ ଉତ୍ପାଦନରେ ଆତ୍ମନିର୍ଭରଶୀଳ କରି ୨୦୩୬ ସୁଦ୍ଧା ବାର୍ଷିକ ମତ୍ସ୍ୟ ଉତ୍ପାଦନ ୩୩ ଲକ୍ଷ ମେଟ୍ରିକ୍ ଟନ୍ ହାସଲ କରିବା ପାଇଁ ରାଜ୍ୟ ସରକାର ଲକ୍ଷ୍ୟ ରଖିଛନ୍ତି। ସେହିଭଳି ଉଦ୍ୟାନ କୃଷି ବିଭାଗରେ ପୁନର୍ବିନ୍ୟାସ କରାଯାଇ ୬୭ଟି ପଦବୀ ବୃଦ୍ଧି କରାଯାଇଛି। ପୂର୍ବରୁ ଏହି ପଦବୀ ସଂଖ୍ୟା ୪୦୩ ଥିଲା। ପୁନର୍ବିନ୍ୟାସ ପରେ ଏହା ୪୭୦କୁ ବୃଦ୍ଧି ପାଇଛି।

# ସରକାରୀ ଅଧିକାରୀଙ୍କୁ ଏଆଇ ପ୍ରୟୋଗ ଉପରେ ବ୍ୟାବହାରିକ ତାଲିମ



ଭୁବନେଶ୍ୱର,୭ା୭ (ସମିସ):

ରାଜ୍ୟର ସରକାରୀ ଅଧିକାରୀମାନଙ୍କୁ "କୃତ୍ରିମ ବୁଦ୍ଧିମତ୍ତା (ଏଆଇ)' ର ପ୍ରୟୋଗ ଉପରେ ବ୍ୟାବହାରିକ ତାଲିମ ପାଇଁ ସୋମବାର ରାଜ୍ୟ କନ୍‌ଭେନ୍ସନ ସେଣ୍ଟରରେ ଇଲେକ୍ଟ୍ରୋନିକ୍ସ ଓ ସୂଚନା ପ୍ରଯୁକ୍ତିବିଦ୍ୟା ବିଭାଗ ଏବଂ ୱାଧ୍‌ୱାନି ଫାଉଣ୍ଡେସନର ମିଳିତ ଆନୁକୂଲ୍ୟରେ ଚାରିଦିନିଆ କର୍ମଶାଳା ଆରମ୍ଭ ହୋଇଛି। ବିଭାଗୀୟ ପ୍ରମୁଖ ଶାସନ ସଚିବ ବିଶାଳ କୁମାର ଦେବ କାର୍ଯ୍ୟକ୍ରମର ଶୁଭାରମ୍ଭ କରି ଶାସନ ବ୍ୟବସ୍ଥାରେ ମୌଳିକ ପରିବର୍ତ୍ତନ ଆଣିବା ସହ ରାଜ୍ୟ ସରକାରଙ୍କ ସହ ସାଧାରଣ ଜନତାଙ୍କ ଯୋଗାଯୋଗ ଦୃଷ୍ଟିଭଙ୍ଗୀରେ ପରିବର୍ତ୍ତନ ଆଣିବା ପାଇଁ ଏଆଇ ସକ୍ଷମ ବୋଲି ଉଲ୍ଲେଖ କରିଥିଲେ।

ଏଆଇ ସାହାଯ୍ୟରେ ଡାଟା-ସମର୍ଥିତ ଦୃଷ୍ଟିଭଙ୍ଗୀ ଆପଣାଇ ବିଭିନ୍ନ ସରକାରୀ ବିଭାଗ ଜନସେବା ବିତରଣ ବ୍ୟବସ୍ଥାକୁ ପ୍ରଭାବୀ ଢଙ୍ଗରେ ପରିଚାଳିତ କରିବା ଲକ୍ଷ୍ୟରେ ଆୟୋଜିତ ଏହି କର୍ମଶାଳାରେ ସିଏମ୍‌ଜିଆଇ ନିର୍ଦ୍ଦେଶକ ବିନୀତ ଭରଦ୍ୱାଜ, ସମସ୍ତ ବିଭାଗୀୟ ଅଧିକାରୀ, ସ୍ୱତନ୍ତ୍ର ଶାସନ ସଚିବ ମାନସ ରଞ୍ଜନ ପଣ୍ଡା ଏବଂ ୱାଧ୍‌ୱାନି ଫାଉଣ୍ଡେସନର ପ୍ରତିନିଧିମାନେ ଅଂଶଗ୍ରହଣ କରିଥିଲେ।

ସୂଚନା ଅନୁସାରେ, ବିଭିନ୍ନ କ୍ଷେତ୍ର ମଧ୍ୟରେ ସମନ୍ୱୟ ସ୍ଥାପନ ପାଇଁ "ଓଡ଼ିଶା ଏଆଇ ମିଶନ' ଆରମ୍ଭ କରାଯିବାକୁ ପଦକ୍ଷେପ ନିଆଯିବା ସହ ଭୁବନେଶ୍ୱରରେ ଏକ ଏଆଇ ଉତ୍କର୍ଷ କେନ୍ଦ୍ର ପ୍ରତିଷ୍ଠା ପାଇଁ ପଦକ୍ଷେପ ନିଆଯାଉଛି। ଏହି ଅବସରରେ ନାସ୍କମ୍ ଓ ୱାଧ୍‌ୱାନି ଫାଉଣ୍ଡେସନ ସହ ବୁଝାମଣାପତ୍ର ସ୍ୱାକ୍ଷର କରାଯାଇଛି। କର୍ମଶାଳାର ବିଭିନ୍ନ ଅଧିବେଶନରେ ଜେନେରେଟିଭ ଏଆଇ ଟୁଲ୍ସ, ଜଟିଳ ବିଶ୍ଳେଷଣ ଓ କଣ୍ଟେଣ୍ଟ ଜେନେରେସନ୍‌ର ଉପଯୋଗିତା ସହ ନୀତିଗତ ଯୋଜନା ଓ ତା'ର ମନିଟରିଂ ନିମନ୍ତେ ଡାଟା-ପରିଚାଳିତ ନିଷ୍ପତ୍ତି ଗ୍ରହଣ, ଡିଜିଟାଲାଇଜେସନ ଓ ଡିଜିଟାଲ ଟ୍ରାନ୍ସଫରମେସନ ମଧ୍ୟରେ ଥିବା ପାର୍ଥକ୍ୟ, ବିଚାର ଅବସ୍ଥାରୁ କ୍ରିୟାନ୍ୱୟନ ଅବସ୍ଥାକୁ ଯିବାପାଇଁ ଡାଞ୍ଚା ପ୍ରସ୍ତୁତି, ଶାସନଗତ ଆହ୍ୱାନ ଉପରେ ତାଲିମ ପ୍ରଦାନ କରାଯିବା ସହ ୱାଧ୍‌ୱାନି ଫାଉଣ୍ଡେସନ୍ ସହ ମିଶି ସେଗୁଡ଼ିକର ବିଶ୍ଳେଷଣ ତଥା ବୈଷୟିକ ସମ୍ଭାବନା ଓ ବିଶେଷଜ୍ଞଙ୍କ ମତାମତ ସଂଗ୍ରହ ଉପରେ ଆଲୋଚନା କରାଯାଇଥିଲା।

# ଏସ୍‌ସିବିରୁ ୬ ଦଲାଲ ଗିରଫ

**କଟକ,୭ା୭ (ସମିସ):** ଏସ୍‌ସିବି ପରିସରରେ ଥିବା କେନ୍ଦ୍ରୀୟ ରକ୍ତ ଭଣ୍ଡାରରୁ ଆଜି ୬ଜଣ ରକ୍ତ ଦଲାଲଙ୍କୁ ଗିରଫ କରାଯାଇଛି। ଏମାନେ ରକ୍ତ ଭଣ୍ଡାର ପରିସରରେ ରହି ଏଠାକୁ ଆସୁଥିବା ରୋଗୀ ଅଭିଭାବକଙ୍କୁ ଠାରୁ ଟଙ୍କା ଠକେଇ କରୁଥିଲେ। ଅଭିଯୁକ୍ତମାନେ ହେଲେ ଜଟଣୀ ଅଞ୍ଚଳର ନୀଳମାଧବ ମିଶ୍ର(୩୪), ଗଞ୍ଜାମର କାଳିଆ ସାହୁ(୨୭), ଢେଙ୍କାନାଳର ପାଣ୍ଡବ ସାହୁ(୨୫), ଯାଜପୁରର ବିଚିତ୍ରାନନ୍ଦ ବିଶ୍ୱାଳ(୨୮), ଅନୁଗୋଳର ପ୍ରଶାନ୍ତ ମହାରଣା(୫୪) ଏବଂ ଉରାଳି ଅଞ୍ଚଳର ଦୀପକ କୁମାର ବେହେରା(୪୫)। ସମସ୍ତଙ୍କୁ କୋର୍ଟ ଚାଲାଣ କରାଯିବା ପରେ ଜାମିନ ନାମଞ୍ଜୁର ହେବାରୁ ଚୌଦ୍ୱାର ଜେଲ୍‌କୁ ପଠାଇ ଦିଆଯାଇଛି। ସେମାନଙ୍କ ନିକଟରୁ ବ୍ଲଡ୍ ରିକ୍ୟୁଜିସନ୍ ଫର୍ମ, ୧ହଜାର ଟଙ୍କା, ରୋଗୀଙ୍କ ପ୍ରେସକ୍ରିପସନ୍ ଜବତ କରାଯାଇଛି।




ପୁଲିସ ସୂଚନା ଅନୁସାରେ, ମଙ୍ଗଳାବାଗ ଥାନା ପକ୍ଷରୁ ଏକ ସ୍ୱତନ୍ତ୍ର ସ୍କ୍ୱାଡ୍ ଆଜି ଏସ୍‌ସିବି ପରିସରରେ ଚଢ଼ଉ କରିଥିଲେ। ଚଢ଼ଉ ସମୟରେ କେନ୍ଦ୍ରୀୟ ରକ୍ତ ଭଣ୍ଡାରରେ ଏହି ଦଲାଲମାନେ ନିରୀହ ରୋଗୀ ସମ୍ପର୍କୀୟଙ୍କୁ ରକ୍ତର ଅଭାବ କହି ଟଙ୍କା ଠକୁଥିବା ନଜରକୁ ଆସିଥିଲା। ତେବେ ସ୍କ୍ୱାଡ୍ ପକ୍ଷରୁ ଏହି ର୍‌ୟାକେଟ୍‌କୁ କାବୁ କରାଯାଇ ଥାନାକୁ ଅଣାଯାଇଥିଲା। ଏହାପରେ ପଚରାଉଚରା କଲା ପରେ ଏମାନେ ରକ୍ତ ଦଲାଲି କରୁଥିବା ସ୍ୱିକାର କରିଥିଲେ। ଡିସିପି ଖିଲାରୀ ଋଷିକେଶ ଦ୍ୟାନଦେଓଙ୍କ ନିର୍ଦ୍ଦେଶକ୍ରମେ ପ୍ରତ୍ୟେକ ଦିନ ଏସସିବିରେ ଦଲାଲ ଦମନ ଅଭିଯାନ କରାଯାଉଥିବା ଜଣାପଡ଼ିଛି।

# ମହିଳାଙ୍କ ଆତ୍ମହତ୍ୟା: ସ୍ୱାମୀ ଗିରଫ

**କଟକ,୭ା୭ (ସମିସ):** ମଧୁପାଟଣା ଥାନା ଅନ୍ତର୍ଗତ ନୂଆପଡା ଅଞ୍ଚଳରେ ଜଣେ ମହିଳାଙ୍କ ମୃତଦେହ ଝୁଲନ୍ତା ଅବସ୍ଥାରେ ଉଦ୍ଧାର କରାଯାଇଛି। ମୃତକ ଜଣକ ହେଲେ ରାକେଶ ମହାପାତ୍ରଙ୍କ ସ୍ତ୍ରୀ ଚାନ୍ଦିନୀ ମହାପାତ୍ର। ପୁଲିସ ଶବ ଜବତ କରି ବ୍ୟବଚ୍ଛେଦ ପାଇଁ ଏସ୍‌ସିବି ମେଡିକାଲ ପଠାଇଛି। ପୁଲିସ ସୂଚନା ଅନୁସାରେ, ଜଗତସିଂହପୁର ଜିଲ୍ଲାର ରାକେଶଙ୍କ ସହିତ କଟକ ସଦର ଥାନା ଗୋପାଳପୁର ଅଞ୍ଚଳର ଚାନ୍ଦିନୀ ବିଶ୍ୱାଳଙ୍କ ବିବାହ ୧୧ ବର୍ଷ ତଳେ ହୋଇଥିଲା। ଦମ୍ପତିଙ୍କର ଗୋଟିଏ ପୁଅ ଓ ଝିଅ ରହିଛନ୍ତି। ରାକେଶ ଏକ ଘରୋଇ କମ୍ପାନୀରେ ଚାକିରି କରୁଥିବା ବେଳେ ରାକେଶ ଓ ତାଙ୍କ ସାନ ଭାଇଙ୍କ ପରିବାର ସଦସ୍ୟ ନୂଆପଡା ବୁଷ୍ଟାର କଲୋନୀରେ ଭଡା ନେଇ ରହୁଛନ୍ତି। ତେବେ ବିବାହ ପରଠାରୁ ରାକେଶ ଓ ଚାନ୍ଦିନୀଙ୍କ ମଧ୍ୟରେ କଳିଝଗଡା ଲାଗିରହିଥିଲା। ବାପଘରୁ ଯୌତୁକ ବାବଦରେ ଟଙ୍କା ଆଣିବା ପାଇଁ ରାକେଶ ବାରମ୍ବାର ଚାପ ପକାଉଥିଲେ। ଆଜି ମଧ୍ୟାହ୍ନରେ ପୁର୍ନବାର ଦମ୍ପତିଙ୍କ ମଧ୍ୟରେ କଳିଝଗଡା ହୋଇଥିଲା। ଚାନ୍ଦିନୀ ଏକ ରୁମକୁ ଯାଇ ଭିତରପଟୁ କବାଟ ବନ୍ଦ କରିଦେଇଥିଲେ। କବାଟ ଭଙ୍ଗାଯିବାରୁ ଚାନ୍ଦିନୀଙ୍କୁ ଝୁଲନ୍ତା ଅବସ୍ଥାରେ ଦେଖିବାକୁ ମିଳିଥିଲା।

# ୯ ଜୁଲାଇ ଦେଶବ୍ୟାପୀ ହରତାଳ ପାଇଁ ପ୍ରସ୍ତୁତି



କଟକ,୭ା୭ (ସମିସ):

ଦେଶର ଶ୍ରମିକ କର୍ମଚାରୀ ସଂଗଠନ ଆହ୍ୱାନରେ ୯ ଜୁଲାଇ ଦେଶବ୍ୟାପୀ ହରତାଳ କରାଯିବ। କେନ୍ଦ୍ର ସରକାରଙ୍କ ଜନବିରୋଧୀ, ଶ୍ରମିକ ବିରୋଧୀ, କୃଷକ ବିରୋଧୀ ନୀତି ବିରୋଧରେ ଓ ଶ୍ରମିକ ବିରୋଧୀ ଶ୍ରମ କୋର୍ଡର ବାତିଲ, ରାଷ୍ଟ୍ରାୟତ ଉଦ୍ୟୋଗର ଘରୋଇକରଣ ବନ୍ଦ, ଅସ୍ଥାୟୀ ଠିକା ନିଯୁକ୍ତି ଓ ଆଉଟ ସୋର୍ସିଂ ବନ୍ଦ ସହ ସମାନ କାମକୁ ସମାନ ମଜୁରୀ, ସର୍ବନିମ୍ନ ମାସିକ ପେନସନ ସମସ୍ତଙ୍କୁ ୯ ହଜାର ଟଙ୍କା ସହ ସମସ୍ତ ଶ୍ରମଜୀବୀଙ୍କୁ ସାମାଜିକ ପେନସନ ପ୍ରଦାନ, କାମ କରିବାର ଅଧିକାରରେ ମୌଳିକ ଅଧିକାର ଅର୍ନ୍ତଭୁକ୍ତ କରିବା, ନିତ୍ୟ ବ୍ୟବହାର୍ଯ୍ୟ ଜିନିଷର ଦରଦାମ ହ୍ରାସ କରିବା, ବିଦ୍ୟୁତ ବିଲ୍ ୨୦୨୨ର ପ୍ରତ୍ୟାହାର ଓ ସ୍ମାର୍ଟ ମିଟର ପ୍ରଚଳନ ବନ୍ଦ କରିବା, ସର୍ବନିମ୍ନ ମାସିକ ମଜୁରୀ ୨୬୦୦୦ ଟଙ୍କା କରିବା, ନୂଆ ପେନସନ ବଦଳରେ ପୁରୁଣା ପେନସନ ବ୍ୟବସ୍ଥା ଚାଲୁ କରିବା, ୨୦୨୩ ଜଙ୍ଗଲ ସଂରକ୍ଷଣ ଆଇନ ବାତିଲ କରିବା, ସମ୍ବିଧାନର ମୌଳିକତା ଉପରେ ଆକ୍ରମଣ ବନ୍ଦ କରିବା ଇତ୍ୟାଦି ୧୭ ଦଫା ଦାବି ସହ ଜିଲାରେ ବିନା ଥଇଥାନରେ ବସ୍ତି ଉଚ୍ଛେଦ ଓ ଉଠା ଦୋକାନ ରାସ୍ତା ପାର୍ଶ୍ୱର୍ ଦୋକାନ ଭାଙ୍ଗିବା ବନ୍ଦ ଦାବିରେ କେନ୍ଦ୍ରୀୟ ଟ୍ରେଡ ୟୁନିଅନ ଆଇଏନଟିୟୁସି, ଏଆଇଟିୟୁସି, ଏଚଏମଏସ, ସିଆଇଟିୟୁ, ଏଆଇୟୁଟିୟୁସି, ଏଆଇସିସିଟିୟୁ ଏଲପିଏଫ, ଏନଏଫଆଇଟିୟୁ ଇତ୍ୟାଦି ୧୧ଟି ଶ୍ରମିକ ସଂଗଠନ ଏବଂ ବ୍ୟାଙ୍କ ବୀମା, କେନ୍ଦ୍ର ଓ ରାଜ୍ୟ ସରକାରୀ କର୍ମଚାରୀ ସଂଗଠନ ସହିତ ବିଭିନ୍ନ ସ୍କିମ୍ ଶ୍ରମିକ ସଂଗଠନ, ନିର୍ମାଣ ଶ୍ରମିକ ସଂଗଠନ ଇତ୍ୟାଦି ବହୁ ସଂଗଠନ ୯ ଜୁଲାଇ ଦେଶବ୍ୟାପୀ ହରତାଳର ଡାକରା ଦେଇଛନ୍ତି। ଏହି ଧର୍ମଘଟରେ ମଧ୍ୟ ସଂଯୁକ୍ତ କିଶାନ ମୋର୍ଚ୍ଚା ଅଂଶଗ୍ରହଣ କରିବ। ୯ ଜୁଲାଇ ଦେଶବ୍ୟାପୀ ହରତାଳକୁ ସମସ୍ତସ୍ତରର ଜନସାଧାରଣ ସମର୍ଥନ କରିବା ପାଇଁ ଏକ ସାମ୍ବାଦିକ ସମ୍ମିଳନୀରେ କେନ୍ଦ୍ରୀୟ ଶ୍ରମିକ ସଂଗଠନ ଓ କର୍ମଚାରୀ ଫେଡେରେସନ ପକ୍ଷରୁ କିଶୋର ଜେନା, ରବିନାରାୟଣ ମଲ୍ଲିକ, ଖଗେଶ୍ୱର ସେଠୀ, ସନ୍ତୋଷ ଭୋଳ, ଶୁଭାଶିଷ ପଟ୍ଟନାୟକ, ବିଜୟ ପତି, କେଶବ ଷଡଙ୍ଗୀ, ମନୋରଞ୍ଜନ ମହାରଣା, ମନୋଜ ମହାନ୍ତି, ନିହାରରଞ୍ଜନ ଦାସ, ରାଜକିଶୋର ମଲ୍ଲିକ, ଚନ୍ଦ୍ରକାନ୍ତ ବେହେରା, ଅଭୟ ସ୍ୱାଇଁ, ପ୍ରସନ୍ନ ମହାପାତ୍ର, ଅଶୋକ ତା ପ୍ରମୁଖ ନିବେଦନ କରିଛନ୍ତି।

## ଧର୍ମଘଟକୁ ସିପିଆଇର ସମର୍ଥନ

**କଟକ,୭ା୭ (ସମିସ):** ଭାରତୀୟ କମ୍ୟୁନିଷ୍ଟ ପାର୍ଟି ସିପିଆଇ ଜୁଲାଇ ୯ ସର୍ବ ଭାରତୀୟ ଧର୍ମଘଟକୁ ସମର୍ଥନ କରିଛି। କଟକ ଜିଲ୍ଲାର ପ୍ରତି ବ୍ଲକ୍‌ରେ କେନ୍ଦ୍ରୀୟ କାର୍ଯ୍ୟାଳୟ, ବ୍ୟାଙ୍କ, ବୀମା, କଳକାରଖାନା ସମ୍ମୁଖରେ ପାର୍ଟି କର୍ମୀମାନେ ଶ୍ରମିକ ସଂଗଠନ ସହ ମିଳିତ ଭାବେ ବିକ୍ଷୋଭ ପିକେଟିଂ କରିବେ ବୋଲି ପାର୍ଟି ପକ୍ଷରୁ ଆହ୍ୱାନ ଦିଆଯାଇଛି। ମାହାଙ୍ଗା, ନିଶ୍ଚିନ୍ତକୋଇଲି, କଟକ ନଗର, ଆଠଗଡ଼, ଜଗତପୁର, ନିଆଳି, ସାଲେପୁର ଆଦି ସ୍ଥାନରେ ଧର୍ମଘଟକୁ ସଫଳ କରିବାକୁ ପାର୍ଟିର ସମ୍ପାଦକ ବିନୋଦ ବେହେରା, ସହ ସମ୍ପାଦକ ଉଦୟ କେଶରୀ ବର୍ମା, ନଗର ସଂପାଦକ ପ୍ରସନ୍ନ ମହାପାତ୍ର, ହରିହର ମହାନ୍ତି, କସ୍ତୁରି ପାତ୍ର, ଆଦିକନ୍ଦ ମଲ୍ଲିକ, ଅମରେନ୍ଦୁ ମହାନ୍ତି, ଗୋବିନ୍ଦ ଚନ୍ଦ୍ର ନାୟକ, ହିମାଂଶୁ ଭୂୟାଁ, ସୁନାକର ବରାଳ, ଭବାନୀ ଶଙ୍କର ଦୀକ୍ଷିତ, ସୌଦାମିନୀ ଦାଶ, ଅଜୟ ସାମନ୍ତରାୟ ପ୍ରମୁଖଙ୍କ ପକ୍ଷରୁ ଏକ ପ୍ରେସ ବାର୍ତ୍ତାରେ ଘୋଷଣା କରାଯାଇଛି।

# 'ମନ୍ତ୍ରମୁଗ୍ଧ' ସିନେମାର ମହୁରତ




ଭୁବନେଶ୍ୱର, ୭ା୭ (ସମିସ): ଜାତୀୟ ପୁରସ୍କାର ପ୍ରାପ୍ତ ଫିଲ୍ମ ନିର୍ମାତା ଅନୁପମ ପଟ୍ଟନାୟକ ମହୁରତ ପୂଜା ସହିତ ନିଜର ଆଗାମୀ ଚଳଚ୍ଚିତ୍ର 'ମନ୍ତ୍ରମୁଗ୍ଧ' ସମ୍ପର୍କରେ ଘୋଷଣା କରିଛନ୍ତି। ସାଙ୍କେତିକ ଭାବେ ଏମ୍‌ଏମ୍ ନାମରେ ପରିଚୟ ଲାଭ କରିବାକୁ ଯାଉଥିବା ଚଳଚ୍ଚିତ୍ରଟି ଏକ ଅଭିନବ ରୋମାଞ୍ଚକ କମେଡି ଫିଲ୍ମ ଭାବରେ ଓଡ଼ିଆ ସିନେମାର କାହାଣୀରେ ଏକ ନୂଆ ଫର୍ଦ୍ଦ ଯୋଡ଼ିବାକୁ ଯାଉଛି। ଅମିୟ ପଟ୍ଟନାୟକ ପ୍ରଡକ୍ସନ ବ୍ୟାନରରେ ନିର୍ମିତ ଏହି ଚଳଚ୍ଚିତ୍ରର ପ୍ରଯୋଜନା ଭାର ବର୍ଷା ପଟ୍ଟନାୟକ ନେଇଥିବା ବେଳେ ସନୋଜ କୁମାର, ମନ୍ମୟ ଦେ ପ୍ରମୁଖ ଭୂମିକାରେ ରହିଥିବା ବେଳେ ସୁରମୟୀ ମହାପାତ୍ର, ଦୀପନ୍ୱିତ ଦାସ ମହାପାତ୍ର, ହର ରଥ, ଚୌଧୁରୀ ଜୟପ୍ରକାଶ ଦାସ, ନିଶାନ୍ତ ମାଝିଥିଆ, ସୋମା ହୋତା, ଭକ୍ତି ଦାସ ପ୍ରମୁଖ ଅଭିନୟ କରିଛନ୍ତି। ଚଳଚ୍ଚିତ୍ରର ଷ୍ଟାର କାଷ୍ଟରେ ଟେଲି ଅଭିନେତ୍ରୀ ପିହୁ ମହାପାତ୍ର ଓ ଡିଜିଟାଲ କ୍ରିଏଟର ମିଷ୍ଟର ରାଉତ ସାମିଲ ହୋଇଛନ୍ତି। ଚଳଚ୍ଚିତ୍ରର କାହାଣୀ ଅନୁପମ ପଟ୍ଟନାୟକ ଓ ରୋସନ୍ ବିଶୋଇ ଲେଖିଥିବା ବେଳେ ପ୍ରଣବ ରଥ ସଂଳାପ ରଚନା କରିଛନ୍ତି।



# ପୋତିହେଉଛି ଜଳାଶୟ; କମୁଛି ଜଳସ୍ତର

ଭୁବନେଶ୍ୱର, ୭।୭ (ସମିସ)



ରାଜଧାନୀ ଏବଂ ଏହାର ଉପକଣ୍ଠବର୍ତ୍ତୀ ଅଞ୍ଚଳରେ ଜଳାଶୟ ରକ୍ଷଣାବେକ୍ଷଣ ପ୍ରତି ସରକାରୀ ସ୍ତରରେ ତଥା ପ୍ରଶାସନିକ ସ୍ତରରେ କୋହଳ ମନୋଭାବ ଯୋଗୁଁ ଜଳାଶୟ ସଂଖ୍ୟା କମିବାରେ ଲାଗିଛି। ଫଳରେ କ୍ରମାଗତ ଭାବେ ରାଜଧାନୀର ଜଳସ୍ତର ହ୍ରାସ ପାଇବାରେ ଲାଗିଛି। ଯାହା ଆଗାମୀ ଦନରେ ଏକ ବଡ଼ ଜଳସଂକଟର ସତର୍କ ସୂଚନା ଦେଉଛି।

ଯିଏ ଯେମିତି ପାରୁଛି ରାଜଧାନୀରେ ଥିବା ପ୍ରାକୃତିକ ଜଳାଶୟକୁ ନିଜ ଇଚ୍ଛା ମୁତାବକ ବ୍ୟବହାର କରିଚାଲିଛି। କିଏ ଜଳାଶୟକୁ ପୋତି ରାସ୍ତା ନିର୍ମାଣ କଲାଣି। ପୁଣି କିଏ ସିଧାସଳଖ ଘର ଛିଡା କରି ଦେଉଛି। ଆଉ କିଏ ରାଜଧାନୀରେ ଥିବା ପ୍ରାକୃତିକ ଜଳାଶୟକୁ ଅଳିଆଗଦା ଭାବେ ବ୍ୟବହାର କରୁଛି। ଲୋକଙ୍କ ଦ୍ୱାରା ଜଳାଶୟର ଏଭଳି ବ୍ୟବହାର ଉପରେ ସହରାଞ୍ଚଳ ପ୍ରଶାସନ ବିଡିଏ ଓ ବିଏମ୍‌ସି ରୋକ ଲଗାଇଛି। ହେଲେ ଏହା କେବଳ କାଗଜକଲମରେ ସୀମିତ ରହିଛି। ଉଲ୍ଲଙ୍ଘନ ହେଲେ ନା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉଛି ନା କେବେ ଅଧିକାରୀମାନେ ସେଠାକୁ ପରିଦର୍ଶନରେ ଯାଉଛନ୍ତି।

ଭୁବନେଶ୍ୱରର ଜଳସ୍ତର ହ୍ରାସ ପାଇବାରେ ଲାଗିଛି। କେବଳ ଭୁବନେଶ୍ୱର ନୁହେଁ ସାରା ରାଜ୍ୟରେ ବିଗତ ୫ବର୍ଷ ମଧ୍ୟରେ ଜଳସ୍ତର ୦.୫୩ମିଟର ଜଳସ୍ତର ହ୍ରାସ ପାଉଛି। ହେଲେ ଭୁବନେଶ୍ୱରରେ କିନ୍ତୁ ନୂତନ ଜଳାଶୟ ନିର୍ମାଣ କରିବାରେ ପ୍ରଶାସନ ସବୁଠାରୁ ତତ୍ପର ହୋଇଉଠିଛି। ବାଣୀବିହାର କ୍ୟାମ୍ପସ ଠାରୁ ଆରମ୍ଭ କରି ନିକୋପାର୍କ ନିକଟରେ ପ୍ରାକୃତିକ ଜଳାଶୟ ନିର୍ମାଣ ହେଉଛି। ସରକାରୀ ଟଙ୍କାକୁ ପାଣି ଭଳି ଖର୍ଚ୍ଚ କରାଯାଉଛି। ହେଲେ ଯେଉଁଠି ପ୍ରାକୃତିକ ଜଳଶୟ ଏବେ ରହିଛି, ତାହାକୁ ସଂରକ୍ଷଣ କରିବାକୁ ପ୍ରଶାସନିକ ତତ୍ପରତାର ଅଭାବ ରହିଛି।

ଭୁବନେଶ୍ୱର ପ୍ରାକୃତିକ ଜଳାଶୟର ଭଣ୍ଡାର ଥିଲା। ପ୍ରଥମେ ମଞ୍ଚେଶ୍ୱର ଶିଳ୍ପାଞ୍ଚଳକୁ ଦୟା ୱେଷ୍ଟ କେନାଲକୁ ବରବାଦ କରାଗଲା। କାଚ ମଲ ମଲ ପାଣି ଏବେ କଳା ପଡ଼ିଗଲା। ପରେ ଗଙ୍ଗୁଆ ଭଳି ପ୍ରାକୃତିକ ନାଳକୁ ଡ୍ରେନ୍‌ରେ ପରିଣତ କରାଗଲା। ବିଲଡର ମାନେ ସହରୀକରଣ ଆଳରେ ନଖରା ଠାରୁ ଆରମ୍ଭ କରି ସତ୍ୟବିହାର ପର୍ଯ୍ୟନ୍ତ ସନ୍ତସନିଆ ଅଞ୍ଚଳରେ ଦୃତ ନିର୍ମାଣ କରାଗଲା। ଏବେ ରାସ୍ତା କଡରେ ଥିବା ସ୍ୱଳ୍ପସଂଖ୍ୟକ ଜଳାଶୟ ଟାର୍ଗେଟରେ। ହଂସପାଳସ୍ଥିତ ଜାତୀୟ ରାଜପଥ କଡ଼ରେ ଥିବା ରେଡିମିକ୍ସ କମ୍ପାନୀ ପୋଖରୀ ପୋତିଚାଲିଛି। ସେହିପରି ୬୭ୱାର୍ଡ ରେ ଏଭଳି ଦୃଶ୍ୟ ଦେଖିବାକୁ ମିଳିଛି। ଭୁବନେଶ୍ୱରରୁ ଜଟଣୀ ରୋଡ୍‌କୁ ସଂଯୋଗ କରୁଥିବା ମା କାଳିଆସୁଣୀଙ୍କ ଜଳାଶୟକୁ ଗତ କିଛି ଦିନ ତଳେ ଜଣେ ଜମି ମାଫିଆ ନିଜ ଘରକୁ ରାସ୍ତା ନେବା ପାଇଁ ବଳ ପୂର୍ବକୁ ମାଟି ପକାଇ ପୋତିବାରେ ଲାଗିଛନ୍ତି ବୋଲି ଅଭିଯୋଗ ହେଉଛି। ଏଭଳି ଘଟଣାକୁ ନେଇ ସ୍ଥାନୀୟ ଅଞ୍ଚଳରେ ବିରୋଧ ହେବା ସତ୍ତ୍ୱେ ପ୍ରଶାସନିକ ନିରବତା ସମସ୍ତଙ୍କୁ ଆଶ୍ଚର୍ଯ୍ୟ ଚକିତ କରିଛି।

# 'ଶ୍ରୀଜଗନ୍ନାଥଙ୍କ ନବକଳେବର' ପ୍ରତି ବଢୁଛି ଦର୍ଶକଙ୍କ ଭଲପାଇବା



ଭୁବନେଶ୍ୱର, ୭।୭(ସମିସ): ଓଡ଼ିଆ ଚଳଚ୍ଚିତ୍ର ଇତିହାସରେ ପ୍ରଥମଥର ପାଇଁ 'ଶ୍ରୀଜଗନ୍ନାଥଙ୍କ ନବକଳେବର'କୁ ନେଇ ନିର୍ମିତ ହୋଇଥିବା ଚଳଚ୍ଚିତ୍ରକୁ ଦର୍ଶକ ଢେର ଭଲ ପାଇବା ଦେବା ସହିତ ବେଳେ ଏବେ ସବୁ ପ୍ରେକ୍ଷାଳୟ ହାଉସଫୁଲ୍ ଚାଲିଛି। ଗୋଟେପଟେ ମହାପ୍ରଭୁଙ୍କ ରଥଯାତ୍ରା ଚାଲିଥିବା ବେଳେ ଶ୍ରୀଜଗନ୍ନାଥଙ୍କ ନବକଳେବରକୁ ଦେଖିବା ପାଇଁ ସବୁ ପ୍ରେକ୍ଷାଳୟରେ ଭାବବିହ୍ୱଳ ହେଉଛନ୍ତି ଦର୍ଶକ। ନୃଶଂସ କଳାପାହାଡ଼ର ଅତ୍ୟାଚାରକୁ ଦର୍ଶକେ ସହ୍ୟ ନକରି ପାରି ଗାଳି ଗୁଲଜ କରୁଥୁବା ପରିସ୍ଥିତି ରେ କଳାପାହାଡ଼ ଭୂମିକାରେ ଅଭିନୟ କରିଥିବା ଅଭିନେତା ଅଂଶୁମାନ ପ୍ରେକ୍ଷାଳୟରେ ପହଞ୍ଚି ଦର୍ଶକଙ୍କ ଭାବାବେଗକୁ ସମ୍ମାନ ଜଣାଇ କ୍ଷମା ପ୍ରାର୍ଥନା କରୁଥିବା ଦେଖିବାକୁ ମିଳିଛି। ସାଇ ଶ୍ରଦ୍ଧା ଟେଲି ପ୍ରଡକସନ୍ସ ନିବେଦିତ 'ଶ୍ରୀଜଗନ୍ନାଥଙ୍କ ନବକଳେବର'ର ପ୍ରଯୋଜନା ସହ ନିର୍ଦ୍ଦେଶନା ଦେଇଛନ୍ତି ସୌଭାଗ୍ୟଲକ୍ଷ୍ମୀ ଜେନା। ତାଙ୍କର ନିର୍ଦ୍ଦେଶିତ ଏହା ପ୍ରଥମ ଚଳଚ୍ଚିତ୍ର। ଅନ୍ୟତମ ପ୍ରଯୋଜକ ଅଛନ୍ତି ଦିଲ୍ଲୀପ କୁମାର ଜେନା। ଜଗନ୍ନାଥଙ୍କ ମହିମା ଆଧାରିତ ତଥା ତାରକା ଖଚିତ ଏହି ଚଳଚ୍ଚିତ୍ରକୁ ନିର୍ମାଣ କରିବା ପାଇଁ କଳାକାର ଓ ଟେକ୍ନିସିଆନଙ୍କୁ ପ୍ରାୟ ତିନି ବର୍ଷ ଅକ୍ଲାନ୍ତ ପରିଶ୍ରମ କରିବାକୁ ପଡ଼ିଥିବା ଜଣାପଡ଼ିଛି। ଓଡ଼ିଶା ସାହିତ୍ୟ ଏକାଡେମୀ ପୁରସ୍କାରପ୍ରାପ୍ତ ନାଟ୍ୟକାର ଶଙ୍କର ତ୍ରିପାଠୀଙ୍କ ଏକ ଚର୍ଚ୍ଚିତ ନାଟକ ଆଧାରରେ ନିର୍ମିତ ଏହି ଚଳଚ୍ଚିତ୍ରରେ ସଙ୍ଗୀତ ମଳୟ ମିଶ୍ର ଦେଇଥିବା ବେଳେ କଣ୍ଠଦାନ କରିଛନ୍ତି ଇରା ମହାନ୍ତି, ସତ୍ୟଜିତ ପ୍ରଧାନ, ଅନ୍ତରା ଚକ୍ରବର୍ତ୍ତୀ ଓ ସତ୍ୟବ୍ରତ ସାହୁ। ତେବେ ଡ. ନିର୍ମଳ ନାୟକଙ୍କ ରଚିତ'ଜଗତରେ ପାଇବୁନି ଏମିତି ଠାକୁର.' ଗୀତଟି ବେଶ ଲୋକପ୍ରିୟତା ହାସଲ କରିଛି। ଏଥିରେ ସିଦ୍ଧାନ୍ତ, ଶ୍ରୀତମ, ଅଂଶୁମାନ, ପିଙ୍କି ପ୍ରଧାନ, କୁନା ତ୍ରିପାଠୀ, ଅଶ୍ରୁମୋଚନ ମହାନ୍ତିଙ୍କ ମେତ ଓଡ଼ିଆ ସିନେମା ଜଗତର ଆଗଧାଡ଼ିର କଳାକାରମାନେ ଅଭିନୟ କରିଛନ୍ତି।

# 'ଚ୍ୟାଲେଞ୍ଜ୍'ରେ ବଲିଉଡ୍ ଅଭିନେତା ପୁନିତ




ଭୁବନେଶ୍ୱର, ୭।୭(ସମିସ): ଓଲିଉଡ ଆକ୍ସନ ଷ୍ଟାର ଅର୍ଦ୍ଧେନ୍ଦୁ ସାହୁଙ୍କ ଆଦିଲକ୍ଷ୍ମୀ ଏଣ୍ଟରଟେନମେଣ୍ଟ ବ୍ୟାନର ଏବଂ ଜୀ ସାର୍ଥକର ମିଳିତ ସହଯୋଗରେ ନିର୍ମିତ ଓଡ଼ିଆ ଫିଲ୍ମ 'ଚ୍ୟାଲେଞ୍ଜ୍'ରେ ନଜର ଆସିବେ ଲିଉଡ ଅଭିନେତା ପୁନିତ୍ ଇସାର୍। ଭାରତର ଲୋକପ୍ରିୟ ମେଗା ଧାରାବାହିକ 'ମହାଭାରତ'ର ଦୁର୍ଯ୍ୟୋଧନଙ୍କ ଚରିତ୍ରରେ ଅଭିନୟ କରିଥିବା ପୁନିତ ଇସାର ସୁଟିଂ ପାଇଁ ଭୁବନେଶ୍ୱରରେ ପହଞ୍ଚିଥିବା ବେଳେ ତାଙ୍କୁ ସ୍ୱାଗତ ଜଣାଇବାକୁ ବିମାନ ବନ୍ଦରରେ ଦର୍ଶକମାନଙ୍କର ଭିଡ଼ ଜମିଥିଲା। ସାଇ କିରଣ ମଙ୍ଗରାଜ ଦ୍ୱାରା ନିର୍ଦ୍ଦେଶିତ ଏବଂ ଆଦିକନ୍ଦ ସାହୁଙ୍କ ପ୍ରଯୋଜିତ ଏହି ଫିଲ୍ମଟି ଦଶହରାରେ ମୁକ୍ତିଲାଭ କରିବ। ଫିଲ୍ମରେ ଅର୍ଦ୍ଧେନ୍ଦୁଙ୍କ ସହ ନଜର ଆସିବେ ଏଲିନା ସାମନ୍ତରାୟ। ସେହିପରି ମ୍ୟୁଜିକ ଦାୟିତ୍ୱ ସମ୍ଭାଳିଛନ୍ତି ଆମରା ମ୍ୟୁଜିକ୍। ଅର୍ଦ୍ଧେନ୍ଦୁଙ୍କ ସହ ବଲିଉଡ ଅଭିନେତା ପୁନିତ ଇସାରଙ୍କ ଦମଦାର ଅଭିନୟ ଦଶହରାରେ ଦର୍ଶକଙ୍କୁ ନିଶ୍ଚିତ ବାନ୍ଧି ରଖିବ ବୋଲି ପ୍ରଯୋଜନା ସଂସ୍ଥା ପକ୍ଷରୁ କୁହାଯାଇଛି।

# ଟ୍ରେଡ୍ ୟୁନିୟନର ସର୍ବଭାରତୀୟ ଧର୍ମଘଟକୁ ଶିକ୍ଷକ କର୍ମଚାରୀ ପେନ୍‌ସନର୍ସ ମହାସଂଘର ସମର୍ଥନ

ଭୁବନେଶ୍ୱର, ୭।୭ (ସମିସ): ନିଖିଳ ଓଡ଼ିଶା ଶିକ୍ଷକ ଓ କର୍ମଚାରୀ ପେନସନର୍ସ ମହାସଂଘର ଏକ ବୈଠକ ଅଶୋକ ନଗର ମୁଖ୍ୟ କାର୍ଯ୍ୟାଳୟଠାରେ ପ୍ରତାପ ଚନ୍ଦ୍ର ମିଶ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। କେନ୍ଦ୍ର ସରକାରଙ୍କ ଶ୍ରମ କୋଡର ପରିବର୍ତ୍ତନ, ପିଏଫଆରଡିଏ ଆଇନକୁ ରଦ୍ଦ କରି ସମସ୍ତଙ୍କୁ ପୁରୁଣା ପେନସନ ଦେବା, ମାର୍ଚ୍ଚ ୨୫ରେ କେନ୍ଦ୍ର ସରକାର ଅର୍ଥ ବିଲ୍ ଆଳରେ ପେନସନର୍ସର ମହଙ୍ଗା ଭତ୍ତା ବନ୍ଦ କରିବା ଯୋଜନା, ଠିକା, କଣ୍ଟ୍ରାକଚୁଆଲ, ଆଉଟସୋର୍ସିଂ କର୍ମଚାରୀଙ୍କୁ ସ୍ଥାୟୀ ନିଯୁକ୍ତି ଓ ପେନସନ ପ୍ରଦାନ ଦାବୀରେ ଆସନ୍ତା ଜୁଲାଇ ୯ ତାରିଖରେ ଟ୍ରେଡ ୟୁନିୟନର ସର୍ବଭାରତୀୟ ଧର୍ମଘଟକୁ ନିଖିଳ ଓଡ଼ିଶା ଶିକ୍ଷକ ଓ କର୍ମଚାରୀ ପେନସନର୍ସ ମହାସଂଘ ସମର୍ଥନ କରୁଛି। ରାଜଧାନୀରେ ଅତିରିକ୍ତ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ବିକ୍ଷୋଭ ପ୍ରଦର୍ଶନ କରାଯିବ। ଆସନ୍ତା ଜୁଲାଇ ୧୫ ତାରିଖରେ ଅଖିଳ ଭାରତ ରାଜ୍ୟ ଅବସରପ୍ରାପ୍ତ କର୍ମଚାରୀଙ୍କ ସର୍ବଭାରତୀୟ ଦାବି ଦିବସ ପାଳନ କରି ପ୍ରଧାନମନ୍ତ୍ରୀ, ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କୁ ସ୍ମାରକ ପତ୍ର ପ୍ରଦାନ କରାଯିବ ବୋଲି ମହାସଂଘର ଅଧ୍ୟକ୍ଷ ପ୍ରତାପ ଚନ୍ଦ୍ର ମିଶ୍ର, କାର୍ଯ୍ୟକାରୀ ଅଧ୍ୟକ୍ଷ କ୍ଷେତ୍ରମୋହନ ଦାସ, ମହାସଚିବ ନରୋତ୍ତମ ପାର୍ଥସାରଥୀ, କୋଷାଧ୍ୟକ୍ଷ କାହ୍ନୁଚରଣ ମଲ୍ଲିକ ଓ କାର୍ଯ୍ୟାଳୟ ସମ୍ପାଦକ ବିଜୟ କୁମାର ନାୟକ ଏକ ପ୍ରେସ୍ ବିବୃତ୍ତିରେ ଜଣାଇଛନ୍ତି।



# ସଂସ୍କୃତି ବିଶ୍ୱବିଦ୍ୟାଳୟ ପକ୍ଷରୁ 'ସଂସ୍କୃତି ବିଚିତ୍ରା'

ଭୁବନେଶ୍ୱର, ୭।୭(ସମିସ): ଉତ୍କଳ ସଂସ୍କୃତି ବିଶ୍ୱବିଦ୍ୟାଳୟ ପକ୍ଷରୁ ସଙ୍ଗୀତଭିତ୍ତିକ କାର୍ଯ୍ୟକ୍ରମ 'ସଂସ୍କୃତି ବିଚିତ୍ରା' ରବୀନ୍ଦ୍ର ମଣ୍ଡପଠାରେ ଅନୁଷ୍ଠିତ ହୋଇଯାଇଛି। କୁଳପତି ପ୍ରଫେସର ପ୍ରସନ୍ନ କୁମାର ସ୍ୱାଇଁଙ୍କ ସଭାପତିତ୍ୱ ଆୟୋଜିତ ଉଦ୍‌ଘାଟନୀ ଉତ୍ସବରେ ନୃତ୍ୟ ଶିଳ୍ପୀ ପଦ୍ମଶ୍ରୀ କୁମ୍‌କୁମ୍ ମହାନ୍ତି ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିଲେ। ସାହିତ୍ୟିକ ତଥା ଗବେଷକ ଡ. ଶାନ୍ତନୁ କୁମାର ରଥ ସମ୍ମାନିତ ଅତିଥିଭାବେ ଯୋଗ ଦେଇଥିବା ବେଳେ ସାହିତ୍ୟିକ ତଥା ଅନୁବାଦକ ଡ. ସଂଗ୍ରାମ ଜେନା ସମ୍ମାନିତ ଅତିଥିଭାବେ ଏବଂ ଓଡ଼ିଶା ସାହିତ୍ୟ ଏକାଡେମୀ ଓ ଓଡ଼ିଶା ସଙ୍ଗୀତ ନାଟକ ଏକାଡେମୀର ସଚିବ ଡ. ଚନ୍ଦ୍ରଶେଖର ହୋତା ଅନ୍ୟତମ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। କୁଳପତି ପ୍ରଫେସର ପ୍ରସନ୍ନ କୁମାର ସ୍ୱାଇଁ ବିଶ୍ୱବିଦ୍ୟାଳୟ ପକ୍ଷରୁ ଏହିଭଳି ସାଂସ୍କୃତିକ କାର୍ଯ୍ୟକ୍ରମର ଆଭିମୁଖ୍ୟ



ସମ୍ପର୍କରେ ବକ୍ତବ୍ୟ ରଖିବା ସହ ଆଗାମୀ ଦିନରେ ଓଡ଼ିଶାର କଳା ଓ ସଂସ୍କୃତିର ପ୍ରଚାର ଓ ପ୍ରସାର ଦିଗରେ ବିଶ୍ୱବିଦ୍ୟାଳୟ ପକ୍ଷରୁ ହେବାକୁ ଥିବା ବିଭିନ୍ନ କାର୍ଯ୍ୟକ୍ରମ ସମ୍ପର୍କରେ ସୂଚନା ଦେଇଥିଲେ। କୁଳସଚିବ ଅନାମିକା ଅଧିକାରୀ ସ୍ୱାଗତ ଭାଷଣ ଦେବା ସହ ଏହିଭଳି କାର୍ଯ୍ୟକ୍ରମର ପ୍ରାସଙ୍ଗିକତା ସମ୍ପର୍କରେ ବକ୍ତବ୍ୟ ରଖିଥିଲେ। ସାଂସ୍କୃତିକ କାର୍ଯ୍ୟକ୍ରମ ଆରମ୍ଭରେ ସହକାରୀ ପ୍ରଫେସର ଡ. ଇତିଶ୍ରୀ ସାହୁଙ୍କ ନିର୍ଦ୍ଦେଶନାରେ ହିନ୍ଦୁସ୍ତାନୀ କଣ୍ଠ ସଙ୍ଗୀତ ବିଭାଗ ପକ୍ଷରୁ ଛାତ୍ରଛାତ୍ରୀମାନେ ରାଗଯୋଗର ଚାରୋଟି ରଙ୍ଗକୁ ନେଇ 'ସାଜନ କି ଯୋଗ୍' ଓ ମା ଭବାନୀଙ୍କ ଭଜନ ପରିବେଷଣ କରିଥିଲେ। ମର୍ଦ୍ଦଳ ବିଭାଗ ପକ୍ଷରୁ ଓଡ଼ିଶାର ପାରମ୍ପରିକ ସଙ୍ଗୀତକୁ ନେଇ ବୃନ୍ଦ ମର୍ଦ୍ଦଳ ବାଦନ ପରିବେଷଣ କରାଯାଇଥିଲା। ସହକାରୀ ପ୍ରଫେସର ଡ. ଜବାହାର ମିଶ୍ର ଓ ଡ ସାରଦା ପ୍ରସନ୍ନ ଦାସଙ୍କ ନିର୍ଦ୍ଦେଶନାରେ ବଂଶୀ, ବେହେଲା ଓ ସୀତାର ବାଦ୍ୟ ଯନ୍ତ୍ରରେ ପାରମ୍ପରିକ ଓଡିଶୀ ସଙ୍ଗୀତ ସହ ଶ୍ରୀଜଗନ୍ନାଥଙ୍କ ଭଜନର ଧୂନ୍ ବୃନ୍ଦ ଯନ୍ତ୍ର ସଙ୍ଗୀତରେ ପରିବେଷିତ ହୋଇଥିଲା। କାର୍ଯ୍ୟକ୍ରମର ଶେଷ ପ୍ରସ୍ତୁତିରେ ସହକାରୀ ପ୍ରଫେସର ଡ. ସନ୍ଦୀପ କୁମାର ରାଉତଙ୍କ ନିର୍ଦ୍ଦେଶନାରେ ତବଲା ଓ ଢୋଲକ୍‌ରେ ତାଳବାଦ୍ୟର କାର୍ଯ୍ୟକ୍ରମ 'ତାଲ୍ ଯାତ୍ରା' ପରିବେଷଣ କରାଯାଇଥିଲା। ସହକାରୀ ପ୍ରଫେସର ଡ. ଆଶିଷ ମହାପାତ୍ର ଓ ଡ. ଜ୍ଞାନରଞ୍ଜନ ପଣ୍ଡା କାର୍ଯ୍ୟକ୍ରମକୁ ସଂଯୋଜନା କରିଥିଲେ।

# ୫ ଜଣଙ୍କୁ ଜୟଦେବ ପରିବେଶବିତ ସମ୍ମାନ



ବାଲିଅନ୍ତା, ୭।୭(ସମିସ): କାଞ୍ଚନ ଫାଉଣ୍ଡେସନ, ଗ୍ରୀନ ଜୟଦେବ ଫାଉଣ୍ଡେସନ, ଉତ୍କଳ ଜୟଦେବ ଫାଉଣ୍ଡେସନ ମିଳିତ ସହଯୋଗରେ ସପ୍ତାହ ବ୍ୟାପୀ ଚାଲିଥିବା ୭୬ତମ ବନ ମହୋତ୍ସବ ସପ୍ତାହ ସୋମବାର ଉଦଯାପିତ ହୋଇଯାଇଛି। ଏହି ଅବସରରେ ପ୍ରତାପଶାସନ ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ ପରିସରରେ ଚାରାରୋପଣ କରାଯିବା ସହ ଛାତ୍ରଛାତ୍ରୀମାନଙ୍କୁ ଚାରା ବଣ୍ଟନ କରଯାଇଥିଲା। ଆୟୋଜିତ ସଭାରେ କାଞ୍ଚନ ଫାଉଣ୍ଡେସନର ଅଧ୍ୟକ୍ଷ ରଞ୍ଜନ କୁମାର ମହାପାତ୍ର ଅଧ୍ୟକ୍ଷତା କରିଥିଲେ। ଅନୁଷ୍ଠାନ ପକ୍ଷରୁ ସମାଜସେବୀ ଚକ୍ରଧର ନାୟକ, ସୁବ୍ରତ ମହାନ୍ତି, ପରିବେଶବିତ ଲକ୍ଷ୍ମୀଧର ପ୍ରଧାନ, ସିଦ୍ଧେଶ୍ୱର ମହାନ୍ତି, ଅଳକା ମିଶ୍ର ଓ ପ୍ରକୃତିବନ୍ଧୁ ନିରଞ୍ଜନ ସେନାପତିଙ୍କୁ ଜୟଦେବ ପରିବେଶବିତ ସମ୍ମାନ ପ୍ରଦାନ କରାଯାଇଥିଲା। ପୂର୍ବତନ ମନ୍ତ୍ରୀ ଡ. ଅରବିନ୍ଦ ଢାଲି ମୁଖ୍ୟ ଅତିଥି ଏବଂ ପକ୍ଷାଘାତ ରୋଗ ବିଶାରଦ ହୋମିଓପ୍ୟାଥିକ ଡାକ୍ତର ନେତ୍ରାନନ୍ଦ ଭୋଇ, ପ୍ରଧାନ ଶିକ୍ଷକ ନାରାୟଣ ବେହେରା, କାହ୍ନୁ ଦାଶ, ଶିକ୍ଷାବିତ ବିଧୁଭୂଷଣ ପଟ୍ଟନାୟକ, ନାରାୟଣ ବେହେରା, ପ୍ରଧାନ ଶିକ୍ଷୟିତ୍ରୀ କାଦମ୍ବିନୀ ଦାଶ, ଯୁବନେତା ପ୍ରଦୀପ୍ତ କୁମାର ମହାନ୍ତି, ଟେମ୍ପୁଲସିଟି ଇନର ହ୍ୱିଲ ସଭାନେତ୍ରୀ ପିଙ୍କି ମହାନ୍ତି, କ୍ୟାପଟେନ ସୁବାସ ଚନ୍ଦ୍ର ମିଶ୍ର ପ୍ରମୁଖ ସମ୍ମାନିତ ଅତିଥି ଭାବେ ଯୋଗ ଦେଇ ପରିବେଶ ସଂକ୍ରାନ୍ତୀୟ ବିଭିନ୍ନ ପ୍ରତିଯୋଗିତାରେ କୃତିତ୍ୱ ଅର୍ଜନ କରିଥିବା ଛାତ୍ରଛାତ୍ରୀମାନଙ୍କୁ ପୁରସ୍କୃତ କରିଥିଲେ। ଶିକ୍ଷୟିତ୍ରୀ ଶୁଭଶ୍ରୀ ଲେଙ୍କା, ବିନୋଦ କୁମାର ସାହୁ, କୃଷ୍ଣପ୍ରିୟା ମାହାରି, ଦିପ୍ତିମୟୀ ପଣ୍ଡା, ଦିପ୍ତିମୟୀ ପୃଷ୍ଟି, ତପସ୍ୱିନୀ ଜେନା, ଡଲି ମଞ୍ଜରୀ ବରିହା, ଧରିତ୍ରୀ ସାହୁ, ଶକୁନ୍ତଳା ରାଉତ, ସାଗରିକା ମିଶ୍ର, ରତିବାଳା ନାୟକ, ସୌଦାମିନୀ ଖଟୁଆ, ହୃଷିକେଶ ସାହୁ, ମଞ୍ଜୁଶ୍ରୀ ଦାସ, ଅଶୋକ ଭୋଇ, ସତ୍ୟଭାମା ଦାସ, ଗୀତା ସାହୁ, ପ୍ରଭା ସାହୁ, ରଶ୍ମିତା ସାହୁ, ଓ ମିନତୀ ପୃଷ୍ଟି ପ୍ରମୁଖ କାର୍ଯ୍ୟକ୍ରମରେ ସାମିଲ ଥିଲେ। ଗ୍ରୀନ ଜୟଦେବ ଫାଉଣ୍ଡେସନ ମୁଖ୍ୟ ଟ୍ରଷ୍ଟି ଦୀନବନ୍ଧୁ ଭୋଇ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

# ବେଦ ବିଦ୍ୱାନ ପ୍ରିୟବ୍ରତ ଦାସଙ୍କ ଜୟନ୍ତୀ

ଭୁବନେଶ୍ୱର, ୭।୭(ସମିସ): ବେଦ ଗବେଷକ, ଭୁବନେଶ୍ୱର ଆର୍ଯ୍ୟସମାଜର ପ୍ରତିଷ୍ଠାତା ତଥା ସଭାପତି ଇଂ ପ୍ରିୟବ୍ରତ ଦାସଙ୍କ ୯୪ତମ ଜୟନ୍ତୀ ଆର୍ଯ୍ୟସମାଜରେ ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ ଆୟୋଜିତ ଉତ୍ସବର ନାମ ରଖାଯାଇଥିଲା 'ଜୀବେମ ଶରଦଃ ଶତଂ'। ଶହେ ବର୍ଷର ଆୟୁ କାମନା କରି ଆର୍ଯ୍ୟସମାଜର ସମସ୍ତ ସଦସ୍ୟ ବେଦମନ୍ତ୍ର ପାଠ ପୂର୍ବକ ଶ୍ରଦ୍ଧାସୁମନ ଅର୍ପଣ କରିଥିଲେ।

ଆର୍ଯ୍ୟସମାଜର ଉପସଭାପତି ଇଂ ବ୍ରଜବନ୍ଧୁ ପଣ୍ଡା 'ଜୀ ବେମ ଶରଦଃ ଶତଂ' ଶୀର୍ଷକ ଏକ ଫଟୋଚିତ୍ର ପ୍ରଦାନପୂର୍ବକ ଇଂ ଦାସଙ୍କ ଗରିମାମୟ ଜୀବନ ସମ୍ପର୍କରେ ଆଲୋଚନା କରିଥିଲେ। ସମ୍ପାଦକ ବୀରେନ୍ଦ୍ର କର, ବରିଷ୍ଠ ସଦସ୍ୟ ଭଗବାନ ଆଚାର୍ଯ୍ୟ, ସୁଧାକର ପତ୍ରୀ, ଅନିରୁଦ୍ଧ ପଟ୍ଟନାୟକ, କୋଷାଧ୍ୟକ୍ଷ ଜୟନ୍ତ ଦେ, ବାନପ୍ରସ୍ଥୀ ଦିବ୍ୟଜ୍ଞାନାନନ୍ଦ, ଡାକ୍ତର ଗୋପାଳ ଦାଶ କହିଥିଲେ ଯେ, ଇଂ ଦାସ ବେଦ ଓ ବୈଦିକ ସାହିତ୍ୟର ଜଣେ କୃତବିଦ୍ୟ ସ୍ୱର୍ଦ୍ଧିତ ଉଚ୍ଚାରଣ। ସଦସ୍ୟ ବିକ୍ରମାଦିତ୍ୟ ନାୟକ, ଅରୁଣ କୁମାର ନାୟକ, ଅବଧୂତ ଆର୍ଯ୍ୟ ଓ ତେଜେଶ୍ୱର ପ୍ରମୁଖ ଇଂ ଦାସଙ୍କ ଦ୍ୱାରା କିଭଳି ପ୍ରେରଣା ଲାଭ କଲେ ସେ ସମ୍ପର୍କରେ କହିଥିଲେ। ସହ ସମ୍ପାଦକ ସୁନୀଲ କୁମାର ଦେ ଙ୍କ ସଂଯୋଜନାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ପ୍ରଶସ୍ତିପତ୍ର ପାଠ କରିଥିଲେ ସଦସ୍ୟ ରବିନାରାୟଣ ମହାନ୍ତି। ପ୍ରାରମ୍ଭରେ ଅନୁଷ୍ଠିତ ମହିଳା ସତସଙ୍ଗରେ ସଦସ୍ୟା ମୈଥିଳୀ ରବି ମହାନ୍ତି ଓ ସବିତା ପଣ୍ଡା ଯଜମାନ ଓ ବନ୍ଦନା ଦାଶ ଯଜ୍ଞ ପରିଚାଳନା କରିଥିଲେ।





# ଅବସରପ୍ରାପ୍ତ ଅଧ୍ୟକ୍ଷା ସୁଧାଂଶୁବାଳାଙ୍କ ପିଏଚ୍‌ଡି ଲାଭ



ଭୁବନେଶ୍ୱର, ୭।୭(ସମିସ): ଅବସରପ୍ରାପ୍ତ ଅଧ୍ୟକ୍ଷା ଡ. ସୁଧାଂଶୁବାଳା ପଟ୍ଟନାୟକ ଉତ୍କଳ ବିଶ୍ୱବିଦ୍ୟାଳୟରୁ ନିଜର ଗବେଷଣା ସନ୍ଦର୍ଭ 'କୁନ୍ତଳା ସ୍ରଷ୍ଟାମାନସର ବର୍ଣ୍ଣବୈଚିତ୍ର୍ୟ' ଗବେଷଣାକରି ସମ୍ମାନସୂଚକ ଡକ୍ଟରେଟ ଉପାଧିପ୍ରାପ୍ତ କରିଛନ୍ତି। ସେ ଉତ୍କଳ ବିଶ୍ୱବିଦ୍ୟାଳୟ ଓଡ଼ିଆ ବିଭାଗ ପ୍ରଫେସର ରମେଶ ଚନ୍ଦ୍ର ମଲ୍ଲିକଙ୍କ ତତ୍ତ୍ୱାବଧାନରେ ଗବେଷଣା କରୁଥିଲେ। ତାଙ୍କ ସନ୍ଦର୍ଭ ଝାଡ଼ଖଣ୍ଡର କୋଲହନ ବିଶ୍ୱବିଦ୍ୟାଳୟ ଓଡିଆ ପ୍ରଫେସର ସୁରେଶ ଚନ୍ଦ୍ର ଦାଶ ଓ ଉତ୍କଳ ସଂସ୍କୃତି ବିଶ୍ୱବିଦ୍ୟାଳୟର କୁଳପତି ପ୍ରଫେସର ପ୍ରସନ୍ନ କୁମାର ସ୍ୱାଇଁଙ୍କ ଦ୍ୱାରା ପରୀକ୍ଷିତ ହୋଇ ଉଚ୍ଚ ପ୍ରଶଂସିତ ହୋଇଛି। ଡ. ପଟ୍ଟନାୟକ ଡଃ ବ୍ରଜ କିଶୋର ନାୟକଙ୍କ ପତ୍ନୀ। ଏ ସଫଳତା ପାଇଁ ପ୍ରଫେସର ନୃସିଂହ ଷଡ଼ଙ୍ଗୀ, ପ୍ରଫେସର ଯୁଧିଷ୍ଠିର ଖଟୁଆ ଏବଂ ତାଙ୍କ ପରିବାର ବର୍ଗଙ୍କର ପ୍ରତ୍ୟେକ୍ଷ ଓ ପରୋକ୍ଷ ସହଯୋଗ ଓ ମାହାଙ୍ଗା ମହାବିଦ୍ୟାଳୟର ସହକର୍ମୀମାନଙ୍କର ଗବେଷଣା କ୍ଷେତ୍ରରେ ସହଯୋଗ ପାଇଁ ସେ ସମସ୍ତଙ୍କୁ କୃତଜ୍ଞତା ଜ୍ଞାପନ କରିଛନ୍ତି।

ଆମ ରାଜଧାନୀ ଆମ ଐତିହ୍ୟ

# ନୀଳକଣ୍ଠେଶ୍ୱର ମନ୍ଦିର ପରିସରରେ ପୂଜାପାଉଛି ପଦଚିହ୍ନ




ଭୁବନେଶ୍ୱର, ୭।୭(ସମିସ): ଶତାବ୍ଦୀ ପୁରାତନ ମନ୍ଦିର ମଧ୍ୟରୁ ଅନ୍ୟତମ ହେଉଛି ନିଳକଣ୍ଠେଶ୍ୱର ମନ୍ଦିର। ଯାହା ବିନ୍ଦୁସାଗର କୂଳର ପଶ୍ଚିମ ଦିଗରେ ଅବସ୍ଥିତ। ଯଦି ଆପଣ କେଦାରଗୌରୀ ଛକରୁ ବାମକୁ ଏକାମ୍ରବନ ଆଡକୁ ଯିବେ, ସେହି ଦିଗରେ ଆଗକୁ ରହିଛି ଏହି ନୀଳକଣ୍ଠେଶ୍ୱର ମନ୍ଦିର।

ଏପରି ଅନେକ ପୁରାତନ ମନ୍ଦିରମାନଙ୍କର ସମୂହ ହେଉଛି ରାଜଧାନୀ। ପ୍ରତି ଛକ, ପ୍ରତି ଗଳିରେ ରହିଛି ଶତାବ୍ଦୀ ଶତାବ୍ଦୀର ପୁରାତନ ମନ୍ଦିର। ଏହା କେବଳ ଐତିହ୍ୟ କୀର୍ତ୍ତିରାଜିର ମୂକ ସାକ୍ଷୀ ନୁହେଁ ବରଂ ଲୋକଙ୍କ ଆଧ୍ୟାତ୍ମିକ ଭାବନା ସହ ମଧ୍ୟ ଜଡ଼ିତ। ସେହିପରି ଦଶମ ଶତାବ୍ଦୀର ଏହି ନୀଳକଣ୍ଠେଶ୍ୱର ମନ୍ଦିର ସହ ମଧ୍ୟ ଯୋଡି ହୋଇ ରହିଛି କିଛି କାହାଣୀ ଓ କିମ୍ବଦନ୍ତୀ। ମନ୍ଦିରର ଆରାଧ୍ୟ ହେଉଛନ୍ତି ପ୍ରଭୁ ଶିବ। କଳିଙ୍ଗ ସ୍ଥାପତ୍ୟ ଶୈଳୀ ଏବଂ ବାଲୁକା ପଥରରେ ନିର୍ମିତ ହୋଇଥିବା ଏହି ମନ୍ଦିରଟି ପରବର୍ତ୍ତୀ ସମୟରେ ସ୍ଥାନୀୟ ଲୋକଙ୍କ ପ୍ରୟାସରେ ସିମେଣ୍ଟରେ ମରାମତି କାର୍ଯ୍ୟ ହୋଇଛି। ଫଳରେ ମନ୍ଦିରର କୌଣସି କାରୁକାର୍ଯ୍ୟ ଆଉ ଦେଖିବାକୁ ମିଳୁନି। ସ୍ଥାନୀୟ ଲୋକଙ୍କ କହିବା ଅନୁଯାୟୀ ଏହାର ମୂଳ ମନ୍ଦିରଟି ସୋମବଂଶୀ ସମୟରେ ନିର୍ମାଣ ହୋଇଥିଲା। ପାର୍ଶ୍ୱ ଦେବତା ଭାବେ କାର୍ତ୍ତିକ ଏବଂ ଗଣେଶ ରହିଛନ୍ତି। ଏହାଛଡା ପରିସର ମଧ୍ୟରେ ଏକ କୂଅ ସହ ଛୋଟ ମନ୍ଦିରଟିଏ ରହିଛି। ଯେଉଁଠି ଏକ ପଦଚିହ୍ନ ପୂଜା କରାଯାଉଛି।

କିମ୍ବଦନ୍ତୀ ଅନୁଯାୟୀ ମନ୍ଦିରଟିକୁ ଜୀବନ୍ତ ମନ୍ଦିର ବୋଲି କୁହାଯାଏ। ଯେଉଁଠି ଶିବରାତ୍ରି, ଶ୍ରାବଣ ସୋମବାର, ସଂକ୍ରାନ୍ତି ଆଦି ପ୍ରମୁଖ ପର୍ବ ଭାବେ ପାଳନ କରାଯାଇଥାଏ। ନୀଳକଣ୍ଠେଶ୍ୱର ଶିବ ମନ୍ଦିରକୁ ଏକ ପ୍ରାଚୀନ ମନ୍ଦିର ବୋଲି ବିଶ୍ୱାସ କରାଯାଏ ଯାହାର ଏକ ସମୃଦ୍ଧ ଇତିହାସ ରହିଛି। ଏହି ମନ୍ଦିରଟି ସମୁଦ୍ର ମନ୍ଥନ ସହ ଜଡିତ, ଯେଉଁଠାରେ ଭଗବାନ ଶିବ ବିଷ ପିଇ ତାଙ୍କ କଣ୍ଠକୁ ନୀଳ କରିଦେଇଥିଲେ। ତେଣୁ ଏହାର ନାମ ନୀଳକଣ୍ଠେଶ୍ୱର ରଖାଯାଇଛି ବୋଲି କହେ କେହି ବିଶ୍ୱାସ କରନ୍ତି।

## ଏବେ କେମିତି ରହିଛି



ମନ୍ଦିରର କାରୁକାର୍ଯ୍ୟ ମରାମତି ପରେ ଆଉ ଦୃଶ୍ୟମାନ ହେଉନାହିଁ। ରକ୍ଷଣାବେକ୍ଷଣ ଅଭାବରୁ ପରିସର ମଧ୍ୟରେ ଅନାବନା ଗଛ ମାଡି ବଣ ହେଲାଣି। ମନ୍ଦିରଟି ବିନ୍ଦୁସାଗର କୂଳରେ ଥିବାରୁ ଅନେକ ସମୟରେ କିଛି ଅସମାଜିକ ବ୍ୟକ୍ତି ସନ୍ଧ୍ୟା ସମୟରେ ନିଜ ଆସର ଜମାଉଛନ୍ତି। ରାଜ୍ୟ ପ୍ରତ୍ନତତ୍ତ୍ୱ ବିଭାଗ ଅଧୀନରେ ଏସବୁ ପୁରାତନ ମନ୍ଦିର ରହିଥିଲେ ହେଁ ଏଥିପ୍ରତି କୌଣସି ପକ୍ଷେପ ବିଭାଗ ପକ୍ଷରୁ ଦେଖିବାକୁ ମିଳୁନାହିଁ।

**ମୁଦ୍ରା ବିନିମୟ ମୂଲ୍ୟ**



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୫.୮୬ ● ପାଉଣ୍ଡ ୧୧୬.୪୯
- ୟୁରୋ ୧୦୦.୩୩ ● ୟେନ୍ ୦.୫୯

**ସୁନା, ରୁପା ଦର (ଟଙ୍କାରେ)**




୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୯୦,୭୬୩ (ନୂଆଦିଲ୍ଲୀ)
- ରୁପା : ୧,୧୦,୦୦୦ (କେଜି)



**ଷ୍ଟକ୍ ମାର୍କେଟ୍**

ବଜାର କାରବାର (ପଏଣ୍ଟରେ)
- ସେନ୍‌ସେକ୍ସ ୮୩,୪୪୨.୦୦
- ନିଫ୍ଟି ୨୫,୪୬୧.୦୦



**ପେଟ୍ରୋଲ-ଡିଜେଲ୍**

ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



ଭାରତ-ଆମେରିକା ବାଣିଜ୍ୟ ଚୁକ୍ତି

# ମକା ଚାଷୀଙ୍କ ଉପରେ ସଙ୍କଟ

ନୂଆଦିଲ୍ଲୀ,୭।୭(ଏଜେନ୍ସି)



**ଇଥାନଏଲ୍ ଶିଳ୍ପକୁ ଲାଗିପାରେ ଝଟ୍‌କା**

ଭାରତ ଏବଂ ଆମେରିକା ମଧ୍ୟରେ ବାଣିଜ୍ୟ ଚୁକ୍ତିନାମା ଉପରେ ଆଲୋଚନା ବର୍ତ୍ତମାନ ଏକ ଗୁରୁତ୍ୱପୂର୍ଣ୍ଣ ମୋଡ଼ରେ ପହଞ୍ଚିଛି। ଭାରତରେ ଘରୋଇ ଭାବରେ, କିଛି କ୍ଷେତ୍ର ଚିନ୍ତା ପ୍ରକଟ କରୁଛି ଯେ କିଛି କୃଷି ଉତ୍ପାଦର ଆମଦାନୀ ଭାରତୀୟ ଚାଷୀଙ୍କ ଉପରେ ଖରାପ ପ୍ରଭାବ ପକାଇପାରେ। ଏହି ଚୁକ୍ତିର ପ୍ରଭାବରେ ମକା ଚାଷୀ ଏବଂ ଦେଶର ଇଥାନଏଲ୍ ଶିଳ୍ପକୁ ବିଶେଷ ଭାବେ ପ୍ରଭାବିତ କରିପାରେ। ସୂତ୍ର ଅନୁସାରେ, ଆମେରିକା ଭାରତକୁ ତିନୋଟି ପ୍ରମୁଖ କୃଷି ଉତ୍ପାଦ ପଠାଇବା ସହିତ ଜଡିତ ବାଣିଜ୍ୟ ପ୍ରତିବନ୍ଧକକୁ ଦୂର କରିବାକୁ ଦାବି କରୁଛି, ଯାହା ମଧ୍ୟରୁ ଏହାର ଅତିରିକ୍ତ ପରିମାଣ ଅଛି। ଏହି କୃଷି ଉତ୍ପାଦଗୁଡ଼ିକ ମଧ୍ୟରେ ସୋୟାବିନ୍, ସୋୟା ତେଲ ଏବଂ ମକା (ମକାକୁ ମକା ମଧ୍ୟ କୁହାଯାଏ) ଅନ୍ତର୍ଭୁକ୍ତ। ୨୦୨୪-୨୫ (ଜୁଲାଇ ରୁ ଜୁନ୍) ବର୍ଷରେ, ଦେଶରେ ପ୍ରାୟ ୧.୨କୋଟି ହେକ୍ଟର ଜମିରେ ମକା ଏବଂ ପ୍ରାୟ ୧.୩ କୋଟି ହେକ୍ଟର ଜମିରେ ସୋୟାବିନ୍ ଚାଷ କରାଯାଇଥିଲା। ଏହି ଦୁଇଟି ଫସଲ ମଧ୍ୟ ପ୍ରଦେଶ, ମହାରାଷ୍ଟ୍ର, ବିହାର, ତେଲଙ୍ଗାନା ଏବଂ ଆନ୍ଧ୍ର ପ୍ରଦେଶ ଭଳି ରାଜ୍ୟର ଚାଷୀଙ୍କ ଉପରେ ବଡ଼ ପ୍ରଭାବ ପକାଇଥାଏ।

ଯଦି ଭାରତ ଆମେରିକାର ଦାବିକୁ ଗ୍ରହଣ କରେ, ତେବେ ମକା ହେଉଛି ସବୁଠାରୁ ଅଧିକ ପ୍ରଭାବିତ ହେବାର ସମ୍ଭାବନା ଥିବା ଫସଲ ମଧ୍ୟରୁ ଗୋଟିଏ। ଗହମ ଏବଂ ଚାଉଳ ପରେ, ମକା ହେଉଛି ଭାରତର ତୃତୀୟ ବୃହତ ଶସ୍ୟ ଫସଲ। ମକା ବିହାରର ସମଗ୍ର କୃଷି ଅର୍ଥନୀତିର ଏକ ଅବିଚ୍ଛେଦ୍ୟ ଅଂଶ।

ଅକ୍ଟୋବର ଶେଷ ଏବଂ ନଭେମ୍ବର ପ୍ରାରମ୍ଭରେ ବିହାରରେ ବିଧାନସଭା ନିର୍ବାଚନ ହେବାକୁ ଯାଉଛି, ଯେତେବେଳେ ଖରିଫ ଫସଲ ମକା ଅମଳ ପାଇଁ ପ୍ରସ୍ତୁତ ହେବ। ୨୦୨୪-୨୫ (ଜୁଲାଇରୁ ଜୁନ୍) ବର୍ଷରେ ଭାରତର ମୋଟ ମକା ଉତ୍ପାଦନର ପ୍ରାୟ ୯.୧୧ ପ୍ରତିଶତ ବିହାରରେ ହୋଇଥିଲା। ତୃତୀୟ ଅଗ୍ରିମ ଆକଳନ ଅନୁଯାୟୀ, ବିହାରର ମକା ଉତ୍ପାଦନ ପ୍ରାୟ ୫୦ ଲକ୍ଷ ଟନ୍ ଥିଲା ଯେତେବେଳେ ଦେଶର ଉତ୍ପାଦନ ପ୍ରାୟ ୪.୨୨ କୋଟି ଟନ୍ ଥିଲା। ପ୍ରକୃତରେ, ମୋଟ ଉତ୍ପାଦନରେ ମକାର ଅଂଶଠାରୁ ବହୁତ ଅଧିକ, ପ୍ରତି ହେକ୍ଟର ମକା ଉତ୍ପାଦନରେ ଅଭୁତ ବୃଦ୍ଧି ଏବଂ ବିହାରରେ ଏହାର ମୋଟ ଉତ୍ପାଦନ ଏହାକୁ ରାଜ୍ୟର ଅର୍ଥନୀତିର ଏକ ଗୁରୁତ୍ୱପୂର୍ଣ୍ଣ ଅଂଶ କରିଛି। ତଥ୍ୟ ଦର୍ଶାଉଛି ଯେ ୨୦୧୮-୧୯ ଏବଂ ୨୦୨୪-୨୫ ମଧ୍ୟରେ, ବିହାରରେ ମକା ଉତ୍ପାଦନ ପ୍ରାୟ ୮ ପ୍ରତିଶତର ଏକ ଯୌଗିକ ବାର୍ଷିକ ଅଭିବୃଦ୍ଧି ହାରରେ ବୃଦ୍ଧି ପାଇଛି, ଯାହା ଜାତୀୟ ଅଭିବୃଦ୍ଧି ହାର ପ୍ରାୟ ୨.୦୨ ପ୍ରତିଶତ ଥିଲା। ବିପରୀତରେ, ରାଜ୍ୟରେ ଧାନ ଉତ୍ପାଦନ ୧.୩୫ ପ୍ରତିଶତ ଜାତୀୟ ଅଭିବୃଦ୍ଧି ହାର ତୁଳନାରେ ସମାନ ସମୟ ମଧ୍ୟରେ ୪.୪୫ ପ୍ରତିଶତ ସିଏଆର୍‌ଜି ପରିଲକ୍ଷିତ ହୋଇଛି।

● ଜୁଲାଇ ୯ ଶ୍ରମିକ ସଂଗଠନ ଧର୍ମଘଟ

# ସାମିଲ ହେବେ ବ୍ୟାଙ୍କ ଓ ବୀମା କର୍ମଚାରୀ

**କଲକାତା,୭।୭(ଏଜେନ୍ସି):** ଦେଶରେ ଶ୍ରମିକମାନଙ୍କ ଅଧିକାର ଉପରେ ହେଉଥିବା ଆକ୍ରମଣକୁ ତୀବ୍ର ବିରୋଧ କରିଛି କେନ୍ଦ୍ରୀୟ ଶ୍ରମିକ ସଂଗଠନ। ଏହାସହିତ, କେନ୍ଦ୍ର ସରକାରଙ୍କ ଆର୍ଥିକ ନୀତି ଠିକ୍ ନୁହେଁ। ଏହା ବିରୁଦ୍ଧରେ , ସଂଗଠନ ଜୁଲାଇ ୯ରେ ଦେଶବ୍ୟାପୀ ଧର୍ମଘଟ ଡାକରା ଦେଇଛି। ଶ୍ରମିକ ସଂଗଠନ, କୃଷକ ସଂଗଠନ ଏବଂ ମହାଗଠବନ୍ଧନର ସାଂଗଠନିକ ଦଳଗୁଡ଼ିକ ମଧ୍ୟ ଏହାର ସମର୍ଥନରେ ଆଗକୁ ଆସୁଛନ୍ତି। ଏବେ ବ୍ୟାଙ୍କ କର୍ମଚାରୀଙ୍କ ଏକ ସଂଗଠନ ମଧ୍ୟ କହିଛି ଯେ ସେମାନେ ଏହି ଧର୍ମଘଟରେ ଯୋଗଦେବେ। ଏହାସହ ବୀମା କ୍ଷେତ୍ରର କର୍ମଚାରୀମାନେ ଏହି ଧର୍ମଘଟରେ ସାମିଲ ହେଉଛନ୍ତି। ସଂଘ କହିଛି ଯେ, ଏଆଇବିଇଏ,ଏଆଇବିଓଏ ଏବଂ ବେଫି ଭଳି ବ୍ୟାଙ୍କିଙ୍ଗ କ୍ଷେତ୍ରର ଶ୍ରମିକ ସଂଗଠନ ଏହି ଧର୍ମଘଟରେ ଯୋଗ ଦେବାକୁ ନିଷ୍ପତ୍ତି ନେଇଛି। ତେବେ ସଂଘ ଏକ ବିବୃତ୍ତିରେ ଏହା ମଧ୍ୟ କହିଛି ଯେ ବୀମା କ୍ଷେତ୍ର ମଧ୍ୟ ଧର୍ମଘଟରେ ଯୋଗଦେବାକୁ ନିଷ୍ପତ୍ତି ନେଇଛି। ସଂଗଠନ ଅନୁଯାୟୀ, ବ୍ୟାଙ୍କିଂ ଏବଂ ଅନ୍ୟାନ୍ୟ ଆର୍ଥିକ କ୍ଷେତ୍ରରେ ଧର୍ମଘଟ ସମ୍ପୂର୍ଣ୍ଣ ସଫଳ ହେବ। ବ୍ୟାଙ୍କ କର୍ମଚାରୀ ସଂଘ ଦାବି କରିଛି ଯେ ଏହି ଧର୍ମଘଟରେ ୧୫ କୋଟିରୁ ଅଧିକ କର୍ମଚାରୀ ଅଂଶଗ୍ରହଣ କରିବେ। ସେମାନେ ସରକାରଙ୍କ "କର୍ପୋରେଟ-ସମର୍ଥକ ଅର୍ଥନୈତିକ ସଂସ୍କାର ଏବଂ ଶ୍ରମିକ ବିରୋଧୀ ନୀତି" ବିରୋଧରେ ପ୍ରତିବାଦ କରିବେ। ଏହାର ଅର୍ଥ ହେଉଛି କର୍ମଚାରୀମାନେ ସରକାରଙ୍କ ନୀତି ପ୍ରତି ବିମୁଖ, ଯାହା କମ୍ପାନୀଗୁଡ଼ିକୁ ଲାଭଦାୟକ ଏବଂ ଶ୍ରମିକ ବିରୋଧୀ। କର୍ମଚାରୀମାନେ ସରକାରଙ୍କ ନୀତି ବିରୁଦ୍ଧରେ ପ୍ରତିବାଦକୁ ଜୋରଦାର କରିବେ ବୋଲି ସଂଗଠନ କହିଛି।

# ଗୁଜରାଟରେ ବୃହତ୍ ସୋଲାର ପ୍ୟାନେଲ୍ ଫ୍ରେମ୍ ପ୍ଲାଣ୍ଟ ବସାଇଲା ଏଚ୍‌ଆଣ୍ଡଏଚ୍ ଆଲୁମିନିୟମ

ଅହମ୍ମଦାବାଦ,୭।୭(ଏଜେନ୍ସି)




ଗୁଜରାଟସ୍ଥିତ ଏଚ୍‌ଆଣ୍ଡଏଚ୍ ଆଲୁମିନିୟମ ପ୍ରାଇଭେଟ ଲିମିଟେଡ ଭାରତର ସର୍ବବୃହତ ଏବଂ ସର୍ବାଧିକ ଉନ୍ନତ ଆଲୁମିନିୟମ ସୋଲାର ଫ୍ରେମ ଉତ୍ପାଦନ ପ୍ଲାଣ୍ଟ ଗୁଜରାଟ (ଭାରତ)

- **ବାର୍ଷିକ ଉତ୍ପାଦନ କ୍ଷମତା ୨୪,୦୦୦ ମେଟ୍ରିକ ଟନ୍**
- **୧୫୦ କୋଟି ଟଙ୍କା ନିବେଶ**

ର ରାଜକୋଟଠାରେ ଶୁଭାରମ୍ଭ କରିଛି। ଚିଭଦେନ୍ ରାଜକୋଟ ଗ୍ରାମରେ ଅବସ୍ଥିତ ବାର୍ଷିକ ୨୪,୦୦୦ ମେଟ୍ରିକ ଟନ୍ (ଏମ୍‌ଟି) କ୍ଷମତା ବିଶିଷ୍ଟ ଏହି ପ୍ଲାଣ୍ଟ ଭାରତରେ ୬ ଗିଗାୱାଟ (ଜିଡବ୍ଲ୍ୟୁ) ପର୍ଯ୍ୟନ୍ତ ସୌର ଶକ୍ତି ପ୍ରକଳ୍ପ ସ୍ଥାପନକୁ ଶକ୍ତି ଓ ସମର୍ଥନ ଯୋଗାଇପାରିବ। ସୋଲାର ପ୍ୟାନେଲ ଆଲୁମିନିୟମ ଫ୍ରେମ୍ ଉତ୍ପାଦନ ନିମନ୍ତେ କମ୍ପାନୀ ୨୮,୦୦୦ ବର୍ଗମିଟର ପରିମିତ ଅଞ୍ଚଳରେ ସ୍ଥାପିତ ଏହି ଅନ୍ୟତମ ସର୍ବାଧୁନିକ ପ୍ଲାଣ୍ଟରେ ପ୍ରାୟ ୧୫୦ କୋଟି ଟଙ୍କା ନିବେଶ କରିଛି। ଭାରତ ସରକାରଙ୍କ ମାନ୍ୟବର କେନ୍ଦ୍ର ଜଳ ଶକ୍ତି ମନ୍ତ୍ରୀ ସି.ଆର.ପାଟିଲ ଏହି ପ୍ଲାଣ୍ଟକୁ ୨୦୨୫ ଜୁଲାଇ ୪ ତାରିଖରେ ବରିଷ୍ଠ ସରକାରୀ ପଦାଧିକାରୀ, ଏଚ୍‌ଆଣ୍ଡଏଚ୍ ଆଲୁମିନିୟମର ନେତୃତ୍ୱ ପ୍ରଦାନକାରୀ ଟିମ୍ ଏବଂ ସମସ୍ତ ନିମନ୍ତ୍ରିତ ବିଶିଷ୍ଟ ଅତିଥିଗଣଙ୍କ ଉପସ୍ଥିତିରେ ଉଦ୍‌ଘାଟନ କରିଥିଲେ। ପ୍ଲାଣ୍ଟରେ ପରୀକ୍ଷାମୂଳକ ଉତ୍ପାଦନ ୨୦୨୫ ଜୁନ୍ ମାସରେ ଆରମ୍ଭ ହୋଇଛି ଏବଂ ବ୍ୟବସାୟିକ ଉତ୍ପାଦନ ମାସକ ମଧ୍ୟରେ ଆରମ୍ଭ ହେବା ଆଶା କରାଯାଉଛି। ପୂର୍ଣ୍ଣ କ୍ଷମତାର ଉପଯୋଗରେ ଏହି ପ୍ଲାଣ୍ଟ ବର୍ଷକୁ ୭୦୦-୭୫୦ କୋଟି ଟଙ୍କାର ବିକ୍ରି ଲକ୍ଷ୍ୟ ହାସଲ କରିବାକୁ ସମର୍ଥ ହେବ। ଏହି ପ୍ଲାଣ୍ଟ; ୩୦୦ରୁ ଅଧିକ ଲୋକଙ୍କ ପାଇଁ ନିଯୁକ୍ତି ସୁଯୋଗ ସୃଷ୍ଟି କରିବ। ଏ ସମ୍ପର୍କରେ ଅଧିକ ସୂଚନା ଦେଇ ଉତ୍ତମ ପଟେଲ, ଡାଇରେକ୍ଟର, ଏଚ୍‌ଆଣ୍ଡଏଚ୍ ଆଲୁମିନିୟମ ପ୍ରାଇଭେଟ ଲିମିଟେ କହିଥିଲେ, ଏହା ଗୋଟିଏ ସ୍ଥାନରେ ଭାରତର ସର୍ବବୃହତ ଏବଂ ସର୍ବାଧୁନିକ ସୋଲାର ପ୍ୟାନେଲ ଆଲୁମିନିୟମ ଫ୍ରେମ୍ ପ୍ଲାଣ୍ଟ ହେବ।

# ବିଶ୍ୱର ଶୀର୍ଷ ୧୦ ଧନୀ ତାଲିକାରୁ ବାଦ ପଡ଼ିଲେ ବିଲ୍ ଗେଟ୍ସ

ନୂଆଦିଲ୍ଲୀ,୭।୭(ଏଜେନ୍ସି)

ଦିନ ଥିଲା ବିଶ୍ୱର ସବୁଠୁ ଧନୀ ବ୍ୟକ୍ତି ଥିଲେ ମାଇକ୍ରୋସଫ୍ଟର ପ୍ରତିଷ୍ଠାତା ବିଲ୍ ଗେଟ୍ସ। ପରେ ଏହା ୧୭୫ ବିଲିୟନ ଡଲାରରୁ ଖସି ୧୨୪ ବିଲିୟନ ଡଲାର ହୋଇଛି। ଏହାପରେ ବ୍ଲୁମବର୍ଗ ବିଲିୟୋନେୟର୍ସ ଇଣ୍ଡେକ୍ସରେ ଗେଟ୍ସ ୫ମ ସ୍ଥାନରୁ ଦ୍ୱାଦଶ ସ୍ଥାନକୁ

**ସମ୍ପତ୍ତି ୭ ଦିନରେ କମିଲା ୩୦%**



ଏବେ ସେ ଦୁନିଆର ଶୀର୍ଷ ୧୦ ଧନୀ ତାଲିକାରୁ ବାଦ ପଡ଼ିଛନ୍ତି। ତାଙ୍କର ସମ୍ପତ୍ତିର ମୂଲ୍ୟ ବର୍ତ୍ତମାନ ତାଙ୍କ ପୂର୍ବତନ ସହଯୋଗୀ ତଥା ମାଇକ୍ରୋସଫ୍ଟର ପୂର୍ବତନ ସିଇଓ ଷ୍ଟିଭ୍ ବାଲ୍‌ମରଙ୍କଠାରୁ ବି କମ୍ ହୋଇଯାଇଛି। ଗେଟ୍ସ କରିଥିବା ଦାନକୁ ପ୍ରତିଫଳିତ କରିବା ପାଇଁ ପୁନଃଗଣନା କରାଯିବା ପରେ ତାଙ୍କ ସମ୍ପତ୍ତିରେ ଏହି ପରିବର୍ତ୍ତନ ଆସିଛି। ଗେଟ୍ସଙ୍କ ସମ୍ପତ୍ତି ପ୍ରାୟ ୫୨ ବିଲିୟନ ଡାଲର ହ୍ରାସ ପାଇଛି। ଗତ ୭ ଦିନରେ ଏଥିରେ ପ୍ରାୟ ୩୦% ହ୍ରାସ ଘଟିଛି। ସମ୍ପତ୍ତି ପୁନଃଆକଳନ ଖସିଆଛନ୍ତି। ୧୭୨ ବିଲିୟନ ଡଲାର ସମ୍ପତ୍ତି ସହ ଷ୍ଟିଭ୍ ବାଲ୍‌ମର ବର୍ତ୍ତମାନ ସୂଚୀରେ ପଞ୍ଚମ ସ୍ଥାନରେ ରହିଛନ୍ତି।

ଅପରପକ୍ଷେ ଆଲ୍ଫାବେଟ୍‌ର ସହ-ପ୍ରତିଷ୍ଠାତା ଲ୍ୟାରୀ ପେଜ୍ ଏବଂ ସେର୍ଗେ ବ୍ରିନ୍, ଏନ୍‌ଭିଡିଆ ସିଇଓ ଜେନ୍‌ସେନ୍ ହୁଆଙ୍ଗ ଏବଂ ୱାରେନ୍ ବଫେଙ୍କଠାରୁ ପଛରେ ବି ଗେଟ୍ସ ପଡ଼ିଛନ୍ତି। ମେ' ମାସରେ ଏକ ବ୍ଲଗ୍ ପୋଷ୍ଟରେ ବିଲ୍ ଗେଟ୍ସ ଉଲ୍ଲେଖ କରିଥିଲେ ଯେ ତାଙ୍କର ମୋଟ ସମ୍ପତ୍ତି ୧୦୮ ବିଲିୟନ ଡଲାର ଏବଂ ଆଗାମୀ ଦୁଇ ଦଶନ୍ଧି ମଧ୍ୟରେ ପ୍ରାୟ ସମସ୍ତ ସମ୍ପତ୍ତି ଗେଟ୍ସ ଫାଉଣ୍ଡେସନ ମାଧ୍ୟମରେ ଦାନ କରିବାକୁ ପ୍ରତିବଦ୍ଧ। ସେ କହିଥିଲେ ଯେ ଫାଉଣ୍ଡେସନ ୨୦୪୫ରେ ବନ୍ଦ ହେବା ପୂର୍ବରୁ ୨୦୦ ବିଲିୟନ ଡଲାରୁ ଅଧିକ ଖର୍ଚ୍ଚ କରିବ। ଗେଟ୍ସ ଫାଉଣ୍ଡେସନର ୱେବସାଇଟ ଅନୁଯାୟୀ, ଗେଟ୍ସ ଏବଂ ତାଙ୍କ ପୂର୍ବତନ ପତ୍ନୀ ମେଲିଣ୍ଡା ଫ୍ରେଞ୍ଚ ଗେଟ୍ସ ଡିସେମ୍ବର ୨୦୨୪ ଶେଷ ସୁଦ୍ଧା ଫାଉଣ୍ଡେସନକୁ ମୋଟ ୬୦ ବିଲିୟନ ଡଲାର ଦାନ କରିଥିଲେ। ସେତେବେଳେ ୱାରେନ୍ ବଫେଟ୍ ୪୩ ବିଲିୟନ ଦାନ କରିଥିଲେ। ବ୍ଲୁମବର୍ଗ ରିପୋର୍ଟ ଅନୁସାରେ ଗେଟ୍ସଙ୍କ ପାଖରେ ବର୍ତ୍ତମାନ ମାଇକ୍ରୋସଫ୍ଟର ପ୍ରାୟ ୧% ଅଂଶ। କମ୍ପାନୀରୁ ୬୦ ବିଲିୟନ ଡଲାରରୁ ଅଧିକ ଷ୍ଟକ୍ ଏବଂ ଲାଭାଂଶ ପାଇଛନ୍ତି। ତାଙ୍କର ଅଧିକାଂଶ ସମ୍ପତ୍ତି ବର୍ତ୍ତମାନ କାସକେଡ୍ ଇନଭେଷ୍ଟମେଣ୍ଟ ଦ୍ୱାରା ପରିଚାଳିତ ହେଉଛି। ରିପୋର୍ଟ ଅନୁଯାୟୀ, କମ୍ପାନୀର ପୂର୍ବତନ କର୍ମଚାରୀ ବାଲ୍‌ମର ଏବେ ଗେଟ୍ସଙ୍କ ତୁଳନାରେ ଅଧିକ ଧନୀ। ଯାହା କମ୍ପାନୀର ପ୍ରତିଷ୍ଠାତାଙ୍କ ତୁଳନାରେ ଜଣେ ପୂର୍ବତନ କର୍ମଚାରୀଙ୍କ ପାଇଁ ଏକ ଅସାଧାରଣ ସଫଳତା। ବାଲ୍‌ମର ୨୦୦୦ ମସିହାରେ ସିଇଓ ହୋଇଥିଲେ ଏବଂ ୨୦୧୪ ମସିହାରେ ୪% ଅଂଶଧନ ସହିତ କମ୍ପାନି ଛାଡ଼ିଥିଲେ।

# ସଞ୍ଚୟ ଖାତାରେ ସର୍ବନିମ୍ନ ବାଲାନ୍ସ ଚାର୍ଜ ଛାଡ଼ କଲା ବିଓବି

**ଭୁବନେଶ୍ୱର,୭।୭(ସମିସ):** ଭାରତର ପ୍ରମୁଖ ରାଷ୍ଟ୍ରାୟତ୍ତ ବ୍ୟାଙ୍କ ଅଫ ବରୋଦା(ବିଓବି) ଜୁଲାଇ ୧ ତାରିଖଠାରୁ ସମସ୍ତ ସଞ୍ଚୟ ଖାତାରେ ସର୍ବନିମ୍ନ ବାଲାନ୍ସ ନ ରଖିବା ଉପରେ ଚାର୍ଜ ଛାଡ଼ କରି ଏକ ଗୁରୁତ୍ୱପୂର୍ଣ୍ଣ ଗ୍ରାହକ-ଅନୁକୂଳ ପଦକ୍ଷେପ ଘୋଷଣା କରିଛି। ଫଳରେ ଏହା ଗ୍ରାହକମାନଙ୍କ ପ୍ରତି ଏହାର ପ୍ରତିବଦ୍ଧତାକୁ ଆହୁରି

बैंक ऑफ़ बड़ौदा Bank of Baroda

ଦୃଢ଼ କରିବ। ଏହାସହିତ ଗ୍ରାହକମାନେ ସେମାନଙ୍କ ସଞ୍ଚୟ ଖାତାରେ ମାସିକ ହାରାହାରି ବାଲାନ୍ସରେ ଅଭାବ ପାଇଁ କୌଣସି ଚାର୍ଜ ଦେବେନାହିଁ। ପ୍ରିମିୟମ ସଞ୍ଚୟ ଖାତା ଯୋଜନାରେ ଏହି ଛାଡ଼ ପ୍ରଯୁଜ୍ୟ ନୁହେଁ। ବ୍ୟାଙ୍କ ଅଫ ବରୋଦାର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ବୀଣା ବାହିଦ କହିଛନ୍ତି ଯେ, ସର୍ବନିମ୍ନ ବାଲାନ୍ସ ଚାର୍ଜ ହଟାଇବା ଆମର ଗ୍ରାହକମାନଙ୍କ ପ୍ରତି ବ୍ୟାଙ୍କ ଅଫ ବରୋଦାର ଜାରି ପ୍ରତିବଦ୍ଧତାକୁ ପ୍ରତିଫଳିତ କରେ, ଯାହା ସମସ୍ତଙ୍କ ପାଇଁ ବ୍ୟାଙ୍କିଙ୍ଗକୁ ଅଧିକ ସୁଗମ କରିଥାଏ।

# ୫୦ରୁ ଅଧିକ ଗାଁରେ ପହଞ୍ଚିଲା ବେଦାନ୍ତ ଆଲୁମିନିୟମର ମୋବାଇଲ୍ ସ୍ୱାସ୍ଥ୍ୟ ସେବା

ଭୁବନେଶ୍ୱର, ୭।୭(ସିମସ)



ଭାରତର ସର୍ବବୃହତ ଆଲୁମିନିୟମ ଉତ୍ପାଦକ ବେଦାନ୍ତ ଆଲୁମିନିୟମ ଏହାର ପ୍ରମୁଖ ମୋବାଇଲ୍ ସ୍ୱାସ୍ଥ୍ୟ ୟୁନିଟ୍ ସେବା ମାଧ୍ୟମରେ ଓଡ଼ିଶାର ୫୨ ଗ୍ରାମର ୩୫,୦୦୦ରୁ ଅଧିକ ବାସିନ୍ଦାଙ୍କୁ ଗୁଣାତ୍ମକ ସ୍ୱାସ୍ଥ୍ୟସେବା ପ୍ରଦାନ କରିଆସୁଛି। ରାୟଗଡା, କଳାହାଣ୍ଡି, ସୁନ୍ଦରଗଡ ଏବଂ ଝାରସୁଗୁଡା ଜିଲ୍ଲାରେ କାର୍ଯ୍ୟ କରୁଥିବା ଏହି କମ୍ପାନୀ ଗତ ଦୁଇ ବର୍ଷ ମଧ୍ୟରେ ୨,୦୦୦ରୁ ଅଧିକ ମାଗଣା ସ୍ୱାସ୍ଥ୍ୟ ଶିବିର ଆୟୋଜନ କରିଛି, ଯାହା ଅନୁନ୍ନତ ଅଞ୍ଚଳଗୁଡିକରେ ଗୁରୁତ୍ୱପୂର୍ଣ୍ଣ ସ୍ୱାସ୍ଥ୍ୟସେବାର ଆବଶ୍ୟକତାକୁ ପୂରଣ କରିଛି। ଗ୍ରାମୀଣ ଓଡ଼ିଶାର ସ୍ୱାସ୍ଥ୍ୟସେବା ବ୍ୟବଧାନ ପୂରଣ ଉପରେ ଧ୍ୟାନ କେନ୍ଦ୍ରିତ କରି, ଗୱାଁଟ ଶିବିରଗୁଡ଼ିକ ବିଭିନ୍ନ ପ୍ରକାରର ମାଗଣା ସେବା ପ୍ରଦାନ କରେ, ଯେଉଁଥିରେ ଡାକ୍ତରୀ ଯାଞ୍ଚ, ମ୍ୟାଲେରିଆ ସ୍କ୍ରିନିଂ, ରକ୍ତ ଶର୍କରା ପରୀକ୍ଷା ଏବଂ ଅତ୍ୟାବଶ୍ୟକ ଔଷଧ ବଣ୍ଟନ ଅନ୍ତର୍ଭୁକ୍ତ। ପ୍ରତ୍ୟେକ ଗୱାଁଟ ସମ୍ପୂର୍ଣ୍ଣ ଭାବରେ ଡାଇଗ୍ନୋଷ୍ଟିକ୍ କିଟ୍ ଏବଂ ମୌଳିକ ଔଷଧ ସହିତ ସଜ୍ଜିତ। ତୁରନ୍ତ ସ୍ୱାସ୍ଥ୍ୟସେବାର ଆବଶ୍ୟକତାକୁ ସମ୍ବୋଧିତ କରିବା ସହିତ, ଏହି ପଦକ୍ଷେପ ପ୍ରତିରୋଧକ ଯତ୍ନ ଉପରେ ଗୁରୁତ୍ୱାରୋପ କରେ, ଯାହା ସମ୍ପ୍ରଦାୟର ସାମଗ୍ରିକ କଲ୍ୟାଣରେ ଯୋଗଦାନ ଦିଏ। କଳାହାଣ୍ଡିର ଥୁଆମୂଳ ରାମପୁର ବ୍ଲକରେ, ଏହି ପଦକ୍ଷେପ ୨୧ଟି ଗ୍ରାମରେ ପହଂଚିଥିବାବେଳେ ରାୟଗଡା ଜିଲ୍ଲାର କାଶୀପୁର ବ୍ଲକରେ ଏହି ସେବା ୧୪ଟି ଗ୍ରାମ, ସୁନ୍ଦରଗଡ ଜିଲ୍ଲାର ହେମଗିର ବ୍ଲକରେ ୧୧ଟି ଗ୍ରାମ ଏବଂ ଝାରସୁଗୁଡା ଜିଲ୍ଲାର ଲଖନପୁର ବ୍ଲକରେ ୬ଟି ଗ୍ରାମରେ ପହଞ୍ଚିପାରିଛି।

# ଜିନ୍ଦଲ ଫାଉଣ୍ଡେସନ ପକ୍ଷରୁ ରଥ ଯାତ୍ରାରେ ୨୦ ଲକ୍ଷ ଶ୍ରଦ୍ଧାଳୁଙ୍କୁ ଭୋଜନ ସେବା

**ଭୁବନେଶ୍ୱର, ୭।୭(ସମିସ):** ରଥଯାତ୍ରା ସମୟରେ ଭକ୍ତମାନଙ୍କୁ ସେବା କରିବାର ଏହାର ଦୀର୍ଘ ପରମ୍ପରାକୁ ଜାରି ରଖି, ଜିନ୍ଦଲ ଷ୍ଟିଲର ସାମାଜିକ ଶାଖା ଜିନ୍ଦଲ ଫାଉଣ୍ଡେସନ ଏହି ବର୍ଷ ଭକ୍ତମାନଙ୍କ ମଧ୍ୟରେ ୨୦ ଲକ୍ଷରୁ ଅଧିକ ଭୋଜନ ସେବା ଯୋଗାଇ ଦେଇଛି। ନବଯୌବନ ଦର୍ଶନ ଦିନ ଠାରୁ ଆରମ୍ଭ କରି ସୁନାବେଶ ପର୍ଯ୍ୟନ୍ତ ୧୧ ଦିନ ଧରି ଜିନ୍ଦଲ ଫାଉଣ୍ଡେସନ ସତେଜ ଗରମ ରନ୍ଧା ଖାଦ୍ୟ ବଣ୍ଟନ କରିଥିଲା। ଅଧିକରୁ ଅଧିକ ଶ୍ରଦ୍ଧାଳୁଙ୍କୁ ଭୋଜନ ସେବା ଯୋଗାଇବା ପାଇଁ ରେଳ ଷ୍ଟେସନ ନିକଟ ଏବଂ ଗୁଣ୍ଡିଚା ମନ୍ଦିର ପାଖ ବସ୍ ଷ୍ଟାଣ୍ଡରେ ଦୁଇଟି ବଡ଼ ଷ୍ଟଲ୍ ଖୋଲାଯାଇଥିଲା। ଏହି ଷ୍ଟଲ ଗୁଡିକରେ ସତେଜ ରନ୍ଧା ଯାଇଥିବା ପୁଷ୍ଟିକର ପାରମ୍ପରିକ ଓଡ଼ିଆ ଖାଦ୍ୟ ଯଥା; ଅରୁଆ ଅନ୍ନ, ଡାଲମା ଏବଂ ଖଟା ପ୍ରଦାନ କରାଯାଇ ଥିଲା । ପରିଷ୍କାର ପରିଚ୍ଛନ୍ନ ପରିବେଶରେ ଏହି ଖାଦ୍ୟ ପ୍ରସ୍ତୁତ ହେଉଥିବା ବେଳେ ଆଧ୍ୟାତ୍ମିକ ଭାବାବେଗକୁ ମଧ୍ୟ ପ୍ରାଥମିକତା ଦିଆଯାଇଥିଲା । ୧୬୦ରୁ ଅଧିକ ସମର୍ପିତ ସ୍ୱେଚ୍ଛାସେବୀ ଓ କର୍ମଚାରୀ ନିରନ୍ତର ଭାବେ ରନ୍ଧନ, ପରିବହନ ଓ ବଣ୍ଟନ କାର୍ଯ୍ୟରେ ନିୟୋଜିତ ଥିଲେ। ମାନ୍ୟବର ପୁରୀ ସାଂସଦ ଡକ୍ଟର ସମ୍ବିତ ପାତ୍ର ବସ୍ ଷ୍ଟାଣ୍ଡ ଷ୍ଟଲର ଶୁଭାରମ୍ଭ କରିଥିବା ବେଳେ, ରେଳ ଷ୍ଟେସନ ପାଖ ଷ୍ଟଲକୁ ଏଡିଆରଏମ ଶ୍ରୀ ଡିକେ ବେହେରା ଶୁଭାରମ୍ଭ କରିଥିଲେ। ଏହି ଅବସରରେ ଜିନ୍ଦଲ ଫାଉଣ୍ଡେସନର ଅଧ୍ୟକ୍ଷା ଶ୍ରୀମତୀ ଶାଲୁ ଜିନ୍ଦଲ କହିଛନ୍ତି, "ରଥଯାତ୍ରା ସମୟରେ ଜଣେ ବି ଶ୍ରଦ୍ଧାଳୁ ଯେପରି ଭୋକରେ ରହିବେ ନାହିଁ ସେଥିପାଇଁ ବିଗତ ୧୧ ବର୍ଷ ଧରି ଆମର ଏହି ସମର୍ପିତ ପ୍ରୟାସ ଜାରି ରହିଛି। ଏହି ପବିତ୍ର ଶ୍ରଦ୍ଧା ଓ ଏକତାର ପର୍ବରେ ଆମେ ସେବା କରିପାରୁଥିବାରୁ ଆମେ ମହାପ୍ରଭୁ ଜଗନ୍ନାଥଙ୍କୁ ଧନ୍ୟବାଦ ଜଣାଉଛୁ।




# ଟାଟା ଷ୍ଟିଲ୍‌ର ଯୋଡ଼ା ଇଷ୍ଟ ଏବଂ ଖଣ୍ଡବନ୍ଧ ଖଣିକୁ ୫ ତାରକା ରେଟିଂ ପୁରସ୍କାର

**ଭୁବନେଶ୍ୱର, ୭।୭(ସମିସ):** ଟାଟା ଷ୍ଟିଲର ଯୋଡ଼ା ଇଷ୍ଟ ଲୌହ ଖଣି ଏବଂ ଖଣ୍ଡବନ୍ଧ ଖଣିକୁ ସମ୍ମାନଜନକ ଷ୍ଟାର ରେଟିଂ ଆୱାର୍ଡ, ରାଜସ୍ଥାନର ଜୟପୁରସ୍ଥିତ ରାଜସ୍ଥାନ ଇଣ୍ଟର ନ୍ୟାସନାଲ ସେଣ୍ଟରରେ ସୋମବାର ଭାରତ ସରକାରଙ୍କ ଖଣି ମନ୍ତ୍ରଣାଳୟ ଦ୍ୱାରା ଆୟୋଜିତ ଷ୍ଟାର ରେଟିଂ ଆୱାର୍ଡ କାର୍ଯ୍ୟକ୍ରମରେ ପ୍ରଦାନ କରାଯାଇଛି। ସୂଚନାଯୋଗ୍ୟ ଯେ, ଯୋଡ଼ା ଇଷ୍ଟ ଖଣି ଏପର୍ଯ୍ୟନ୍ତ ଚତୁର୍ଥ ଥର ପାଇଁ ୫ ତାରକା ରେଟିଂ ପୁରସ୍କାର ପାଇଛି। ଏହି ଅବସରରେ, ଝାଡ଼ଖଣ୍ଡରେ ଅବସ୍ଥିତ କମ୍ପାନିର ନୁଆମୁଣ୍ଡି ଲୌହ ଖଣି ୭ ଷ୍ଟାର ରେଟିଂ ପୁରସ୍କାର ଲାଭ କରିଛି। ଏହି ପ୍ରତିଷ୍ଠିତ ପୁରସ୍କାର ପାଇଥିବା ସାରା ଦେଶର ମାତ୍ର ତିନୋଟି ଖଣି ମଧ୍ୟରୁ ନୁଆମୁଣ୍ଡି ଖଣି ଅନ୍ୟତମ। କମ୍ପାନୀର ଓଏମ୍‌କ୍ୟୁ ଡିଭିଜନର ମହାପ୍ରବନ୍ଧକ ଅତୁଲ କୁମାର ଭଟ୍ଟନାଗର ଏବଂ ନୁଆମୁଣ୍ଡି ଖଣି ଚିଫ ଡି. ବିଜୟେନ୍ଦ୍ର, ନୁଆମୁଣ୍ଡି ଖଣି ପୁରସ୍କାର ଗ୍ରହଣ କରିଥିଲେ। ସେହିପରି, ଯୋଡ଼ା ଇଷ୍ଟ ଖଣି ଚିଫ ରାଜେଶ କୁମାର ସେହି ଖଣି ପୁରସ୍କାର ଗ୍ରହଣ କରିଥିଲେ ଓ ଖଣ୍ଡବନ୍ଧ ଖଣି ପାଇଁ ଉଦ୍ଦିଷ୍ଟ ପୁରସ୍କାର ଖଣ୍ଡବନ୍ଧ ଖଣି ଚିଫ ଜି.ଭି. ସତ୍ୟନାରାୟଣ ଏବଂ ଓଏମ୍‌କ୍ୟୁ ଡିଭିଜନ ପ୍ଲାନିଂ ଚିଫ ଅବନିଶ କୁମାର ଅତିଥି ମାନଙ୍କ ଠାରୁ ପୁରସ୍କାର ଗ୍ରହଣ କରିଥିଲେ।



# ପଲ୍ଲିଶ୍ରୀ ମେଳା ଉଦ୍‌ଯାପିତ

**ପୁରୀ,୭।୭(ସମିସ):** ରଥଯାତ୍ରା ଅବସରରେ ପୁରୀ ହୋଟେଲ ସମ୍ମୁଖ ବେଳାଭୂମିରେ ଗତ ୨୫ ତାରିଖରୁ ଚାଲିଥିବା ପଲ୍ଲିଶ୍ରୀ ମେଳା ସୋମବାର ଉଦ୍‌ଯାପିତ ହୋଇଯାଇଛି। ଉଦ୍‌ଯାପନୀ କାର୍ଯ୍ୟକ୍ରମରେ ଜିଲ୍ଲାପାଳ ଚଞ୍ଚଳ ରାଣା ଯୋଗଦେଇ ଏହି ମେଳା ମାଧ୍ୟମରେ ଆମ ଗ୍ରାମୀଣ ଶିଳ୍ପୀ ଓ କଳାକାରମାନେ କେବଳ ସେମାନଙ୍କ ପ୍ରତିଭାକୁ ପ୍ରଦର୍ଶନ କରୁନାହାନ୍ତି ତା' ସହ ଆର୍ôଥକ ଅଭିବୃଦ୍ଧି ମଧ୍ୟ କରୁଛନ୍ତି ବୋଲି କହିଥିଲେ। ଅନ୍ୟମାନଙ୍କ ମଧ୍ୟରେ ପୌରନିର୍ବାହୀ ଅଧିକାରୀ ଅଭିମନ୍ୟୁ ବେହେରା, ସଦର ବିଡିଓ ସମ୍ବିତ ଶତପଥୀ, ଓର୍‌ମାସ ଡେପୁଟି ସିଇଓ ଜିତେନ୍ଦ୍ର କୁମାର ବିଶ୍ୱାଳ ପ୍ରମୁଖ ଉପସ୍ଥିତ ଥିଲେ। ଏହି ମେଳାରେ ୨୬୭ଟି ଷ୍ଟଲ୍‌ରେ ବିଭିନ୍ନ ପ୍ରକାର ଘରକରଣା ସାଙ୍ଗକୁ ପାରମ୍ପରିକ ଖାଦ୍ୟ ଏବଂ ଅନ୍ୟାନ୍ୟ ସାମଗ୍ରୀ ପ୍ରଦର୍ଶିତ ହୋଇଥିଲା। ପ୍ରତି ସନ୍ଧ୍ୟାରେ ସାଂସ୍କୃତିକ କାର୍ଯ୍ୟକ୍ରମ, ଲାଇଭ୍ କ୍ରାଫ୍ଟ ପ୍ରଦର୍ଶନ, ଫୁଡ୍ କୋର୍ଟ, ଗ୍ରାମୀଣ ଉଦ୍ୟୋଗ ଏବଂ ଐତିହ୍ୟର ଭାବନାକୁ ପାଳନ କରୁଥିବା କାର୍ଯ୍ୟକଳାପ ପ୍ରକାଶିତ ରଥଯାତ୍ରାର ବିବରଣୀ ପ୍ରଦର୍ଶିତ ହୋଇଥିଲା। ମେଳା ମାଧ୍ୟମରେ ରଥଯାତ୍ରା ସମୟରେ ପୁରୀକୁ ଆସୁଥିବା ତୀର୍ଥଯାତ୍ରୀ ଏବଂ ପର୍ଯ୍ୟଟକ ଗ୍ରାମୀଣ ଜୀବିକାକୁ ସିଧାସଳଖ ସମର୍ଥନ କରିବା ସହିତ ଭାରତର ଗ୍ରାମୀଣ ପରମ୍ପରାର ଏକ ଅଂଶ ଘରକୁ ନେବାର ସୁଯୋଗ ପାଇଥିଲେ। ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ପ୍ରିୟରଞ୍ଜନ ପୃଷ୍ଟି ସମସ୍ତଙ୍କୁ ସ୍ୱାଗତ ସହ ଏହି ମେଳାରେ ରାଜ୍ୟର ସମସ୍ତ ଜିଲ୍ଲା ସହ ଅନ୍ୟାନ୍ୟ ୨୧ଟି ରାଜ୍ୟର ଶିଳ୍ପୀମାନଙ୍କ ଦ୍ୱାରା ଷ୍ଟଲ୍ କରାଯାଇଥିଲା ବୋଲି ସୂଚନା ଦେଇଥିଲେ। ଏଥିରେ ପ୍ରାୟ ୧୫ କୋଟି ଟଙ୍କାର ବିକ୍ରିବଟା ହୋଇଥିବା କୁହାଯାଇଛି।

ମେଳାରେ ୬୦୦ରୁ ଉର୍ଦ୍ଧ୍ୱ ଆର୍ଟିସାନ, ସ୍ୱୟଂସହାୟକ ଗୋଷ୍ଠୀର ବ୍ୟକ୍ତି ସାମିଲ୍ ଥିଲେ। ରେକର୍ଡ ପରିମାଣର ବିକ୍ରିବଟା ହୋଇଥିବାବେଳେ ୨୨ଟି ଫୁଡ୍‌ଷ୍ଟଲ୍ ଲାଗିଥିଲା। ସୂଚନା ଓ ଲୋକ ସମ୍ପର୍କ ଉପ ନିର୍ଦ୍ଦେଶକ ସନ୍ତୋଷ କୁମାର ସେଠୀ ସଭାକାର୍ଯ୍ୟ ପରିଚାଳନା କରିଥିବାବେଳେ ଜିଲ୍ଲା କଳା ସଂସ୍କୃତି ସଂଘର ଉପସଭାପତି ବସନ୍ତ ପ୍ରଧାନ ସାଂସ୍କୃତିକ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ପୁରୀ ଓର୍‌ମାସ ଶାଖାର ଡେପୁଟି ସିଇଓ ନିଗମ ଚରଣ ଦାସ ଧନ୍ୟବାଦ ଅର୍ପଣ କରିଥିଲେ। ଭଲ ବ୍ୟବସାୟ ପାଇଁ ହସ୍ତଶିଳ୍ପୀ ଗୋବର୍ଦ୍ଧନ ସାହୁ, ସୁନ୍ଦର ଭାବେ ଷ୍ଟଲ୍ ପ୍ରଦର୍ଶନ ବା ସାଜସଜ୍ଜା ପାଇଁ ପଶ୍ଚିମବଙ୍ଗର ସଞ୍ଚାରୀ ଦେ ବୋଷ, ଶ୍ରେଷ୍ଠ ଇନୋଭେଟିଭ୍ ଉତ୍ପାଦ ପାଇଁ ସୁନ୍ଦରଗଡ଼ର ଜୀବିକା ସଞ୍ଚୟ ପ୍ରଡକ୍ସନ ଗ୍ରୁପ୍, ଶ୍ରେଷ୍ଠ ପ୍ରତିଯୋଗୀ ଭାବେ କନ୍ଧମାଳର ଖଣ୍ଡେଇଶୁଣି ସ୍ୱୟଂ ସହାୟକ ଗୋଷ୍ଠୀ ଓ ସର୍ବାଧିକ ବିକ୍ରି ପାଇଁ ବରଗଡ଼ର ମହାଲକ୍ଷ୍ମୀ ସ୍ୱୟଂ ସହାୟକ ଗୋଷ୍ଠୀକୁ ଜିଲ୍ଲାପାଳ ସମ୍ବର୍ଦ୍ଧିତ କରିଥିଲେ। ସେହିପରି ଉଲ୍ଲେଖଯୋଗ୍ୟ ଅବଦାନ ପାଇଁ ପୁରୀ ପୌରପାଳିକା, ୱାଟ୍‌କୋ, ଟିପିସିଓଡିଏଲ୍, ସଂସ୍କୃତି ଅଧିକାରୀ ଓ ଅଗ୍ନିଶମ ଅଧିକାରୀଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା।



## ଆଜିର ରାଶିଫଳ

**ମେଷ:** ଦିନଟି ଶୁଭଫଳ ପ୍ରଦାନ କରିବ। ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିପାରନ୍ତି। ସ୍ୱାସ୍ଥ୍ୟ ପ୍ରତି ଯତ୍ନବାନ ହେବେ। ପ୍ରେମ ସମ୍ବନ୍ଧ ମଜବୁତ ହେବ। ଆଶା କରିଥିବା ଦିଗରୁ ଅର୍ଥ ମିଳିପାରେ।

**ବୃଷ:** ବିବାହ ପ୍ରସ୍ତାବ ସ୍ଥିର ହେବ। ସମାଜରେ ପ୍ରତିଷ୍ଠା ବଢ଼ିବ। ଛାତ୍ରଛାତ୍ରୀ କଠିନ ପରିଶ୍ରମ କରିବେ। କୋର୍ଟ ମାମଲାରେ ସଫଳତା ହାସଲ କରିବେ। ମହିଳାମାନେ କିଣାକିଣିରେ ଅଧିକ ଖର୍ଚ୍ଚ କରିବେ।

**ମିଥୁନ:** ରାଜନୀତିରେ ସଫଳତା ମିଳିବ। ଚାକିରିରେ ପଦୋନ୍ନତି ସମ୍ଭାବନା ଅଛି। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ବ୍ୟବସାୟରେ ଉନ୍ନତି ପରିଲକ୍ଷିତ ହେବ। ମହିଳାଙ୍କ ଗୁରୁତ୍ୱପୂର୍ଣ୍ଣ ଦାୟିତ୍ୱ ମିଳିପାରେ।

**କର୍କଟ:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ବ୍ୟବସାୟ ଜନିତ ସମସ୍ୟା ସମାଧାନ ହେବ। ଅଫିସ୍‌ରେ ସହକର୍ମୀଙ୍କ ସହଯୋଗ ମିଳିବ। ଏକାଗ୍ରତାର ସହ କାମ କରିବେ। ସନ୍ତାନ ସୁଖ ପ୍ରାପ୍ତ ହେବ।

**ସିଂହ:** ବନ୍ଧୁ ମିଳନ ଯୋଗ ଅଛି। ଘରେ ପୂଜାପାଠ ଆୟୋଜନ କରିବେ। ପ୍ରେମ ସମ୍ପର୍କରେ ଚିନ୍ତା ଦେଖା ଦେବ। କାର୍ଯ୍ୟକ୍ଷେତ୍ରରେ ସମସ୍ୟା ଦୂର ହେବ। ଅଚାନକ ଖୁସି ଖବର ପାଇ ପାରନ୍ତି।

**କନ୍ୟା:** ଭାଇଭଉଣୀଙ୍କ ମଧ୍ୟରେ ଭୁଲ ବୁଝାମଣା ଦୂର ହେବ। ସକାରାତ୍ମକ ଚିନ୍ତାଧାରାରେ କାର୍ଯ୍ୟ କରିବେ। ନିବେଶ ପାଇଁ ଅନୁକୂଳ ସମୟ ନୁହେଁ। ବ୍ୟବସାୟ ପାଇଁ ନୂଆ ଯୋଜନା କରିବେ।

**ତୁଳା:** ବୁଝି ବିଚାରି ନିଷ୍ପତ୍ତି ନିଅନ୍ତୁ। କାମ ଆରମ୍ଭ କରିବା ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ। ସରକାରୀ ଚାକିରି ପାଇଁ ସମୟ ଲାଗିବ। ଦାମ୍ପତ୍ୟ ଜୀବନରେ ମତଭେଦ ସୃଷ୍ଟି ହୋଇପାରେ।

**ବିଛା:** ଅଫିସ୍ କାର୍ଯ୍ୟ ଠିକ୍ ସମୟରେ ପୂରା କରିବେ। ବରିଷ୍ଠ ଅଧିକାରୀ କାମ ପାଇଁ ପ୍ରଶଂସା କରିବେ। ଗରିବ ଲୋକଙ୍କୁ ସାହାଯ୍ୟ କରିବେ। କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ। ଦୂରଯାତ୍ରା କରିପାରନ୍ତି।

**ଧନୁ:** ଶାନ୍ତ ମନରେ କାର୍ଯ୍ୟ କରିବେ। ବ୍ୟବସାୟରେ ସଫଳ ହେବେ। ଆର୍ଥିକ ସ୍ଥିତି ମଜବୁତ ହେବ। ବିଦ୍ୟାର୍ଥୀ ଉଚ୍ଚଶିକ୍ଷା ପାଇଁ ବିଦେଶ ଯାତ୍ରା କରିପାରନ୍ତି। ଚକ୍ଷୁ ସମସ୍ୟା ହୋଇପାରେ।

**ମକର:** ପୁରୁଣା ବନ୍ଧୁଙ୍କ ସହ ଦେଖାସାକ୍ଷାତ ହେବ। ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗ ଉପରେ ବନ୍ଧୁଙ୍କ ସହ ଆଲୋଚନା କରିବେ। ଅଟକିଥିବା କାର୍ଯ୍ୟ ପୂରା ହେବ। ଧାର୍ମିକ ସ୍ଥାନକୁ ଯାତ୍ରା କରିବେ।

**କୁମ୍ଭ:** ଇଚ୍ଛା ପୂରଣ ହେବ। ଛାତ୍ରଛାତ୍ରୀ କ୍ୟାରିୟର ପାଇଁ ନୂଆ ଯୋଜନା କରିବେ। ଅଫିସ୍‌ରେ ପଦୋନ୍ନତି ସମ୍ଭାବନା ଅଛି। ମହିଳାମାନେ ସାମାଜିକ ଓ ଧାର୍ମିକ କାର୍ଯ୍ୟରେ ସାମିଲ ହେବ।

**ମୀନ:** ମନ ପ୍ରସନ୍ନ ରହିବ। ନୂଆ ଯୋଜନା ସହ କାମ ଆରମ୍ଭ କରିବେ। ଆର୍ଥିକ ସ୍ଥିତିରେ ସୁଧାର ଆସିବ। ସାଙ୍ଗସାଥୀଙ୍କ ସହିତ ସମୟ ଅତିବାହିତ କରିବେ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

## ଆଜିର ଇତିହାସ

- ୧୮୮୯- ଆମେରିକୀୟ ଖବରକାଗଜ 'ଦ ୱାଲ ଷ୍ଟ୍ରିଟ୍ ଜର୍ଣ୍ଣାଲ' ପ୍ରକାଶିତ।
- ୧୯୪୮- ଆମେରିକା ବାୟୁସେନାରେ ମହିଳାଙ୍କ ଭର୍ତ୍ତି ଆରମ୍ଭ।
- ୧୯୫୪- ପ୍ରଧାନମନ୍ତ୍ରୀ ଜବାହରଲାଲ ନେହରୁଙ୍କ ଦ୍ୱାରା ପଞ୍ଜାବରେ ଭାକ୍ରା ନଙ୍ଗଲ ଜଳ ବିଦ୍ୟୁତ୍ ପରିଯୋଜନା ଆରମ୍ଭ।
- ୨୦୦୩- ସୁଦାନରେ ହୋଇଥିବା ବିମାନ ଦୁର୍ଘଟଣାରେ ୧୧୬ ଲୋକଙ୍କ ପ୍ରାଣହାନି।
- ୨୦୦୭- ଭାରତର ପୂର୍ବତନ ପ୍ରଧାନମନ୍ତ୍ରୀ ଚନ୍ଦ୍ରଶେଖରଙ୍କ ପରଲୋକ।



# ରସଗୋଲା ଦିବସ

ଆଜି ରସଗୋଲା ଦିବସ। ଓଡ଼ିଶାର ପାରମ୍ପରିକ ମିଠା ରସଗୋଲା ପାଇଁ ଆଜିର ଦିନଟି ସମର୍ପିତ।। ଓଡ଼ିଆ ଘରେ ଅତିଥି ଚର୍ଚ୍ଚା ହେଉ କି ଆନନ୍ଦ ଉଲ୍ଲାସର ମୁହୂର୍ତ୍ତ ସବୁଠି ଲୋଡ଼ା ରସଗୋଲା। ଓଡ଼ିଆ ଜାତିର ପ୍ରାଣ କେନ୍ଦ୍ର ଶ୍ରୀମନ୍ଦିରରେ କେଉଁ ଅନାଦି କାଳରୁ ରସଗୋଲା ପ୍ରସାଦ ରୂପେ ଅର୍ପଣ କରାଯାଉଅଛି। ନୀଳାଦ୍ରିବିଜେ ଅବସରରେ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ନିକଟରେ ଶହ ଶହ ବର୍ଷ ହେଲା ରସଗୋଲା ଲାଗି ହୋଇଆସୁଛି। ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ଘୋଷଯାତ୍ରାର ଅନ୍ତିମ ପର୍ବ ହେଉଛି 'ନୀଳାଦ୍ରିବିଜେ'। ଶ୍ରୀଗୁଣ୍ଡିଚା ମନ୍ଦିରରେ ରହଣି ପରେ ବାହୁଡ଼ା ଦଶମୀ ଦିନ ଶ୍ରୀଜୀଉମାନେ ସିଂହଦ୍ୱାରକୁ ଫେରନ୍ତି। ତ୍ରୟୋଦଶୀ ଦିନ ଶ୍ରୀବିଗ୍ରହମାନେ ରତ୍ନ ସିଂହାସନକୁ ବିଜେ କରି ଥାଆନ୍ତି। ଏହାକୁ 'ନୀଳାଦ୍ରି ବିଜୟ' ବା 'ନୀଳାଦ୍ରିବିଜେ' କୁହାଯାଏ। ବିଶ୍ୱାସ ରହିଛି, ରଥଯାତ୍ରାରେ ସଙ୍ଗରେ ନେଇ ନ ଥିବାରୁ ପ୍ରଭୁ ଶ୍ରୀଜଗନ୍ନାଥଙ୍କ ଉପରେ ଅଭିମାନ କରିଥାନ୍ତି ମା'ଲକ୍ଷ୍ମୀ। ସେତେବେଳେ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ପାଇଁ ଜୟବିଜୟ ଦ୍ୱାରକୁ ବନ୍ଦ କରି ଦିଅନ୍ତି ମା' ଲକ୍ଷ୍ମୀ। ଅଭିମାନୀନି ମା' ଲକ୍ଷ୍ମୀଙ୍କୁ ରସଗୋଲା ଖୁଆଇ ମାନଭଞ୍ଜନ କରିଥାନ୍ତି ମହାପ୍ରଭୁ। ଓଡ଼ିଶାର ରସଗୋଲାକୁ ଆହୁରି ପ୍ରଚାରପ୍ରସାର କରିବା ପାଇଁ ରସଗୋଲା ଦିବସ ପାଳନ ହେଉଛି। ୨୦୧୫ ଜୁଲାଇ ୩୦ ନୀଳାଦ୍ରିବିଜେ ଦିନ ଏହା ପ୍ରଥମେ ଆରମ୍ଭ ହୋଇଥିଲା। ଏହା ପ୍ରଥମେ ସୋସିଆଲ ମିଡିଆରୁ ଆରମ୍ଭ ହୋଇଥିଲ। ଏହାପରେ ୨୦୧୬ ଜୁଲାଇ ୧୭ ଠାରୁ ଏହି ଦିବସ ପାଳନ ହେଉଛି। ରସଗୋଲାକୁ ନେଇ ପଶ୍ଚିମବଙ୍ଗ ଓ ଓଡ଼ିଶା ମଧ୍ୟରେ 'ମିଠାଯୁଦ୍ଧ' ଆରମ୍ଭ ହୋଇଥିଲା। ପଶ୍ଚିମବଙ୍ଗ 'ରସଗୁଲ୍ଲା' ତାଙ୍କର ବୋଲି ଦାବି କରିଥିଲା। ୧୮୬୮ ମସିହାରେ କଲିକତାର ବ୍ୟବସାୟୀ ନବୀନ ଚନ୍ଦ୍ର ଦାସ ପ୍ରଥମେ 'ରସଗୁଲ୍ଲା' ତିଆରି କରିଥିଲେ ବୋଲି ଯୁକ୍ତି ବାଢ଼ିଥିଲା ପଶ୍ଚିମବଙ୍ଗ। ଓଡ଼ିଶାର ରସଗୋଲାକୁ ଜିଆଇ ମାନ୍ୟତା ଦେବା ପାଇଁ ଓଡ଼ିଆ ଲୋକେ ଏକଜୁଟ ହୋଇଥିଲେ। ଶେଷରେ ୨୦୧୯ ମସିହା ଜୁଲାଇ ୨୯ ତାରିଖରେ ଓଡ଼ିଶାର ରସଗୋଲାକୁ ଜିଆଇ ଟ୍ୟାଗ୍ ମିଳିଥିଲା।



# ଆସିବ 'ଗଲିବୟ'ର ସିକ୍ୱେଲ

ଜୋୟା ଅଖତରଙ୍କ ନିର୍ଦ୍ଦେଶିତ ଫିଲ୍ମ 'ଗଲିବୟ'ର ସିକ୍ୱେଲ ଆସିବ। ଏହାର ମୂଳ ଫିଲ୍ମରେ ଆଲିଆ ଭଟ୍ଟ, ରଣବୀର ସିଂହ, ସିଦ୍ଧାନ୍ତ ଚର୍ତୁର୍ବେଦୀ, କଲ୍‌କି କୋଚଲିନ୍ ନଜର ଆସିଥିଲେ। ଫିଲ୍ମଟି ଦର୍ଶକଙ୍କ ସହ ଫିଲ୍ମ ସମୀକ୍ଷକଙ୍କୁ ମଧ୍ୟ ବେଶ୍ ପସନ୍ଦ ଆସିଥିଲା। ଏହା ୧୩ଟି ଫିଲ୍ମ ଫେୟାର୍ ପୁରସ୍କାର ଜିତିଥିଲା, ଯାହା ଏକ ରେକର୍ଡ ମଧ୍ୟ। ୬ ବର୍ଷ ପରେ ଜୋୟା ଏବେ ଏହାର ସିକ୍ୱେଲ ଆଣିବା ପାଇଁ ଯୋଜନା କରୁଛନ୍ତି। ଜୋୟା କିନ୍ତୁ ଏହାର ନିର୍ଦ୍ଦେଶନା ଦେବେ ନାହିଁ। 'ଖୋ ଗଏ ହମ୍ କହାଁ' ଫେମ୍ ଅର୍ଜୁନ୍ ବରେନ୍ ସିଂହ ଏହାର ନିର୍ଦ୍ଦେଶନା ଦେବେ। ସିକ୍ୱେଲରେ କିନ୍ତୁ ରଣବୀର ଓ ଆଲିଆ ଦେଖାଯିବେ ନାହିଁ। ଏଥିରେ ଭିକି କୌଶଳ ଓ ଅନନ୍ୟା ପାଣ୍ଡେଙ୍କୁ ବ୍ରେକ୍ ଦିଆଯାଇପାରେ ବୋଲି ଚର୍ଚ୍ଚା ହେଉଛି। ତେବେ 'ଗଲିବୟ'ର ସଫଳତାକୁ ଏହାର ସିକ୍ୱେଲ ଦୋହରାଇ ପାରିବ କି ନାହିଁ ତାହା ଦେଖିବାକୁ ବାକି ରହିଲା।

# ପକ୍ଷୀ ସୁରକ୍ଷା ପାଇଁ ମଶା ଛାଡୁଛି ଡ୍ରୋନ୍

ବୈଜ୍ଞାନିକମାନେ ଏକ ବିଶାଳ ଡ୍ରୋନ୍‌କୁ ଉପଯୋଗ କରି ଆମେରିକାର ହାୱାଇ ଜଙ୍ଗଲରେ ମଶା ପଲଙ୍କୁ ଛାଡ଼ୁଛନ୍ତି। ତେବେ ଏଠାରେ ଦେଖାଯାଉଥିବା ହନିକ୍ରିପର୍ ପକ୍ଷୀଙ୍କ ଜୀବନ ରକ୍ଷା ପାଇଁ ଏଭଳି କିଛି କରାଯାଉଛି। ଏହି ପକ୍ଷୀ ପରିବେଶ ପାଇଁ ବେଶ୍ ଗୁରୁତ୍ୱପୂର୍ଣ୍ଣ ହୋଇଥିବାବେଳେ କ୍ରମାଗତ ଭାବେ ଏମାନଙ୍କ ସଂଖ୍ୟା ହ୍ରାସ ପାଇବାରେ ଲାଗିଛି। ମଶା ଦ୍ୱାରା ବ୍ୟାପୁଥିବା ଏଭିୟନ ମ୍ୟାଲେରିଆ ଏହି ପକ୍ଷୀଙ୍କ ଜୀବନ ନେଉଛି। ତେଣୁ ହନିକ୍ରିପର୍ ପକ୍ଷୀ ଏଭିୟନ ମ୍ୟାଲେରିଆଠାରୁ ଜୀବିତ ରହିବା ଲାଗି ଏବେ ସଂଘର୍ଷ କରୁଛନ୍ତି। ତେବେ ଡ୍ରୋନ୍‌ରେ ଛଡ଼ା ଯାଉଥିବା ମଶାକୁ ବୈଜ୍ଞାନିକମାନେ ଗବେଷଣାଗାରରେ ତିଆରି କରିଛନ୍ତି। ଏହି ମଶା କାମୁଡ଼ୁ ନ ଥିବା ବେଳେ ଏଥିରେ ଏକ ଜୀବାଣୁ ଅଛି। ଏହି ଜୀବାଣୁ ଆକ୍ରମଣକାରୀ ମଶାଙ୍କ ବଂଶବିସ୍ତାରକୁ ରୋକିବା ଦିଗରେ କାର୍ଯ୍ୟ କରିବ। ବୈଜ୍ଞାନିକମାନେ ଦାବି କରିଛନ୍ତି ଯେ, ଏହି ବିଶେଷ ଅଣ୍ଡିରା ମଶାମାନଙ୍କୁ ନିରନ୍ତର ଛାଡ଼ିବା ଦ୍ୱାରା ଏଭିୟନ୍ ମ୍ୟାଲେରିଆ ବାହକ ମଶାଙ୍କ ସଂଖ୍ୟା ହ୍ରାସ ପାଇବ। ଏହି ପ୍ରକାରେ ରୋଗର ପ୍ରସାରକୁ ରୋକା ଯାଇପାରିବ। ସେହିପରି ଏବେ ସୁଦ୍ଧା ଏକଥା ସ୍ପଷ୍ଟ ହୋଇପାରି ନାହିଁ, ଏତେ ସଂଖ୍ୟକ ମଶା ଛଡ଼ାଯିବା ପରେ କିଛି ଲାଭ ମିଳିଛି କି ନାହିଁ। ହେଲେ ବୈଜ୍ଞାନିକମାନେ ଆଶାବାଦୀ ଅଛନ୍ତି, ଏହି ପ୍ରକାରେ ହନିକ୍ରିପର୍ ପକ୍ଷୀଙ୍କୁ ରକ୍ଷା କରାଯାଇପାରିବ। ସେହିପରି ଏହି ମଶା ଏଠାରେ ନ ଥିଲେ। ୧୮୨୬ ମସିହାରେ ଏକ ଜାହାଜରୁ ଏହି ମଶା ଏଠାକୁ ଆସିଥିଲା। ସେବେଠାରୁ ସେମାନେ ଏହାର ଗରମ ଏବଂ ଆର୍ଦ୍ର ଜଳବାୟୁରେ ବଂଶବିସ୍ତାର କରିଚାଲିଲେ।








# ମକା ମଞ୍ଜି ଛଡା ଯନ୍ତ୍ର

ମକା ଚାଷ ଶୀତ, ବର୍ଷା ଓ ଖରାଦିନେ କରାଯାଇଥାଏ। ଏହି ଚାଷ ପାଇଁ ନିଗିଡ଼ା, ବାଲିଆ, ଦୋରସା ଓ ପଟୁମାଟି ଆବଶ୍ୟକ ହୋଇଥାଏ। ତେବେ ମକାର ବହୁବିଧ ବ୍ୟବହାର ଏହାକୁ ଲୋକପ୍ରିୟ କରାଇବାରେ ସାହାଯ୍ୟ କରୁଛି। ଯେମିତିକ ମକାରୁ ଖଇ, କର୍ଣ୍ଣଫ୍ଲେକ୍ସ ତଥା ଅନ୍ୟାନ୍ୟ ଖାଦ୍ୟ ପ୍ରସ୍ତୁତି ହୁଏ। ଏହା ସହ ଗୋଖାଦ୍ୟ, କୁକୁଡ଼ାଖାଦ୍ୟ ଆଦି ପ୍ରସ୍ତୁତି ବେଳେ ମକା ବିଶେଷ ଭାବେ ଦରକାର ହୋଇଥାଏ। ତେବେ ମକାରୁ ଦାନା କାଢ଼ିବାକୁ ଚାଷୀଙ୍କୁ ଅଧିକ ସମୟ ଲାଗୁଥିବାବେଳେ ଏଥିପାଇଁ ଅଧିକ ପରିଶ୍ରମ ଓ ଖର୍ଚ୍ଚ ବଢ଼ିଥାଏ। ଖାସ୍‌କରି କ୍ଷୁଦ୍ର ଓ ନାମମାତ୍ର ଚାଷୀଙ୍କ ପାଇଁ ଏହି ପ୍ରକ୍ରିୟା ବହୁତ ମହଙ୍ଗା ପଡ଼ିଯାଏ। ତେଣୁ ଚାଷୀଙ୍କ ସମସ୍ୟାକୁ ଦୂର କରିବାକୁ ଭାରତୀୟ କୃଷି ଅନୁସନ୍ଧାନ ପରିଷଦ (ଆଇସିଏଆର୍) ଦ୍ୱାରା ପେଡାଲ ପରିଚାଳିତ ମକା ମଞ୍ଜିଛଡ଼ା ଯନ୍ତ୍ର ବିକଶିତ କରାଯାଇଛି। ଏହା କେବଳ ମକା ଚୋପାରୁ ଦାନା ବାହାର କରିବ ତାହା ନୁହେଁ; ଚାଷୀଙ୍କ ସମୟ ଏବଂ ଶ୍ରମ ହ୍ରାସ ପାଇବ। ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଏହି ମେସିନ୍ କୌଣସି ଇନ୍ଧନ କିମ୍ବା ବିଦ୍ୟୁତ୍ ବିନା ଚାଲୁଥିବାରୁ ଏହା ପରିବେଶ ଅନୁକୂଳ। ଏହି ଯନ୍ତ୍ରରେ କ୍ଷମତା ୧୩୦ କିଗ୍ରା ପ୍ରତି ଘଣ୍ଟାରେ ମକା ଦାନା କାଢ଼ିପାରେ। ଏଥିରେ ଦୁଇଜଣ ଲୋକ ବସି ଆରାମରେ ଯନ୍ତ୍ରକୁ ଚଳାଇ ପାରିବେ ସେ ନେଇ ଡିଜାଇନ୍ ହୋଇଛି। ଅର୍ଥାତ୍ ଜଣେ ଗୋଡରେ ପ୍ୟାଡେଲ ମାରି ଯନ୍ତ୍ରକୁ ସଞ୍ଚାଳିତ କରିବା ସମୟରେ ଅନ୍ୟ ଜଣ ଯନ୍ତ୍ରରେ ମକା ପକାଇବା କାର୍ଯ୍ୟ କରିଥାନ୍ତି। ଏହାର ମକା ଚୋପା କାଢ଼ିବାର କ୍ଷମତା ୯୭ ପ୍ରତିଶତ ଏବଂ ଦାନା କାଢ଼ିବାର ଦକ୍ଷତା ୯୫ ପ୍ରତିଶତ ଯାଏଁ ଥିବାରୁ ଚାଷୀଭାଇ ଏଥିରୁ ଅଧିକ ଲାଭବାନ ହୋଇପାରିବେ। ତେଣୁ ମକା ଚାଷ କରୁଥିବା କ୍ଷୁଦ୍ର ଏବଂ ନାମମାତ୍ର ଚାଷୀଙ୍କ ପାଇଁ ଏହି ଯନ୍ତ୍ରଟି କୌଣସି ବରଦାନଠାରୁ କମ୍ ନୁହେଁ।



# ଜହ୍ନି ଗଛ ପାଇଁ ଦେଶୀ ଟନିକ୍

**ବର୍ଷାଦିନିଆ ପନିପରିବା ଚାଷରୁ ଅଧିକ ଲାଭ ମିଳେ। ଚାଷୀମାନେ ଏହି ଦିନେ ବିଭିନ୍ନ ଫସଲ ସହିତ ଜହ୍ନି ଚାଷ ମଧ୍ୟ କରିଥାନ୍ତି। ତେଣୁ ଜହ୍ନି ଗଛ ବଢୁ ନ ଥିଲେ ଏହି ଉପାୟ ଆପଣାଇ ପାରିବେ।**

ଚାଷୀମାନେ କମ୍ ସମୟରେ ଅଧିକ ଅମଳ ପାଇବା ପାଇଁ ରାସାୟନିକ ସାର, କୀଟନାଶକ ଆଦି ପ୍ରୟୋଗ କରିଥାନ୍ତି। ଏହା ବ୍ୟୟ ବହୁଳ। ଏହା ମାଟି ଓ ଫସଲ ପାଇଁ କ୍ଷତି ସୃଷ୍ଟି କରିପାରେ। ତେଣୁ ପ୍ରାକୃତିକ ଉପାୟ ଆପଣାଇ ଚାଷୀମାନେ ଜହ୍ନି ଗଛର ବୃଦ୍ଧି ପାଇଁ ନିମ ଖତ, ଦହି ଏବଂ କଦଳୀ ଚୋପାରୁ ତିଆରି ଦେଶୀ ସାର ପ୍ରୟୋଗ କରିପାରିବେ। କଦଳୀ ଚୋପାରେ ପଟାସିୟମ, କ୍ୟାଲସିୟମ୍, ମ୍ୟାଗ୍ନେସିୟମ ଆଦି ପୋଷକତତ୍ତ୍ୱ ରହିଥାଏ। ଯାହାକି ଗଛ ଓ ଫଳ ବୃଦ୍ଧି ପାଇଁ ଏହା ବହୁତ ଉପଯୋଗୀ ହୋଇଥାଏ।, ଦେଶୀ ସାର ବା କୀଟନାଶକ ପ୍ରୟୋଗ ଦ୍ୱାରା ଫୁଲ ଝଡ଼ିବା ନିୟନ୍ତ୍ରଣ ହୋଇଥାଏ। ଏହା ରୋଗ ପୋକ ନିୟନ୍ତ୍ରଣ ପାଇଁ ସହାୟକ ହୋଇଥାଏ। ନିମ ଖତ ମାଟିରେ କବକ ଏବଂ ହାନିକାରିକ ଜୀବାଣୁ ରୋକିଥାଏ। ଏହାଦ୍ୱାରା ଜହ୍ନି ଉତ୍ପାଦନ ହୁଏ। ଏକ ଗ୍ଲାସ ପାଣିରେ କଦଳୀ ଚୋପାକୁ ଅଳ୍ପ ଆଞ୍ଚରେ ରଖି ଫୁଟାନ୍ତୁ। ଏହି ପାଣି ଥଣ୍ଡା କରିବା ପରେ ଏହାକୁ ଛାଣି ନିଅନ୍ତୁ। ଛଣା ପାଣିରେ ଏକ ଚାମଚ ନିମ ଖତ ଏବଂ ଏକ ଚାମଚ ଦହିକୁ ଭଲଭାବେ ମିଶାନ୍ତୁ। ଏହି ଘୋଳକୁ କିଛି ଘଣ୍ଟା ପାଇଁ ରଖି ଜହ୍ନି ଗଛ ମୂଳେ ମାଟି କୋଡ଼ାଖୋସା କରି ପ୍ରୟୋଗ କରିପାରିବେ। ଏପରି କରିବା ଦ୍ୱାରା ଜହ୍ନି ଗଛ ଝଙ୍କାଳିଆ ହୋଇଯାଏ। ଫଳ ମଧ୍ୟ ଅଧିକ ମିଳେ। ଜୀବାମୃତ, ଘନଜୀବାମୃତ, ହାଣ୍ଡିଖତ ଅନୁମୋଦିତ ପରିମାଣରେ ବ୍ୟବହାର କଲେ ଗଛର ବୃଦ୍ଧି ତ୍ୱରାନ୍ୱିତ ହୁଏ।



## କୃଷି ପାଣିପାଗ

### ଏ ସପ୍ତାହ ପାଇଁ କେତେକ ପରାମର୍ଶ

- ବର୍ଷା ହେବାର ସମ୍ଭାବନା ଥିବାରୁ ସାର ଓ କୀଟନାଶକ ପ୍ରୟୋଗ କିଛି ଦିନ ପାଇଁ ସ୍ଥଗିତ ରଖନ୍ତୁ।
- ଧାନ ତଳିଘେରାରେ ଠିଆ ପାଣି କିପରି ନ ରହିବ ସେଥିପ୍ରତି ଧ୍ୟାନ ଦିଅନ୍ତୁ।
- ଖରିଫ ମକା/ଡାଲିଜାତୀୟ ଫସଲ ଲଗାଯାଇଥିବା ସ୍ଥାନରେ ଜଳ ନିଷ୍କାସନର ବ୍ୟବସ୍ଥା କରନ୍ତୁ।
- ଗାଈଗୋରୁମାନଙ୍କୁ ଶୁଖିଲା ଓ ସଫା ଗୁହାଳ ମଧ୍ୟରେ ରଖନ୍ତୁ। ପର୍ଯ୍ୟାପ୍ତ ପରିମାଣର ଖାଦ୍ୟ ଓ ପାଣି ପିଇବାକୁ ଦିଅନ୍ତୁ। ପାଗ ଶୁଖିଲା ନ ଥିଲେ ଘାସ ଚରିବା ପାଇଁ ବାହାରକୁ ଛାଡନ୍ତୁ ନାହିଁ।
- ବର୍ତ୍ତମାନ ଅମୃତଭଣ୍ଡା ଲଗେଇବାର ଉତ୍କୃଷ୍ଟ ସମୟ। ହନି ଡିୟୁ, କୁର୍ଗ ହନି ଡିୟୁ, ସିଓ-୧, ସିଓ-୨, ପୁଷା, ଡେଲିଶିୟଶ, ପୁଷା, ମଜେଷ୍ଟିକ, ପୁଷା ଜାଏଣ୍ଟ ଆଦି କିସମ ଲଗାନ୍ତୁ।
- ବର୍ଷାଋତୁରେ କୁକୁଡା ଫାର୍ମରେ ପବନର ଚଳପ୍ରଚଳ କିମ୍ବା ଉଚିତ ଭେଣ୍ଟିଲେସନ୍ ପାଇଁ ଉପଯୁକ୍ତ ବ୍ୟବସ୍ଥା କରନ୍ତୁ। କୁକୁଡା ସେଡର ଉପର ପାର୍ଶ୍ୱରେ ୧ରୁ ୨ ଫୁଟ୍ ଖୋଲା ରଖି ସେଡର ପାର୍ଶ୍ୱକାନ୍ଥଗୁଡିକ ପଲିଥିନ୍ ଦ୍ୱାରା ସମ୍ପୂର୍ଣ୍ଣ ଆଚ୍ଛାଦିତ ରଖନ୍ତୁ। କୀଟମାନଙ୍କ ଆକ୍ରମଣରୁ କୁକୁଡାଙ୍କୁ ରକ୍ଷା କରିବା ପାଇଁ ସେଡର ଚାରିପାଖରେ ଥିବା ନାଳିଗୁଡିକୁ ସ୍ୱଚ୍ଛ ଓ ସୁଖିଲା ରଖନ୍ତୁ। ବର୍ଷାଜଳ ସେଡ୍ ଭିତରକୁ ସିଧାସଳଖ ପ୍ରବେଶ ନ କରିବାକୁ ଉଚିତ ବ୍ୟବସ୍ଥା କରନ୍ତୁ। ରାନିକ୍ଷେତ ରୋଗ ବିରୁଦ୍ଧରେ କୁକୁଡ଼ାମାନଙ୍କର ଟୀକାକରଣ ଏବଂ କୃମି ନ ହେବା ପାଇଁ ଔଷଧର ବ୍ୟବସ୍ଥା ନିଶ୍ଚୟ କରାଯିବା ଉଚିତ।

# ଯବକ୍ଷାରଜାନ ଅଭାବରୁ ଫସଲ ହାନି

**ଗଛ ବଢ଼ିବା ପାଇଁ ମୃତ୍ତିକାରୁ ବିଭିନ୍ନ ଖାଦ୍ୟସାର ଆବଶ୍ୟକ କରୁଥିବାବେଳେ ସେଥିମଧ୍ୟରୁ ଯବକ୍ଷାରଜାନର ଗୁରୁତ୍ୱପୂର୍ଣ୍ଣ ଭୂମିକା ଥାଏ। ହେଲେ ମାଟିରେ ଯବକ୍ଷାରଜାନର ଅଭାବରେ ପ୍ରଥମେ ପତ୍ର ହଳଦିଆ ପଡ଼ିଯାଏ। ଗଛ ବୃଦ୍ଧିରେ ବାଧା ସୃଷ୍ଟି ହୋଇଥାଏ। ତେଣୁ ସମୟ ପୂର୍ବରୁ ଏହାର ସମାଧାନ ନ କରିଲେ ଫସଲ ଉତ୍ପାଦନରେ ହ୍ରାସ ହୋଇଥାଏ। ଏହାର ପ୍ରତିକାର କରିବା ନିହାତି ଆବଶ୍ୟକ।**



କୃଷି ବିଶେଷଜ୍ଞଙ୍କ ମୁତାବକ ଯବକ୍ଷାରଜାନ ଫସଲ ବୃଦ୍ଧି ପାଇଁ ସବୁଠୁ ଜରୁରି ପୋଷାକତତ୍ତ୍ୱ। ତେବେ ମାଟିରେ ଯବକ୍ଷାରଜାନ ଅଭାବ ହେଲେ ପ୍ରଥମେ ଗଛ ପତ୍ରରୁ ଏହାର ଲକ୍ଷଣ ଜଣାପଡ଼ିଯାଏ। ଯେପରିକି ତଳ ପତ୍ରଗୁଡିକ ପ୍ରଥମେ ଫିକା ସବୁଜ ହୋଇ ହଳଦିଆ ପଡ଼ିଯାଏ। ଗଛ ହୃଷ୍ଟପୁଷ୍ଟ ହୋଇ ବଢ଼ି ନ ପାରିବା, ଫସଲ ହାନି ହେବା ଆଦି ଲକ୍ଷଣ ପରିଲକ୍ଷିତ ହୋଇଥାଏ। ତେଣୁ ମାଟିରେ ଯବକ୍ଷାରଜାନ ଅଭାବ ପୂରଣ କରିବାକୁ ଜମିରେ ସବୁଜ ସାର ପ୍ରୟୋଗ କରାଯାଏ। ଜମିରେ ମୁଗ ତଥା ଡାଲିଜାତୀୟ ଫସଲ, ସୋୟାବିନ୍, ଚିନାବାଦାମ ବୁଣିବା ଦ୍ୱାରା ଏହି ଫସଲ ଅମଳ ପରେ ମାଟିରେ ପ୍ରାକୃତିକ ରୂପେ ଯବକ୍ଷାରଜାନ ମାତ୍ରା ବୃଦ୍ଧି ପାଏ। ମାଟିରେ ଯବକ୍ଷାରଜାନ ବୃଦ୍ଧି ପାଇଁ ଏହା ଏକ ପାରମ୍ପରିକ ଓ ଶସ୍ତା କୌଶଳ। ସେହିପରି ଗୋବର ଖତ, ଜିଆଖତ, ପତ୍ରରୁ ପ୍ରସ୍ତୁତ ଖତ ମୃତ୍ତିକାର ଉର୍ବରଶକ୍ତିକୁ ବୃଦ୍ଧି କରି ଧୀରେ ଧୀରେ ନାଇଟ୍ରୋଜେନ୍ ଉପଲବ୍ଧ କରାଇଥାଏ। ବିଶେଷ କଥା ହେଉଛି, ୟୁରିୟା, ଆମୋନିୟମ ସଲ୍‌ଫେଟ୍ ପରି ଉର୍ବରକ ନିର୍ଦ୍ଦିଷ୍ଟ ମାତ୍ରାରେ ଉପଯୋଗ କରିପାରିବେ। ସେହିପରି ମୃତ୍ତିକାରେ ଜୀବାଣୁ ସାର ତଥା ରାଇଜୋବିୟମ, ଆଜୋସ୍ପିରିଲମ୍ ଏବଂ ଆଜୋଟୋବ୍ୟାକ୍ଟେର ପରି ଜୈବ ଉର୍ବରକ ଯବକ୍ଷାରଜାନ ବୃଦ୍ଧି କରିବାକୁ ସାହାଯ୍ୟ କରିଥାଏ। ବିଶେଷ କଥା ହେଉଛି, ଜମିରେ ଗୋଟିଏ ପ୍ରକାର ଫସଲ ବାରମ୍ବାର ଚାଷ କରିବା ଦ୍ୱାରା ମାଟିରେ ଯବକ୍ଷାରଜାନ ହ୍ରାସ ପାଇଥାଏ। ତେଣୁ ଯବକ୍ଷାରଜାନ ସନ୍ତୁଳନ ରଖିବାକୁ ନିର୍ଦ୍ଦିଷ୍ଟ ବ୍ୟବଧାନରେ ଡାଲିଜାତୀୟ ଫସଲ ଚାଷ କରିପାରିବେ।

### ଏଜ୍‌ବାଷ୍ଟନ ଦଖଲ କଲୁ ସତ; ଖେଳରେ ମଜା ଆସିଲାନି: ଗିଲ୍

# ପିଚ୍ ଉପରେ ନିର୍ଭର କରୁଛି ଟେଷ୍ଟ ମ୍ୟାଚ୍‌ର ଗୁରୁତ୍ୱ

ଏଜ୍‌ବାଷ୍ଟନ,୭।୭ (ଏଜେନ୍ସି)



ଫ୍ଲାଟ ପିଚ୍ ଓ ଡ୍ୟୁକ୍ ବଲ୍‌ରେ ବୋଲରଙ୍କୁ ସହାୟତା ବିନା ଇଂଲଣ୍ଡରେ ଟେଷ୍ଟ ମ୍ୟାଚ୍ ତାହାର ଗୁରୁତ୍ୱ ହରାଇଛି। ଏଜ୍‌ବାଷ୍ଟନରେ ଖେଳାଯାଇଥିବା ଦ୍ୱିତୀୟ ଟେଷ୍ଟରେ ଭାରତ ୩୩୬ ରନ୍‌ର ବୃହତ୍ ବିଜୟ ପରେ ଏହା କହିଛନ୍ତି ଅଧିନାୟକ ଶୁବମନ ଗିଲ୍। ଦୀର୍ଘ ୫୮ ବର୍ଷ ପରେ ଏଜ୍‌ବାଷ୍ଟନରେ ଭାରତ ଟେଷ୍ଟ ମ୍ୟାଚ୍ ଜିତିଛି ସତ, କିନ୍ତୁ ଏହି ବିଜୟରେ ମଜା ନାହିଁ। ଏଠାରେ ଖେଳାଯାଇଥିବା ଟେଷ୍ଟରେ ଭାରତୀୟ ବୋଲରମାନେ ପ୍ରତିପକ୍ଷ ଦଳର ୨୦ଟି ଯାକ ୱିକେଟ ନେବାରେ ସମର୍ଥ ହୋଇଛନ୍ତି। କିନ୍ତୁ ଏହା ମଧ୍ୟରୁ ୧୫ଟି ୱିକେଟ କେବଳ ନୂଆ ବଲ୍‌ରେ ମିଳିଛି। ଏଭଳି ପରିବେଶରେ ଟେଷ୍ଟ ମ୍ୟାଚ୍ ଖେଳିବା ବାଜ୍‌ବଲ ଯୁଗର ମନ୍ତ୍ରକୁ ବିରୋଧ କରୁଛି। ଏଠାରେ ପ୍ରଥମ ତଥା ବିଦେଶ ମାଟିରେ ସର୍ବବୃହତ୍ ବ୍ୟବଧାନ ବିଜୟ ଭାରତକୁ ୧-୧ରେ ସିରିଜ୍ ବରାବର କରିବାରେ ସହାୟ ହୋଇଛି।

ଏହି ଟେଷ୍ଟରେ ଉଭୟ ଦଳ ମିଳିତଭାବେ ୧୬୯୨ ରନ୍ କରିଛନ୍ତି। ଏହା ଫଳରେ ବ୍ୟାଟ୍ସମ୍ୟାନ ଏଠାରେ ମନଇଚ୍ଛା ଖେଳିଛନ୍ତି। ଚଳିତ ସିରିଜ୍‌ରେ ଖେଳାଯାଇଥିବା ପ୍ରଥମ ଦୁଇଟି ଟେଷ୍ଟରେ ଏଯାଏ ୩,୩୬୫ ରନ୍ ସଂଗୃହୀତ ହୋଇଛି। ଦ୍ୱିପାକ୍ଷିକ ଟେଷ୍ଟ ସିରିଜ୍‌ରେ ଏହା ସର୍ବାଧିକ ରନ୍। କିନ୍ତୁ ଖେଳର ମାନ କିମ୍ବା ପ୍ରତିଦ୍ୱନ୍ଦ୍ୱିତା ବଢ଼ାଇବାରେ ଏହି ପିଚ୍ ସହାୟତା କରିପାରି ନାହିଁ। ଏଭଳି ପିଚ୍‌ରେ ବୋଲରଙ୍କ ଲାଗି ସଫଳତା ପାଇବା କଷ୍ଟକର। ଏହା ସହ ଅଳ୍ପ ସମୟ ପରେ ଡ୍ୟୁକ୍ ବଲ ଢିଲା (ସଫ୍ଟ) ହୋଇଯିବା ମଧ୍ୟ ବୋଲରଙ୍କୁ ଅସୁବିଧାରେ ପକାଉଛି। ଏଭଳି ପିଚ୍ ଓ ବଲ୍‌ରେ ୱିକେଟ ମିଳିବା କଷ୍ଟକର ବୋଲି ଜଣାପଡ଼ିବା ପରେ ରନ୍ ସହଜରେ ସଂଗୃହୀତ ହୋଇଥିଲା। ଗୋଟିଏ ନୂଆ ବଲ ୨୦ ଓଭର ବୋଲିଂ ହେବା ପରେ ସଫ୍ଟ ହୋଇଯାଉଛି ଓ ବ୍ୟାଟରଙ୍କୁ ରନ୍ ସଂଗ୍ରହରେ ସହାୟତା କରୁଛି। ଏ ସମ୍ପର୍କରେ ଗିଲ୍ କହନ୍ତି, ଏହି ୨୦ ଓଭର ବୋଲିଂ କରିବା ପରେ ଅବଶିଷ୍ଟ ସମୟ ରକ୍ଷଣାତ୍ମକ ଭାବେ ଖେଳିବାକୁ ପଡୁଛି। ଏହି ସମୟରେ ରନ ଅଟକାଇବା କଷ୍ଟକର ହୋଇ ପଡୁଛି। ବୋଲରଙ୍କୁ କିଛି ସହାୟତା ନ ମିଳିଲେ ଇଂଲଣ୍ଡରେ ଖେଳାଯାଉଥିବା ଟେଷ୍ଟ ମ୍ୟାଚ୍ ତାହାର ଗୁରୁତ୍ୱ ହରାଉଛି ବୋଲି ଗିଲ୍ କହନ୍ତି।

### ■ ଅଧିନାୟକ ଭାବେ ଗୁରୁ ଦାୟିତ୍ୱ

ବିଦେଶ ମାଟିରେ ସୁଇଂ ପିଚ୍‌ରେ ଖେଳିବା ଆମଲାଗି କଷ୍ଟକର ହୋଇଥାଏ। ଏଭଳି ସ୍ଥାନରେ ଆମେ ଭଲ ପ୍ରଦର୍ଶନ ଦେଇ ପାରୁ ନ ଥିବାରୁ ଏକାଧିକଥର ସମାଲୋଚିତ ହୋଇଛୁ। କିନ୍ତୁ ଏବେ ଟେଷ୍ଟ ଖେଳାଯାଉଥିବା ବଲର ସ୍ଥିତି ଓ ଫ୍ଲାଟ ପରିବେଶ ସମ୍ପର୍କରେ ଜାଣିବା ପରେ ମୁଁ ଜଣେ ଅଧିନାୟକ ଭାବେ ସଫଳ ହେବାକୁ ଚେଷ୍ଟା କରିଥିଲି। ଫଳରେ ପ୍ରଥମ ଟେଷ୍ଟର ପ୍ରଥମ ଇନିଂସରେ ୧୪୭, ଦ୍ୱିତୀୟ ଟେଷ୍ଟର ଉଭୟ ଇନିଂସରେ ଯଥାକ୍ରମେ ୨୬୯ ଓ ୧୬୧ ରନ୍ କରି ଅନ୍ୟମାନଙ୍କ ଲାଗି ଉଦାହରଣ ସୃଷ୍ଟି କରିବାରେ ସମର୍ଥ ହୋଇଛି। ଶେଷ ଭାଗ ବ୍ୟାଟରଙ୍କ ହାଲ୍‌କା ମନୋଭାବ ଯୋଗୁଁ ଆମେ ବିପର୍ଯ୍ୟୟର ଶିକାର ହୋଇଥିଲୁ। ଏହାକୁ ସୁଧାରିବାରେ ଜାଡେଜା ଭାଇ ୱାଶିଂଟନ ସୁନ୍ଦର ସହାୟତା କରିବା ଫଳରେ ଆମେ ଟେଷ୍ଟ ଜିତିବାରେ ସମର୍ଥ ହୋଇଛୁ।

### ■ ଇଂଲଣ୍ଡ ପିଚ୍ ଆଉ ଫ୍ଲାଟ୍ ହେବ ନାହିଁ

ଏଜ୍‌ବାଷ୍ଟନ ଟେଷ୍ଟ ପରାଜୟ ପରେ ଇଂଲଣ୍ଡରେ ଆଉ ଫ୍ଲାଟ ପିଚ୍‌ରେ ଖେଳିବାକୁ ପଡ଼ିବ ନାହିଁ ବୋଲି ଭାରତୀୟ ଅଧିନାୟକ ଶୁବମନ ଗିଲ କହିଛନ୍ତି। ଆମର ଏତେ ସମୟ ଧରି ଟେଷ୍ଟ ଖେଳିବାର ଅଭ୍ୟାସ ନାହିଁ। ଭାରତରେ ପିଚ୍ ସ୍ପିନ୍‌କୁ ସୁହାଇଥାଏ ଓ ଟେଷ୍ଟ ୩ରୁ ୪ ଦିନ ମଧ୍ୟରେ ଶେଷ ହୋଇଯାଇଥାଏ। ଆମେ ଯେତେବେଳେ ବିଦେଶରେ ଖେଳୁ ସେଠିକାର ସୁଇଂ, ଫାଷ୍ଟ ଓ ବାଉନ୍ସି ପିଚ୍‌ରେ ମ୍ୟାଚ୍ ଅଢ଼େଇରୁ ୪ ଦିନରେ ଶେଷ ହୋଇଥାଏ। ପ୍ରଥମଥର ଏଠାରେ କ୍ରମାଗତ ଟେଷ୍ଟ ୫ ଦିନରେ ଶେଷ ହୋଇଛି। ଅବଶ୍ୟ ଆମ ପ୍ରତିଦ୍ୱନ୍ଦ୍ୱୀ ୯୦ ଓଭର ଭିତରେ ଆଉଟ ହୋଇଯାଇଥିବାରୁ ଆମକୁ ପଡ଼ିଆରେ ଗୋଟିଏ ଦିନ ବିତାଇବାକୁ ପଡ଼ିଛି। କିନ୍ତୁ ଖୁସିର କଥା ଏହି ଦୁଇଟି ଯାକ ଟେଷ୍ଟରେ ଭାରତ ବ୍ୟାଟିଂରେ ଅଧିକ ସମୟ ଦେଇଛି ଓ କ୍ଲାନ୍ତ ହେବାରୁ ବର୍ତ୍ତିଯାଇଛି।

### ■ ବୋଲରଙ୍କୁ ପ୍ରଶଂସା

ଯଶପ୍ରୀତ୍ (ବୁମ୍‌ରା) ଭାଇଙ୍କ ଅନୁପସ୍ଥିତିରେ ଆମେ ପ୍ରତିଦ୍ୱନ୍ଦ୍ୱୀ ଦଳର ୨୦ଟି ଯାକ ୱିକେଟ ଅକ୍ତିଆର କରିବା ନେଇ ଅନେକ ସନ୍ଦେହ ପ୍ରକାଶ କରିଥିଲେ। କିନ୍ତୁ ଏହି ମ୍ୟାଚ୍‌ରେ ଦଳର ଦୁଇ ଫ୍ରଣ୍ଟଲାଇନ୍ ବୋଲର ମହମ୍ମଦ୍ ସିରାଜ ଓ ଆକାଶଦୀପଙ୍କ ମିଳିତ ଭାବେ ୧୭ଟି ୱିକେଟ ନେଇଛନ୍ତି। ଏହା ଆମଲାଗି ସବୁଠାରୁ ବଡ଼ ଉପଲବ୍ଧି ବୋଲି ଗିଲ କହନ୍ତି। ଏପରି ସଫଳତାକୁ ପ୍ରଶଂସା କରିବା ଲାଗି ମୋ ନିକଟରେ ଭାଷା ନାହିଁ ବୋଲି ଗିଲ୍ କହନ୍ତି। ଏହି ବୋଲର ଓ ଖେଳାଳିମାନେ ଆମ ଦେଶରେ ସର୍ବଶ୍ରେଷ୍ଠ। ଏମାନେ ଯେଉଁଠି ଖେଳନ୍ତୁ ନା କାହିଁକି ପ୍ରତିପକ୍ଷ ଦଳର ୨୦ଟି ଯାକ ୱିକେଟ ଅକ୍ତିଆର କରିବେ। ଫ୍ଲାଟ୍ ପିଚ୍ ଓ ସଫ୍ଟ ବଲରେ କୁଲଦୀପ ଯାଦବଙ୍କ ପରି ବୋଲର ଦଳ ଲାଗି ଅଧିକ ଲାଭବାନ ସାବ୍ୟସ୍ତ ହୋଇଥାନ୍ତେ। ତାଙ୍କୁ ନ ଖେଳାଇବା ସମ୍ପର୍କରେ ଗିଲଙ୍କ ମତ ହେଲା, କୁଲଦୀପ୍ ଭାଇଙ୍କ ବୋଲିଂର ତୁଳନା ନାହିଁ। କିନ୍ତୁ ଶେଷ ଭାଗ ବ୍ୟାଟିଂକୁ ଶକ୍ତିଶାଳୀ କରିବା ଲାଗି ୱାସି (ୱାଶିଂଟନ ସୁନ୍ଦର)ଙ୍କୁ ଖେଳାଇଥିଲୁ। ଏହା ଆମ ଲାଗି ଲାଭବାନ ସାବ୍ୟସ୍ତ ହୋଇଛି। ଏଣୁ ଆମ ନିଷ୍ପତ୍ତି ଠିକ୍ ଥିଲା ବୋଲି ସେ କହିଛନ୍ତି।

## ଆର୍ଚର, ଆଟକିନସନଙ୍କ ମୁକାବିଲା ଲାଗି ଭାରତ ପ୍ରସ୍ତୁତ

ଏଜ୍‌ବାଷ୍ଟନ,୭।୭ (ଏଜେନ୍ସି): ଭାରତଠାରୁ ଦ୍ୱିତୀୟ ଟେଷ୍ଟ ହାରିବାର ଅଳ୍ପ ସମୟ ମଧ୍ୟରେ ତୃତୀୟ ଟେଷ୍ଟ ଲାଗି ଦଳ ଘୋଷଣା କରିଛି ଇଂଲଣ୍ଡ। ଏହି ଟେଷ୍ଟ ଲର୍ଡ୍ସରେ ଜୁଲାଇ ୧୦ରୁ ୧୪ ତାରିଖଯାଏ ଖେଳାଯିବ। ଦଳରେ କୌଣସି ଖେଳାଳିଙ୍କୁ ବାଦ୍ ଦିଆଯାଇ ନ ଥିଲାବେଳେ ଫାଷ୍ଟ ବୋଲର ଗସ୍ ଆଟକିସନଙ୍କୁ ସାମିଲ କରିଛି। ଫଳରେ ଇଂଲଣ୍ଡ ଦଳର ବୋଲିଂ ଶକ୍ତି ବୃଦ୍ଧି ପାଇଛି। ପୂର୍ବରୁ ଜୋଫ୍ରା ଆର୍ଚରଙ୍କୁ ମଧ୍ୟ ଦଳରେ ସାମିଲ କରାଯାଇଥିଲା। ଏହା ଫଳରେ ଲର୍ଡ୍ସର ସୁଇଂ ଓ ବାଉନ୍ସି ୱିକେଟରେ ଉଭୟ ଖେଳିବେ ବୋଲି ସ୍ପଷ୍ଟ ହୋଇଛି। ଇଂଲଣ୍ଡରେ ସ୍ପିନରଙ୍କର ଆବଶ୍ୟକତା ନାହିଁ। ଏଣୁ ଲର୍ଡସରେ ଇଂଲଣ୍ଡ କେବଳ ଫାଷ୍ଟ ବୋଲରଙ୍କୁ ନେଇ ଖେଳିବ ବୋଲି ଆଶା କରାଯାଉଛି। ସିରିଜ୍‌ର ଚତୁର୍ଥ ଟେଷ୍ଟ ଓଲ୍ଡ ଟ୍ରାଫୋର୍ଡରେ ଜୁଲାଇ ୨୩ରୁ ଓ ପଞ୍ଚମ ଟେଷ୍ଟ ଓଭାଲରେ ଜୁଲାଇ ୩୧ରୁ ଖେଳାଯିବ।

**ଇଂଲଣ୍ଡ ଦଳ**

ବେନ୍ ଷ୍ଟୋକ୍ସ, ଜୋଫ୍ରା ଆର୍ଚର, ଗସ ଆଟକିନସନ, ସୋଏବ ବସିର, ଜ୍ୟାକବ ବେଥେଲ, ହ୍ୟାରୀ ବ୍ରୁକ୍, ବ୍ରାଇଡନ କାର୍ସ, ସାମ କୁକ୍, ଜ୍ୟାକ୍ କ୍ରଲୀ, ବେନ୍ ଡକେଟ, ଜେମି ଓଭରଟନ, ଓଲି ପୋପ୍, ଜୋ ରୁଟ, ଜେମି ସ୍ମିଥ୍, ଜୋଶ ଟଙ୍ଗ୍ ଓ କ୍ରିସ୍ ଓକ୍ସ।

## ରାଞ୍ଚିରେ ଜନ୍ମଦିନ ପାଳିଲେ ଧୋନି



ରାଞ୍ଚି, ୭।୭ (ଏଜେନ୍ସି): ଭାରତୀୟ କ୍ରିକେଟ୍ ଦଳର ପୂର୍ବତନ ଅଧିନାୟକ ମହେନ୍ଦ୍ର ସିଂ ଧୋନି ସୋମବାର (ଜୁଲାଇ ୭) ତାଙ୍କର ୪୪ତମ ଜନ୍ମଦିନ ପାଳିଛନ୍ତି। ଝାଡ଼ଖଣ୍ଡ ରାଜ୍ୟ କ୍ରିକେଟ୍ ସଂଘ (ଜେଏସ୍‌ସିଏ) ଷ୍ଟାଡିୟମରେ ୭ଜଣ ଲୋକଙ୍କ ଗହଣରେ ଧୋନି କେକ୍ କାଟି ସାଧାରଣ ଭାବେ ଜନ୍ମଦିନକୁ ପାଳିଥିଲେ। ସବୁଠୁ ଉଲ୍ଲେଖନୀୟ ଘଟଣା ଥିଲା ଧୋନିଙ୍କ ଚିରାଚରିତ ଭାଗ୍ୟଶାଳୀ ନମ୍ବର '୭'କୁ ଏହି ସମୟରେ ଦେଖିବାକୁ ମିଳିଥିଲା। ଧୋନି ୭ଜଣ ଲୋକଙ୍କୁ କେକ୍ କାଟିବା ସମୟରେ ପାଖରେ ରଖିଥିଲେ। ସେହି ୭ଜଣ ମଧ୍ୟ କୌଣସି ମାନ୍ୟଗଣ ବ୍ୟକ୍ତି ନ ଥିଲେ। ବରଂ ରାଞ୍ଚି ଷ୍ଟାଡିୟମର ୭ଜଣ ସାଧାରଣ କର୍ମଚାରୀ ଥିଲେ।

## ୱେଷ୍ଟଇଣ୍ଡିଜର କ୍ରମାଗତ ୨ୟ ପରାଜୟ

ସେଣ୍ଟ ଜର୍ଜ୍ସ, ୭।୭ (ଏଜେନ୍ସି): ଘରୋଇ ୱେଷ୍ଟଇଣ୍ଡିଜ ବିପକ୍ଷରେ ଏଠାରେ ଅନୁଷ୍ଠିତ ଦ୍ୱିତୀୟ ଟେଷ୍ଟକୁ ଅଷ୍ଟ୍ରେଲିଆ ୧୩୩ ରନରେ ଜିତିନେଇଛି। ୨୭୭ ରନର ଲକ୍ଷ୍ୟକୁ ପିଛା କରିଥିବା ୱେଷ୍ଟଇଣ୍ଡିଜ ରବିବାର ୪ର୍ଥ ଦିବସରେ ୧୪୩ ରନ କରି ଅଲ୍‌ଆଉଟ୍ ହୋଇଯାଇଥିଲା। ଅଧିନାୟକ ରୋଷ୍ଟନ ଚେଜ୍ ୩୪, ବ୍ରାଣ୍ଡନ କିଙ୍ଗ୍ ୧୪, ସାଇ ହୋପ୍ ୧୭, ସାମରା ଜୋସେଫ୍ ୨୪ ରନ କରି ଆଉଟ୍ ହୋଇଥିଲେ। ଅଷ୍ଟ୍ରେଲିଆ ପକ୍ଷରୁ ସଫଳ ବୋଲର ଭାବେ ମିଚେଲ ଷ୍ଟାର୍କ ଓ ନାଥନ ଲାୟନ ୩ଟି ଲେଖାଏ ୱିକେଟ୍ ନେଇଥିଲେ। ଏହି ମ୍ୟାଚରେ ଅଷ୍ଟ୍ରେଲିଆ ପ୍ରଥମେ ବ୍ୟାଟିଂ କରି ୨୮୬ ରନ କରିଥିଲା। ଜବାବରେ ଘରୋଇ ୱେଷ୍ଟଇଣ୍ଡିଜ ୨୫୩ ରନରେ ପ୍ରଥମ ପାଳିରେ ସୀମିତ ରହିଥିଲା। ଫଳରେ ୩୬ ରନରେ ଆଗୁଆ ରହିଥିବା ଅଷ୍ଟ୍ରେଲିଆ ଦ୍ୱିତୀୟ ପାଳିରେ ୨୪୩ ରନ କରି ଅଲ୍‌ଆଉଟ୍ ହୋଇଯାଇଥିଲା।

## ୱିମ୍ବଲଡନ କ୍ୱାର୍ଟରରେ ଜୋକୋଭିଚ୍

ଲଣ୍ଡନ, ୭।୭ (ଏଜେନ୍ସି): ଚଳିତ ବର୍ଷର ୩ୟ ଗ୍ରାଣ୍ଡସ୍ଲାମ ୱିମ୍ବଲଡନର ପୁରୁଷ ବିଭାଗରେ ସର୍ବିୟା ତାରକା ନୋଭାକ ଜୋକୋଭିଚ୍ କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛନ୍ତି। ରାଉଣ୍ଡ-୧୬ର ଏକ ମୁକାବିଲାରେ ଜୋକୋଭିଚ୍ ୧-୬, ୬-୪, ୬-୪, ୬-୪ରେ ଅଷ୍ଟ୍ରେଲିଆର ଆଲେକ୍ସ ଡି ମିନାଉରଙ୍କୁ ପରାସ୍ତ କରିଥିଲେ। ଏଥିସହ ଜୋକୋଭିଚ୍ ୧୬ଥର ଲାଗି ଏହି ସମ୍ମାନଜନକ ପ୍ରତିଯୋଗିତାର କ୍ୱାର୍ଟରରେ ପହଞ୍ଚିଛନ୍ତି। ଯଦି ଜୋକୋଭିଚ୍ ଏଠାରେ ଚାମ୍ପିଅନ ହୁଅନ୍ତି ତେବେ ବିଶ୍ୱରେକର୍ଡ ୨୫ତମ ଗ୍ରାଣ୍ଡସ୍ଲାମ ଟ୍ରଫି ଜିତିବେ। ଅପରପକ୍ଷରେ ମହିଳା ବିଭାଗରେ ସୁଇଜରଲାଣ୍ଡର ବେଲିଣ୍ଡା ବେନିକ ଓ ଆମେରିକାର ଆମଣ୍ଡା ଆନିସିମୋଭା କ୍ୱାର୍ଟର ଫାଇନାଲରେ ସ୍ଥାନ ପକ୍କା କରିଛନ୍ତି। ସୋମବାର ଅନୁଷ୍ଠିତ ରାଉଣ୍ଡ-୧୬ର ଏକ ମ୍ୟାଚରେ ବେଲିଣ୍ଡା ୭-୬ (୭/୪), ୬-୪ ସେଟ୍‌ରେ ରୁଷିଆ ଏକତେରିନା ଆଲେକ୍ସଜାଣ୍ଡ୍ରୋଭାଙ୍କୁ ପରାସ୍ତ କରିଥିଲେ। ସେହିଭଳି ୧୩ତମ ସିଡ୍ ଆମେରିକାର ଆନିସିମୋଭା ୬-୨, ୭-୫, ୬-୪ ସେଟ୍‌ରେ ଚେକ୍ ଗଣରାଜ୍ୟର ଲିଣ୍ଡା ନୋସ୍କୋଭାଙ୍କୁ ହରାଇ କ୍ୱାର୍ଟର ଫାଇନାଲରେ ପହଞ୍ଚିଛନ୍ତି।

## ସଂଯୋଗ ଗୁପ୍ତା ଆଇସିସିର ନୂଆ ସିଇଓ



ଦୁବାଇ,୭।୭ (ଏଜେନ୍ସି): ଜିଓଷ୍ଟାର ସିଇଓ ସଂଯୋଗ ଗୁପ୍ତା ଅନ୍ତର୍ଜାତୀୟ କ୍ରିକେଟ କାଉନ୍ସିଲ (ଆଇସିସି)ର ନୂଆ ସିଇଓ (କାର୍ଯ୍ୟନିର୍ବାହୀ ଅଧିକାରୀ) ଭାବେ ଦାୟିତ୍ୱ ଗ୍ରହଣ କରିଛନ୍ତି। ଖେଳ ପରିଚାଳନାରେ ଗୁପ୍ତାଙ୍କର ଢ଼େର ଅଭିଜ୍ଞତା ରହିଛି ଓ ତାଙ୍କ ଉପସ୍ଥିତି ଆଇସିସି ଓ କ୍ରିକେଟକୁ ଲାଭବାନ କରାଇବ ବୋଲି ଏହାର ଅଧ୍ୟକ୍ଷ ଜୟ ଶାହ କହିଛନ୍ତି। ଜେଫ୍ ଆଲାରଡାଇସ୍‌ଙ୍କ ସ୍ଥାନରେ ଦାୟିତ୍ୱ ଗ୍ରହଣ କରିବେ। ଆଲାରଡାଇସ ଗତବର୍ଷ ତାଙ୍କ ପଦବୀରୁ ଓହରିଯାଇଥିଲେ।

## ସ୍ୱିଟିଙ୍କ ହ୍ୟାଟ୍ରିକ୍: ଓଡ଼ିଶା ବିଜୟୀ

ଭୁବନେଶ୍ୱର, ୭।୭ (ସମିସ): ହକି ଇଣ୍ଡିଆ ଆନୁକୂଲ୍ୟରେ ରାଞ୍ଚିରେ ଚାଲିଥିବା ଜାତୀୟ ସବ୍‌ଜୁନିଅର ମହିଳା ହକିର ୧୫ତମ ସଂସ୍କରଣରେ ଓଡ଼ିଶା ବିଜୟରୁ ଅଭିଯାନ ଆରମ୍ଭ କରିଛି। ସୋମବାର ଅନୁଷ୍ଠିତ ଗ୍ରୁପ୍-ସି'ର ଏକ ମ୍ୟାଚରେ ଓଡ଼ିଶା ସ୍ୱିଟି କୁଜୁରଙ୍କ ହ୍ୟାଟ୍ରିକ ଗୋଲ୍ ବଳରେ ୩-୧ରେ ଅନ୍ୟତମ ଶକ୍ତିଶାଳୀ ପଞ୍ଜାବ ଦଳକୁ ପରାସ୍ତ କରିଥିଲା। ସ୍ୱିଟି ମ୍ୟାଚର ୧୫ତମ, ୩୦ତମ ଓ ୫୯ତମ ମିନିଟ୍‌ରେ ଏହି ୩ଟି ଗୋଲ୍ ଦେଇ ହ୍ୟାଟ୍ରିକ ପୂରଣ କରିଥିଲେ। ଏଥିସହ ୩ ପଏଣ୍ଟ ପାଇ ଓଡ଼ିଶା ଖାତା ଖୋଲିଛି। ଓଡ଼ିଶା ଏହାର ପରବର୍ତ୍ତୀ ମ୍ୟାଚରେ ମଙ୍ଗଳବାର ମହାରାଷ୍ଟ୍ର ଦଳକୁ ଭେଟିବ।

## ବିଶ୍ୱ ପୁଲିସ ଓ ଅଗ୍ନିଶମ କ୍ରୀଡ଼ାରେ ସୁସ୍ମିତାଙ୍କୁ ୫ମ ପଦକ

ଭୁବନେଶ୍ୱର, ୭।୭ (ସମିସ): ଓଡ଼ିଶା ପୁଲିସରେ କାର୍ଯ୍ୟରତ ସୁସ୍ମିତା ଟିଗା ଆମେରିକାରେ ଚାଲିଥିବା ବିଶ୍ୱ ପୁଲିସ ଓ ଅଗ୍ନିଶମ କ୍ରୀଡ଼ାରେ ତାଙ୍କ ଦମ୍‌ଦାର



ପ୍ରଦର୍ଶନ ଜାରି ରଖି ୫ମ ପଦକ ବିଜୟୀ ହୋଇଛନ୍ତି। ସୋମବାର ଅନୁଷ୍ଠିତ ମହିଳା ହାଫ୍ ମାରାଥନ (୨୧.୧ କିମି)ରେ ସୁସ୍ମିତା ପୋଡିୟମର ୨ୟ ସ୍ଥାନରେ ରହି ରୌପ୍ୟ ପଦକ ଜିତିଛନ୍ତି। ଚଳିତ ବିଶ୍ୱ ପୁଲିସ କ୍ରୀଡ଼ାରେ ସୁସ୍ମିତା ଏଥିପୂର୍ବରୁ ୧୫୦୦ ମିଟର ରେସ୍ ଓ ୩୦୦୦ ମିଟର ବାଧାଦୌଡ଼ରେ ସ୍ୱର୍ଣ୍ଣ, ୮୦୦ ମିଟରରେ ରୌପ୍ୟ ଏବଂ ୪ ଗୁଣା ୪୦୦ ମିଟର ରିଲେରେ କାଂସ୍ୟ ପଦକ ଜିତିଥିଲେ। ଏହି ସଫଳତା ଲାଗି ବିରୋଧୀ ଦଳର ନେତା ନବୀନ ପଟ୍ଟନାୟକ, ପୁଲିସ ଡିଜି ଯୋଗେଶ ବାହାଦୁର ଖୁରାନିଆ ପ୍ରମୁଖ ତାଙ୍କୁ ଶୁଭେଚ୍ଛା ଓ ଅଭିନନ୍ଦନ ଜଣାଇଛନ୍ତି।

## ଓଡ଼ିଶାରେ ପ୍ରଥମଥର ହେବ ବରିଷ୍ଠ ର‌୍ୟାଙ୍କିଂ ବ୍ୟାଡ୍‌ମିଣ୍ଟନ

ଭୁବନେଶ୍ୱର,୭।୭ (ସମିସ): ଓଡ଼ିଶାରେ ପ୍ରଥମଥର ହେବାକୁ ଯାଉଛି ବରିଷ୍ଠ ର‌୍ୟାଙ୍କିଂ ବ୍ୟାଡମିଣ୍ଟନ। ଏହି ପ୍ରତିଯୋଗିତା କଳିଙ୍ଗ ଷ୍ଟାଡିୟମ୍‌ର ବ୍ୟାଡମିଣ୍ଟର ହାଇ ପରଫର୍ମାନ୍ସ ସେଣ୍ଟର ଓ ପୋଖରୀପୁଟ ବହୁମୁଖୀ ଇଣ୍ଡୋର ଷ୍ଟାଡିୟମ୍‌ରେ ଆସନ୍ତାକାଲି ବା ଜୁଲାଇ ୮ରୁ ଆରମ୍ଭ ହୋଇ ୧୫ରେ ଶେଷ ହେବ। ଦେଶର ୧୫୦୦ ଖେଳାଳି ଏହି ପ୍ରତିଯୋଗିତାରେ ଅଂଶଗ୍ରହଣ କରିବାର କାର୍ଯ୍ୟକ୍ରମ ରହିଛି। ଓଡ଼ିଶା ରାଜ୍ୟ ବ୍ୟାଡ୍‌ମିଣ୍ଟନ ସଂଘ ଓ ରାଜ୍ୟ କ୍ରୀଡ଼ା ଓ ଯୁବସେବା ନିର୍ଦ୍ଦେଶାଳୟ ଆନୁକୂଲ୍ୟରେ ହେବାକୁ ଥିବା ଏହି ପ୍ରତିଯୋଗିତାରେ ପୁରୁଷ ଓ ମହିଳା ବିଭାଗରେ ଏକକ ଓ ଯୁଗଳ, ମିଶ୍ରିତ ଯୁଗଳ କାଟାଗୋରୀରେ ପ୍ରତିଦ୍ୱନ୍ଦ୍ୱିତା ଅନୁଷ୍ଠିତ ହେବ। ଟୁର୍ଣ୍ଣାମେଣ୍ଟର ପ୍ରଥମ ୪ ଦିନ କ୍ୱାଲିଫାଇଂ ଇଭେଣ୍ଟ ହେବ ଓ ଏହା ପରେ ମୁଖ୍ୟ ଇଭେଣ୍ଟରେ ଖେଳାଯିବ। ଓଡ଼ିଶା ବ୍ୟାଡମିଣ୍ଟନ ସଂଘ ସଭାପତି ରାଜେଶ ପ୍ରଭାକର ପାଟିଲ, ସମ୍ପାଦକ ନିଲିନ କୁମାର ଟୁର୍ଣ୍ଣାମେଣ୍ଟର ସଫଳ ଆୟୋଜନ ଲାଗି ଆହ୍ୱାନ ଦେଇଛନ୍ତି। ସଂଯୋଜକ ସୁଦୀପ ବିଶୋଇ, କମଳ ଦାସ, ଶୈଳେନ୍ଦ୍ର ଚୌଧୁରୀ, କମଳ ପଟ୍ଟନାୟକ, ପ୍ରଦୀପ ମହାନ୍ତି ରହିଛନ୍ତି। ଚିଫ୍ ରେଫରୀ ସିଆର୍ ରାଜୀବ ଟୁର୍ଣ୍ଣାମେଣ୍ଟ ପରିଚାଳନା କରିବେ ବୋଲି ମିଡିଆ ମ୍ୟାନେଜର ସୁରୁଲାଲ ମଟାରୀ ସୂଚନା ଦେଇଛନ୍ତି।

● ଜାତୀୟ ଶିଶୁ ଓ ମିନି ଅସିଚାଳନା

## ବିଭୂତି ପଟେଲଙ୍କୁ ସ୍ୱର୍ଣ୍ଣ




ଭୁବନେଶ୍ୱର,୭।୭ (ସମିସ): ମହାରାଷ୍ଟ୍ରର ନାସିକ୍‌ରେ ଅନୁଷ୍ଠିତ ଜାତୀୟ ଶିଶୁ (୧୦ ବର୍ଷରୁ କମ୍) ଓ ମିନି (୧୨ ବର୍ଷରୁ କମ୍) ଜାତୀୟ ଅସିଚାଳନାରେ ଓଡ଼ିଶାର ବିଭୁତି ଶଙ୍କର ପଟେଲଙ୍କୁ ସ୍ୱର୍ଣ୍ଣପଦକ ମିଳିଛି। ବିଭୂତି ୧୨ ବର୍ଷରୁକମ୍ ବିଭାଗର ଇପି କାଟାଗୋରୀରେ ଏହି ସଫଳତା ପାଇଛନ୍ତି। ବିଭୁତି ବଲାଙ୍ଗୀର କ୍ରୀଡ଼ାଛାତ୍ରାବାସରେ ପ୍ରଶିକ୍ଷଣ ନେଉଛନ୍ତି। ଏହି ପ୍ରତିଯୋଗିତାରେ ଓଡ଼ିଶାରୁ ୧୮ ଜଣ ଖେଳାଳି ଅଂଶଗ୍ରହଣ କରିଥିଲେ।

# ମୁଲ୍‌ଡରଙ୍କ ରେକର୍ଡ ତ୍ରିଶତକ

ବୁଲାୱାୟୋ, ୭।୭ (ଏଜେନ୍ସି): ଘରୋଇ ଜିମ୍ବାୱେ ବିପକ୍ଷରେ ସ୍ଥାନୀୟ ହରାରେ ସ୍ପୋର୍ଟ୍ସ କ୍ଲବରେ ଚାଲିଥିବା ଦ୍ୱିତୀୟ ଟେଷ୍ଟରେ ଦକ୍ଷିଣ ଆଫ୍ରିକାର କାମଚଳା ଅଧିନାୟକ ୱିଆନ ମୁଲ୍‌ଡର୍ କୀର୍ତ୍ତିମାନଭରା ତ୍ରିଶତକୀୟ ପାଳି ଖେଳିଛନ୍ତି। ମୁଲ୍‌ଡରଙ୍କ ଅପରାଜିତ ୩୬୭ ରନ ବଳରେ ପ୍ରଥମେ ବ୍ୟାଟିଂ କରିଥିବା ଭ୍ରମଣକାରୀ ଦକ୍ଷିଣ ଆଫ୍ରିକା ୧୧୪ ଓଭରରେ ୫ ୱିକେଟରେ ୬୨୬ ରନ କରି ପାଳି ଘୋଷଣା କରିଛି। ମୁଲ୍‌ଡର ବିଶ୍ୱର ପ୍ରଥମ ଖେଳାଳି ଭାବେ ଟେଷ୍ଟ ନେତୃତ୍ୱ ନେବାର ପ୍ରଥମ ପାଳିରେ ତ୍ରିଶତକ ହାସଲ କରିବାର ବିରଳ ସୌଭାଗ୍ୟ ଲାଭ କରିଛନ୍ତି। ଏଥିପୂର୍ବରୁ ଟେଷ୍ଟ ନେତୃତ୍ୱ ପଦାର୍ପଣରେ ସର୍ବୋଚ୍ଚ ବ୍ୟକ୍ତିଗତ ସ୍କୋର ନ୍ୟୁଜିଲାଣ୍ଡର ଗ୍ରାହମ ଡୋଲିଙ୍ଗଙ୍କ ନାମରେ ରହିଥିଲା। ଗ୍ରାହମ ୧୯୬୯ରେ ଟେଷ୍ଟ ନେତୃତ୍ୱ



ପଦାର୍ପଣର ପ୍ରଥମ ପାଳିରେ ଭାରତ ବିପକ୍ଷରେ ୨୩୯ ରନ କରିଥିଲେ।

ସେହିଭଳି ୨୯୭ ବଲ୍‌ରେ ତ୍ରିଶତକ ହାସଲ କରିଥିବା ମୁଲ୍‌ଡର୍ ମୋଟ୍ ୩୩୪ ବଲ୍ ଖେଳି ୩୬୭ ରନ କରି ଅପରାଜିତ ରହିଥିଲେ। ଏହି ପାଳିରେ ସେ ୪୯ ଚୌକା ଓ ୪ ଛକା ମାରିଥିଲେ। ଏଥିସହ ଟେଷ୍ଟରେ ସେ ଦ୍ୱିତୀୟ ଦ୍ରୁତତମ ତ୍ରିଶତକ ହାସଲକାରୀ ବ୍ୟାଟର୍ ହୋଇଛନ୍ତି। ଭାରତର ବୀରେନ୍ଦ୍ର ସେହ୍ୱାଗ ୨୦୦୮ରେ ଦକ୍ଷିଣ ଆଫ୍ରିକା ବିପକ୍ଷରେ ୨୭୮ ବଲ୍‌ରେ ତ୍ରିଶତକ ହାସଲ କରି ତାଲିକାର ଶୀର୍ଷରେ ରହିଛନ୍ତି। ସେହିଭଳି ତ୍ରିଶତକ ହାସଲ କରିବାରେ ମୁଲ୍‌ଡର ଦକ୍ଷିଣ ଆଫ୍ରିକାର ୨ୟ ଓ ବିଶ୍ୱର ୨୯ତମ କ୍ରିକେଟର୍ ହୋଇଛନ୍ତି। ହାସିମ ଅମଲା ୨୦୧୨ରେ ଇଂଲଣ୍ଡ ବିପକ୍ଷରେ ଦି ଓଭାଲ୍ ଗ୍ରାଉଣ୍ଡରେ ୩୧୧ ରନର ପାଳି ଖେଳିଥିଲେ। ମୁଲ୍‌ଡର ଆଉ ୩୪ ରନ କରିଥିଲେ ବ୍ରାଏନ ଲାରା (ଅପରାଜିତ ୪୦୦ ରନ)ଙ୍କ ନାମରେ ରହିଥିବା ଟେଷ୍ଟର ସର୍ବୋଚ୍ଚ ବ୍ୟକ୍ତିଗତ ସ୍କୋରକୁ ଟପିଯାଇଥାନ୍ତେ। ଦକ୍ଷିଣ ଆଫ୍ରିକାର ୬୨୬/୫ ସ୍କୋର ଜବାବରେ ଜିମ୍ବାୱେ ପ୍ରଥମ ପାଳିରେ ୧୭୦ ରନ୍‌ରେ ଅଲ୍‌ଆଉଟ୍ ହୋଇ ଫଲୋଅନ୍ ହୋଇଛି।

# ରାଜ୍ୟ କ୍ରିକେଟ ଶୀର୍ଷକୁ ନେବା ପାଇଁ ଓସିଏର ଉଦ୍ୟମ

 କଟକ,୭।୭ (ସମିସ)

ଓଡ଼ିଶା ପ୍ରୋ ଟି-୨୦ ଲିଗ୍(ଓପିଟିଏଲ)ର ପ୍ରଥମ ସଂସ୍କରଣ ଆୟୋଜନ ନିମନ୍ତେ ଓଡ଼ିଶା କ୍ରିକେଟ ଆସୋସିଏସନ(ଓସିଏ) ପ୍ରାକ୍ ପ୍ରସ୍ତୁତି ଚଳାଇଛି। ସେପ୍ଟେମ୍ବର ୧୪ରୁ ବାରବାଟୀ ଷ୍ଟାଡିୟମରେ ଲିଗ୍ ଖେଳାଯିବ। ସମ୍ପୂର୍ଣ୍ଣ ନୂଆ ଢ଼ାଞ୍ଚା ଓ ନୂଆ ଫର୍ମାଟରେ ଲିଗ୍ ଦେଖିବାକୁ ପାଇବେ ଓଡ଼ିଶାର ଅଗଣିତ କ୍ରିକେଟପ୍ରେମୀ। ଷ୍ଟାରସ୍ପୋର୍ଟସ କିମ୍ବା ସୋନୀ ନେଟୱର୍କରେ ପ୍ରତ୍ୟେକ ମ୍ୟାଚ୍‌ର ସିଧାପ୍ରସାରଣ କରାଯିବ ବୋଲି ଯୋଜନା ଚାଲିଛି। ଏପରିକି ଓଟିଟି ପ୍ଲାଟଫର୍ମ ଜିଓ ହଟଷ୍ଟାରରେ ମଧ୍ୟ ମ୍ୟାଚ୍ ଦେଖିବାର ସୁଯୋଗ ମିଳିପାରେ। ରାଜ୍ୟ କ୍ରିକେଟକୁ ଶୀର୍ଷକୁ ନେବା ପାଇଁ ଓସିଏର ଏଭଳି ଉଦ୍ୟମ ପ୍ରଶଂସନୀୟ ବୋଲି ଆଲୋଚନା ଜୋର ଧରିଛି।

ରାଜ୍ୟରେ ଘରୋଇ ପେଶାଦାର କ୍ରିକେଟ ଟୁର୍ଣ୍ଣାମେଣ୍ଟ ପୂର୍ବରୁ ଆୟୋଜନ କରାଯାଉଥିଲେ ସୁଦ୍ଧା ଏହାର ବ୍ୟାପକ ପ୍ରଚାର, ପ୍ରସାର ଅଭାବ ଯୋଗୁଁ ପ୍ରତିଭାବାନ ଓଡ଼ିଆ ଖେଳାଳିଙ୍କ ପ୍ରଦର୍ଶନ ଅଣଦେଖା ହୋଇ ରହିଯାଉଥିଲା। ଏଥିରେ ପରିବର୍ତ୍ତନ ଅଣାଯିବା ସହ ମ୍ୟାଚ୍ ଗୁଡିକର ସିଧାପ୍ରସାରଣ ଏଣିକି ଅର୍ନ୍ତଜାତୀୟ ସ୍ତରର ପ୍ଲାଟଫର୍ମରେ ପ୍ରଦର୍ଶନ କରାଯିବ। ବେଙ୍ଗଲ, ବିଦର୍ଭ, ସୌରାଷ୍ଟ୍ରରେ ଲିଗ୍ ଆୟୋଜନ କରିଥିବା ଏରିଭା ସ୍ପୋର୍ଟସ ଓପିଟିଏଲ ଆୟୋଜନର ମଙ୍ଗ ଧରିବ। ସୋମବାର ଠାରୁ ଓସିଏର ଅଫିସିଆଲ ୱେବସାଇଟ୍‌ରେ ଫ୍ରାଞ୍ଚାଇଜ୍ ଆଶାୟୀଙ୍କ ନିମନ୍ତେ ଇଓଆଇ ଡକ୍ୟୁମେଣ୍ଟ ଉପଲବ୍ଧ ହୋଇ ସାରିଛି। ଖୁବଶୀଘ୍ର ଓସିଏ ଚୂଡାନ୍ତ ଫ୍ରାଞ୍ଚାଇଜ ତାଲିକା ପ୍ରକାଶ କରିବ। ଲିଗ୍‌ରେ ମୋଟ ୬ଟି ଦଳ ଭାଗ ନେବା ସହ ରାଜ୍ୟର ବିଭିନ୍ନ ବୟସ ବର୍ଗର ଖେଳାଳିଙ୍କୁ ଡ୍ରାଫ୍ଟ ଆକାରରେ କ୍ରୟ କରାଯିବା ପାଇଁ କାର୍ଯ୍ୟଧାରା ଅଗ୍ରଗତି କରିଛି।

**ଓପିଟିଏଲ୍‌କୁ ନେଇ ନୂଆ ଆଶା**

ନିକଟ ଅତୀତରେ ରାଜ୍ୟ ବରିଷ୍ଠ ଦଳର ଖେଳାଳି ଏକମାସିଆ ଶ୍ରୀଲଙ୍କା ଗସ୍ତରେ ଯାଇ ୪ଟି ତ୍ରିଦିବସୀୟ ଏବଂ ୩ଟି ଏକଦିବସୀୟ ମ୍ୟାଚ୍ ଖେଳି ଫେରିଛି। ଉକ୍ତ ଏକ୍ସପୋଜର ଟୁର୍‌ରେ କିଛି ଖେଳାଳିଙ୍କ ପ୍ରଦର୍ଶନକୁ ନଜରରେ ରଖି ଡ୍ରାଫ୍ଟ ପ୍ରସ୍ତୁତ କରାଯିବ। ତେବେ ଓପିଟିଏଲରେ ପ୍ରତ୍ୟେକ ଦଳରେ ୧୬ଜଣ ଲେଖାଏ ଖେଳାଳିଙ୍କୁ ସାମିଲ କରାଯିବା ପାଇଁ ସ୍ଥିର କରିଛି ଓସିଏ। ଯେଉଁଥିରେ ବରିଷ୍ଠ ବର୍ଗରୁ ୧୨ଜଣ ଏବଂ ୪ଜଣ କନିଷ୍ଠ ବର୍ଗର ଖେଳାଳି ରହିବେ। ଡ୍ରାଫ୍ଟ ତାଲିକା ଘୋଷଣା ପୂର୍ବରୁ ପ୍ରାଥମିକ ପର୍ଯ୍ୟାୟରେ କନିଷ୍ଠ ବର୍ଗର ୫୦ଜଣିଆ ଖେଳାଳି ତାଲିକା ପ୍ରସ୍ତୁତ କରାଯାଉଛି। ସେହିପରି ଅଧିନାୟକତ୍ୱ ନିମନ୍ତେ କିଛି ବରିଷ୍ଠ ଖେଳାଳିଙ୍କ ନାମ ଏବେ ଆଲୋଚନାରେ ଥିବା ବେଳେ ଖୁବଶୀଘ୍ର ଏହା ଘୋଷଣା ହେବ ବୋଲି ଓସିଏ ପକ୍ଷରୁ କୁହାଯାଇଛି। ଓସିଏ ସମ୍ପାଦକ ସଞ୍ଜୟ ବେହେରା କହିଛନ୍ତି ଯେ, ରାଜ୍ୟ କ୍ରିକେଟର ଧାରା ବଦଳିବା ଭଳି ଟୁର୍ଣ୍ଣାମେଣ୍ଟ ହେବ ଓପିଟିଏଲ। ଓଡ଼ିଆ ଖେଳାଳିମାନଙ୍କ ନିମନ୍ତେ ଏହା ଏକ ବଡ ମଞ୍ଚ ସାବ୍ୟସ୍ତ ହେବ। ଭଲ ପ୍ରଦର୍ଶନ କରିଥିବା ଖେଳାଳିଙ୍କ ଉପରେ ଜାତୀୟ ଚୟନକର୍ତ୍ତାଙ୍କ ଦୃଷ୍ଟି ପଡିବ। ଖେଳାଳିମାନେ ସମ୍ପୂର୍ଣ୍ଣ ପେଶାଦାର ଢ଼ାଞ୍ଚାରେ ଲିଗ୍ ଖେଳିବାର ଅଭିଜ୍ଞତା ପାଇବେ ବୋଲି ସଞ୍ଜୟ ମତ ଦେଇଛନ୍ତି।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS